RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-27 ◆MONDAY ◆21 JULY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୨୭ ◆ସୋମବାର ◆୨୧ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



ଶ୍ରଦ୍ଧା ସ୍ୱର୍ଣ୍ଣିକାଙ୍କୁ ସ୍କୁଲ୍ ଚେସ୍ ଟାଇଟଲ୍

▶ପୃଷ୍ଠା ୧୨ ଦେଖନ୍ତୁ...

## ସିରିଆରେ ସାମ୍ପ୍ରଦାୟିକ ଦଙ୍ଗା; ୧୦୦୦ ମୃତ



■ **ଦମାସକସ୍, ୨୦।୭ (ଏଜେନ୍ସି):** ମଧ୍ୟପ୍ରାଚ୍ୟ ଦେଶ ସିରିଆର ଦ୍ରୁଜ ବହୁଳ କ୍ଷେତ୍ର ସ୍ୱେଦାରେ ସାମ୍ପ୍ରଦାୟିକ ଦଙ୍ଗା ଉଗ୍ରରୂପ ଧାରଣ କରିଛି । ଗତ ଏକ ସପ୍ତାହ ମଧ୍ୟରେ ହୋଇଥିବା ହିଂସାକାଣ୍ଡରେ ଏପର୍ଯ୍ୟନ୍ତ ଏକହଜାର ଲୋକ ମୃତ୍ୟୁବରଣ କରିଛନ୍ତି ବୋଲି ବ୍ରିଟେନ ସ୍ଥିତ ସିରିଆର ଆବଜରଭେଟରୀ ଫର ହ୍ୟୁମାନ ରାଇଟ୍ସ କହିଛି । ଏହି ଅଞ୍ଚଳରେ ମେସିନଗନ ଓ ମୋର୍ଟାର ଗୁଳିଗୋଳାର ଶବ୍ଦ ଶୁଣିବାକୁ ମିଳିଛି । ଅସ୍ତ୍ରବିରତି ଲାଗୁ କରିବାରେ ସରକାର ବିଫଳ ହୋଇଛନ୍ତି । ଦ୍ରୁଜ ସମ୍ପ୍ରଦାୟ ଓ ବେଦୁଇନ୍ ଜନଜାତି ସମ୍ପ୍ରଦାୟ ମଧ୍ୟରେ ସଂଘର୍ଷ ଆରମ୍ଭ ହୋଇଥିଲା । ସିରିଆର ଦକ୍ଷିଣ ଭାଗରେ ସୁରକ୍ଷାବାହିନୀ ନିୟୋଜିତ କରାଯାଇଥିଲେ ମଧ୍ୟ ହିଂସା ରୋକିବାରେ ସଫଳ ହୋଇନାହାନ୍ତି । ସ୍ଥିତିକୁ ନିୟନ୍ତ୍ରଣ କରିବାକୁ ସରକାର ସୈନ୍ୟ ପଠାଇଥିଲେ । ତେବେ ଦ୍ରୁଜ୍ ଯୋଦ୍ଧାମାନେଙ୍କ ସହିତ ସେନାର ସଂଘର୍ଷ ହୋଇଥିଲା । ଶନିବାର ଦ୍ରୁଜ୍ ଓ ବେଦୁଇନ୍ ପୁଣି ମୁହାଁମୁହିଁ ହୋଇଥିଲେ । ସ୍ଥିତି ନିୟନ୍ତ୍ରଣାଧୀନ ରହିଛି ବୋଲି ସିରିଆ ସରକାର ଦାବି କରିଛନ୍ତି ।

## ବିଧାନସଭାରେ ଗେମ୍ ଖେଳିଲେ ମହାରାଷ୍ଟ୍ର କୃଷିମନ୍ତ୍ରୀ



■ **ମୁମ୍ବାଇ, ୨୦।୭ (ଏଜେନ୍ସି):** ମହାରାଷ୍ଟ୍ର ବିଧାନସଭାରେ ବସି କୃଷିମନ୍ତ୍ରୀ ମାଣିକରାଓ କୋକାଟେ ମୋବାଇଲରେ ଗେମ୍ ଖେଳୁଥିବାର ଦେଖାଯାଉଛି । ଏହାର ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି । ଏହାକୁ ନେଇ ବିରୋଧୀ ମନ୍ତ୍ରୀଙ୍କୁ ତୀବ୍ର ସମାଲୋଚନା କରିଛନ୍ତି । ରାଜ୍ୟରେ ଦିନକୁ ୮ ଚାଷୀ ଆତ୍ମହତ୍ୟା କରୁଥିବା ବେଳେ କୃଷିମନ୍ତ୍ରୀ ବେସ୍ ଗେମ୍ ଖେଳିବା ଲଜ୍ଜାଜନକ ବୋଲି କହିଛନ୍ତି । ବିରୋଧୀ କୃଷିମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି । ରବିବାର ସଂସଦ ଭବନରେ ଅନୁଷ୍ଠିତ ସର୍ବଦଳୀୟ ବୈଠକ ପରେ ଏନ୍‌ସିପି (ଏସ୍‌ପି) ସାଂସଦ ସୁପ୍ରିୟା ସୁଲେ କହିଥିଲେ ଯେ କୃଷିମନ୍ତ୍ରୀ ତୁରନ୍ତ ପଦରୁ ଇସ୍ତଫା ଦେବା ଉଚିତ । ସେ ଇସ୍ତଫା ନ ଦେଲେ ମୁଖ୍ୟମନ୍ତ୍ରୀ ତାଙ୍କୁ ବାହାର କରିବା ଆବଶ୍ୟକ । ରାଜ୍ୟରେ ଗତ ତିନି ମାସରେ ପ୍ରାୟ ୭୫୦ ଚାଷୀ ଆତ୍ମହତ୍ୟା କଲେଣି । ଏଭଳି ଜରୁରୀ ସମୟରେ ଚାଷୀଙ୍କ ପାଇଁ ସ୍ୱର ଉତ୍ତୋଳନ କରିବା ପରିବର୍ତ୍ତେ କୃଷିମନ୍ତ୍ରୀ ବିଧାନସଭାରେ ▶ପୃଷ୍ଠା-୭

**ଦିନକୁ ରାଜ୍ୟରେ ୮ ଚାଷୀ କରୁଛନ୍ତି ଆତ୍ମହତ୍ୟା: ବିରୋଧୀ**

**ତିନି ମାସରେ ୭୫୦ ଚାଷୀଙ୍କ ଆତ୍ମହତ୍ୟା; ସରକାର ଶୋଇଛନ୍ତି**

# ମରଣ ସହ ଯୁଝୁଛନ୍ତି ବଲଙ୍ଗା ପୀଡ଼ିତା

### ୭୫% ଦଗ୍ଧ; ସ୍ଥିତି ସଙ୍କଟାପନ୍ନ: ଦିଲ୍ଲୀ ଏମ୍ସ

### ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ନିଆଗଲା

### ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ପୀଡ଼ିତା

■ **ଭୁବନେଶ୍ୱର, ୨୦।୭ (ସମିସ):** ଦୁର୍ବୃତ୍ତଙ୍କ ପାଶବିକ ଅତ୍ୟାଚାରର ଶିକାର ହୋଇ ଜଳି ଯାଇଥିବା ବଲଙ୍ଗା ଥାନା ଅଞ୍ଚଳର ୧୫ବର୍ଷୀୟା ପୀଡ଼ିତାଙ୍କୁ ଆଜି ଏୟାରଲିଫ୍ଟ କରାଯାଇଛି । ଉନ୍ନତ ଚିକିତ୍ସା ପାଇଁ ତାଙ୍କୁ ଭୁବନେଶ୍ୱର ଏମ୍ସରୁ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି ।

ପୀଡ଼ିତାଙ୍କୁ ଗତକାଲି ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଭର୍ତ୍ତି କରାଯାଇଥିଲା । ଆଜି ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସିଥିଲା । ହେଲେ ଉନ୍ନତ ଚିକିତ୍ସା ପାଇଁ ତାଙ୍କ ପରିବାର ସହ ଆଲୋଚନା ପରେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି । ପୀଡ଼ିତାଙ୍କୁ ସ୍ଥାନାନ୍ତର ପାଇଁ କମିସନରେଟ ପୁଲିସ ପକ୍ଷରୁ ଭୁବନେଶ୍ୱର ଏମ୍ସରୁ ବିଜୁ ପଟ୍ଟନାୟକ ବିମାନବନ୍ଦର ପର୍ଯ୍ୟନ୍ତ ଗ୍ରୀନ କରିଡର୍ ବ୍ୟବସ୍ଥା କରିଥିଲା । ଗୋଟିଏ ପାଖ ରାସ୍ତାକୁ ସମ୍ପୂର୍ଣ୍ଣ ବନ୍ଦ କରାଯାଇଥିଲା । ଏମ୍ସରୁ ଆମ୍ବୁଲାନ୍ସ ବାହାରିବା ପରେ ଖଣ୍ଡଗିରି, ଫାୟାରଷ୍ଟେସନ୍, ଓୟୁଏଟି, ଗଙ୍ଗନଗର, ସୁର୍ କମ୍ପାନୀ ଛକ ଦେଇ ଏୟାରପୋର୍ଟ ନିଆଯାଇଥିଲା । ଦିନ ପ୍ରାୟ ସାଢ଼େ ୧୨ଟାରେ ବାହାରିଥିବା ଏସ୍କର୍ଟ ୧୨ଟା ୪୧ରେ ଏୟାରପୋର୍ଟରେ ପହଞ୍ଚିଥିଲା । ପୀଡ଼ିତାଙ୍କୁ ମାତ୍ର ୧୧ ମିନିଟରେ ବିମାନବନ୍ଦରର ପହଞ୍ଚା ଯାଇଥିଲା । ତାଙ୍କୁ ଚିକିତ୍ସା କରୁଥିବା ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବିଭାଗର ଅତିରିକ୍ତ ପ୍ରଫେସର ଡାକ୍ତର ସଞ୍ଜୟ ଗିରିଙ୍କ ସମେତ ଏକ ଡାକ୍ତରୀ ଟିମ୍ ପୀଡ଼ିତାଙ୍କ ସହ ଏମ୍ସରୁ ବିମାନବନ୍ଦର ପର୍ଯ୍ୟନ୍ତ ଯାଇଥିଲେ । ସେଠାରୁ ଦିଲ୍ଲୀ



ଇନ୍ଦ୍ରପ୍ରସ୍ଥ ଆପୋଲୋର ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା । ପୀଡ଼ିତାଙ୍କ ସହ ତାଙ୍କ ପରିବାରର ସଦସ୍ୟ ମଧ୍ୟ ଦିଲ୍ଲୀ ଏମ୍ସ ଯାଇଛନ୍ତି ।

ସୂଚନାଯୋଗ୍ୟ, ଗ୍ରୀନ କରିଡର ଓ ଟ୍ରାଫିକ ପରିଚାଳନା ପାଇଁ କମିସନରେଟ୍ ପୁଲିସ୍ ପକ୍ଷରୁ ୭୯ ଟ୍ରାଫିକ୍ କନେଷ୍ଟବଳ, ୨ ପ୍ଲାଟୁନ୍ ପୁଲିସ ଫୋର୍ସ ଓ ଏସ୍କର୍ଟ ପାର୍ଟି ମୁତୟନ ହୋଇଥିଲେ ।

ସେପଟେ, ପୀଡ଼ିତା ଦିଲ୍ଲୀ ଏମ୍ସରେ ପହଞ୍ଚିବା ପରେ ଡାକ୍ତରଖାନା ପକ୍ଷରୁ ଆଜି ସନ୍ଧ୍ୟାରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ବୁଲେଟିନ୍ ଜାରି ହୋଇଛି । ରବିବାର ଅପରାହ୍ଣ ୪ଟା ୨୦ରେ ଦିଲ୍ଲୀ ଏମ୍ସରେ ପହଞ୍ଚିଛନ୍ତି । ତାଙ୍କୁ ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବ୍ଲକ୍‌ର ବର୍ଣ୍ଣ ଆଇସିୟୁରେ ଭର୍ତ୍ତି କରାଯାଇଛି । ତାଙ୍କ ଶରୀରର ୭୫ପ୍ରତିଶତ ଜଳିଯାଇଥିବା ବେଳେ ସେ ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ରହିଛନ୍ତି ବୋଲି ଡାକ୍ତରଖାନା ପକ୍ଷରୁ କୁହାଯାଇଛି । ପୀଡ଼ିତା ବିପିଏସ୍ ୫ ଆଇସିୟୁ ବେଡ୍ ନଂ-୧୨ରେ ଚିକିତ୍ସିତ ହେଉଥିବା ବେଳେ ସ୍ୱତନ୍ତ୍ର ଡାକ୍ତରୀ ଟିମ୍ ତାଙ୍କର ଚିକିତ୍ସା ତଦାରଖ କରୁଥିବା ବୁଲେଟିନରେ କୁହାଯାଇଛି ।

### ଆଜିଠୁ ସଂସଦର ମୌସୁମୀ ଅଧିବେଶନ

## ଓଡ଼ିଶା, ବିହାର, ପହଲଗାମ ପ୍ରସଙ୍ଗରେ ତାତିବ ଗୃହ

■ **ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):** ଆସନ୍ତାକାଲି ଠାରୁ ଆରମ୍ଭ ହେବାକୁ ଯାଉଥିବା ସଂସଦର ମୌସୁମୀ ଅଧିବେଶନ ଓଡ଼ିଶା, ବିହାର, ପହଲଗାମ ଏବଂ ଅପରେସନ ସିନ୍ଦୂର ପ୍ରସଙ୍ଗରେ ସରଗରମ ହେବାର ସମ୍ଭାବନା ରହିଛି । ଆଜି ଅନୁଷ୍ଠିତ ସର୍ବଦଳୀୟ ବୈଠକରୁ ଏଭଳି ଆଭାସ ମିଳିଛି । ସରକାର ଏହିସବୁ ପ୍ରସଙ୍ଗ ଉପରେ ଆଲୋଚନା କରିବାକୁ ପ୍ରସ୍ତୁତ ଥିବା ସଂସଦୀୟ ବ୍ୟାପାର ମନ୍ତ୍ରୀ କହିଛନ୍ତି । ଏହି ଅଧିବେଶନରେ ଆହ୍ଲାବାଦ ହାଇକୋର୍ଟର ବିଚାରପତି ଜଷ୍ଟିସ ବର୍ମାଙ୍କୁ ବହିଷ୍କାର କରିବା ଲାଗି ତାଙ୍କ ବିରୋଧରେ ମହାଭିଯୋଗ ପ୍ରସ୍ତାବ ମଧ୍ୟ ଆଗତ କରାଯିବ ।

ସଂସଦର ବର୍ଷାକାଳୀନ ଅଧିବେଶନ ଅବ୍ୟବହିତ ପୂର୍ବରୁ ଆଜି ସରକାରଙ୍କ ପକ୍ଷରୁ ସର୍ବଦଳୀୟ ବୈଠକ ଡକାଯାଇଥିଲା । ବୈଠକରେ ବିରୋଧୀ ଦଳମାନେ ଅନ୍ୟାନ୍ୟ ପ୍ରସଙ୍ଗ ସମେତ ପହଲଗାମରେ ଆତଙ୍କବାଦୀ ଆକ୍ରମଣ ଏବଂ ଏଥିରେ ସରକାରୀ ଗୁଇନ୍ଦାର ବିଫଳତା, ଅପରେସନ ସିନ୍ଦୂର ବେଳେ ଭାରତ ଓ ପାକିସ୍ତାନ ମଧ୍ୟରେ ଯୁଦ୍ଧବିରତି କରାଇଥିବା ନେଇ ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଦାବି ତଥା ବିହାରରେ ଚାଲିଥିବା ଭୋଟର ତାଲିକା ସଂଶୋଧନ ବିବାଦ କଥା ଉଠାଇଥିଲେ । ଓଡ଼ିଶାରେ ନାରୀ ନିର୍ଯାତନା କଥା ବି ଉଠିଥିଲା । ବିଜେଡି ସାଂସଦ ସସ୍ମିତ ପାତ୍ର କହିଥିଲେ ଯେ ଓଡ଼ିଶାରେ ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡ଼ିଛି । ରାଜ୍ୟର ଏଭଳି ପରିସ୍ଥିତି ପାଇଁ କେନ୍ଦ୍ର ନିଜ ଉପରୁ ଦାୟିତ୍ୱ ଖସାଇପାରିବ ନାହିଁ । ▶ପୃଷ୍ଠା-୭



**ଜଷ୍ଟିସ ବର୍ମାଙ୍କ ବିରୋଧରେ ଆସିବ ମହାଭିଯୋଗ ପ୍ରସ୍ତାବ**

**ସମସ୍ତ ଆଲୋଚନା ପାଇଁ ପ୍ରସ୍ତୁତ: ମନ୍ତ୍ରୀ**

## ଡିଏଫ୍‌ଓ ନା ଜମିଦାର୍ !

### ପତ୍ନୀ, ପୁଅଝିଅ ଓ ନିଜ ନାମରେ ୧୧୫ ପ୍ଲଟ୍

■ **ଭୁବନେଶ୍ୱର/କେନ୍ଦୁଝର/ଓଡ଼ଗାଁ, ୨୦।୭ (ସମିସ):** ଜମିଦାର ଡିଏଫ୍‌ଓଙ୍କ ଅଚଳାଚଳ ସମ୍ପତ୍ତି ଦେଖି ଆଶ୍ଚର୍ଯ୍ୟ ହୋଇଛନ୍ତି ଭିଜିଲାନ୍ସ ଟିମ୍ । ଏପରିକି ବାବୁଙ୍କ ସମ୍ପତ୍ତିକୁ ଆକଳନ କରିବା ଭିଜିଲାନ୍ସ ପକ୍ଷେ କଷ୍ଟକର ହୋଇପଡ଼ିଛି । ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ କେନ୍ଦୁଝର କେନ୍ଦୁପତ୍ର ଡିଭିଜନ୍ ଡିଏଫ୍‌ଓ ନିତ୍ୟାନନ୍ଦ ନାୟକଙ୍କ ଘରେ ଆଜି ଭିଜିଲାନ୍ସ ଟିମ୍ ଚଢଉ କରିବା ପରେ ଏଭଳି ସମ୍ପତ୍ତି ଠାବ ହୋଇଛି । ବାବୁଙ୍କ ପରିବାର ଏବଂ ତାଙ୍କ ନାମରେ ୧୧୫ଟି ପ୍ଲଟ୍ ରହିଛି । ଯାହାକି ଭିଜିଲାନ୍ସ ଇତିହାସରେ ସରକାରୀ ବାବୁଙ୍କ ସର୍ବାଧିକ ପ୍ଲଟ୍ । ଭିଜିଲାନ୍ସ ଜାଲରେ ପଡ଼ିଥିବା କୌଣସି ସରକାରୀ କର୍ମଚାରୀଙ୍କ ନାମରେ ଏତେ ସଂଖ୍ୟକ ପ୍ଲଟ କେବେ ଠାବ କରାଯାଇ ନାହିଁ ବୋଲି କୁହାଯାଉଛି ।

ଆଜି ଡିଏଫ୍‌ଓ ନିତ୍ୟାନନ୍ଦଙ୍କ ପୈତୃକ ବାସଭବନ ସମେତ ୭ଟି ସ୍ଥାନରେ ଭିଜିଲାନ୍ସ ପକ୍ଷରୁ ଚଢଉ କରାଯାଇଥିଲା । ବନ୍ତଲ ଥାନା ମଦନମୋହନ ପାଟଣାରେ ଗାଁ ଘର, ଜଗନ୍ନାଥ ପୁରରେ ଶଶୁର ଘର,କେଉଁଝରେ ଡିଏଫ୍‌ଙ୍କ ଅଫିସ୍, କେଉଁଝର ସରକାରୀ କ୍ୱାର୍ଟର୍ସ, ନୟାଗଡ଼ରେ କୋମଣ୍ଡା ସ୍ଥିତ ତାଙ୍କ ପୁଅଙ୍କ ଆବାସିକ ଘର ଓ କୋମଣ୍ଡା ସ୍ଥିତ ପିଏଚସିରେ ଥିବା ତାଙ୍କ ପୁଅଙ୍କ ଚ୍ୟାମ୍ବରରେ ଭିଜିଲାନ୍ସ ପକ୍ଷରୁ ଚଢଉ କରାଯାଇଥିଲା । ଚଢଉରେ ୩ଜଣ ଡିଏସ୍‌ପି, ୧୦ ଇନ୍ସପେକ୍ଟର ଏବଂ ଅନ୍ୟ କର୍ମଚାରୀ ସାମିଲ ଥିଲେ । ନିତ୍ୟାନନ୍ଦଙ୍କ ନାମରେ କଳାଧନ ଅର୍ଜନର ଅଭିଯୋଗ ଆସିବା ପରେ ▶ପୃଷ୍ଠା-୭

**ତାରକା ହୋଟେଲ ପରି ବହୁତଳ କୋଠା ବି ରହିଛି**

**ଜଙ୍ଗଲୀ ବାବୁଙ୍କ ଘରେ ମିନି ଅସ୍ତ୍ରାଗାର**



## ଆସୁଛି ବଡ଼ ବର୍ଷା

■ **ଭୁବନେଶ୍ୱର, ୨୦।୭ (ସମିସ):** ଆସନ୍ତା ୨୪ ବେଳକୁ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ । ଏହା ପରବର୍ତ୍ତୀ ସମୟରେ ସଦୃଶ ଲଘୁଚାପ ଓ ପରେ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେବାର ସମ୍ଭାବନା ରହିଛି । ସମ୍ଭାବ୍ୟ ଲଘୁଚାପ ଯୋଗୁଁ ରାଜ୍ୟର ଅଧିକାଂଶ ସ୍ଥାନରେ ଆସନ୍ତା ୨୩ରୁ ୨୬ ପର୍ଯ୍ୟନ୍ତ ବର୍ଷା ହେବ । ଏହି ସମୟରେ ଓଡ଼ିଶାର ଅନେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି । ଏମିତି କି ଉତ୍ତର ଓଡ଼ିଶାର କିଛି କିଛି ଜିଲ୍ଲାରେ ଅତ୍ୟନ୍ତ ପ୍ରବଳ (୨୦ସେମି.ରୁ ଅଧିକ) ବର୍ଷା ହୋଇପାରେ । ବର୍ତ୍ତମାନ ଓଡ଼ିଶା ଉପରେ କୌଣସି ପାଣିପାଗ ନିୟାମକ ନାହିଁ । ଏଥିପାଇଁ ରାଜ୍ୟରେ ଏବେ ମୁଖ୍ୟତଃ ଖରାଟିଆ ପାଗ ରହୁଛି । ବାୟୁମଣ୍ଡଳରେ ଜଳୀୟବାଷ୍ପ ଅଧିକ ରହୁଥିବାରୁ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ମଧ୍ୟ ହେଉଛି । ମାତ୍ର ୨୪ ତାରିଖରେ ଲଘୁଚାପ ଯୋଗୁଁ ୨୨ରୁ ପାଗରେ ପରିବର୍ତ୍ତନ ଆସିବ ଓ ୨୩ରୁ ବର୍ଷା ବଢ଼ିବ । ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ସୋମବାର ▶ପୃଷ୍ଠା-୭

### ସ୍ୱତନ୍ତ୍ର ଓଟିଇଟି ପ୍ରଶ୍ନପତ୍ର ପ୍ରଘଟ ଓ ପରୀକ୍ଷା ବାତିଲ୍ ଘଟଣା

## ସନ୍ଦେହରେ ବୋର୍ଡ କର୍ତ୍ତୃପକ୍ଷଙ୍କ ଭୂମିକା

■ **ଭୁବନେଶ୍ୱର, ୨୦।୭ (ସମିସ):** ଭାଇରାଲ୍ ହେଲା ପ୍ରଶ୍ନପତ୍ର । ରାତିଅଧିଆ ବାତିଲ୍ ହେଲା ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ଓଟିଇଟି) । ହେଲେ ଭାଇରାଲ୍ ହୋଇଥିବା ପ୍ରଶ୍ନପତ୍ର ଓଟିଇଟି ପ୍ରଶ୍ନପତ୍ର ସହ ସମାନ ବୋଲି ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) କର୍ତ୍ତୃପକ୍ଷ କିପରି ଜାଣିଲେ ଓ ପରୀକ୍ଷା ବାତିଲ୍ କଲେ ସେନେଇ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ରବିବାର ସକାଳ ୯ଟାରେ ପରୀକ୍ଷା ଆରମ୍ଭ ହେବାର ଥିଲା । ନିୟମ ଅନୁସାରେ ପରୀକ୍ଷାର ୧୫ ମିନିଟ୍ ପୂର୍ବରୁ ସିଲ୍ ହୋଇ ରହିଥିବା ପ୍ରଶ୍ନପତ୍ର ପରୀକ୍ଷାର୍ଥୀଙ୍କ ଉପସ୍ଥିତିରେ ଖୋଲାଯାଇଥା'ନ୍ତା । ଏହାପରେ ଯାଇ ପ୍ରଘଟ୍ ହୋଇଥିବା ପ୍ରଶ୍ନପତ୍ର ସହ ପରୀକ୍ଷାର୍ଥୀଙ୍କୁ ବଣ୍ଟାଯାଇଥିବା ପ୍ରଶ୍ନ ମେଳ ଖାଉଛି ନା ନାହିଁ ସ୍ପଷ୍ଟ ହୋଇଥା'ନ୍ତା । କିନ୍ତୁ ପୂର୍ବ ରାତିରୁ ତରବରିଆ ଭାବେ ପରୀକ୍ଷାକୁ ବାତିଲ୍ କରାଯାଇଥିବାରୁ ପ୍ରଶ୍ନପତ୍ର ପ୍ରଘଟରେ ବୋର୍ଡ କର୍ତ୍ତୃପକ୍ଷଙ୍କ ଭୂମିକାକୁ ନେଇ ସ୍ୱତଃ ସନ୍ଦେହ ସୃଷ୍ଟି ହୋଇଛି । ମୁଦ୍ରଣ ସ୍ଥଳରୁ କିମ୍ବା କୌଣସି ଏକ ସ୍ଥାନରୁ ପ୍ରଶ୍ନପତ୍ର ପ୍ରଘଟ କରାଯାଇଛି ଏବଂ ପରୀକ୍ଷା ପୂର୍ବରୁ ଏହା ଅନ୍ୟମାନଙ୍କ ନଜରକୁ ଆସିଯିବାରୁ ସମ୍ଭାବ୍ୟ ବିପଦର ଆଶଙ୍କା କରି ବୋର୍ଡର୍ କର୍ତ୍ତୃପକ୍ଷ ରାତିଅଧିଆ ପରୀକ୍ଷା ବାତିଲ୍ କରିଛନ୍ତି ବୋଲି ପରୀକ୍ଷାର୍ଥୀ ▶ପୃଷ୍ଠା-୭

- **ପ୍ରଘଟ ପ୍ରଶ୍ନପତ୍ର ଠିକ୍ ବୋଲି କେମିତି ଜାଣିଲା ବୋର୍ଡ**
- **ପରୀକ୍ଷା ପୂର୍ବ ରାତିରୁ ଖୋଲାଯାଇଛି କି ପ୍ରଶ୍ନ ପ୍ୟାକେଟ୍**
- **କେନ୍ଦ୍ରକୁ ଆସି ହଟହଟା ହେଲେ ୭୫ ହଜାର ପରୀକ୍ଷାର୍ଥୀ**
- **୧୪୦୦ ଫି' ସତ୍ତ୍ୱେ ପରୀକ୍ଷା ପରିଚାଳନରେ ସ୍ୱଚ୍ଛତା ରହୁନି**
- **ପ୍ରଶ୍ନପତ୍ର ବିଭ୍ରାଟ ନେଇ ମୁହଁ ଖୋଲୁନାହାନ୍ତି ବରିଷ୍ଠ ଅଧିକାରୀ**
- **ଆଜି କଟକ ବୋର୍ଡ କାର୍ଯ୍ୟାଳୟ ଘେରାଉ କରିବ ବିସିଜେଡି**

### ଚୋରି ଟଙ୍କା ଭାଗ ବଣ୍ଟାରୁ ହତ୍ୟା ଘଟଣା

## ଭଞ୍ଜନଗରରୁ ଧରାପଡ଼ିଲା ବନ୍ଧୁ ହତ୍ୟାକାରୀ

■ **ଭୁବନେଶ୍ୱର, ୨୦।୭ (ସମିସ):** ଚୋରି ଟଙ୍କା ଭାଗ ବଣ୍ଟାରୁ ସାଙ୍ଗକୁ ହତ୍ୟା ଘଟଣାରେ ପୁଲିସକୁ ସଫଳତା ମିଳିଛି । ଘଟଣାର ଦିନକ ପରେ ହତ୍ୟା ଅଭିଯୁକ୍ତକୁ ଗିରଫ କରିଛି ଭରତପୁର ଥାନା ପୁଲିସ । ଗିରଫ ଅଭିଯୁକ୍ତ ହେଉଛି ବେଲଗୁଣ୍ଠା ଥାନା ଜି ନୂଆଗାଁ ଅଞ୍ଚଳର ନରହରି ନାଏକ (୨୪) । ପୁଲିସ ସୂଚନା ଅନୁସାରେ, ବୁଗୁଡ଼ା ଥାନା ମୋଟବାଡ଼ି ଅଞ୍ଚଳର କୈଳାସ ନାୟକ ତାଙ୍କ ମାଆଙ୍କ ସହିତ ଭରତପୁର ସୋମନାଥ ବସ୍ତିରେ ଭଡ଼ାରେ ରହିବା ସହିତ ରଙ୍ଗ ମିସ୍ତ୍ରି ଭାବେ କାମ କରୁଥିଲେ । କିଛିଦିନ ହେବ କୈଳାସର ସାଙ୍ଗ ନରହରି ମଧ୍ୟ ତାଙ୍କ ଘରେ ଆସି ରହୁଥିଲା । ଉଭୟ ବିଭିନ୍ନ ସ୍ଥାନରୁ ବାଇକ୍ ଚୋରି କରିବା ସହ ବିକ୍ରି କରୁଥିଲେ । ସେଥିରୁ ମିଳୁଥିବା ଟଙ୍କାକୁ ଉଭୟଙ୍କ ମଧ୍ୟରେ ବାଣ୍ଟି ନେଉଥିଲେ । ଉଭୟଙ୍କ ନାମରେ ଭୁବନେଶ୍ୱର ଓ ଗଞ୍ଜାମ ପୁଲିସ ଜିଲ୍ଲାର ବିଭିନ୍ନ ଥାନାରେ ଏକାଧିକ ମାମଲା ମଧ୍ୟ ରହିଛି ।

ଗତ ଗୁରୁବାର ସନ୍ଧ୍ୟାରେ ଖାଦ୍ୟ ତିଆରିକୁ ନେଇ କୈଳାସ ଓ ତାଙ୍କ ମାଆ ବେବିନାଙ୍କ ମଧ୍ୟରେ ବଚସା ହୋଇଥିଲା । ବେବିନା ରାଗିଯାଇ ଘର ଠାରୁ କିଛି ଦୂରରେ ଥିବା ସମ୍ପର୍କୀୟଙ୍କ ଘରକୁ ପଳାଇଥିଲେ । କିନ୍ତୁ କୈଳାସ ଓ ନରହରି ସୋମନାଥ ବସ୍ତି ସ୍ଥିତ ଘରେ ରହିଥିଲେ । ରାତିରେ କୈଳାସ ଓ ନରହରି ମିଶି ଘରେ ମଦ୍ୟପାନ କରିବା ସହିତ ଖିଆପିଆ କରିଥିଲେ । ବିଳମ୍ବିତ ରାତିରେ ଚୋରା ବାଇକ୍ ବିକ୍ରିରୁ ମିଳିଥିବା ଟଙ୍କା ଭାଗ ବଣ୍ଟାକୁ ନେଇ ଉଭୟଙ୍କ ମଧ୍ୟରେ ପ୍ରବଳ ଯୁକ୍ତିତର୍କ ହୋଇଥିଲା । ▶ପୃଷ୍ଠା-୭



**ପଡ଼ୋଶୀଙ୍କ ବାଇକ୍ ଚୋରି କରି ଫେରାର ହୋଇଥିଲା**

**ଦୁଇ ଗାଡ଼ି, ରକ୍ତ ଭିଜା ଡ୍ରେସ୍ ଜବତ**

## ୫ କିଲୋ ଚାଉଳ ପାଇଁ ଗାଡ଼ିଭଡ଼ା ୧୦୦

■ **ଲାଞ୍ଜିଗଡ଼, ୨୦।୭ (ସମିସ):** ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଗରିବ ଲୋକଙ୍କ ପାଇଁ ଅନେକ ଯୋଜନା କରୁଛନ୍ତି; ହେଲେ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍‌ର ଏଭଳି ୧୧ଟି ଗାଁ ଅଛି ଯେଉଁଠି ସ୍ୱାଧୀନତାର ଦୀର୍ଘ ବର୍ଷ ପରେ ମଧ୍ୟ ଗାଁ ଲୋକଙ୍କ ପାଇଁ ସରକାରୀ ସୁବିଧା ସୁଯୋଗ ସାତ ସପନ ହୋଇ ରହିଛି । ବର୍ଷ ବର୍ଷ ଧରି ଏହି ଆଦିବାସୀ ଗ୍ରାମଗୁଡ଼ିକର ୨୧୫ ପରିବାର ପାହାଡ଼ ଘେରା ଅପହଞ୍ଚ ଅଞ୍ଚଳରେ ବହୁ କଷ୍ଟରେ ଜୀବନ କାଟୁଛନ୍ତି । ଏମାନେ ନିଜର ବିଭିନ୍ନ ସମସ୍ୟା ନେଇ ବାରମ୍ବାର ପ୍ରଶାସନିକ ଅଧିକାରୀଙ୍କଠାରୁ ଆରମ୍ଭ କରି ରାଜନେତାଙ୍କ ପର୍ଯ୍ୟନ୍ତ ଗୁହାରୀ ଜଣାଇଥିଲେ ମଧ୍ୟ ପ୍ରତିଶ୍ରୁତି ଛଡା କୌଣସି ସୁଫଳ ମିଳି ନଥିବା କହିଛନ୍ତି । ସବୁଠୁ ସାଙ୍ଘାତିକ ବିଷୟ ହେଉଛି, ୫ କିଲୋ ମାଗଣା ଚାଉଳ ଆଣିବା ପାଇଁ ଏମାନଙ୍କୁ ୧୦୦ ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି ।

କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍ ଗୁଣ୍ଡୁରୀ ପଞ୍ଚାୟତର ଏହି ୧୧ଟି ଗାଁ ହେଉଛି ହାତୀମୁଣ୍ଡା, କାରକଟା, କୋଟେଜୋର, ଅଦଲାଡୁ, ତରଙ୍ଗଲ, ମାଡିବନ୍ଧା, ଗମପେନୁ, ବିଜେପୁର, ସାତାଙ୍ଗପଦର, ଡମେର ଓ ଦାରବେଙ୍ଗ । ବ୍ଲକ ମୁଖ୍ୟାଳୟଠାରୁ ଏସବୁ ଗାଁର ଦୂରତା ୬୦କିଲୋମିଟର । ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟଠାରୁ ପ୍ରାୟ ୩୦ରୁ ୩୫ କିଲୋମିଟର । ପୂର୍ବରୁ ପଞ୍ଚାୟତ କାର୍ଯ୍ୟାଳୟକୁ ଏହି ଗାଁଗୁଡ଼ିକଠାରୁ ୧୦/୧୫ କିମି ପଡୁଥିଲା; ହେଲେ ରେଳ ପ୍ରକଳ୍ପ ଲାଗି ଏମାନେ ବିସ୍ଥାପିତ ହେବା ପରେ ଦୂରତା ବଢ଼ିଗଲା । ୧୯୮୪ରେ ରେଳ ପ୍ରକଳ୍ପ ପାଇଁ ସର୍ଭେ ହୋଇଥିଲା । ୧୯୯୪ରେ ରେଳ ପ୍ରକଳ୍ପ ନିର୍ମାଣ ପାଇଁ ଅନୁମତି ମିଳିଲା । ୨୦୦୬ରେ କ୍ଷୟକ୍ଷତି ବାବଦକୁ ଟଙ୍କା ପ୍ରଦାନ କରାଯାଇଥିଲା । ଏହାପରେ ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହୋଇଥିଲା । ଫଳରେ ଅଧିକାଂଶ ଗାଁକୁ ବିସ୍ଥାପିତ କରାଯାଇଥିଲା । ୨୦୧୭ ମସିହାରେ ପ୍ରକଳ୍ପ କାମ ଶେଷ ହୋଇଥିଲା; ହେଲେ ପ୍ରକଳ୍ପରେ ପାଣି ରହିବା ଫଳରେ ସମସ୍ୟା ବଢ଼ି ଯାଇଛି । ପାହାଡ଼, ନାଳ, ଝରଣା, ଘଞ୍ଚ ଜଙ୍ଗଲ ଓ ଘାଟିର ପାଦଚଲା ରାସ୍ତା ଦେଇ ଲୋକଙ୍କୁ ୩୦ରୁ ୩୫ କିଲୋମିଟର ଯିବାକୁ ପଡୁଛି । ଫଳରେ ବୃଦ୍ଧବୃଦ୍ଧା ଓ ଭିନ୍ନକ୍ଷମ ଲୋକଙ୍କ ପାଇଁ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବା ସମ୍ଭବ ହୋଇ ନ ଥାଏ । ଏହି ଗାଁଗୁଡ଼ିକୁ ଆମ୍ବୁଲାନ୍ସ ଯିବା ପାଇଁ ମଧ୍ୟ ରାସ୍ତା ନାହିଁ । ଫଳରେ ଗର୍ଭବତୀ, ପ୍ରସୂତି ▶ପୃଷ୍ଠା-୭



## ପତ୍ନୀଙ୍କୁ ଭୁଲିଗଲେ ଶିବରାଜ

**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ମଧ୍ୟପ୍ରଦେଶ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା କେନ୍ଦ୍ରକୃଷି ମନ୍ତ୍ରୀ ଶିବରାଜ ସିଂଙ୍କୁ ନେଇ ଏକ ମଜାଦାର ଘଟଣା ସାମ୍ନାକୁ ଆସିଛି। ବିମାନ ଧରିବାକୁ ଯାଇ ତରବରରେ ସେ ପତ୍ନୀ



ସାଧନା ସିଂଙ୍କୁ ସାଥିରେ ନେବାକୁ ଭୁଲିଯାଇଥିଲେ। ସେ ସାଧନାଙ୍କୁ ଛାଡି ୨୨ଟି ଗାଡିର କାରକେଡ ସହ ଜୁନାଗଡରୁ ରାଜକୋଟ ଅଭିମୁଖେ ଚାଲିଯାଇଥିଲେ। ପିନଟ (ବାଦାମ) ରିସର୍ଚ୍ଚ ସେଣ୍ଟରରେ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ସେ ରାଜକୋଟ୍ ବାହାରି ଥିଲେ। କିନ୍ତୁ ଏକ କିମି ଯିବା ପରେ ସାଧନାଙ୍କୁ ସାଥିରେ ଆଣି ନ ଥିବା କଥା ସେ ହୃଦୟଙ୍ଗମ କରିଥିଲେ। ଏହାପରେ ସେ ତୁରନ୍ତ ୟୁଟର୍ଣ୍ଣ ନେଇଥିଲେ ଓ ୱେଟିଂ ରୁମ୍‌ରେ ବସିଥିବା ପତ୍ନୀଙ୍କୁ ସାଥିରେ ଆଣି ପୁଣି ରାଜକୋଟ ଅଭିମୁଖେ ଯାତ୍ରା କରିଥିଲେ। ଶିବରାଜଙ୍କ ଏହି ଭୁଲାପଣକୁ ନେଇ ରାଜନୈତିକ ମହଲରେ ଚର୍ଚ୍ଚା ଚାଲିଛି।

## 'ଡନ୍'ର ନିର୍ଦ୍ଦେଶକ ଚନ୍ଦ୍ରବାରୋଟ୍‌ଙ୍କ ପରଲୋକ



**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ବର୍ଷୀୟାନ ଫିଲ୍ମ ନିର୍ମାତା ତଥା ନିର୍ଦ୍ଦେଶକ ଚନ୍ଦ୍ର ବାରୋଟ ରବିବାର ପରଲୋକ ଗମନ କରିଛନ୍ତି। ମୃତ୍ୟୁ ବେଳକୁ ତାଙ୍କୁ ୮୬ ବର୍ଷ ହୋଇଥିଲା। ସେ ମିଲେନିୟମ ଷ୍ଟାର ଅମିତାଭ ବଚନଙ୍କ ଅନ୍ୟତମ ସୁପର ହିଟ୍ ସିନେମା 'ଡନ୍' ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଡନ୍ ୧୯୭୮ରେ ମୁକ୍ତିଲାଭ କରିଥିଲା ଓ ବକ୍ସ ଅଫିସ୍‌ରେ ଭଲ ବ୍ୟବସାୟ କରିଥିଲା। ମୃତ୍ୟୁବେଳକୁ ତାଙ୍କ ପାଖରେ ପତ୍ନୀ ଦୀପା ବାରୋଟ ଉପସ୍ଥିତ ଥିଲେ। ଜଣାଶୁଣା ନିର୍ଦ୍ଦେଶକ ଫରହାନ ଅଖତାର ଏହି ସିନେମାକୁ ଦ୍ୱିତୀୟଥର ପାଇଁ ଶାହରୁଖ ଖାନ୍‌ଙ୍କୁ ନେଇ ବନାଇଥିଲେ ଓ ଏହା ମଧ୍ୟ ହିଟ୍ ହୋଇଥିଲା। ସେ ବେଙ୍ଗଲି ସିନେମା ଆଶ୍ରିତ (୧୯୮୯), ପ୍ୟାର ଭରା ଦିଲ୍ (୧୯୯୧) ଭଳି ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଫରାହାନ ଅଖତାର ଏବେ ଡନ୍ ସିନେମାର ତୃତୀୟ ସିକ୍ୱେଲ ବନାଇବାକୁ ଯାଉଛନ୍ତି। ଏଥିରେ ସେ ରଣବୀର ସିଂ ଓ କିର୍ତ୍ତୀ ସାନନଙ୍କୁ ମୁଖ୍ୟ ଚରିତ୍ରରେ ନେଇଛନ୍ତି।

## ସେନାକୁ ମିଳିବ ଆପାଚେ ହେଲିକପ୍ଟର



**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ପନ୍ଦର ମାସ ବିଳମ୍ବ ପରେ ଭାରତୀୟ ବାୟୁସେନାକୁ ମିଳିବାକୁ ଯାଉଛି ଏଏଚ୍-୬୪ଇ ଆଟାକ ଆପେଚେ ଚପ୍ପର ତଥା ହେଲିକପ୍ଟର। ଏହା ମଙ୍ଗଳବାର ଭାରତୀୟ ସେନାରେ ଆନୁଷ୍ଠାନିକ ଭାବେ ସାମିଲ ହେବ। ଅପରେସନ ସିନ୍ଦୂରକୁ ଦୃଷ୍ଟିରେ ରଖି ଭାରତୀୟ ସେନା ଏଥିସହ ପଶ୍ଚିମ ସୀମାରେ ନିଜର ସ୍ଥିତିକୁ ଆହୁରି ମଜଭୁତ କରିବ। ୨୦୨୦ରେ ଭାରତ ୬ଟି ଆପାଚେ ଆଟାକ ହେଲିକପ୍ଟର ପାଇଁ ୬୦୦ ମିଲିଅନ ଆମରେକୀୟ ଡଲାର ତଥା ୫, ୧୭୨ କୋଟି ଟଙ୍କାରେ ଆମେରିକା ସହ ଚୁକ୍ତି କରିଥିଲା। ୨୦୨୪ ଜୁନ୍‌ରେ ଏହି ହେଲିକପ୍ଟର ଭାରତକୁ ମିଳିବାର ଥିଲା। କିନ୍ତୁ ଯୋଗାଣ ଶୃଙ୍ଖଳାରେ ବାଧା ଓ କେତୋଟି ବୈଷୟିକ ତ୍ରୁଟି କାରଣରୁ ଏହା ମିଳିବାରେ ବିଳମ୍ବ ହୋଇଥିଲା। ଦୁଇଟି ପର୍ଯ୍ୟାୟରେ ୩ଟି ଲେଖାଏ ହେଲିକପ୍ଟର ଭାରତ ଆସିବ। ଦ୍ୱିତୀୟ ପର୍ଯ୍ୟାୟରେ ବାକି ୩ଟି ହେଲିକପ୍ଟର ଚଳିତବର୍ଷ ଶେଷ ଆଡକୁ ଭାରତ ଆସିବ।

# 'ହିଟ୍ ଆଣ୍ଡ ରନ୍'ର ଦେଶ ପାଲଟିଛି ଭାରତ

## ବର୍ଷକୁ ଯାଉଛି ୨୨ ହଜାରରୁ ଅଧିକ ଜୀବନ

**ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):**

ସଡ଼କ ଦୁର୍ଘଟଣା ଭାରତୀୟ ଅର୍ଥବ୍ୟବସ୍ଥାର ମେରୁଦଣ୍ଡକୁ ଭାଙ୍ଗି ଦେଉଛି। ଅନେକ ପରିବାରକୁ ସର୍ବସ୍ୱାନ୍ତ କରିଦେଉଛି। ପିଲାଙ୍କୁ ଅନାଥ ହେବାକୁ ଛାଡ଼ି ଦେଉଛି। ଦେଶରେ ସଡ଼କ ଦୁର୍ଘଟଣା କମିବା ପରିବର୍ତ୍ତେ ଦିନକୁ ଦିନ ବଢ଼ି ଚାଲିଛି। ଏହି କ୍ଷେତ୍ରରେ ଭାରତ ବିଶ୍ୱରେ ଅପକୀର୍ତ୍ତି ଅର୍ଜନ କରିଛି। ସଡ଼କ ଦୁର୍ଘଟଣାରେ ଭାରତରେ ସର୍ବାଧିକ ଜୀବନ ଯାଉଛି। ଏହାକୁ ରୋକିବାକୁ ଆଇନ ଅଛି, କିନ୍ତୁ ଲାଭ ମିଳୁନି। ଯେଉଁ ଉଦ୍ଦେଶ୍ୟ ନେଇ ନୂଆ ଟ୍ରାଫିକ ନିୟମ ଅଣାଯାଇଥିଲା ତାହା ମଧ୍ୟ ଫଳବତୀ ହୋଇପାରିଲା ନାହିଁ। କିଛି ରାଜ୍ୟ ସରକାର ଏହାକୁ ଲାଗୁ ମଧ୍ୟ କରିନାହାନ୍ତି। ଆଉ ଯିଏ କାର୍ଯ୍ୟକାରୀ କରିଛନ୍ତି ସିଏ ଜୋରିମାନା ରାଶିକୁ କମାଇ ଆଇନକୁ ଦୁର୍ବଳ କରିଦେଇଛନ୍ତି। ଦେଶରେ ସଡ଼କ ଦୁର୍ଘଟଣାର ଅଧିକାଂଶ ମାମଲା ହିଟ୍ ଆଣ୍ଡ ରନ୍‌ର ରହିଛି। ଡ୍ରାଇଭର ଲୋକଙ୍କୁ ଧକ୍କା ଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଉଛି। ପୀଡ଼ିତ ବଞ୍ଚିଛି କି ମରିଛି ତାହା ମଧ୍ୟ ଦେଖୁନାହାନ୍ତି। ଉଚିତ ସମୟରେ ଚିକିତ୍ସା ନ ପାଇ ଅନେକ ଲୋକଙ୍କ ଜୀବନ ଚାଲି ଯାଉଛି। ଯେତେ ଆଇନ ଆସିଲେ ବି ସବୁ ବିଫଳ ହେଇ ଯାଉଛି। ନୂଆ ଟ୍ରାଫିକ ନିୟମରେ ଡ୍ରାଇଭର ଦୁର୍ଘଟଣା ଘଟାଇ ଫେରିଗଲେ କଡ଼ା ଦଣ୍ଡର ବ୍ୟବସ୍ଥା ଥିବାବେଳେ ଏହାକୁ ଏ ପର୍ଯ୍ୟନ୍ତ କାର୍ଯ୍ୟକାରୀ କରାଯାଇ ନାହିଁ। ବର୍ଷକୁ ଏଭଳି ଦୁର୍ଘଟଣାରେ ୨୨ ହଜାର ଜୀବନ ଯାଉଥିବାବେଳେ ସଡ଼କ ସୁରକ୍ଷାକୁ ନେଇ ସରକାର କେତେ ସମ୍ବେଦନଶୀଳ ତାହା ଏଥିରୁ ଜଣାପଡୁଛି।

**୨୦୨୨ରେ ଯାଇଥିଲା ୩୦, ୪୦୦ ଜୀବନ**

**ଦୋଷୀଙ୍କୁ ମିଳୁନି ଦଣ୍ଡ; ପୁଲିସ ବେଫିକର୍**

**ନ୍ୟାୟରୁ ବଞ୍ଚିତ ହେଉଛନ୍ତି ପୀଡ଼ିତ ପରିବାର**



ନ୍ୟାସନାଲ କ୍ରାଇମ ରେକର୍ଡ ବ୍ୟୁରୋ ଅନୁଯାୟୀ ୨୦୨୨ରେ ହିଟ୍ ଆଣ୍ଡ ରନ୍ ମାମଲାରେ ୩୦, ୪୦୦ ଲୋକ ଜୀବନ ହରାଇଛନ୍ତି। ଏହା ୨୦୨୧ ତୁଳନାରେ ୧୭ ପ୍ରତିଶତ ଅଧିକ। ୨୦୨୨ରେ ଦେଶରେ ସଡ଼କ ଦୁର୍ଘଟଣାରେ ୧.୬୮ ଲକ୍ଷ ଲୋକଙ୍କ ଜୀବନ ଯାଇଥିଲା। ତେବେ ଦୁଃଖର ବିଷୟ ଏହି କି ଯେ ହିଟ୍ ଆଣ୍ଡ ରନ୍ ମାମଲାର ତଦନ୍ତ ବି ଠିକ୍‌ରେ ହେଉନାହିଁ। ପୁଲିସ ଏହାକୁ ଗୁରୁତର ସହ ନେଉନାହିଁ। ଫଳରେ ହିଟ୍ ଆଣ୍ଡ ରନ୍ ମାମଲା ପଛରେ ଥିବା ଉଦ୍ଦେଶ୍ୟ ବି ଜଣାପଡୁ ନାହିଁ। ଅପରାଧି ଖସି ପୁଣି ଆଉ କୋଉଠି ଦୁର୍ଘଟଣା ଘଟାଇ ମୁକ୍ତ ହୋଇ ବୁଲୁଛି। ପୀଡ଼ିତଙ୍କୁ ନ୍ୟାୟ ମିଳୁନି। ସତେ ଯେମିତି ଏମାନଙ୍କୁ ନ୍ୟାୟ ଦେବାରେ ଆଇନ ଅନ୍ଧ ପାଲଟି ଯାଇଛି। କିଛି ଦିନ ତଳେ ବିଶ୍ୱର ସବୁଠୁ ବୟସ୍କ ମାରାଥନର ଫୌଜା ସିଂହ ମଧ୍ୟ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇ ଥିଲେ। କିନ୍ତୁ ଚାପ ଯୋଗୁଁ ପୁଲିସ ଏହି ହିଟ୍ ଆଣ୍ଡ ରନ୍ ଘଟଣାର ତଦନ୍ତ କରି ଅଭିଯୁକ୍ତକୁ ଗିରଫ କରିଥିଲା। ତେବେ ୨୦୦୯ ମେ' ୫ରେ ଏପରି ଏକ ଘଟଣା ଘଟିଥିଲା ଉତ୍ତର ପ୍ରଦେଶ ବିଜନୌରରେ। ବରଯାତ୍ରୀରେ ଯାଉଥିବା ଅକ୍ଷୟ କୁମାର ସିଂହଙ୍କୁ ଏକ ଟ୍ରକ୍ ଧକ୍କା ଦେଇ ପଳାଇ ଥିଲା। ଏଥିରେ ତାଙ୍କର ଏବଂ ଅନ୍ୟ ଜଣେ ବରଯାତ୍ରୀଙ୍କ ମୃତ୍ୟୁ ହୋଇଥିଲା। ଡ୍ରାଇଭର କିଛି ନ ଦେଖି ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲା। ଅକ୍ଷୟଙ୍କ ମୁହଁ ଚାପି ହୋଇ ଯାଇଥିଲା। ପୁଅ ପିନ୍ଧିଥିବା ସାର୍ଟରୁ ବାପା ରାକେଶ ସିଂହ ତାଙ୍କୁ ଚିହ୍ନଟ କରିଥିଲେ। ସବୁ ଘଟଣା ପରି ଏଥିରେ ମଧ୍ୟ ପୁଲିସ ଏତଲା ରୁଜୁ କରି ବସି ଯାଇଥିଲା। ନ୍ୟାୟ ପାଇଁ ସଂଘର୍ଷ କରିଥିଲେ ବି ନ୍ୟାୟ ମିଳି ନ ଥିଲା। ପୁଲିସର ନିଷ୍କ୍ରିୟତା ଦେଖିବା ପରେ ପିଏସ୍‌ୟୁରେ କାମ କରୁଥିବା ରାକେଶ ନିଜେ ଦୋଷୀକୁ ଧରିବା ପାଇଁ ବାହାରି ପଡ଼ିଲେ। ଏଥିରେ ସେ ସଫଳ ହୋଇଥିଲେ ମଧ୍ୟ ନ୍ୟାୟ ବ୍ୟବସ୍ଥା ତାଙ୍କୁ ବିଫଳ କରିଦେଲା। ସେ ପ୍ରଥମେ ଉକ୍ତ ଟ୍ରକରେ ବେଆଇନ ଭାବେ ଖଣି ଖନନ କରି ସାମଗ୍ରୀକୁ ଓଭରଲୋଡ କରି ନିଆଯାଉଥିବା ଜାଣିବାକୁ ପାଇଥିଲେ। ପରେ ୧୫ ଦିନ ଭିତରେ ଡ୍ରାଇଭରକୁ ଧରିଥିଲେ। ସେ ସେହି ଟ୍ରକର ମାଲିକ ଥିଲା। ରାକେଶ ସବୁ ପ୍ରମାଣ ପୁଲିସକୁ ଦେଇଥିଲେ। ମାତ୍ର ଅଭିଯୁକ୍ତ ଜାମିନ ପାଇ ଯାଇଥିଲା ଏବଂ ୨୦୧୨ରେ ସେହି ଡ୍ରାଇଭର ମଦି ପିଇ ମରିଯିବା ପରେ ମାମଲାକୁ ବନ୍ଦ କରିଦିଆଯାଇଥିଲା। ପରେ ଶ୍ରୀ ସିଂହ ନିଜ ଚାକିରି ଛାଡ଼ି ଜଣେ ସାମାଜିକ କର୍ମୀ ଭାବେ ସଡ଼କ ସୁରକ୍ଷା ପାଇଁ କାର୍ଯ୍ୟ କରୁଛନ୍ତି। ଏବେ ତାଙ୍କୁ ୬୨ ବର୍ଷ।

■ ମହାରାଷ୍ଟ୍ର ରାଜନୀତି ସରଗରମ

## ଫଡ୍‌ନାଭୀସଙ୍କୁ ଭେଟିଲେ ଆଦିତ୍ୟ ଠାକରେ

**ମୁମ୍ବାଇ, ୨୦।୭ (ଏଜେନ୍ସି):** ଉଦ୍ଧବ ଗୋଷ୍ଠୀର ଶିବସେନାକୁ ନେଇ ମହାରାଷ୍ଟ୍ର ରାଜନୀତି ସରଗରମ ହୋଇ ଉଠିଛି। ଏହି ଗୋଷ୍ଠୀ ପୁଣିଥରେ ବିଜେପି ମେଣ୍ଟରେ ସାମିଲ ହେବ ବୋଲି ଚର୍ଚ୍ଚା ହେଉଛି। ମୁଖ୍ୟମନ୍ତ୍ରୀଙ୍କ ଅଫର ପାଇବାର ଦିନକ ପରେ ଉଦ୍ଧବ ଠାକରେ ଏବଂ ତାଙ୍କ ପୁଅ ଆଦିତ୍ୟ ଠାକରେ ତାଙ୍କୁ ଭେଟିବାକୁ ଯାଇଥିଲେ। ବିଧାନ ପରିଷଦ ବାଚସ୍ପତିଙ୍କ ପ୍ରକୋଷ୍ଠରେ ଉଭୟେ ୨୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏହାର ଦିନକ ପରେ ଶନିବାର ସନ୍ଧ୍ୟାରେ ଉଦ୍ଧବଙ୍କ ପୁଅ ଆଦିତ୍ୟ ପୁଣି ଫଡନାଭୀସଙ୍କୁ ଭେଟିଛନ୍ତି। ମୁମ୍ବାଇର ସୋଫିଟେଲ ହୋଟେଲରେ ଉଭୟେ ପ୍ରାୟ ଘଣ୍ଟାଏ ପର୍ଯ୍ୟନ୍ତ ଆଲୋଚନା କରିଥିବା ରିପୋର୍ଟ ଆସିଛି। ଅଲଗା ଅଲଗା କାର୍ଯ୍ୟକ୍ରମ ପାଇଁ ଦୁହେଁ ଏହି ହୋଟେଲକୁ ଯାଇଥିଲେ ବୋଲି କୁହାଯାଉଛି। ମାତ୍ର ଏହି ସାକ୍ଷାତ ଆଲୋଚନା ବିଜେପି-ଶିବେସନା ମଧ୍ୟରେ ମେଣ୍ଟ ଚର୍ଚ୍ଚାକୁ ଅଧିକ ଖୋରାକ ଯୋଗାଉଛି। ମରାଠୀକୁ ନେଇ ରାଜ୍ୟ ରାଜନୀତି ଜୋର ଧରିଥିବାବେଳେ ଦୁଇ ପୁରୁଣା ବନ୍ଧୁ ଦଳ ଫାଟକୁ ଭୁଲି ପୁଣି ଏକାଠି ହେବେ ବୋଲି କୁହାଯାଉଛି। ତେବେ ଉଭୟ ନେତା କୌଣସି ବୈଠକ ହୋଇ ନ ଥିବା କହିଛନ୍ତି।



ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି ଯେ ଏକ କାର୍ଯ୍ୟକ୍ରମ ପାଇଁ ମୁଖ୍ୟମନ୍ତ୍ରୀ ହୋଟେଲରେ ଥିଲେ, କିନ୍ତୁ ଆଦିତ୍ୟଙ୍କୁ ସେ ଭେଟି ନ ଥିଲେ। ଏହି ସମୟରେ ଆଦିତ୍ୟ ତାଙ୍କ ବନ୍ଧୁମାନଙ୍କ ସହ ହୋଟେଲରେ ଉପସ୍ଥିତ ଥିଲେ। ଏହା ପୂର୍ବରୁ ୧୬ ତାରିଖରେ ଫଡନାଭୀସ ପୁରୁଣା ସହଯୋଗୀ ଉଦ୍ଧବଙ୍କୁ ତାଙ୍କ ସାମିଲ ହେବା ପାଇଁ ଆମନ୍ତ୍ରଣ କରିଥିଲେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବିଜେପି ତାଙ୍କ ସହ ବିରୋଧୀ ଦଳରେ ସାମିଲ ହେବାର ସମ୍ଭାବନା ନାହିଁ, କିନ୍ତୁ ସେ କ୍ଷମତାସୀନ ପକ୍ଷକୁ ଆସିପାରିବେ। ସୂଚନାଯୋଗ୍ୟ ଯେ ଦିଶା ସାଲିଆନଙ୍କ ମୃତ୍ୟୁକୁ ନେଇ ତାଙ୍କ ପିତା ସିଧାସଳଖ ଆଦିତ୍ୟ ଠାକରେଙ୍କୁ ଦୋଷ ଦେଇଛନ୍ତି। ଝିଅକୁ ଦୁଷ୍କର୍ମ କରି ହତ୍ୟା କରାଯାଇଥିବା ଅଭିଯୋଗ କରିଛନ୍ତି। ଏହାକୁ ନେଇ ସେ ହାଇକୋର୍ଟରେ ମାମଲା ଦାଏର କରିଥିବାବେଳେ କ୍ଷମତାସୀନ ମେଣ୍ଟ ସହ ଉଦ୍ଧବ ଗୋଷ୍ଠୀ ଶିବସେନାର ଘନିଷ୍ଠତା ବଢ଼ିବ ଭିନ୍ନ କିଛି ଦିଗକୁ ଇଙ୍ଗିତ କରୁଛି।

**ଆମେରିକାରେ ଭାରତୀୟ ବଂଶୋଦ୍ଭବ ଡାକ୍ତରଙ୍କ କଳା ସାମ୍ରାଜ୍ୟ**

## ଔଷଧ ବଦଳରେ ସେକ୍ସ!

**ୱାଶିଂଟନ, ୨୦।୭ (ଏଜେନ୍ସି):** ଆମେରିକା ନ୍ୟୁଜର୍ସିରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ଏହାକୁ ନେଇ ସାରା ଦେଶରେ ଆଲୋଡ଼ନ ସୃଷ୍ଟି ହୋଇଛି। ଜଣେ ଡାକ୍ତର ଚିକିତ୍ସା କରିବା ବାହାନାରେ କଳା ସାମ୍ରାଜ୍ୟ ଚଳାଇ ଥିଲେ। ଶକ୍ତିଶାଳୀ ପେନ୍ କିଲର ବଦଳରେ ଶାରୀରୀକ ସମ୍ପର୍କ ରଖୁଥିଲେ। କ୍ଲିନିକକୁ ଔଷଧ କେନ୍ଦ୍ର କରି ରଖିଥିଲେ। ଏହି ଡାକ୍ତରଙ୍କ ଠିକଣାରୁ ୩୧ ହଜାର ଜାଲ୍ ପ୍ରେସ୍‌କ୍ରିପସନ୍ ଜବତ କରାଯାଇଛି। ଆମେରିକାର ଫେଡାରାଲ ପ୍ରୋସିକ୍ୟୁଟର ଏଭଳି ବେଆଇନ କାର୍ଯ୍ୟ କରୁଥିବା ଭାରତୀୟ ବଂଶୋଦ୍ଭବ ଡାକ୍ତର ରିତେଶ କାଲରାଙ୍କ ବିରୋଧରେ ମାମଲା ଚାଲିଛି। ସେ ଦେଶର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକିଥିବା ଅଭିଯୋଗ ହୋଇଛି। ସିକାସସ୍ ସହରର ଏହି ଚିକିତ୍ସକ ଫେୟାର ଲନ୍‌ରେ ପ୍ରାକ୍ଟିସ କରୁଥିଲେ। ସେ ନିଜ ମେଡିକାଲ ଅଫିସକୁ ଔଷଧ କେନ୍ଦ୍ର ଭାବେ ପରିଣତ କରି ବିନା ଆବଶ୍ୟକତାରେ ହଜାର ହଜାର ହାଇ-ଡୋଜ୍ ଓପିଓଡିସ, ଅକ୍ସିକୋଡନ ଏବଂ ପ୍ରୋମେଥାଜାଇନ ଭଳି ଔଷଧ ଲେଖୁଥିଲେ। ଆମେରିକା ଆଟର୍ଣ୍ଣି ଏଲିନା ହବା କହିଛନ୍ତି ଯେ ଏହି ଡାକ୍ତର ନିଜ ପେଶାକୁ ବ୍ୟବହାର କରି ନ୍ୟୁଜର୍ସିର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକୁଥିଲେ। ନିଜ ପଦବୀକୁ ନିଶାସକ୍ତ କରିବାକୁ ଏବଂ ଦୁର୍ବଳ ରୋଗୀଙ୍କୁ ଯୌନ ସମ୍ପର୍କ ରଖିବା ପାଇଁ ଉତ୍ପୀଡ଼ନ ଦେଉଥିଲେ।



**୩୧ ହଜାର ଜାଲ୍ ପ୍ରେସକ୍ରିପ୍‌ସନ**

୨୦୧୯ ଜାନୁଆରୀରୁ ୨୦୨୫ ଫେବୃଆରୀ ମଧ୍ୟରେ ସେ ପ୍ରାୟ ୩୧ ହଜାର ଅକ୍ସିକୋଡନ ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ସେ ବେଳେବେଳେ ଦିନକୁ ୫୦ରୁ ଅଧିକ ଏଭଳି ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ବେଆଇନ ଔଷଧ ଲେଖିବା ସହିତ ସେ ପରାମର୍ଶ ଦେବା ଏବଂ କାଉନସେଲିଂ ପାଇଁ ଅଧିକ ଦେୟ ନେଉଥିଲେ। ଏହି ମାମଲାରେ କାଲରାଙ୍କୁ ଗିରଫ କରାଯାଇଥିଲା। ତେବେ ଲକ୍ଷେ ଡଲାରର ବଣ୍ଡରେ ନ୍ୟୁୱାର୍କ ମାଜିଷ୍ଟ୍ରେଟ ଜଜ୍ ତାଙ୍କୁ ମୁକ୍ତ କରିଛନ୍ତି। ତାଙ୍କୁ ମେଡିକାଲ ପ୍ରାକ୍ଟିସ ନ କରିବାକୁ କୁହାଯାଇଛି। ଅନ୍ୟପଟେ କାଲରାଙ୍କ ଓକିଲ ସମସ୍ତ ଅଭିଯୋଗକୁ ଖାରଜ କରିଦେଇଛନ୍ତି। ସରକାରଙ୍କ ପ୍ରେସ୍ ବିଜ୍ଞପ୍ତି 'ସୁପରମାର୍କେଟ ଟାବଲୋଏଡ' ଭଳି ବୋଲି କହିଛନ୍ତି।

# ନିଶା ର୍‍ୟାକେଟ ଚଳାଉଥିଲେ ଡାକ୍ତର, ଜିମ୍ ଟ୍ରେନର୍

**ଭୋପାଳ, ୨୦।୭ (ଏଜେନ୍ସି):**

ମଧ୍ୟପ୍ରଦେଶ ଭୋପାଳରୁ ଏକ ବଡ଼ ଡ୍ରଗ୍ ର୍‍ୟାକେଟର ପର୍ଦ୍ଦାଫାସ ହୋଇଛି। ଏହି କାରବାର ଜିମ୍ କ୍ଲିନିକ ଏବଂ ମହାବିଦ୍ୟାଳୟ ପରିସରରେ ଚାଲିଥିଲା। ଏହି ମାମଲାରେ ଦୁଇ ପ୍ରମୁଖ ନିଶା ଚାଲାଣକାରୀ ସୈଫୁଦ୍ଦିନ ଏବଂ ଆସୁ ଓରଫ ଶାହରୁଖକୁ କ୍ରାଇମବ୍ରାଞ୍ଚ ଗିରଫ କରିଛି। ଜଣେ ଡାକ୍ତର ଏବଂ ଜଣେ ଜିମ୍ ଟ୍ରେନର ଏହି କାରବାରର ମୁଖ୍ୟ କାର୍ପେଟଦାର ଥିଲେ। ମାନସିକ ସ୍ୱାସ୍ଥ୍ୟର ଚିକିତ୍ସା ପାଇଁ ଏହି ଡାକ୍ତର ମେଫାଡ୍ରୋନ (ଏମଡି) ଡ୍ରଗ ଲେଖୁଥିଲେ। ସେହିପରି ଜିମ୍ ଟ୍ରେନର ମେଦ ହ୍ରାସ ପାଇଁ ମେଫାଡ୍ରୋନ ନେବାକୁ କହୁଥିଲେ। ଏହି କାରବାରରେ ଯୁବତୀ ଏବଂ ମହିଳାଙ୍କୁ ଡାଲ କରାଯାଉଥିଲା। ସେମାନେ ଡ୍ରଗ ନେଇ ସ୍ଲିମ ହୋଇଥିବା ଏବଂ ମନୋବଳ ବୃଦ୍ଧି କରୁଥିବା କହୁଥିଲେ। ଦୁଇ ଅଭିଯୁକ୍ତ କେବଳ ଡ୍ରଗ୍ ବିକୁ ନ ଥିଲେ, ଏଥିପାଇଁ ଏକ ବ୍ୟବସ୍ଥା ମଧ୍ୟ ଗଢ଼ିଥିଲେ।

ପୁଲିସ ସୂଚନା ଅନୁଯାୟୀ ନିଶା କାରବାର ବୃଦ୍ଧି କରିବା ପାଇଁ ଉଭୟ ଅଭିଯୁକ୍ତ ଡାକ୍ତର, ଜିମ ଟ୍ରେନର ଏବଂ ପାର୍ଟି ପ୍ରମୋଟରଙ୍କ ସହାୟତା ନେଇ ଯୁବଗୋଷ୍ଠୀଙ୍କୁ ଏହି ଅନ୍ଧକାର ମଧ୍ୟକୁ ଠେଲି ଦେଉଥିଲେ। ଏଥିପାଇଁ ଫିଟ୍‌ନେସ ଏବଂ ମାନସିକ ସ୍ୱାସ୍ଥ୍ୟକୁ ଦ୍ୱାହି ଦେଉଥିଲେ। ଆଉ ଏହି ଡ୍ରଗ ଥରେ ନେବା ପରେ ସେମାନେ ଏହି ଯନ୍ତାରୁ ବାହାରି ପାରୁ ନ ଥିଲେ। ଦୁଇ ଅଭିଯୁକ୍ତଙ୍କ ନିକଟରୁ ପୁଲିସ ୧୫.୧୪ ଗ୍ରାମ ଏମଡି ଗୁଣ୍ଡ, ଗୋଟିଏ ସ୍କୁଟି

**ଓଜନ ହ୍ରାସ, ମାନସିକ ଚିକିତ୍ସା ଆଳରେ ବିକୁଥିଲେ ଡ୍ରଗ୍ସ**


**ଗଢ଼ିଥିଲେ ଏକ ସ୍ୱତନ୍ତ୍ର ବ୍ୟବସ୍ଥା**

ଏବଂ ଫୋନ ଜବତ କରିଛି। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏପରି ଏକ ବ୍ୟବସ୍ଥା ତିଆରି କରାଯାଇଥିଲା ଯେଉଁଥିରେ ଓଜନ ହ୍ରାସ, ଶକ୍ତି ବୃଦ୍ଧି, ମାନସିକ ସ୍ଥିତିକୁ ଭଲ ରଖିବାକୁ ନିଶା ଦିଆଯାଉଥିଲା। ଏଥିପାଇଁ ପ୍ରେସକ୍ରିପସନ୍ ମଧ୍ୟ ଲେଖା ଯାଉଥିଲା। ନିଜ ଚେହେରାକୁ ନେଇ ଚିନ୍ତିତ ଥିବା ଯୁବ ଗୋଷ୍ଠୀଙ୍କୁ ଏହି ନିଶା କାରବାରୀ ନିଶାଣ କରୁଥିଲେ। ଜିମ୍ ମାଧ୍ୟମରେ ନିଶା ଦ୍ରବ୍ୟ ବିକୁଥିଲେ। ଠକ ଡାକ୍ତରଙ୍କୁ ଏହି ର୍‍ୟାକେଟରେ ସାମିଲ କରି ଅବସାଦଗ୍ରସ୍ତ ଏବଂ ଚିଡ଼ଚିଡା ରୋଗରେ ପୀଡ଼ିତଙ୍କ ପାଇଁ ପ୍ରେସକ୍ରିପସନ୍ ଲେଖାଉ ଥିଲେ। ପରେ ନିଶା ଦେଇ ଯୁବତୀଙ୍କୁ ଯୌନ ଉତ୍ପୀଡ଼ନ ଦିଆଯାଉଥିଲା ଏବଂ ଅପରାଧ ମଧ୍ୟକୁ ଠେଲି ଦିଆଯାଉଥିଲା ବୋଲି ଜଣେ ପୁଲିସ ଅଧିକାରୀ କହିଛନ୍ତି।

ଅଭିଯୁକ୍ତମାନେ ଭୋପାଳର ବଡ଼ ପାର୍ଟିକୁ ମଧ୍ୟ ଡ୍ରଗ୍ସ ଯୋଗାଉ ଥିଲେ। ଝିଅଙ୍କୁ ବ୍ୟବହାର କରି ହନିଟ୍ରାପ କରୁଥିଲେ। ଏଭଳି ଝିଅଙ୍କୁ ମାଗଣାରେ ଡ୍ରଗ୍ସ ଦେଇ ଅନ୍ୟମାନଙ୍କୁ ସାମିଲ କରାଇବାକୁ କହୁଥିଲେ। ନୂଆ ଝିଅ ସାମିଲ ହେବା ପରେ ମାଗଣାରେ ଡ୍ରଗ୍ସ ଦେଉଥିଲେ। ଚେନ୍ ମାର୍କେଟିଂ ମାଧ୍ୟମରେ ଯୁବ ପିଢ଼ିକୁ ସାମିଲ କରୁଥିଲେ। ଏହି ବ୍ୟବସ୍ଥାରେ ଜିମ୍, ଥେରାପି କ୍ଲିନିକ, ସୋସିଆଲ ମିଡିଆ ଇନଫ୍ଲୁଏନ୍ସର ଏବଂ ନାଇଟ କ୍ଲବ ଗୁଡିକୁ ସାମିଲ କରିଥିଲେ। ଏମାନେ ମଧ୍ୟବିତ୍ତ ପରିବାରର ପିଲା, କଲେଜ ଛାତ୍ରଛାତ୍ରୀଙ୍କୁ ପ୍ରଭାବିତ କରୁଥିଲେ। ନିର୍ଦ୍ଦିଷ୍ଟ ସୂଚନା ଆଧାରରେ ଗୋବିନ୍ଦପୁରାର ସବ୍‌ଜି ମଣ୍ଡି ଟିନ୍ ସିଡ ଅଞ୍ଚଳରୁ ଏହି ଦୁଇ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିଲା।

## ସାଉଦି ଆରବର ସ୍ଲିପିଂଗ ପ୍ରିନ୍ସଙ୍କ ପରଲୋକ

**ରିୟାଦ,୨୦।୭(ଏଜେନ୍ସି):** ସାଉଦି ଆରବ ରାଜକୁମାର ଅଲ ବଳିଦ୍ ବିନ ଖାଲିଦ୍ ବିନ ତଲାଲ ଅଲ ସାଉଦଙ୍କ ପରଲୋକ ହୋଇଛି। ଗତ ୨୦ ବର୍ଷ ହେବ ସେ କୋମାରେ ରହିଥିଲେ। ସେ ସ୍ଲିପିଂ ପ୍ରିନ୍ସ ଅର୍ଥାତ ଶୋଇଥିବା ରାଜକୁମାର ରୂପେ ଜଣାଶୁଣା ଥିଲେ। ସେ ସାଉଦି ଆରବ ରାଜ



**୨୦ ବର୍ଷ ହେବ କୋମାରେ ଥିଲେ**

ପରିବାରର ବରିଷ୍ଠ ସଦସ୍ୟ ପ୍ରିନ୍ସ ଖଲିଦ ବିନ ତଲାଲଙ୍କ ପୁଅ ଓ ଆରବପତି ପ୍ରିନ୍ସ ଅଲ ବଲିଦ ବିନ ତଲାଲଙ୍କ ଭଣଜା ଥିଲେ। ସେ ୧୯୯୦ରେ ଜନ୍ମଗ୍ରହଣ କରିଥିଲେ। କିନ୍ତୁ ୨୦୦୫ରେ ଲଣ୍ଡନରେ ଏକ ମିଲିଟାରୀ ଟ୍ରେନିଂ ଅବସରରେ ସେ ଭୟଙ୍କର ସଡକ ଦୁର୍ଘଟଣା ସମ୍ମୁଖୀନ ହୋଇଥିଲେ। ଏଥିରେ ସେ ମସ୍ତିଷ୍କ ଆଘାତର ସମ୍ମୁଖୀନ ହୋଇଥିଲେ ଓ ଇଣ୍ଟରନାଲ ବ୍ଲିଡିଂ ହେବାରୁ ସେ କୋମାକୁ ଚାଲିଯାଇଥିଲେ। କିନ୍ତୁ ତାଙ୍କ ପରିବାର ହାର ମାନି ନ ଥିଲେ ଓ ତାଙ୍କ ଚିକିତ୍ସା ଜାରି ରଖିଥିଲେ। ଆମେରିକା ଓ ସ୍ପେନର ଡାକ୍ତରମାନେ ତାଙ୍କୁ ଚିକିତ୍ସା କରୁଥିଲେ। ଶେଷରେ ତାଙ୍କୁ ଡାକ୍ତର ଅଚେତ ଘୋଷଣା କରିଥିଲେ।

## ଇଏମ୍‌ଆଇ ପାଇଁ ପରିବାରର ୫ ସଦସ୍ୟଙ୍କ ଆତ୍ମହତ୍ୟା

**ଅହମଦାବାଦ୍,୨୦।୭(ଏଜେନ୍ସି):** ଗୁଜରାଟ ଅହମଦାବାଦ୍ ଜିଲ୍ଲାର ବଗୋଦରା ଗାଁରୁ ଶନିବାର ବିଚଳିତ କଲା ଭଳି ଏକ ଘଟଣା ସାମ୍ନାକୁ ଆସିଛି। ଋଣଭାର ଏବଂ ଇଏମଆଇ ନ ଦେଇ ପାରି ଗୋଟିଏ ପରିବାର ୫ ଜଣ ସଦସ୍ୟ ଆତ୍ମହତ୍ୟା କରିଛନ୍ତି। ପତି, ପତ୍ନୀଙ୍କ ସମେତ ୩ ଜଣ ପିଲା ବିଷ ପିଇ ଜୀବନ ହାରିଛନ୍ତି। ବିପୁଲ ବାଘେଲା (୩୨) ଓ ପତ୍ନୀ ସୋନଲ (୨୬)ଙ୍କ ସମେତ ବଡ଼ ଝିଅ ସିମରନ (୧୧), ପୁଅ ମୟୂର (୮) ଓ ସାନ ଝିଅ ପ୍ରିନ୍ସ (୫) ରାତିରେ ବିଷ ପିଇଥିଲେ। ସକାଳୁ କେହି ଘର ବାହାରକୁ ଆସି ନ ଥିଲେ। ଫଳରେ ପଡ଼ୋଶୀଙ୍କ ସନ୍ଦେହ ହୋଇଥିଲା। ଯାଞ୍ଚ୍ ପରେ ସମସ୍ତେ ମୃତ ବୋଲି ଜଣାପଡିଥିଲା। ବିପୁଲ ଅଟୋ ଚଳାଉଥିଲେ। ସୂଚନା ମିଳିବା ପରେ ଘଟଣାସ୍ଥଳକୁ ପୁଲିସ ଆସିଥିଲା।

## ଜାହାଜରେ ନିଆଁ; ସମୁଦ୍ରକୁ ଡେଇଁ ୫ ମୃତ, ୧୩୦ ନିଖୋଜ

**ଜାକାର୍ତ୍ତା,୨୦।୭(ଏଜେନ୍ସି):** ଇଣ୍ଡୋନେସିଆର ଉତ୍ତର ସୁଲାବେସୀ ପ୍ରାନ୍ତରେ ରବିବାର ଦ୍ୱିପହରରେ ଏକ ଯାତ୍ରୀବାହି ଜାହଜରେ ନିଆଁ ଲାଗି ଯାଇଛି। ଏହା ଦେଖିବା ପରେ ଜୀବନ ବିକଳରେ ସମୁଦ୍ରକୁ ଡେଇଁ ୫ ଜଣ ପ୍ରାଣ ହରାଇଛନ୍ତି। ଜାହାଜରେ ୨୮୦ ଯାତ୍ରୀ ଥିଲେ। ୧୫୦ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଛି। ଏହି ଦୁର୍ଘଟଣାର ଭିଡିଓ ଭାଇରାଲ ହୋଇଛି। ଜୀବନ ବଞ୍ଚାଇବାକୁ ଯାତ୍ରୀ ଜାହାଜରୁ ସମୁଦ୍ରକୁ ଡେଇଁବାକୁ ପଛାଇ ନ ଥିଲେ। ଆହୁରି ୧୩୦ ଜଣ ଯାତ୍ରୀଙ୍କୁ ଖୋଜା ଚାଲିଛି। କେଏମ ବାର୍ସିଲୋନା ୫ ନାମକ ଏହି ଜାହାଜ ତାଲୋଦ ଦୀପରୁ ମନାଡୋ ବନ୍ଦରକୁ ଯାଉଥିଲା। କିନ୍ତୁ ଅପରାହ୍ଣ ୧.୩୦ରେ ଜାହଜାର ନିଆଁ ଲାଗିଥିଲା ଓ ଚାହୁଁ ଚାହୁଁ ନିଆଁ ସାରା ଜାହଜକୁ ବ୍ୟାପୀ ଯାଇଥିଲା। ନିଆଁ ଲାଗିବାର କାରଣ ସମ୍ପର୍କରେ ଏପର୍ଯ୍ୟନ୍ତ କିଛି ଜଣାପଡିନାହିଁ ଓ ଏ ନେଇ ଯାଞ୍ଚ ଆରମ୍ଭ କରାଯାଇଛି। ୫ଜଣଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଏଥିରେ ଜଣେ ଗର୍ଭବତୀ ମହିଳା ସାମିଲ ରହିଛନ୍ତି।

## ୨୦ ଟଙ୍କା ପାଇଁ ମା'କୁ ମାରିଦେଲା ପୁଅ

**ନୁହ,୨୦।୭(ଏଜେନ୍ସି):** ମାତ୍ର ୨୦ ଟଙ୍କା ପାଇଁ ଜଣେ ପୁଅ ତା'ର ମାଆକୁ ହତ୍ୟା କରିଛି। ହରିୟାଣା ନୂହରେ ଏଭଳି ଘଟଣା ଘଟିଛି। ଜଣେ ନିଶାଶକ୍ତ ଯୁବକ ଏହି କାଣ୍ଡ ଘଟାଇଛି। ଶନିବାର ରାତିରେ ସେ ମାଙ୍କୁ ୨୦ ଟଙ୍କା ମାଗିଥିଲା। କିନ୍ତୁ ସକାଳେ ଦେବେ ବୋଲି ମା କହିଥିଲେ। କିନ୍ତୁ ମହିଳା ଜଣକ ସକାଳେ ଟଙ୍କା ଦେଇ ନ ଦେଇ ପରେ ଦେବେ ବୋଲି କହିଥିଲେ। ଫଳରେ କ୍ରୋଧରେ ଜାମସେଦ ତାଙ୍କୁ ତଳେ ପକାଇ ଏକ କୁରାଢୀରେ ହାଣିବା ସହ ବେକ କାଟି ଦେଇଥିଲା। ଅତ୍ୟଧିକ ରକ୍ତସ୍ରାବ ଯୋଗୁ ଘଟଣାସ୍ଥଳରେ ହିଁ ମହିଳାଙ୍କ ମୃତ୍ୟୁ ହୋଇଥିଲା। ଏହାପରେ ଅଭିଯୁକ୍ତ ଫେରାର ହୋଇଯାଇଥିଲା। ମୃତ ମହିଳା ହେଉଛନ୍ତି ଜୟସିଂହପୁରର ରେଜିଆ। ବଡ଼ ପୁଅ ଘଟଣା ସମ୍ପର୍କରେ ପୁଲିସକୁ ସୂଚନା ଦେଇଥିଲେ। ଅଭିଯୁକ୍ତକୁ ଧରିବା ପାଇଁ ପୁଲିସ ଅଭିଯାନ ଆରମ୍ଭ କରିଛି। ଅଭିଯୁକ୍ତ ୩ ଭାଇଙ୍କ ମଧ୍ୟରୁ ସବୁଠାରୁ ସାନ। ଜାମସେଦ ବିବାହ କରିଥିଲା। ତା ପତ୍ନୀ ୫ ବର୍ଷ ହେବ ବାପଘରେ ରହୁଥିଲେ। ଦୁହିଁଙ୍କ ମଧ୍ୟରେ ସମ୍ପର୍କ ଭଲ ନଥିବାରୁ ସେ ନିଶା ସେବନ କରୁଥିଲା।

# ବାର୍‌ହା ମାଂସ ଜବତ: ୧୧ ଗିରଫ



ଚିତ୍ରକୋଣ୍ଡା,୨୦ା୭ (ସମିସ): ସ୍ୱାଭିମାନ ଅଞ୍ଚଳ ରାଲେଗଡ଼ା ପଞ୍ଚାୟତର ସାରକୁବନ୍ଧ ଗାଁ ନିକଟରୁ ଚିତ୍ରକୋଣ୍ଡା ବନ ବିଭାଗ ପାଖାପାଖି ୪୩ କେଜି ବାର୍‌ହା ମାଂସ ଜବତ କରିବା ସହ ୧୧ ଶିକାରୀଙ୍କୁ ଗିରଫ କରିଛି । ସେମାନଙ୍କ ନିକଟରୁ ପୁଲିସ୍ ଦୁଇଟି ଜୀବନ୍ତ ବାର୍‌ହା ସହ ଜାଲ, ମାରଣାସ୍ତ୍ର, ୯ଟି ବାଇକ୍, ଗୋଟିଏ ଟ୍ରାକ୍ଟର୍ ଜବତ କରିଛି । ଅଭିଯୁକ୍ତମାନେ ହେଲେ, ବାଲକ୍ରିଷ୍ଣା ଉଦ୍ଧୁ, କାମେଶ ଉଦ୍ଧୁ, ସନ୍ତୋଷ ବାର୍ବୋସ, ରାମବାବୁ ବାର୍ବୋସ୍, ନାଗରାଜୁ ବର୍ବୋସ, ନଗେଶ କୁମୁଡ଼ା, ବାଳନା କୁମୁଡୁ, କ୍ରିଷ୍ଣା ରାଓ ପୋଟରାଜୁ, ମାଟିଲିଙ୍ଗମ୍ ବାର୍ବଡ,

## ଦୁଇ ବାର୍‌ହା ଛୁଆ ଉଦ୍ଧାର

ସନ୍ୟାସୀ ରାଓ ବାର୍ବସ, ଶ୍ରୀନୁବାବୁ ଖିଲ । ଆସନ୍ତାକାଲି ସମସ୍ତଙ୍କୁ କୋର୍ଟରେ ହାଜର କରାଯିବ ବୋଲି ବନପାଳ ନିରଞ୍ଜନ ସାରକା ସୂଚନା ଦେଇଛନ୍ତି । ଅପରପକ୍ଷେ, ସ୍ୱାସ୍ଥ୍ୟ ପରୀକ୍ଷା ପରେ ଦୁଇ ବାର୍‌ହା ଶାବକଙ୍କୁ ଜଙ୍ଗଲରେ ଛଡ଼ାଯିବ ବୋଲି ବନପାଳ କହିଛନ୍ତି ।

କିଛି ଶିକାରୀ ବାର୍‌ହା ଶିକାର କରିଥିବା ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ବନ ବିଭାଗ ସାରକୁବନ୍ଧ ଗାଁରେ ଚଢ଼ଉ କରିଥିଲା । ବନଖଣ୍ଡ ଅଧିକାରୀ ସାଇକିରଣଙ୍କ ନିର୍ଦ୍ଦେଶରେ ହୋଇଥିବା ଏହି ଚଢ଼ଉରେ ଚିତ୍ରକୋଣ୍ଡା ବନାଞ୍ଚଳ ଅଧିକାରୀ ବଳରାମ ନାୟକ, ବନପାଳ ନିରଞ୍ଜନ ସାରକା, ରାଜେଶ କୁମାର ସେଠି, ବନପାଳ, ସଞ୍ଜୟ କୁମାର ପରିଡ଼ା, ଗାର୍ଡ, ୱାଇଲ୍ଡ ଲାଇଫ୍ ପାରାସ୍କ୍ୱାଡ୍‌ର କର୍ମଚାରୀମାନେ ସାମିଲ ଥିଲେ ।

# ଟୋଲ୍‌ଗେଟ୍ ଉପରକୁ ମାଡ଼ିଗଲା କାର୍

ବୈଶିଙ୍ଗା/ବେତନଟୀ, ୨୦।୭ (ସମିସ): ବୈଶିଙ୍ଗା ଥାନା ଅଧୀନ ୧୮ ନଂ ଜାତୀୟ ରାଜପଥର ପଦ୍ମନାଭପୁର ଟୋଲ ଗେଟ୍‌ରେ ରବିବାର ଭୋର୍‌ରେ ଏକ ବଡ଼ ଅଘଟଣ ଘଟିଛି । ଏକ ଦ୍ରୁତଗାମୀ କାର୍ ଭାରସାମ୍ୟ ହରାଇ ଟୋଲ୍ ଗେଟ୍‌ର ୩ ନମ୍ବର ବୁଥ୍ ଉପରକୁ ମାଡ଼ିଯିବାରୁ ଜଣଙ୍କର ମୃତ୍ୟୁ ଘଟିଛି । ଅନ୍ୟ ଜଣେ ଗୁରୁତର ଆହତ ହୋଇଛନ୍ତି ।



## ପ୍ରାକ୍ତନ ଅଧ୍ୟାପକଙ୍କ ମୃତ୍ୟୁ



ମୃତକ ହେଲେ, ବାରିପଦା ଶ୍ରୀମା' ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟାପକ ରାଜଦୀପ ପଟ୍ଟନାୟକ । ସେ ବିଜେଡି ନେତ୍ରୀ ଛବି ମାହାଲିଙ୍କ ସ୍ୱାମୀ । ସେହିପରି, ଆହତ ଜଣଙ୍କ ହେଲେ ଅଜୟ ନାଏକ । ଉଭୟ ଏକ କାର୍ (ଓଡି -୧୧ଏମ -୬୭୧୬)ରେ ବାରିପଦା ଆସୁଥିବା ବେଳେ ଏହି ଅଘଟଣ ଘଟିଥିଲା । ଦୁର୍ଘଟଣା ପରେ ଟୋଲଗେଟ୍ କର୍ମଚାରୀ ସେମାନଙ୍କୁ ୧୦୮ ଆମ୍ବୁଲାନ୍ସରେ ପ୍ରଥମେ ବେତନଟୀ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ । କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ସେଠାରୁ ବାରିପଦା ମୁଖ୍ୟ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା । ସେଠାରେ ରାଜଦୀପଙ୍କର ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିଲା ।

ବୈଶିଙ୍ଗା ପୁଲିସ ଘଟଣାସ୍ଥଳରେ ପହଞ୍ଚି କ୍ରେନ୍ ସହାୟତାରେ ଦୁର୍ଘଟଣାଗ୍ରସ୍ତ କାର୍‌କୁ ଜବତ କରି ମାମଲା ରୁଜୁ କରିଛି । ରାଜଦୀପଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିବା ସହ ଶୋକସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି । ପରେ ଶୋଭାଯାତ୍ରାରେ ମରଶରୀରକୁ ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି ।

# ଆଉ କେତେ ଅଘଟଣ ପରେ ଚେତିବେ ସରକାର

- ବଢ଼ିଚାଲିଛି ଦୁଷ୍କର୍ମ, ହତ୍ୟା, ଲୁଟ୍‌ପାଟ୍
- ପୁଲିସ ଏବଂ ପ୍ରଶାସନକୁ ଅପରାଧୀଙ୍କ ଭୟନାହିଁ
- ପୁଲିସ ଉପରୁ ଲୋକଙ୍କ ଭରସା ବି ତୁଟିଗଲାଣି

ଭୁବନେଶ୍ୱର, ୨୦।୭ (ସମିସ): ରାଜ୍ୟରେ ଏବେ ମହିଳା ଅସୁରକ୍ଷିତ ହୋଇପଡ଼ିଛନ୍ତି । ଅପରାଧୀଙ୍କ ନା ପୁଲିସକୁ ଭୟ ଅଛି ନା ପ୍ରଶାସନକୁ । ମନଇଚ୍ଛା ଯାହା ଚାହୁଛନ୍ତି, ସେୟା କରୁଛନ୍ତି । କାହାକୁ ହତ୍ୟା କରୁଛନ୍ତି ତ ଆଉ କାହାକୁ ଜୀବନ୍ତ ପୋଡ଼ି ଦେଉଛନ୍ତି । ବିନା ଭୟରେ ଦୁଷ୍କର୍ମ କରିବାକୁ ବି ପଛାଉ ନାହାନ୍ତି । ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଏଭଳି ଜଘନ୍ୟ କାଣ୍ଡ ଘଟାଇବା ପରେ ସେମାନେ ଅତି ସହଜରେ ଚମ୍ପଟ ମାରୁଛନ୍ତି । ଅଧିକାଂଶ ମାମଲାରେ ନା ପୁଲିସ ସେମାନଙ୍କୁ ଗିରଫ କରିପାରୁଛି ନା ପୀଡ଼ିତଙ୍କୁ ନ୍ୟାୟ ଦେଇପାରୁଛି । ପ୍ରଶାସନ କେବଳ ମୃତବ୍ୟକ୍ତିଙ୍କୁ କ୍ଷତିପୂରଣ ଦେଇ ବସିପଡୁଛି । ଫଳରେ ରାଜ୍ୟରେ ପୁଣି ସମଧରଣର ଆଉ ଏକ ଘଟଣା ଘଟୁଛି । ଗତ କିଛି ମାସ ହେବ, ରାଜ୍ୟରେ ଘଟୁଥିବା କେତେକ ଅପରାଧ ଉପରେ ନଜର ପକାଇଲେ, ଏହା ସ୍ପଷ୍ଟ ହେଉଛି ।

ଗୋପାଳପୁର ଗଣଦୁଷ୍କର୍ମ ଘଟଣାଠାରୁ ଆରମ୍ଭ କରି ବାଲେଶ୍ୱର ଫକୀରମୋହନ କଲେଜ ଛାତ୍ରୀଙ୍କ ଆତ୍ମାହୁତି ଏବଂ ଗତକାଲିର 'ବଳଙ୍ଗା' ଘଟଣାକୁ ନେଇ ସାରା ରାଜ୍ୟରେ ଅସନ୍ତୋଷର ନିଆଁ ଜଳୁଛି । ରାଜ୍ୟରେ ଘଟୁଥିବା ଏକାଧିକ ଘଟଣା ଜାତୀୟ ମାନବିକ ଅଧିକାର ଆୟୋଗ, ମହିଳା ଆୟୋଗଙ୍କୁ ବିବ୍ରତ କରିପକାଇଲାଣି । ବିଭିନ୍ନ ରାଜନୈତିକ ଦଳ ଓ ସଂଗଠନ ବି କ୍ଷୁବ୍ଧ । ରାଜ୍ୟବାସୀ ବି ଅଣନିଃଶ୍ୱାସୀ ହୋଇପଡ଼ିଲେଣି । ହେଲେ, ପ୍ରଶାସନ ପକ୍ଷରୁ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ହେଉନାହିଁ । ଆଉ ଏଭଳି କେତେ ଅଘଟଣ ଘଟିଲେ, ସରକାର ଚେତିବେ ବୋଲି ଏବେ ପ୍ରଶ୍ନ ଉଠିଲାଣି ।

ଗତ ଜୁନ୍ ୧୬ ତାରିଖରେ ଗୋପାଳପୁର ବେଳାଭୂମିରେ ଜଣେ ଛାତ୍ରୀଙ୍କ ଗଣଦୁଷ୍କର୍ମ କରାଯାଇଥିଲା । ଗଣଦୁଷ୍କର୍ମ ଘଟଣାରେ ପୁଲିସ ମୋଟ ୧୦ ଜଣଙ୍କୁ ଗିରଫ କରିଛି । ୧୦ଜଣଙ୍କ ମଧ୍ୟରେ ୬ଜଣ ନାବାଳକେ ଅଛନ୍ତି । ସେହିପରି ରାୟଗଡ଼ା ଜିଲ୍ଲାରେ ଜୁଲାଇ ୧୨ତାରିଖରେ ପ୍ରେମୀଯୁଗଳଙ୍କୁ ଲଙ୍ଗଳ ପକାଇ ହଳ ବୁଲାଇଥିଲେ । ଜୁଲାଇ ୧୩ ତାରିଖରେ କୋରାପୁଟରେ କଙ୍ଗାରୁ କୋର୍ଟ ଦେଖିବାକୁ ମିଳିଥିଲା । ପ୍ରେମ କରିବାରୁ ଗାଁ ଦାଣ୍ଡରେ ବଳଦ କରି ହଳ ବୁଲାଇଲେ ଗ୍ରାମବାସୀ । ପ୍ରେମୀଯୁଗଳଙ୍କ ବେକରେ ଜୁଆଳି ପଡ଼ିଥିବା ଦେଖିବାକୁ ମିଳିଥିଲା । ଜୁନ୍ ୨୩ରେ ଗଞ୍ଜାମ ଧରାକୋଟ ଖାରିଗୁମ୍ମା ଗାଁରେ ଗୋ-ତସ୍କରୀ ଅଭିଯୋଗ ଆଣି ଟଙ୍କା ଲୋଭରେ ଦୁଇ ଦଳିତଙ୍କୁ ପିଟିଲେ ଲୋକେ । ଗାଁ ଦାଣ୍ଡରେ ଲଣ୍ଡା କରି ପାଟିରେ ଘାସ ଦେଇ ଆଣ୍ଠେଇଲେ ଏପରିକି, ନର୍ଦ୍ଦମା ପାଣି ବି ପିଇବାକୁ ବାଧ କଲେ । ସେହିପରି, ଜୁନ୍ ୩୦ ତାରିଖରେ ବିଏମ୍‌ସି ଅତିରିକ୍ତ କମିସନରଙ୍କୁ ବିଜେପି କର୍ପୋରେଟର୍ ଏବଂ ଅନ୍ୟ ସହଯୋଗୀମାନେ ଆକ୍ରମଣ କରିଥିଲେ । ଗତ ଶନିବାରରେ ଏଫଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ନପାଇବାରୁ ନିଜ ଦେହରେ ପେଟ୍ରୋଲ ଢାଳି ଆତ୍ମାହୁତି ଦେଇଥିଲେ । ଗତକାଲି ପୁଣି ବଳଙ୍ଗା ଥାନା ଅଞ୍ଚଳରେ ଜଣେ ଯୁକ୍ତ ଦୁଇ ଛାତ୍ରୀଙ୍କୁ ଦୁର୍ବୃତ୍ତ ଅପହରଣ କରିନେଇ କିରାସିନି ଢାଳି ନିଆଁ ଲଗାଇ ଦେଇଥିଲେ । ବାରମ୍ବାର ଏଭଳି ଘଟଣା ଘଟୁଥିବାରୁ ପୁଲିସ ପ୍ରତି ଅପରାଧୀଙ୍କ ଭୟ ନଥିବା ସ୍ପଷ୍ଟ ରୂପେ ବାରି ହୋଇପଡୁଛି ।

## ପରକୀୟା ପ୍ରୀତି ନେଲା ଦୁଇ ଜୀବନ

# ସ୍ତ୍ରୀକୁ ହତ୍ୟା କରି ନଦୀରେ ଫିଙ୍ଗିଦେଲା

ବଣାଇଁ/ରାଉରକେଲା,୨୦।୭(ସମିସ): ବୁଲାଇବା ବାହାନାରେ ସ୍ତ୍ରୀକୁ ସାଥିରେ ନେଲା । ସେଠାରେ ହତ୍ୟା କରିବା ପରେ ଅଖାରେ ବାନ୍ଧି ଶବକୁ ନଦୀରେ ଫିଙ୍ଗିଦେଲା । ସୁନ୍ଦରଗଡ଼ ଜିଲ୍ଲା ବଣାଇଁ ଉପଖଣ୍ଡ ଗୁରୁଣ୍ଡିଆ ଥାନା ପଙ୍କଡିହି ତଥା ଜଡ଼ା ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି । ହତ୍ୟାର ଶିକାର ମହିଳାଜଣଙ୍କ ହେଲେ, ଜୟନ୍ତୀ କୁଜୁର । ଆଜି ସଂଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖାବସ୍ତା ଭିତରୁ ଜୟନ୍ତୀଙ୍କ ଶବକୁ ପୁଲିସ୍ ଜବତ କରିବା ପରେ ବ୍ୟବଚ୍ଛେଦ ପାଇଁ ପଠାଇଛି । ଜୟନ୍ତୀଙ୍କୁ ଗତକାଲି ହତ୍ୟା କରିବା ପରେ ସ୍ୱାମୀ ଲକ୍ଷ୍ମଣ ଓରାମ ଆଜି ଥାନାରେ ଆତ୍ମସମର୍ପଣ କରିଥିଲା । ପୁଲିସ୍ ତାକୁ ଥାନାରେ ଅଟକ ରଖି ପଚରାଉଚରା କରୁଛି । ପରପୁରୁଷ ସହ ସ୍ତ୍ରୀର ଅନୈତିକ ସଂପର୍କ ଥିବା ସନ୍ଦେହ କରି ଲକ୍ଷ୍ମଣ ଏପରି ନାରକୀୟ କାଣ୍ଡ ଘଟାଇଥିବା ପୁଲିସ୍ ଆଗରେ ସ୍ୱୀକାର କରିଛି ।

ସୂଚନାନୁଯାୟୀ, ଜୟନ୍ତୀ ଜଣେ ଅଙ୍ଗନବାଡ଼ି କର୍ମୀ । ସେ ପଙ୍କଡ଼ିହି ପଞ୍ଚାୟତ ଅଧୀନ ଜଡା ଅଙ୍ଗନବାଡ଼ିରେ କାର୍ଯ୍ୟରତ । ଗତକାଲି ଅଙ୍ଗନବାଡ଼ିରୁ ଜୟନ୍ତୀ କେଉଁଆଡ଼େ ନିଖୋଜ ହୋଇଯାଇଥିଲେ । ଏହାକୁ ନେଇ ନାନା ଚର୍ଚ୍ଚା ହୋଇଥିଲା । ହେଲେ ଆଜି ଲକ୍ଷ୍ମଣ ଗୁରୁଣ୍ଡିଆ ଥାନାରେ ଆତ୍ମସମର୍ପଣ କରି ସତ ଓଗାଳିଥିଲା । ଜୟନ୍ତୀଙ୍କୁ ହତ୍ୟା କରି ବ୍ରାହ୍ମଣୀ ନଦୀରେ ଫୋପାଡ଼ି ଦେଇଥିବା ନେଇ ଥାନାରେ ସ୍ୱୀକାର କରିଥିଲା । ହେଲେ, କେଉଁଠାରେ ମୃତଦେହ ଫୋପାଡ଼ିଥିଲା; ସେନେଇ ଭିନ୍ନଭିନ୍ନ କଥା କହିବା ଯୋଗୁଁ ଆଜି ଦିନତମାମ ପୁଲିସ୍ ନାକେଦମ ହୋଇଥିଲା । ଶେଷରେ ଆଜି ସନ୍ଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖା ଭିତରୁ ଜୟନ୍ତୀଙ୍କ ଶବ ଜବତ କରିଥିଲା । ଅଭିଯୁକ୍ତ ଲକ୍ଷ୍ମଣ ବାରମ୍ବାର ବିଭ୍ରାନ୍ତିକର ତଥ୍ୟ ଦେବାରୁ ପୁଲିସ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ହଇରାଣ ହୋଇଥିଲା ।

୨୦୧୯ ମସିହାରେ ଜଡ଼ା ଗ୍ରାମର ଲକ୍ଷ୍ମଣଙ୍କୁ ସୁନ୍ଦରଗଡ଼ କିଞ୍ଜିରିକେଲା ଗ୍ରାମର ଜୟନ୍ତୀ ବିବାହ କରିଥିଲେ । ଜୟନ୍ତୀଙ୍କ ଅନ୍ୟ ଜଣେ ପୁରୁଷ ବନ୍ଧୁ ରହିଥିବା ଜାଣିବା ପରେ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଦୀର୍ଘ ଦିନ ଧରି କଳହ ଲାଗି ରହିଥିଲା । ଏପରିକି, ଉଭୟଙ୍କ ମଧ୍ୟରେ ଝଗଡ଼ା କାରଣରୁ ଜୟନ୍ତୀ ନିଜ ବାପା ଘରକୁ ମଧ୍ୟ ଚାଲିଯାଇଥିଲେ । ପରେ ଲକ୍ଷ୍ମଣ ବୁଝାସୁଝା କରି ପୁଣି ଜୟନ୍ତୀଙ୍କୁ ଡାକି ଆଣିବା ପରେ ହତ୍ୟା ଷଡ଼ଯନ୍ତ୍ର ରଚିଥିବା ପୁଲିସ ନିକଟରେ କହିଛି । ଅଭିଯୁକ୍ତକୁ ସାଥିରେ ନେଇ ପୁଲିସ ଏବେ ଶବ ଉଦ୍ଧାର କରିଥିଲା । ଆସନ୍ତାକାଲି ମୃତା ମହିଳାଙ୍କ ଶବ ପରିବାରଙ୍କ ଉପସ୍ଥିତିରେ ବ୍ୟବଚ୍ଛେଦ ହେବା ସହ ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯିବ ବୋଲି ପୁଲିସ ସୂଚନା ଦେଇଛି ।

# ବୁଝିଲେନି ସ୍ୱାମୀ; ଜୀବନ ହାରିଲେ ସ୍ତ୍ରୀ

## ଜ୍ୱାଇଁ ଘର ଆଗରେ ଶବକୁ ଥୋଇ ଚାଲିଆସିଲେ ବାପା

ଭବାନୀପାଟଣା/ବାଲିଗୁଡ଼ା, ୨୦।୭ (ସମିସ): ବାହାଘର ବେଳେ ଖୋଲା ଆଖିରେ କେତେ କ'ଣ ଅସୁମାରି ସ୍ୱପ୍ନ ଦେଖିଥିଲେ । ଭଲରେ କେମିତି ସଂସାର ଗାଡ଼ି ଚାଲିବ, ସେଥିପାଇଁ ମନେମନେ ଠାକୁରଙ୍କୁ କୋଟି ଗୁହାରି କରିଥିଲେ । ନୂଆବୋହୂ ହୋଇ ପାଦ ଥାପିବା ପରେ ସ୍ୱାମୀ ଓ ଶଶୁରଘର ଲୋକଙ୍କ ମନ ନେଇ ଚଳିବାକୁ ବି ଖୁବ୍ ଚେଷ୍ଟା କରିଥିଲେ । କିନ୍ତୁ ବାହାଘରର କିଛି ମାସ ପରେ ପରଯୁବତୀ ସହ ସ୍ୱାମୀର ସଂପର୍କ ଥିବା ଜାଣିବା ପରେ ତାଙ୍କର ସବୁ ସ୍ୱପ୍ନ ତାଙ୍କର ଚୂରମାର୍ ହୋଇଗଲା । ତଥାପି ସଂପର୍କ ସୁଧାରିବାକୁ ବହୁ ଚେଷ୍ଟା କଲେ, କିନ୍ତୁ ପାରିଲେନି ।



ସ୍ୱାମୀ ତ ଯାହା ନିର୍ଯାତନା ଦେଉଥିଲେ, ଶେଷରେ ତାଙ୍କ ପ୍ରେମିକା ବି ଛାଡ଼ିଲାନି । ନିର୍ଯାତନା ସହ ଗାଳିଗୁଲଜ ଦେଲା । ଏଥିରେ ଅତିଷ୍ଠ ହୋଇ ବେକରେ ଶାଢ଼ି ଲଗାଇ ଝୁଲିପଡ଼ିଲେ । କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ଟାଉନ୍ ଥାନା ଅଧୀନ ଧୋବାପଡ଼ାରେ ଏଭଳି ଏକ ଅଭାବନୀୟ ଘଟଣା ଘଟିଛି । ସ୍ୱାମୀ ଓ ପ୍ରେମିକାଙ୍କ ନିର୍ଯାତନାରେ ଅତିଷ୍ଠ ହୋଇ ଜଣେ ମହିଳା ନିଜ ବାପଘରେ ଆତ୍ମହତ୍ୟା କରିଛନ୍ତି । ମୃତ ମହିଳା ହେଲେ, ଭବାନୀପାଟଣା ଧୋବାପଡ଼ାର ଜିତେନ୍ଦ୍ର ସେଠୀଙ୍କ ଝିଅ ସ୍ନେହଲତା ସେଠୀ । ପୁଲିସ୍ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ଏହାସହ ପୁଲିସ୍ ଶବ ପାଖରୁ ଏକ ସୁଇସାଇଡ୍ ନୋଟ୍ ଜବତ କରିଛି । ସେଥିରେ ସେ ତାଙ୍କ ମୃତ୍ୟୁ ପାଇଁ ସ୍ୱାମୀ ଓ ପ୍ରେମିକାକୁ ଦାୟୀ କରିଛନ୍ତି । ଅପରପକ୍ଷେ, ବ୍ୟବଚ୍ଛେଦ ହୋଇଆସିବା ପରେ ସ୍ନେହଲତାଙ୍କ ଶବକୁ ତାଙ୍କ ବାପା ଏକ ଗାଡ଼ିରେ ତାଙ୍କ ଶଶୁରଘର କନ୍ଧମାଳ ଜିଲ୍ଲାର ରେବିଙ୍ଗିଆ ଗ୍ରାମକୁ ନେଇ ଯାଇଛନ୍ତି । କିନ୍ତୁ ଶ୍ୱଶୁରଘର ଆଗରେ ତାଲା ପଡ଼ିଥିବାରୁ ସେ ତାଙ୍କ ଦାଣ୍ଡଦୁଆରେ ସ୍ନେହଲତାଙ୍କ ଜରିଗୁଡ଼ା ଶବକୁ ଥୋଇ ପଳାଇଛନ୍ତି ।

ସୂଚନାନୁଯାୟୀ, ସ୍ନେହଲତା ୨୦୨୩ ମସିହାରେ କନ୍ଧମାଳ ବାଲିଗୁଡ଼ା ଥାନା ଅଞ୍ଚଳର ଶ୍ୟାମକୁମାର ବେହେରାଙ୍କୁ ବିବାହ କରିଥିଲେ । ତେବେ ଶ୍ୟାମକୁମାରଙ୍କ ଅନ୍ୟ ଝିଅ ସହ ସମ୍ପର୍କ ଥିବା ଜାଣିବା ପରେ ସ୍ନେହଲତା ବାପଘର ଭବାନୀପାଟଣାକୁ ପଳାଇ ଆସିଥିଲେ । ଶନିବାର ଶ୍ୟାମ କୁମାରଙ୍କ ପ୍ରେମିକା ମୋନାଲିସା ଆଚାର୍ଯ୍ୟ ଫୋନ୍‌ରେ ସ୍ନେହଲତାଙ୍କୁ ଗାଳିଗୁଲଜ କରିଥିଲେ । ପରେ ସ୍ନେହଲତା ବେକରେ ଶାଢ଼ି ଦେଇ ଆତ୍ମହତ୍ୟା କରିଥିବା ପରିବାର ପକ୍ଷରୁ ଭବାନୀପାଟଣା ଟାଉନ ଥାନାରେ ଅଭିଯୋଗ ହୋଇଛି ।

## କଦଳୀ ବେରେଣୀରେ କଙ୍ଗାରୁ କୋର୍ଟ !

# ୪ ବର୍ଷ ହେଲା ବୃଦ୍ଧ ଦମ୍ପତିଙ୍କୁ ସାମାଜିକ ବାସନ୍ଦ

ଅନୁଗୋଳ,୨୦।୭(ସମିସ): ଅନୁଗୋଳ ଜିଲ୍ଲା ପୁରୁଣାକୋଟ ଥାନା କଦଳୀବେରେଣୀ ଗାଁରେ ଏକ ବୃଦ୍ଧ ଦମ୍ପତିଙ୍କୁ ସାମାଜିକ ବାସନ୍ଦ କରି ଦୀର୍ଘବର୍ଷ ଧରି ମାନସିକ ନିର୍ଯାତନା ଦିଆଯାଉଥିବା ଅଭିଯୋଗ ହୋଇଛି । ଏପରି ଆକ୍ରୋଶର ଶିକାର ହୋଇଥିବା ଦମ୍ପତି ହେଲେ, ଗାଁର ଗୋବିନ୍ଦ ଚନ୍ଦ୍ର ସାହୁ (୭୫) ଓ ତାଙ୍କ ସ୍ତ୍ରୀ ସୁମିତ୍ରା ସାହୁ (୬୭) । ସପ୍ତାହେ କି ମାସେ ନୁହେଁ, ୪ ବର୍ଷ ହେଲା ଗ୍ରାମବାସୀମାନେ ସେମାନଙ୍କ ନିଆଁପାଣି ବନ୍ଦ କରିଦେଇଥିବାରୁ ସେମାନେ ବଡ଼ କଷ୍ଟରେ ଚଳୁଛନ୍ତି । ଏପରିକି, ସେମାନଙ୍କ ସହ ଯିଏ କଥାବାର୍ତ୍ତା କରିବ, ତାକୁ ୫ହଜାର ଟଙ୍କା ଜରିମାନା ଦେବାକୁ ପଡ଼ିବ ବୋଲି ଗାଁର ସଭାପତି ଓ ସଂପାଦକ କଡ଼ା ନିର୍ଦ୍ଦେଶ ଦେଇଥିବାରୁ ଭୟରେ କେହି ତାଙ୍କ ସହ ମିଶୁନାହାନ୍ତି । ଏ ସଂପର୍କରେ ଗୋବିନ୍ଦ ବାରମ୍ବାର ପୁରୁଣାକୋଟ ଥାନାରେ ଅଭିଯୋଗ କରିଛନ୍ତି । କିନ୍ତୁ କୌଣସି ଥାନା ଅଧିକାରୀ ତାଙ୍କ କଥାକୁ ଗୁରୁତ୍ୱ ଦେଉନାହାନ୍ତି । ଅପରପକ୍ଷେ, ଥାନାବାବୁ ଗାଁକୁ ଗଲେ, ସଭାପତି ଓ ସମ୍ପାଦକ ସେମାନଙ୍କୁ କଥାରେ ଚୁପ୍ କରାଇଦିଅନ୍ତି ବୋଲି ସେ କହିଛନ୍ତି । ତେବେ ଥାନାକୁ ବାରମ୍ବାର ଯାଇ ନିରାଶ ହେବା ପରେ ଏହି ଦମ୍ପତି କିଛି ଦିନ ତଳେ ଅନୁଗୋଳ ଏସ୍‌ପିଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ । ପରେ ଥାନା ଅଧିକାରୀ ଗାଁକୁ ଯାଇ ଘଟଣାର ତଦନ୍ତ କରିବା ସହ ସମ୍ପାଦକଙ୍କୁ ବୁଝାସୁଝା କରି ଆସିଥିବା ଜଣାପଡ଼ିଛି ।

ସୂଚନାନୁଯାୟୀ, ଗୋବିନ୍ଦଙ୍କ ପରିବାରର ଜମିବାଡ଼ି ସଂକ୍ରାନ୍ତରେ ଅନୁଗୋଳ ସିଭିଲ କୋର୍ଟରେ ମାମଲା ବିଚାରାଧୀନ ରହିଛି । ୨୦୨୧ ଫେବୃଆରୀ ୨୧ ତାରିଖ ବିଳମ୍ବିତ ରାତିରେ ଗାଁ ସଭାପତି ପ୍ରଶାନ୍ତ ପ୍ରଧାନ ଓ ସମ୍ପାଦକ ରାଧାନାଥ ସାହୁଙ୍କ ତତ୍ତ୍ୱାବଧାନରେ ଗାଁରେ ଏକ ବୈଠକ ବସିଥିଲା । ଜମି ଭାଗ କାହିଁକି ଦେଉନାହଁ ବୋଲି ବୈଠକରେ ସଭାପତି ଓ ସମ୍ପାଦକ ପଚାରିଥିଲେ । ମାମଲା କୋର୍ଟରେ ବିଚାରାଧୀନ ଥିବାରୁ କୋର୍ଟ ବିଚାର କରିବା ପରେ ଯାହା ହେବ ବୋଲି ଦମ୍ପତି କହିଥିଲେ । ଗୋବିନ୍ଦଙ୍କ ପାଟିରୁ ଏତିକି କଥା ଶୁଣି ସଭାପତି, ସମ୍ପାଦକ ତାଙ୍କୁ ଗାଁରୁ ବାସନ୍ଦ କରିଦେଇଥିଲେ । ତାଙ୍କ ପରିବାର ସହ ଯିଏ କଥାବାର୍ତ୍ତା ହେବ, ୫ହଜାର ଟଙ୍କା ଜରିମାନା ଦେବ ବୋଲି ଆଦେଶ ଦେଇଥିଲେ । ସେହିଦିନଠାରୁ ଏହି ବୃଦ୍ଧ ଦମ୍ପତି ଏକାକୀ ଦିନ କାଟୁଛନ୍ତି । ଏ ନେଇ ସେମାନେ ବାରମ୍ବାର ପୁରୁଣାକୋଟ ଥାନା ଦ୍ୱାରସ୍ଥ ହୋଇଛନ୍ତି । ପୁଲିସ ମଧ୍ୟ ଗାଁକୁ ଯାଇ ପଚରାଉଚରା କରିଛି । କିନ୍ତୁ ପ୍ରତିଥର ପୁଲିସକୁ ବୁଝାସୁଝା କରି ସଭାପତି, ସମ୍ପାଦକ ଫେରାଇ ଦିଅନ୍ତି । ପୁଲିସଠାରୁ ନ୍ୟାୟ ନ ପାଇ ଦମ୍ପତି ଏସପିଙ୍କୁ ଅଭିଯୋଗ କରିଥିଲେ । ଏସ୍‌ପିଙ୍କ ନିର୍ଦ୍ଦେଶକ୍ରମେ ଥାନା ଅଧିକାରୀ ସନ୍ତୋଷ ଜେନା ଗୁରୁବାର ପୁଣି ଗାଁକୁ ଯାଇ ସଭାପତି ଓ ସମ୍ପାଦକଙ୍କୁ ପଚରାଉଚରା କରିଛନ୍ତି । ଏଥର ମଧ୍ୟ ସଭାପତି ଓ ସମ୍ପାଦକ ପୁଲିସକୁ ସମାନ ଉତ୍ତର ଦେଇ ଫେରାଇ ଦେଇଥିବା ଜଣାପଡ଼ିଛି ।

ଉଲ୍ଲେଖଯୋଗ୍ୟ, କିଛି ମାସ ତଳେ ସେହି ଗାଁର ଜଣେ ଗରିବ ବ୍ୟକ୍ତି ଓ ତାଙ୍କ ପରିବାର ମଧ୍ୟରେ ଝଗଡ଼ା ହୋଇଥିଲା । ପରିବାରଲୋକେ ଏ ନେଇ ଗାଁ କମିଟିରେ ଦରଖାସ୍ତ କରିଥିଲେ । ଏନେଇ ଗାଁ ବୈଠକ ଡକାଯାଇ ୬୦ ବର୍ଷୀୟ ସେହି ବ୍ୟକ୍ତିଙ୍କୁ ଆଣ୍ଠୁମାଡ଼ି ବସାଯିବା ସହ ୫ହଜାର ଟଙ୍କା ଜରିମାନା ଦେଲେ ଗାଁରେ ମିଶିବୁ ବୋଲି ସଭାପତି ନିର୍ଦ୍ଦେଶ ଦେଇଥିଲେ । ଆଉ ତା' ପରଦିନ ବ୍ୟକ୍ତିଜଣଙ୍କ ଲୋକଲଜ୍ଜାରେ ଆତ୍ମହତ୍ୟା କରିଦେଇଥିଲେ ବୋଲି ସୂଚନା ମିଳିଛି ।

# ବନ୍ୟାପାଣିରେ ଭାସି ବୋଲବମ୍ ଭକ୍ତ ମୃତ



ରାଜକନିକା,୨୦।୭(ସମିସ): ରାଜକନିକା ଥାନା ଅନ୍ତର୍ଗତ ବରାଡ଼ିଆ ପଞ୍ଚାୟତର ମଧୁପଡ଼ା ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି । ମହାଦେବଙ୍କୁ ଜଳାଭିଷେକ ପାଇଁ ପାଣି ଉଠାଉଥିବା ବେଳେ ଜଣେ ବୋଲବମ୍ ଭକ୍ତ ବନ୍ୟାଜଳରେ ଭାସି ପ୍ରାଣ ହରାଇଛନ୍ତି । ସେ ହେଲେ, ମଧୁପଡ଼ା ଗ୍ରାମର ସୁଦର୍ଶନ ମଲିକଙ୍କ ପୁଅ ଆଲୋକ ମଲିକ (୧୬) । ରବିବାର ଗାଁ ପିଲାଙ୍କ ସହ ମିଶି ସେ ଆଖଣ୍ଡଳମଣିଙ୍କୁ ଜଳାଭିଷେକ କରିବାକୁ ବାହାରିଥିଲେ । ମଧ୍ୟାହ୍ନରେ ସେ ମନ୍ତପଡ଼ା ପୋଲ ନିକଟରେ ବିଧିପୂର୍ବକ ପୂଜାପାଠ କରି ପାଣି ଉଠାଇବାକୁ ବୈତରଣୀ କୂଳ ନାଳ ଭିତରକୁ ପଶିଥିଲେ । ନଦୀରେ ବନ୍ୟା କାରଣରୁ ପାଣିର ପ୍ରଖର ସୁଅରେ ଆଲୋକ ଭାସି ଯାଇଥିଲେ । ନିକଟରେ ଥିବା ଅନ୍ୟ ବୋଲବମ୍ ସାଥୀ ତାଙ୍କୁ ଉଦ୍ଧାର କରି ରାଜକନିକା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ । କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ରାଜକନିକା ପୁଲିସ ପହଞ୍ଚି ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି ।

## 'ବଳଙ୍ଗା' ଘଟଣାକୁ ନେଇ ତେଜିଲା ରାଜନୀତି

# ଉପମୁଖ୍ୟମନ୍ତ୍ରୀଙ୍କୁ ବିଜେପି ମୁଖପାତ୍ରଙ୍କ ନିଶାଣ

ପୁରୀ,୨୦।୭(ସମିସ): ରାଜ୍ୟରେ ଅରାଜକତାକୁ ନେଇ ଓଡ଼ିଶାବାସୀ ଅତିଷ୍ଠ । କେବଳ ରାଜ୍ୟବାସୀ ନୁହନ୍ତି, ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ଲୋକଙ୍କ ସମାଲୋଚନା ଓ ଆକ୍ଷେପର ଶିକାର ବିଜେପି ନେତାମାନେ ମଧ୍ୟ ଅତିଷ୍ଠ । ବାଲେଶ୍ୱର ଏଫ୍ଏମ୍ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମଦାହ ଘଟଣାରେ ବିଜେପିର ଛାତ୍ର ସଙ୍ଗଠନ ଏବିଭିପି ରାଜ୍ୟ ଉଚ୍ଚଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରିଥିବାବେଳେ ଦଳର ମୁଖପାତ୍ର ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣାରେ ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି । ଆମେ (?) କ୍ଷମତାରେ ଥିଲେ ଏପରି ଘଟଣା କେବେ ଘଟି ନ ଥା।ନ୍ତା ବୋଲି ପୂର୍ବତନ ମନ୍ତ୍ରୀ ତଥା ବିଜେପି ମୁଖପାତ୍ର ସମୀର ଦାଶ ଉଲ୍ଲେଖ କରି ଖୋଦ୍ ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁକଲ୍ୟାଣ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କୁ ନିଶାଣ କରିଛନ୍ତି । ଯାହାକୁ ନେଇ ସ୍ଥାନୀୟ ରାଜନୀତି ସରଗରମ ହୋଇଛି ଓ ରାଜ୍ୟ ବିଜେପିରେ କମ୍ପନ ସୃଷ୍ଟି କରିଛି ।

ନିମାପଡ଼ା ନିର୍ବାଚନମଣ୍ଡଳୀ ଅଞ୍ଚଳରେ ଜଣେ ନାବାଳିକାଙ୍କୁ ସ୍ୱଷ୍ଟ ଦିବାଲୋକରେ ଜୀଅନ୍ତା ଜାଳିଦେବାକୁ ଉଦ୍ୟମ ହୋଇଛି । ୩ ଜଣ ଦୁର୍ବୃତ୍ତ ନାବାଳିକାଙ୍କ ଦେହରେ ନିଆଁ ଲଗାଇ ଦେଇଥିବାବେଳେ ସୌଭାଗ୍ୟବଶତଃ ସେ ଜୀବନ ବଞ୍ଚାଇ ପାରିଥିଲେ ହେଁ ଏବେ ବି ତାଙ୍କ ସ୍ୱାସ୍ଥ୍ୟବସ୍ଥା ସଙ୍କଟାପନ୍ନ ରହିଛି । ତାଙ୍କ ଶରୀରର ୭୦ରୁ ୭୫ ପ୍ରତିଶତ ପୋଡ଼ି ଯାଇଛି । ଗଞ୍ଜାମ ଗୋପାଳପୁରରେ ଜଣେ ଯୁବତୀଙ୍କୁ ଗଣଦୁଷ୍କର୍ମ, ବାଲେଶ୍ୱର ଏଫ୍ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ମାଗି ଶେଷରେ ଜୀବନ ହାରିବା ଘଟଣା ଥମି ନ ଥିବାବେଳେ ଏବେ ପୁରୀ ଜିଲ୍ଲା

## ଆମେ ଥିଲେ ଏପରି ଘଟଣା ଘଟି ନ ଥାନ୍ତା: ସମୀର

ନିମାପଡ଼ା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବଳଙ୍ଗା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣାକୁ ନେଇ ରାଜ୍ୟ ରାଜନୀତି ସରଗରମ ହୋଇଛି ଓ ଆଇନଶୃଙ୍ଖଳା ବ୍ୟବସ୍ଥା ଉପରେ ପ୍ରଶ୍ନଚିହ୍ନ ଆଙ୍କିଛି । ଖୋଦ୍ ଉପମୁଖ୍ୟମନ୍ତ୍ରୀଙ୍କ ଅଞ୍ଚଳରେ ଯଦି ନାବାଳିକାଙ୍କୁ ଜିଅନ୍ତା ଜାଳିଦେବାକୁ ଦୁର୍ବୃତ୍ତ ଭୟ କରୁନାହାନ୍ତି ତେବେ ଆଇନ ଶୃଙ୍ଖଳାର ସ୍ଥିତି କ'ଣ ତାହା ଜଳଜଳ ଦିଶୁଛି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି । ତେବେ ଏଭଳି ସ୍ଥିତିରେ ବିଜେପି ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ଦାଶ ପୁଣି ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି ।

ସେ କହିଛନ୍ତି ଯେ ଆମ ଅଞ୍ଚଳରେ ଏମିତି ଅପରାଧ ହୁଏନି । ବଳଙ୍ଗାରେ ଯାହା ଘଟିଲା ସେଥିପାଇଁ ମୋ ମନ କାନ୍ଦୁଛି । ଆମେ ଥିଲେ ଏହିଭଳି ଘଟଣା ଘଟି ନ ଥାନ୍ତା, ଏହି କଥା ବାରମ୍ବାର ମୋ ମନକୁ ଆଘାତ କରୁଛି । ଏ ଅଞ୍ଚଳରେ ଏଭଳି ଘଟଣା କେହି କେବେ ଚିନ୍ତା କରି ନ ଥିବାବେଳେ ଆଜି ତାହା ଘଟିଗଲା । ମୁଁ ୨୦୦୯ ମସିହାରେ ବିଧାୟକ ହେଲି । ଏହା ପୂର୍ବରୁ ଏପରି କେବେ ଘଟଣା ଘଟି ନ ଥିଲା କି ମୋ ସମୟରେ ଏପରି ଘଟଣା ଘଟି ନାହିଁ ବୋଲି ସମୀର ବୁଲେଇବଙ୍କେଇ ଉପମୁଖ୍ୟମନ୍ତ୍ରୀ ତଥା ନିମାପଡ଼ା ବିଧାୟିକା ପ୍ରଭାତୀ ପରିଡ଼ାଙ୍କୁ କଟାକ୍ଷ କରିଛନ୍ତି । ସମୀର କେବଳ ନିମାପଡ଼ାର ଟାଣୁଆ ନେତା ନୁହନ୍ତି, ରାଜ୍ୟ ବିଜେପିର ମୁଖପାତ୍ର ମଧ୍ୟ । ତେଣୁ ପ୍ରଭାତୀ ପରିଡ଼ାଙ୍କ ପାରିବା ପଣିଆ ଉପରେସେ ଉଠାଇଥିବା ପ୍ରଶ୍ନକୁ ସ୍ଥାନୀୟ ରାଜନୈତିକ ବିବାଦର ପରିଣତି ବୋଲି କୁହାଯାଇ ଏଡ଼ାଇ ଦିଆଯାଇ ପାରିବ ନାହିଁ । ପୂର୍ବରୁ ତାଙ୍କ ବିଧାୟକ ସମୟରେ ଦିଆଯାଇଥିବା ଅନୁଦାନରେ ନିର୍ମିତ ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ସମୟରେ ସମୀରଙ୍କୁ ଡ଼କା ନ ଯିବା ବିବାଦ ସୃଷ୍ଟି କରିଥିଲା, ଏବେ ବଳଙ୍ଗା ଘଟଣା ଏହି ବିବାଦକୁ ପୂର୍ବତନ ମନ୍ତ୍ରୀଙ୍କର ଏଭଳି ବୟାନ ନିମାପଡ଼ା ଅଞ୍ଚଳରେ ପୁଣି ସମୀର-ପ୍ରଭାତୀ ବିବାଦକୁ ତାଜା କରିଛି ।



# ତାଳଚେରରେ ପୁଣି ଡରାଇଲାଣି ଡେଙ୍ଗୁ

ତାଳଚେରସଦର,୨୦।୭(ସମିସ)




୨୦୧୦-୧୧ରେ ତାଳଚେର ଅଞ୍ଚଳରେ ପ୍ରଥମେ ଡେଙ୍ଗୁ ରୋଗୀ ଚିହ୍ନଟ ହେବାପରେ ଶତାଧିକ ଲୋକ ଆକ୍ରାନ୍ତ ହୋଇଥିଲେ। କେତେଜଣଙ୍କ ମୃତ୍ୟୁ ମଧ୍ୟ ହୋଇଥିଲା। ଏହି ଘଟଣା ସେ ସମୟରେ ଆତଙ୍କ ଖେଳାଇ ଦେଇଥିଲା। ଡେଙ୍ଗୁର କୌଣସି ସତ୍ତା ନ ଥିବା ବେଳେ ପ୍ରଥମେ ତାଳଚେରରେ ଏହି ଲକ୍ଷଣ ଦେଖାଦେବା ପରେ ଏହା ସମଗ୍ର ଓଡ଼ିଶାକୁ ବ୍ୟାପିଥିଲା। ସେ ସମୟରେ ଲୋକେ ସତର୍କତା ଅବଲମ୍ବନ କରିବା ସହ ରାଜ୍ୟ ସରକାର ଓ ସ୍ଥାନୀୟ ପ୍ରଶାସନ ପକ୍ଷରୁ ଏ ନେଇ ତତ୍ପରତା ପ୍ରକାଶ ପାଇଥିଲା। ପୁଣି ଏବେ ତାଳଚେର ଅଞ୍ଚଳରେ ଡେଙ୍ଗୁ ପ୍ରାଦୁର୍ଭାବ ଦେଖିବାକୁ ମିଳିଛି। ତାଳଚେର ଜଗନ୍ନାଥପୁର ପଞ୍ଚାୟତ ଅଧୀନ ଏଫସିଆଇ ମୁଣ୍ଡାହଟିଙ୍ଗରେ ଘରେଘରେ ଡେଙ୍ଗୁ ରୋଗୀ ଚିହ୍ନଟ ହେବାପରେ ଆତଙ୍କ ଖେଳିଯାଇଛି। ଡେଙ୍ଗୁ ଜ୍ୱରରେ ପୀଡ଼ିତ ହୋଇ ଗୋଡ଼ିବନ୍ଧ, ସେଣ୍ଟ୍ରାଲ ହସ୍ପିଟାଲ, ତାଳଚେର ମେଡିକାଲ ଓ ଜିଲ୍ଲା ଡାକ୍ତରଖାନାରେ ରୋଗୀ ଚିକିତ୍ସିତ ହେଉଛନ୍ତି। ରୋଗୀଙ୍କ ରକ୍ତ ପରୀକ୍ଷାରୁ ସେମାନେ ଡେଙ୍ଗୁରେ ଅକ୍ରାନ୍ତ ବୋଲି ଜଣାପଡ଼ିଛି।

ପୂର୍ବରୁ ବାରମ୍ବାର ଗଣମାଧ୍ୟମରେ ଡେଙ୍ଗୁ ସମ୍ପର୍କିତ ଖବର ପ୍ରକାଶିତ ହୋଇଥିଲେ ମଧ୍ୟ କେହି ହେଲେ କର୍ଣ୍ଣପାତ କରୁ ନ ଥିଲେ। ବର୍ତ୍ତମାନ ସହରରୁ ଗ୍ରାମାଞ୍ଚଳ ପର୍ଯ୍ୟନ୍ତ ଯେଉଁଠି ଦେଖିବ ସେଠି ଟାୟାର ଭିତରେ ପାଣି, ରାସ୍ତାକଡ଼ରେ ପଚାଶଢ଼ା ପାଣି ଜମିବା ସହ ଅନାବନା ଗଛ, ଘାସଲଟା, କୁଡ଼କୁଡ଼ ଆବର୍ଜନା ଗଦାହୋଇ ରହୁଥିବା ବେଳେ ପ୍ରଶାସନର ତିଳେମାତ୍ର ନିଘା ନ ଥିଲା ଭଳି ମନେ ହେଉଛି। ଗ୍ରାମାଞ୍ଚଳ କଥା ଦୂରେ ଥାଉ ସହରାଞ୍ଚଳରେ ଡ୍ରେନ, ଖାଲଖମା, କୂଅ ଇତ୍ୟାଦିରେ ନା ପଡୁଛି ବ୍ଲିଚିଂ ପାଉଡର ନା ମଶାତେଲ। କୌଣସି ପ୍ରତିକାର ବ୍ୟବସ୍ଥା କରାଯାଉନାହିଁ। ଦିନ ଥାଉଥାଉ ପ୍ରଶାସନ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ମା' ଝିଅଙ୍କୁ ଲୁହା ପାଇପ୍‌ରେ ଆକ୍ରମଣ

ବଅଁରପାଳ,୨୦।୭(ସମିସ): ଘର ତିଆରି କରିବାକୁ ନେଇ ବଅଁରପାଳ ଥାନା ନୂଆହତାରେ ଭିନ୍ନକ୍ଷମ ଝିଅ ଓ ମା'କୁ ପଡ଼ୋଶୀ ଆକ୍ରମଣ କରିଥିବା ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗ ମୁତାବକ ଗ୍ରାମର ଅନ୍ନପୂର୍ଣ୍ଣ ଗୋଛାୟତ ନିଜ ଘର ତିଆରି କରୁଥିବା ବେଳେ ପଡ଼ୋଶୀ ନେତ୍ରାନନ୍ଦ ଗୋଛାୟତଙ୍କ ପୁଅ ବୁନୁ ଗୋଛାୟତ ଓ ତାଙ୍କ ସ୍ତ୍ରୀ ଅର୍ଚ୍ଚନା ଗୋଛାୟତ ତାଙ୍କୁ ଅସଭ୍ୟ ଭାଷାରେ ଗାଳିଗୁଲଜ କରିଥିଲେ। ଅନ୍ନପୂର୍ଣ୍ଣ ଏହାର ବିରୋଧ କରିବାରୁ ଏକ ଲୁହା ପାଇପ୍‌ରେ ଆକ୍ରମଣ କରିଥିଲେ। ଏହା ଦେଖି ଅନ୍ନପୂର୍ଣ୍ଣାଙ୍କ ଭିନ୍ନକ୍ଷମ ଝିଅ ସୁନିତା ଆସି ମା'କୁ ଉଦ୍ଧାର କରିବାକୁ ଉଦ୍ୟମ କରିବା ସମୟରେ ତାଙ୍କୁ ମଧ୍ୟ ଆକ୍ରମଣ କରିଥିଲେ। ଆକ୍ରମଣରେ ମା' ଝିଅ ଲହୁଲୁହାଣ ହୋଇଛନ୍ତି। ଏଥିସହ ଅଭିଯୁକ୍ତମାନେ ତାଙ୍କୁ ଜୀବନରେ ମାରିଦେବାକୁ ଧମକ ଦେଇଥିଲେ। ଏ ନେଇ ଥାନାରେ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

## ତେଜରାତି ଦୋକାନରୁ ଚୋରି ଅଭିଯୋଗ

ବଅଁରପାଳ,୨୦।୭(ସମିସ): ବଅଁରପାଳ ଥାନା ଭୋଗବେରେଣି ଗ୍ରାମର ଆରତୀ ନାଏକ (୪୮)ଙ୍କର କାଳୀବାଜରରେ ଥିବା ତେଜରାତି ଦୋକାନରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଶନିବାର ସକାଳେ ଆରତୀ ଦୋକାନକୁ ଆସିବା ବେଳେ ଦୋକାନରୁ ସାମଗ୍ରୀ ଚୋରି ହୋଇଥିବା ଦେଖିଥିଲେ। ଏ ନେଇ ସେ ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କ ଦୋକାନରୁ ଡାଲି, ଚାଉଳ, ବିଭିନ୍ନ ବ୍ରାଣ୍ଡର ସୋରିଷ ତେଲ, ରିଫାଇନ ତେଲ, ଅଟା, ଅଣ୍ଡା ସହ ଅନ୍ୟାନ୍ୟ ସାମଗ୍ରୀ ଚୋରି ହୋଇଥିବା ଅଭିଯୋଗରେ ଦର୍ଶାଇଛନ୍ତି। ପୁଲିସ ମାମଲା ରୁଜୁକରି ଘଟଣାର ତଦନ୍ତ କରୁଛି।

## ପୁରୁଣାଗଡ଼ରୁ ଚୋରାକାଠ ଜବତ



ଅନୁଗୋଳ,୨୦।୭(ସମିସ): ଶନିବାର ରାତି ପ୍ରାୟ ସାଢ଼େ ୮ଟାରେ ଅନୁଗୋଳ ରେଞ୍ଜ ପୁରୁଣାଗଡ଼ ସେକ୍ସନ ବନ ବିଭାଗ ଅଧିକାରୀ ଏବଂ ବନ୍ତଳା ପୁଲିସ ମିଳିତ ଭାବେ ରାତି ପାଟ୍ରୋଲିଂ କରୁଥିବା ସମୟରେ ପୁରୁଣାଗଡ଼ ଗାଁ ଭିତରେ କିଛି ଚୋରାକାଠ ଥିବା ସନ୍ଧାନ ପାଇଥିଲେ। ଅଧିକାରୀମାନେ ଘଟଣାସ୍ଥଳରେ ପହଞ୍ଚି ୮ଟି ଶାଗୁଆନ ପଟା (୧.୨୮୨ ସିଏଫ୍‌ଟି) ଏବଂ ୩୦ଟି ଗମ୍ଭାରୀ ପଟା (୪.୫୫୪ ସିଏଫ୍‌ଟି) ଜବତ କରିଛନ୍ତି। ଏହି କାଠ କିଏ ମହଜୁଦ ରଖିଥିଲା ତାହାର ଅନୁସନ୍ଧାନ ଜାରି ରହିଛି। ଋତୁପର୍ଣ୍ଣା ବିଶ୍ୱାଳ, ପ୍ରିୟତମା ସାହୁ, ଜୟସ୍ମିତା ସାହୁ, ବିଦ୍ୟାଧର ପ୍ରଧାନ, ପ୍ରଦୀପ କୁମାର ବେହେରା, ସିଦ୍ଧାନ୍ତ ଦାସ ପ୍ରମୁଖ ବନବିଭାଗ କର୍ମଚାରୀ ଚଢ଼ଉର ନେତୃତ୍ୱ ନେଇଥିଲେ।

● ଓପନ୍ ଜାତୀୟ ତାଏକ୍ୱୋଣ୍ଡୋ ପ୍ରତିଯୋଗିତା

## ଅନୁଗୋଳ ଜିଲ୍ଲାକୁ ୨ ସ୍ୱର୍ଣ୍ଣ ସହ ୧୯ ପଦକ



ଅନୁଗୋଳ,୨୦।୭(ସମିସ): ଜୁଲାଇ ୧୧ରୁ ୧୪ ପର୍ଯ୍ୟନ୍ତ ୫ମ ଓପନ୍ ଜାତୀୟ ତାଏକ୍ୱୋଣ୍ଡୋ ପ୍ରତିଯୋଗିତା କୋଲକାତାର ଶିବପୁର ଘାଟରେ ଅନୁଷ୍ଠିତ ହେଇଛି। ଏଥିରେ ଅନୁଗୋଳ ଜିଲ୍ଲାର ୧୭ ଜଣ ବାଳକ ଓ ବାଳିକା ଖେଳାଳି ଅଂଶଗ୍ରହଣ କରିଥିଲେ। ଖେଳାଳିମାନେ ୨ ସ୍ୱର୍ଣ୍ଣ ସହ ୧୯ ପଦକ ହାସଲ କରି ଜିଲ୍ଲାର ଗୌରବ ବୃଦ୍ଧି କରିଛନ୍ତି। ଅନୁଗୋଳ ତାଏକ୍ୱୋଣ୍ଡୋ ସଂଘ ସମ୍ପାଦକ ଓ ପ୍ରତିଷ୍ଠାତା ଦୁଷ୍ୟନ୍ତ କୁମାର ନାଥ, ଜାତୀୟ ଖେଳାଳି ଶ୍ରୀୟାଶ୍ରୀ ପ୍ରଧାନ, ସ୍ୱାତି ସ୍ୱାଗତିକା ଦାସ, ରଶ୍ମିତା ଶର୍ମା ଖେଳାଳିମାନଙ୍କୁ ନେଇ କୋଲକାତା ଯାଇଥିଲେ। ଏହି ସଫଳତା ପାଇଁ ଅନୁଗୋଳ ଜିଲ୍ଲା ତାଏକ୍ୱୋଣ୍ଡୋ ସଂଘ ସଭାପତି ନୀଳମଣି ରାଉତ, ଉପସଭାପତି ଶକ୍ତି ପ୍ରସାଦ ପଟ୍ଟନାୟକ, ପର୍ଶୁରାମ ଦାସ, ଉପଦେଷ୍ଟା ଆଇନଜୀବୀ ପ୍ରଦୀପ କୁମାର ଦେବତା ଖେଳାଳିମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ଏହି ଖେଳାଳିମାନେ ମା' ବାସନ୍ତୀ ଦୁର୍ଗା ଖେଳପଡ଼ିଆରେ ଦୁଷ୍ୟନ୍ତ କୁମାର ନାଥଙ୍କଠାରୁ ପ୍ରଶିକ୍ଷଣ ନେଉଛନ୍ତି।

ସତ୍ୟସାଇ ସେବା ସମିତି ପକ୍ଷରୁ ରକ୍ତଦାନ ଶିବିର

## ୬୪ ୟୁନିଟ୍ ରକ୍ତ ସଂଗୃହୀତ



ତାଳଚେରସଦର,୨୦।୭(ସମିସ): ତାଳଚେର ସତ୍ୟସାଇ ସେବାସମିତି ପକ୍ଷରୁ ତାଳଚେର ପୌରପରିଷଦ ଜଗନ୍ନାଥ ମନ୍ଦିର ନିକଟ ମ୍ୟୁନିସିପାଲିଟି ହାଇସ୍କୁଲରେ ରବିବାର ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଛି। ସକାଳ ୮ଟାରୁ ଅପରାହ୍ନ ଗୋଟାଏ ପର୍ଯ୍ୟନ୍ତ ଶିବିର ଅନୁଷ୍ଠିତ ହୋଇଥିଲା। ଶିବିରରେ ସତ୍ୟସାଇ ସେବାସମିତର ଆବାହକ କମଲଲୋଚନ ପତି, ପ୍ରତିଷ୍ଠାତା ପଙ୍କଜଲୋଚନ ପତି, ବିରଞ୍ଚିନାରାୟଣ ଦାସ, ଶକ୍ତିପ୍ରସାଦ ସାହୁ, ବାବୁଲି ନାଥ, ଅକ୍ଷୟ ମହାରଣା, ସୁଚିତ୍ରା ସାହୁ, ବିଷ୍ଣୁପ୍ରିୟା ପତି, ମାମାଲି ଦାସଙ୍କ ସମେତ ସମସ୍ତ ସଦସ୍ୟ ଉପସ୍ଥିତ ଥିଲେ। ତାଳଚେର ମଣ୍ଡାପାଳ ଡାକ୍ତରଖାନା ରକ୍ତଭଣ୍ଡାର କର୍ମଚାରୀ ରକ୍ତ ସଂଗ୍ରହ କରିଥିଲେ। ଶିବିରରୁ ମୋଟ ୬୪ ୟୁନିଟ୍ ରକ୍ତ ସଂଗୃହୀତ ହୋଇଛି।

## ହୃଦ୍‌ଘାତରେ ପୂର୍ବତନ ବ୍ଲକ ଅଧ୍ୟକ୍ଷଙ୍କ ପରଲୋକ



ପାଲଲହଡ଼ା,୨୦।୭(ସମିସ): ଅନୁଗୋଳ ଜିଲ୍ଲା ପାଲଲହଡ଼ା ବ୍ଲକର ପୂର୍ବତନ ଅଧ୍ୟକ୍ଷ ତଥା ଯୁବ ବିଜେପି ନେତା ଅଜିତ କୁମାର ପ୍ରଧାନଙ୍କ ଶନିବାର ବିଳମ୍ବିତ ରାତିରେ ପରଲୋକ ଘଟିଛି। ରାତିରେ ସେ ଅସୁସ୍ଥ ଅନୁଭବ କରିବାରୁ ପରିବାର ଲୋକେ ତାଙ୍କୁ ପାଲଲହଡ଼ା ଉପଖଣ୍ଡ ଚିକିତ୍ସାଳୟକୁ ଆଣିଥିଲେ। କିନ୍ତୁ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ହୃଦଘାତରେ ତାଙ୍କ ମୃତ୍ୟୁ ହୋଇଥିବା କୁହାଯାଉଛି। ସେ ଏକାଧାରରେ ଜଣେ ରାଜନେତା, ଅଭିନେତା ଏବଂ ସୁନାମଧନ୍ୟ କ୍ରୀଡ଼ାବିତ ଭାବେ ଜିଲ୍ଲା ତଥା ଜିଲ୍ଲା ବାହାରେ ବେଶ୍ ପରିଚିତ ଥିଲେ। ୨୦୦୨ରୁ ୨୦୦୭ ପର୍ଯ୍ୟନ୍ତ ପାଲଲହଡ଼ା ବ୍ଲକ ଅଧ୍ୟକ୍ଷ ଭାବେ କାର୍ଯ୍ୟ ତୁଲାଇଥିଲେ। ସେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମ୍ପର୍କୀୟ ଭାଇ ଅଟନ୍ତି। ତାଙ୍କ ଦେହାନ୍ତ ଖବର ପ୍ରଚାରିତ ହେବା ପରେ ବିଧାୟକ ଅଶୋକ ମହାନ୍ତି, ପୂର୍ବତନ ବିଧାୟକ ମୁକେଶ ପାଲ, ବ୍ଲକ ଅଧ୍ୟକ୍ଷା ରୀନାରାଣୀ ନାୟକଙ୍କ ସହ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କ ବାସଭବନରେ ପହଞ୍ଚି ଶେଷଦର୍ଶନ କରିଥିଲେ। ସ୍ଥାନୀୟ ଉଦିତ ନଗର ଶ୍ମଶାନରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି।

## ଜଳଭଣ୍ଡାରରେ ବୁଡ଼ି ଯୁବକ ମୃତ

ଅନୁଗୋଳ,୨୦।୭(ସମିସ): ଡେରଜାଙ୍ଗ ଜଳଭଣ୍ଡାରରେ ବୁଡ଼ି ରବିବାର ଅପରାହ୍ନରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ଏକ କମ୍ପାନୀର କର୍ମଚାରୀ ଆର୍ଯ୍ୟାପୁଣ୍ୟ ଶ୍ଳୋକ (୨୪) ଅପରାହ୍ନରେ ଡେରଜାଙ୍ଗ ଜଳଭଣ୍ଡାର ବୁଲିବାକୁ ଆସିଥିଲେ। ତେବେ ଅସାବଧାନତା ବଶତଃ ସେ ପାଣିରେ ଗଳି ପଡ଼ିଥିଲେ। ଅନୁଗୋଳ ଅଗ୍ନିଶମ ବାହିନୀ ପହଞ୍ଚି ମୃତଦେହ ଉଦ୍ଧାର କରିଥିଲା। ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପଠାଇଛି।

## ତାଳଚେର କଲେଜ ପୁରାତନ ଛାତ୍ରପରିଷଦ ବୈଠକ



ତାଳଚେରସଦର,୨୦।୭(ସମିସ): ତାଳଚେର କଲେଜ ପୁରାତନ ଛାତ୍ରଛାତ୍ରୀଙ୍କ ବୈଠକ ରବିବାର କଲେଜ ପରିସରରେ ଅନୁଷ୍ଠିତ ହୋଇଛି। କଲେଜ ଅଧ୍ୟକ୍ଷ ମେଜର ସୁବ୍ରତ କୁମାର ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ଅତିଥିଭାବେ ପୂର୍ବତନ ଢେଙ୍କାନାଳ ସାଂସଦ ତଥା କଲେଜର ପୁରାତନ ଛାତ୍ର ମହେଶ ସାହୁ, ପର୍ଜଙ୍ଗ ବିଧାୟକ, ବିଭୂତି ପ୍ରଧାନ, ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି, ଅନୁଗୋଳ ସମବାୟ ବ୍ୟାଙ୍କ ସଭାପତି ସନ୍ତୋଷ ପ୍ରଧାନଙ୍କ ସମେତ ବହୁ ପୁରାତନ ଛାତ୍ରଛାତ୍ରୀ ଯୋଗଦେଇଥିଲେ। ଅଧ୍ୟକ୍ଷ ଦାସ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରି ବୈଠକ ଉପରେ ସୂଚନା ପ୍ରଦାନ କରିବା ସହ କଲେଜର ଅଭାବ ଅସୁବିଧା ସମ୍ପର୍କରେ ଉଲ୍ଲେଖ କରିଥିଲେ। କଲେଜରେ ବିଭିନ୍ନ ବିଭାଗରେ ଖାଲି ପଡ଼ିଥିବା ଅଧ୍ୟାପକ ପଦବୀ ପୂରଣ, ଅନ୍ୟୂନ ୧ ହଜାର ସିଟ୍ ବିଶିଷ୍ଟ ଅଡିଟରିଅମ ହଲ୍ ନିର୍ମାଣ, ଆବଶ୍ୟକ ଶ୍ରେଣୀଗୃହ, କଲେଜକୁ ଯାତାୟାତ କରିବାକୁ ଜାତୀୟ ରାଜପଥରେ ଖାଲଖମା ସହ ପ୍ରଚୁର ପ୍ରଦୂଷଣ ଓ ଗୁରୁତର ଟ୍ରାଫିକ ସମସ୍ୟା ଯୋଗୁଁ ଛାତ୍ରଛାତ୍ରୀଙ୍କ ଜୀବନପ୍ରତି ବିପଦ ସମ୍ପର୍କରେ ଉଲ୍ଲେଖ କରିଥିଲେ। ସେହିପରି କଲେଜରେ ବିଶ୍ୱସ୍ତରୀୟ ଲାଇବ୍ରେରୀ ସ୍ଥାପନ, ବାଳକ ଓ ବାଳିକା ହଷ୍ଟେଲ ନିର୍ମାଣ ସହ ଉନ୍ନତମାନର ଲାବରେଟରୀ ବ୍ୟବସ୍ଥା ଏବଂ କଲେଜରେ ସ୍କିଲ୍ ଡେଭଲପମେଣ୍ଟ ସେଣ୍ଟର ଖୋଲିବା ଉପରେ ଅତିଥିମାନଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଏହି ଅବସରରେ ପୁରାତନ ଛାତ୍ର ପରିଷଦ ସଭାପତି ଭାବେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା କଲେଜର ପୁରାତନ ଛାତ୍ର ଧର୍ମେନ୍ଦ୍ର ପ୍ରଧାନଙ୍କୁ ମନୋନୀତ କରାଯାଇଥିଲା। ସେହିପରି ପୂର୍ବତନ ସାଂସଦ ମହେଶ ସାହୁଙ୍କୁ କାର୍ଯ୍ୟକାରୀ ସଭାପତି ଭାବେ ମନୋନୀତ କରାଯାଇଥିଲା। ଇଂରାଜୀ ବିଭାଗ ଅଧ୍ୟାପକ ରୋହିତ ମିଶ୍ର ମଞ୍ଚ ପରିଚାଳନା କରିଥିବା ବେଳେ ଅଧ୍ୟାପକ ଶଶାଙ୍କ ଶେଖର ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। ପୁରାତନ ଛାତ୍ର ପରିଷଦ ପାଇଁ ସଦାସର୍ବଦା ଚିନ୍ତା କରୁଥିବା ଅଧ୍ୟାପକ ସ୍ୱର୍ଗତ ନିମାଇଁଚରଣ ପ୍ରଧାନଙ୍କ ଉଦ୍ଦେଶ୍ୟରେ ନିରବ ପ୍ରାର୍ଥନା କରାଯାଇଥିଲା। ବୈଠକରେ ଶତାଧିକ ପୁରାତନ ଛାତ୍ରଛାତ୍ରୀ ଓ କଲେଜର ସମସ୍ତ ଅଧ୍ୟାପକ, ଅଧ୍ୟାପିକା ଉପସ୍ଥିତ ଥିଲେ।

ହେମସୁରପଡ଼ା ଦୁର୍ଗାପୂଜା କମିଟି କର୍ମକର୍ତ୍ତା ଚୟନ

## ଅମରେଶ ସଭାପତି, ମନୋରଞ୍ଜନ ସାଧାରଣ ସମ୍ପାଦକ



ଅନୁଗୋଳ,୨୦।୭(ସମିସ): ୨୦୨୫-୨୬ ବର୍ଷ ପାଇଁ ରବିବାର ହେମସୁରପଡ଼ା ଦୁର୍ଗାପୂଜା କମିଟିର ନୂତନ କର୍ମକର୍ତ୍ତା ଚୟନ କରାଯାଇଛି। ହେମସୁରପଡ଼ା ଦୁର୍ଗାପୂଜା ମଣ୍ଡପରେ ଅନୁଷ୍ଠିତ ବୈଠକରେ ପ୍ରଥମେ ଗତବର୍ଷ ପୂଜାର ଆୟବ୍ୟୟ ଉପସ୍ଥାପନ କରାଯାଇଥିଲା। ପରେ ଅସ୍ଥାୟୀ ସଭାପତି ଅଭିମନ୍ୟୁ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ନୂତନ କର୍ମକର୍ତ୍ତା ଚୟନ କରାଯାଇଥିଲା। ସଭାପତି ଭାବେ ଅମରେଶ ଚନ୍ଦ୍ର ସ୍ୱାଇଁ, ଉପସଭାପତି ଅଶୋକ ଦଳବେହେରା, କଲୋଲକାନ୍ତ ସାହୁ, ସାଧାରଣ ସମ୍ପାଦକ ମନୋରଞ୍ଜନ ଦାସ, ସହସମ୍ପାଦକ ଅଶ୍ୱିନୀ ଦଳବେହେରା, ସୁଜିତ କୁମାର ବେହେରା, ବିକାଶ ସୁବୁଦ୍ଧି, ସେକ ଗରିବୁଲା, ନୌସାଦ ଅଲ୍ଲୀ, ଦିବ୍ୟରଞ୍ଜନ ଦାସ, ରତନ କୁମାର ଜେନା ଓ କୋଷାଧ୍ୟକ୍ଷ ଭାବେ ପ୍ରଶାନ୍ତ କୁମାର ଦଳବେହେରାଙ୍କୁ ଚୟନ କରାଯାଇଛି। ଏଥିସହ ବ୍ରହ୍ମାନନ୍ଦ ସ୍ୱାଇଁ, ଅଭିମନ୍ୟୁ ସ୍ୱାଇଁ, ରିଆଜୁଦ୍ଦିନ ଅହମ୍ମଦ, ମୁନୁ ଭୋଇ, ଶୁଭ୍ରାଂଶୁ ପ୍ରଧାନଙ୍କୁ ଉପଦେଷ୍ଟା ଭାବେ ଚୟନ କରାଯାଇଛି। ଚଳିତ ବର୍ଷ ଶାନ୍ତିଶୃଙ୍ଖଳା ସହିତ ଦୁର୍ଗାପୂଜା ଅନୁଷ୍ଠିତ ହେବ ବୋଲି ନୂତନ କର୍ମକର୍ତ୍ତା ପ୍ରକାଶ କରିଛନ୍ତି। ହେମସୁରପଡ଼ା ଦୁର୍ଗାପୂଜା ୬୧ ବର୍ଷ ହେବ ଶାନ୍ତିଶୃଙ୍ଖଳାରେ ଅନୁଷ୍ଠିତ ହୋଇଆସୁଛି। ଚଳିତ ବର୍ଷ ଦୁର୍ଗାପୂଜା, ସାଂସ୍କୃତିକ କାର୍ଯ୍ୟକ୍ରମ ସହ ଭବ୍ୟ ରାବଣପୋଡ଼ି କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ପୂଜା ପାଇଁ ୩୦ ଲକ୍ଷ ଟଙ୍କା ବ୍ୟୟ ଅଟକଳ ରଖାଯାଇଥିବା ସଭାପତି ସ୍ୱାଇଁ କହିଛନ୍ତି।

## ରୋଟାରୀ କ୍ଲବ ଅନୁଗୋଳର ଅଧିଷ୍ଠାନ ଦିବସ



ଅନୁଗୋଳ,୨୦।୭(ସମିସ): ରୋଟାରୀ କ୍ଲବ ଅନୁଗୋଳର ୫୨ତମ ଅଧିଷ୍ଠାନ ଦିବସ ରୋଟାରୀ ପବ୍ଲିକ ସ୍କୁଲ ସଭାଗୃହରେ ଆୟୋଜିତ ହୋଇଛି। ଡିଜିଏନ୍ ରୋଟାରିଆନ ଇନ୍ଦ୍ରଜିତ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ କ୍ଲବର ନୂତନ କର୍ମକର୍ତ୍ତାଙ୍କୁ ଶପଥପାଠ କରାଇବା ସହ ସଭାପତି ସୁଜିତ କୁମାର ସାହୁ ଏବଂ ସମ୍ପାଦକ ସଇଲେନ ମିଶ୍ରଙ୍କୁ ପୂର୍ବତନ ସଭାପତି ସରୋଜ କୁମାର ସାହୁ ଏବଂ ତାଙ୍କ ଟିମ୍‌ଠାରୁ ଦାୟିତ୍ୱ ହସ୍ତାନ୍ତର କରିଥିଲେ। ରୋଟାରୀ ବର୍ଷ ୨୦୨୫-୨୬ ପାଇଁ କ୍ଲବର ନୂତନ ସଭାପତି ଭାବେ ରୋଟାରିଆନ୍ ସୁଜିତ୍ କୁମାର ସାହୁ, ସମ୍ପାଦକ ସଇଲେନ୍ ମିଶ୍ର, ଉପସଭାପତି ଯଜ୍ଞେଶ୍ୱର ନାରାୟଣ ମିଶ୍ର, ଯୁଗ୍ମ ସମ୍ପଦକ ଜ୍ୟୋତିର୍ମୟ ତ୍ରିପାଠୀ, କୋଷାଧ୍ୟକ୍ଷ ନିଖିଲ ରଞ୍ଜନ ମିଶ୍ର, ଡାଇରେକ୍ଟର ଆଡମିନ ଦିଲୀପ କୁମାର ସାହୁ, ମେମ୍ବରସିପ୍ ଚିଦାନନ୍ଦ ମିଶ୍ର, ସର୍ଭିସ ପ୍ରୋଜେକ୍ଟ ଅଭିଷେକ ପଟ୍ଟନାୟକ, ପବ୍ଲିକ ସର୍ଭିସ ସତ୍ୟବ୍ରତ ସ୍ୱାଇଁ, ଫାଉଣ୍ଡେସନ ଶୁଦ୍ଧିନ୍ଦ୍ର ମୋହନ ଜେନା, ସର୍ଜେଣ୍ଟ ଆଟ ଆର୍ମସ୍ ଉଲ୍ଲାସ ଚମ୍ପତିରାୟ, କ୍ଲବ ଟ୍ରେନର ଭାବେ ଡ . ଦୀପକ କୁମାର ସିଂହ ପ୍ରମୁଖ ଶପଥ ନେଇଥିଲେ। ଜିଲ୍ଲାର ବିଭିନ୍ନ କ୍ଷେତ୍ରରେ ଶ୍ରେଷ୍ଠତା ପ୍ରଦର୍ଶନ କରିଥିବା ୭ ଜଣଙ୍କୁ କ୍ଲବ ପକ୍ଷରୁ ସମ୍ବର୍ଦ୍ଧିତ କରାଯିବା ସହ ରୋଟାରୀ ପବ୍ଲିକ ସ୍କୁଲର ୨୦୨୫ ସିବିଏସଇ ବୋର୍ଡ ପରୀକ୍ଷାରେ ୯୫ ପ୍ରତିଶତରୁ ଅଧିକ ମାର୍କ ରଖିଥିବା ୧୧ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏଥିସହ ୨୫ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ରୋଟାରୀ କ୍ଲବ ଅନୁଗୋଳର ସମସ୍ତ କାର୍ଯ୍ୟକ୍ରମ ଏବଂ ସଫଳତାର ସାରଥି ସାଜିଥିବା ୫ ଜଣ ବରିଷ୍ଠ କର୍ମକର୍ତ୍ତା ରୋଟାରିଆନ୍ ନିଖିଲ ରଞ୍ଜନ ମିଶ୍ର, ରୋଟାରିଆନ ନିର୍ମଳ କୁମାର ମିଶ୍ର, ରୋଟାରିଆନ ଶୁଦ୍ଧିନ୍ଦ୍ର ମୋହନ ଜେନା, ରୋଟାରିଆନ ଚିଦାନନ୍ଦ ମିଶ୍ର ଏବଂ ରୋଟାରିଆନ ଦୀପକ କୁମାର ସିଂହଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା।

## ସ୍ୱାଧୀନତା ସଂଗ୍ରାମୀଙ୍କ ତିରୋଧାନ ଦିବସ ପାଳିତ



କଣିହାଁ,୨୦।୭(ସମିସ): କଣିହାଁ ବ୍ଲକ ବିଜିଗୋଳସ୍ଥିତ ଦାଶରଥି ପାଣି ସ୍ମୃତି ଟ୍ରଷ୍ଟ ଆନୁକୂଲ୍ୟରେ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ସ୍ୱର୍ଗତ ଦାଶରଥି ପାଣିଙ୍କ ୧୧୪ତମ ତିରୋଧାନ ଦିବସ ପାଳିତ ହୋଇଛି। ସ୍ୱର୍ଗତ ପାଣିଙ୍କ ବିଜିଗୋଳସ୍ଥିତ ବାସଭବନରେ ଟ୍ରଷ୍ଟର ସଭାପତି ଦୁଃଶାସନ ସାହୁଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବେ ଶିଶୁ ସାହିତ୍ୟିକ ନିର୍ଭୟ କୁମାର ପାଣି, ସମାଜସେବୀ ଶିବପ୍ରସାଦ ରାଉତ, ଅବସରପ୍ରାପ୍ତ ଶିକ୍ଷକ ଭଗୀରଥି ପାଣି, ସଂଗ୍ରାମୀ ସ୍ୱର୍ଗତ ପାଣିଙ୍କ କନ୍ୟା ବୀଣାପାଣି ଧର, ସାମ୍ବାଦିକ ରଞ୍ଜନ ମିଶ୍ର, ହୃଷୀକେଶ ସାହୁ ପ୍ରମୁଖ ଯୋଗଦେଇ ସଂଗ୍ରାମୀଙ୍କ ଫଟୋଚିତ୍ରରେ ମଲ୍ୟାର୍ପଣ କରି ସ୍ମୃତିଚାରଣ କରିଥିଲେ। ଯୁବସମାଜ ଦାଶରଥିଙ୍କ ଆଦର୍ଶରେ ଅନୁପ୍ରାଣିତ ହେଲେ ଦେଶ ତଥା ରାଜ୍ୟର ବିକାଶ ହୋଇପାରିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଟ୍ରଷ୍ଟ ସମ୍ପାଦକ ତଥା ଦାଶରଥିଙ୍କ ନାତି ସ୍ମୃତିରଞ୍ଜନ ପାଣି ଓ କୋଷାଧ୍ୟକ୍ଷ ପିଣ୍ଟୁ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ସଭ୍ୟ ସୁଧାଂଶୁ ସାହୁ ଅତିଥି ପରିଚୟ ଓ କୃଷ୍ଣଚନ୍ଦ୍ର ପାଣି ଧନ୍ୟବାଦ ଅର୍ପଣ କରିଥିଲେ। ସଭ୍ୟ ସୁମନ୍ତ ସାହୁ, ମୁରଲୀ ସାହୁ, ଟୁଲୁ ପାଣି, ପୂର୍ଣ୍ଣଚନ୍ଦ୍ର ସାହୁଙ୍କ ସମେତ ବହୁ ବୁଦ୍ଧିଜୀବୀ ତଥା ସ୍ୱର୍ଗତ ପାଣିଙ୍କ ପରିବାର ସଦସ୍ୟ ଉପସ୍ଥିତ ଥିଲେ।

ଚାଷୀ ସୁରକ୍ଷା କମିଟିର କାର୍ଯ୍ୟକାରିଣୀ ବୈଠକ

## ଚକବନ୍ଦୀ ଉଚ୍ଛେଦ ସମ୍ପର୍କରେ ଟାଳଟୁଳ ନୀତିକୁ ନେଇ କ୍ଷୋଭ

ଅନୁଗୋଳ,୨୦।୭(ସମିସ)



ଅନୁଗୋଳ ଚାଷୀ ସୁରକ୍ଷା କମିଟିର ସମସ୍ତ କାର୍ଯ୍ୟକର୍ତ୍ତାଙ୍କୁ ନେଇ ଶିକ୍ଷକପଡ଼ା ନବକୃଷ୍ଣ ଚୌଧୁରୀ ସ୍ମୃତିପାଠାଗାରରେ ରବିବାର ଏକ ବୈଠକ ଅନୁଷ୍ଠିତ ହୋଇଛି। କମିଟି ସଭାପତି ପ୍ରଦୀପ କୁମାର ପ୍ରଧାନ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ପରେ ଜିଲ୍ଲାର ୯୨ଖଣ୍ଡ ଚକବନ୍ଦୀ ଅଧ୍ୟୁଷିତ ଗ୍ରାମଗୁଡ଼ିକରୁ ଚକବନ୍ଦୀ ଉଚ୍ଛେଦ ସମ୍ପର୍କରେ ସରକାରୀ ପଦକ୍ଷେପ ସମ୍ପର୍କରେ ଆଲୋଚନା ହୋଇଥିଲା। ବିଭିନ୍ନ ପର୍ଯ୍ୟାୟରେ ସରକାରଙ୍କୁ ଚକବନ୍ଦୀ ଉଚ୍ଛେଦ ସମ୍ପର୍କରେ ଅବଗତ ଓ ଚାପ ପ୍ରୟୋଗ କରାଯାଇଥିଲେ ମଧ୍ୟ କୌଣସି ପଦକ୍ଷେପ ନିଆଯାଇନାହିଁ। ସରକାରଙ୍କ ଏହି ଟାଳଟୁଳ ନୀତି ଯୋଗୁଁ ବୈଠକରେ କ୍ଷୋଭ ପ୍ରକାଶ ପାଇଥିଲା।

### ଚକବନ୍ଦୀ ଉଚ୍ଛେଦ ଦାବିରେ ଆନ୍ଦୋଳନ ତୀବ୍ର କରିବାକୁ ନିଷ୍ପତ୍ତି

ବର୍ତ୍ତମାନ ୩ୟ ଓ ୪ର୍ଥ ରେଳପଥ ଜମି ଅଧିଗ୍ରହଣକୁ ବିରୋଧ କରାଯାଇଥିଲା। ସରକାର ଉକ୍ତ ଅଞ୍ଚଳରେ ଜମିର ମାଲିକାନା ସତ୍ତ୍ୱ ଉପରେ କୌଣସି ନିର୍ଦ୍ଦିଷ୍ଟ ପଦକ୍ଷେପ ନ ନେଇ ୪୩ବର୍ଷ ହେଲା ଏହାକୁ ଝୁଲନ୍ତା ଅବସ୍ଥାରେ ରଖିଛନ୍ତି। ତେଣୁ ଜମିର କ୍ରୟ ବିକ୍ରୟ କ୍ଷେତ୍ରରେ ଏହା ପ୍ରତିବନ୍ଧକ ସୃଷ୍ଟି କରୁଛି। ଅଧିକନ୍ତୁ ଚକ ଅଧ୍ୟୁଷିତ ଅଞ୍ଚଳରେ ହେଉଥିବା ଜମି ଅଧିଗ୍ରହଣ ବେଳେ ଜମି ମାଲିକମାନଙ୍କୁ ଉଚିତ୍ ମୂଲ୍ୟ ଦିଆଯାଉନାହିଁ। କାରଣ ଦୀର୍ଘ ବର୍ଷ ହେଲା ଏଠାରେ କୌଣସି ଜମି କ୍ରୟ ବିକ୍ରୟ ମୂଲ୍ୟାୟନ ପ୍ରମାଣ ନାହିଁ। ଏକକ ତହସିଲରେ ସର୍ବୋଚ୍ଚ ମୂଲ୍ୟ ପ୍ରଜାଙ୍କୁ କ୍ଷତିପୂରଣ ଦିଆଯିବା ପାଇଁ ପ୍ରସ୍ତାବ ଦିଆଯାଇଥିଲା। ତେଣୁ ଚାଷୀ ସୁରକ୍ଷା କମିଟି ଚକବନ୍ଦୀକୁ ଉଚ୍ଛେଦ ଦାବିରେ ଆନ୍ଦୋଳନକୁ ତୀବ୍ର କରିବା ପାଇଁ ଜନଜାଗରଣ ସୃଷ୍ଟି କରିବାକୁ ବୈଠକରେ ସର୍ବସମ୍ମତିକ୍ରମେ ମତ ପ୍ରକାଶ ପାଇଛି। ବୈଠକରେ ସମ୍ପାଦକ ହେମନ୍ତ କୁମାର ଦାସ ସରକାରଙ୍କ ରାଜସ୍ୱ ବିଭାଗ ସହ ଯୋଗାଯୋଗ ରଖିଥିବା ବିଷୟରେ ଅବଗତ କରିଥିଲେ। କାଳୀଚରଣ ପ୍ରଧାନ, ଅନନ୍ତ ସାହୁ, ଅଭୟ ସାହୁ, ଯୁଗଳ ନାଥ, ରବୀନ୍ଦ୍ର ଧର, ଦୁର୍ଯ୍ୟୋଧନ କର, ଅର୍ଜୁନ ମାଝୀ, ହର୍ଷବର୍ଦ୍ଧନ ସାହୁ, ସର୍ବେଶ୍ୱର ବେହେରା, ବ୍ରଜବନ୍ଧୁ ସାହୁ, ରବି ସାହୁ, ବିଶ୍ୱଜିତ ପ୍ରଧାନ, ଭଜମନ ସାହୁ, ପ୍ରଦୀପ ନାଥ, ସ୍ୱାଗତିକା ନାଥ ଓ ହାଡ଼ିବନ୍ଧୁ ପ୍ରଧାନ ପ୍ରମୁଖ ବୈଠକରେ ଉପସ୍ଥିତ ଥିଲେ। କମିଟି ସଭ୍ୟ ପୁରୁଣାଗଡ଼ର ଶେଷଦେବ ଡାଙ୍ଗଙ୍କ ଦେହାନ୍ତ ହେତୁ ତାଙ୍କ ଉଦ୍ଦେଶ୍ୟରେ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା।

## କମୁଛି ବନ୍ୟା: ବଢୁଛି ଦୁର୍ଦ୍ଦଶା

# ଗୋଖାଦ୍ୟ ବଣ୍ଟନ ତଦାରଖ କଲେ ଅଧକ୍ଷ ଓ ବିଡିଓ



ପଟ୍ଟାମୁଣ୍ଡାଇ,୨୦।୭ (ସମିସ): ପଟ୍ଟାମୁଣ୍ଡାଇ ଅଞ୍ଚଳରେ ବନ୍ୟା ପରିସ୍ଥିତିରେ ସୁଧାର ଆସିଛି। ବନ୍ୟା ଜଳ ଧୀରେ ଧୀରେ ହ୍ରାସ ପାଇବାରେ ଲାଗିଛି। ଗୋଖାଦ୍ୟ ଅଭାବରୁ ବନ୍ୟା ଘେରରେ ଥିବା ଗୃହପାଳିତ ପଶୁ ଚରିବାକୁ ଯାଇପାରୁନାହାନ୍ତି। କେନ୍ଦ୍ରାପଡ଼ା ଜିଲ୍ଲାପାଳ ସ୍ମୃତିରଞ୍ଜନ ପ୍ରଧାନଙ୍କ ନିର୍ଦ୍ଦେଶରେ ପଟ୍ଟାମୁଣ୍ଡାଇ ବ୍ଲକରେ ଗୋଖାଦ୍ୟ ବଣ୍ଟନ ଆରମ୍ଭ ହୋଇଛି। ଆଜି ପଟ୍ଟାମୁଣ୍ଡାଇ ବ୍ଲକ ଅଧକ୍ଷ ପ୍ରଦ୍ୟୁମ୍ନ ସାମନ୍ତରାୟ, ବିଡିଓ ଅଶୋକ ମହାନ୍ତି ବନ୍ୟା ବିପନ୍ନ ବଳଭଦ୍ରପୁର ଓ ଡାମରପୁର ପଞ୍ଚାୟତକୁ ଯାଇ ଗୋଖାଦ୍ୟ ବଣ୍ଟନ ସମ୍ପର୍କରେ ବଳଭଦ୍ରପୁର ସରପଞ୍ଚ ପ୍ରିୟବ୍ରତ ଓଝା ଓ ଡାମରପୁର ସରପଞ୍ଚ ପ୍ରତିନିଧି ବସନ୍ତ ନାଥଙ୍କ ଉପସ୍ଥିତିରେ ଗୋଖାଦ୍ୟ ବଣ୍ଟନ ବ୍ୟବସ୍ଥା ଓ ବନ୍ୟା ସ୍ଥିତି ସମ୍ପର୍କରେ ସମୀକ୍ଷା କରି ଲୋକଙ୍କ ସୁବିଧା ପାଇଁ ଆବଶ୍ୟକ ସମସ୍ତ ପଦକ୍ଷେପ ନେବାକୁ ପଞ୍ଚାୟତ ନିର୍ବାହୀ ଅଧିକାରୀ ଓ ବ୍ଲକ କର୍ମଚାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

ବଳଭଦ୍ରପୁର ପଞ୍ଚାୟତ ପାଇଁ ୨୨ କ୍ୱିଣ୍ଟାଲ, ଡାମରପୁର ପାଇଁ ୨୬ କ୍ୱିଣ୍ଟାଲ, ଶ୍ରୀରାମପୁର ପାଇଁ ୪୦ କ୍ୱିଣ୍ଟାଲ, ବାଛରା ୨୦ କ୍ୱିଣ୍ଟାଲ, ଅଣ୍ଡରା ୩୫ କ୍ୱିଣ୍ଟାଲ, ବାଲିପାଟଣା ୩୨. ୫ କ୍ୱିଣ୍ଟାଲ, ଅମୃତମଣୋହି ୨୫ କ୍ୱିଣ୍ଟାଲ, ଙ୍କିରଗାଁ ୩୭ କ୍ୱିଣ୍ଟାଲ, ବଲ୍ଲୁଆ ୨୨. ୫ କ୍ୱିଣ୍ଟାଲ, ପେଣ୍ଠପାଳ ୪୮. ୫ କ୍ୱିଣ୍ଟାଲ, ଶାସନ ୧୫ କ୍ୱିଣ୍ଟାଲ, ନାଳକଣ୍ଠପୁର ୩୦ କ୍ୱିଣ୍ଟାଲ, ଅଳପୁଆ ୪୪. ୫ କ୍ୱିଣ୍ଟାଲ, ତରଡ଼ିପାଳ ୩୮. ୫ କ୍ୱିଣ୍ଟାଲ ଗୋଖାଦ୍ୟ ମଞ୍ଜୁର କରାଯାଇଛି। ଅଣ୍ଡରାରେ ସରପଞ୍ଚ କଳ୍ପନା ଜେନା, ଅମୃତମଣୋହିରେ ସରପଞ୍ଚ ନିରୁପମା ଦାସ, ବଲ୍ଲୁଆରେ ସରପଞ୍ଚ ଦେବକୀ ମଲ୍ଲିକ, ପେଣ୍ଠପାଳରେ ସରପଞ୍ଚ ଅନ୍ନପୂର୍ଣ୍ଣା ସେଠୀ, ତରଡ଼ିପାଳରେ ସରପଞ୍ଚ ଦେବବ୍ରତ ନାୟକ, ଙ୍କିରଗାଁରେ ସରପଞ୍ଚ ଗଣେଶ ଦାସ, ଅଳପୁଆରେ ସରପଞ୍ଚ ପଦ୍ମିନୀ ବେହେରା, ଶ୍ରୀରାମପୁରରେ ସରପଞ୍ଚ ସସ୍ମିତା ସେଠୀ ଓ ଶାସନରେ ସରପଞ୍ଚ ସଂଗ୍ରାମ ବାରିକ ଓ ସମିତି ସଭ୍ୟା ତଲି ପରିଡ଼ାଙ୍କ ତତ୍ତ୍ୱାବଧାନ ଓ ପଞ୍ଚାୟତ ନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଗୋଖାଦ୍ୟ ବଣ୍ଟନ ଆରମ୍ଭ ହୋଇଛି।

■ ଏବେବି ବହୁ ଅଞ୍ଚଳ ବିଚ୍ଛିନ୍ନ
■ ଲାଗିରହିଛି କୁମ୍ଭୀର ଭୟ

ବନ୍ୟା ଜଳ ହ୍ରାସ ପାଉଥିଲେ ମଧ୍ୟ ଲୋକେ ଦୁର୍ଦ୍ଦଶା ମଧ୍ୟରେ ଅଛନ୍ତି। ବନ୍ୟା ଯୋଗୁଁ ପଟ୍ଟାମୁଣ୍ଡାଇ ବ୍ଲକର ୧୪ ପଞ୍ଚାୟତ ଓ ପୌରାଞ୍ଚଳର ୧୯ଟି ୱାର୍ଡର ପ୍ରାୟ ୫୦ ହଜାରରୁ ଉର୍ଦ୍ଧ୍ୱ ଲୋକ ଓ ୧୫ ହଜାର ଗୃହପାଳିତ ପଶୁ ଜଳବନ୍ଦୀ ହୋଇପଡିଛନ୍ତି। ପଟ୍ଟାମୁଣ୍ଡାଇ ବ୍ଲକର ସବୁଠାରୁ ଦୁର୍ଗମ ଅଞ୍ଚଳ ଭାବେ ପରିଚିତ ଙ୍କିରଗାଁ ପଞ୍ଚାୟତ ବାହ୍ୟଜଗତରୁ ବିଚ୍ଛିନ୍ନ ରହିଛି। ଙ୍କିରଗାଁ ପଞ୍ଚାୟତର ଙ୍କିରଗାଁ, କୃଷ୍ଣଦାସପୁର, ରାଉଳିଆଡିହା, ପାଣିସାଗିଳିଆ ଆଦି ଗ୍ରାମ ରହି ଏବେବି ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇପଡିଛି। ଅଳପୁଆ ପଞ୍ଚାୟତର ଗୋଳିଆକଣ, ବିଲମଲିକସାହି, ବେହେରାସାହି, ମିଶ୍ରବାଗ, ସେଠୀସାହି, ଜେନାସାହି, ପାହାନ୍ତସିଂହ ସାହି, ତରଡ଼ିପାଳ ପଞ୍ଚାୟତର ଘୋଷରାକୂଳ, ଗୋପାଳପୁର, ଜେନାସାହି, ବିଶାଳସାହି, ନାଥସାହି, ମଲିକସାହି, ଘାଗରାଡିହା, ପେଣ୍ଠପାଳ ପଞ୍ଚାୟତର କୁଳସାହି, କୋଳଥିଆ, ବାଲିକିରା, ଦାଣ୍ଡିସାହି, ଅଣ୍ଡରା ପଞ୍ଚାୟତର ବ୍ରହ୍ମପୁର, ବିଷ୍ଣୁପୁର, ବ୍ରାହ୍ମଣସାହି, ଦାଣ୍ଡିଉପର, ଅମୃତମଣୋହି ପଞ୍ଚାୟତର ନୂଆଡିଆ, ଜଗନ୍ନାଥପୁର, ଶାନ୍ତିପଡ଼ା, ବିଦ୍ୟାଳି, ବଲ୍ଲୁଆ ପଞ୍ଚାୟତର ପୁଳପାଟଣା ଆଦି ବହୁ ଗ୍ରାମ ଓ ହଜାର ହଜାର ଏକର ଚାଷଜମି ଜଳମଗ୍ନ ହୋଇରହିଛି। ସମ୍ପ୍ରତି ବନ୍ୟା ବିପନ୍ନ ବିଭିନ୍ନ ଅଞ୍ଚଳରେ କୁମ୍ଭୀର ଦେଖାଯାଉଥିବା ଖବର ଜଣାପଡିବା ପରେ ଲୋକଙ୍କ ମଧ୍ୟରେ ଆତଙ୍କ ସୃଷ୍ଟି ହୋଇଛି। ଫଳରେ ଲୋକେ ଘରୁ ବାହାରିବା ପାଇଁ ଭୟ କରୁଛନ୍ତି।

ସେହିପରି ପଟ୍ଟାମୁଣ୍ଡାଇ ବ୍ଲକର ଶ୍ରୀରାମପୁର, ଡାମରପୁର, ନାଳକଣ୍ଠପୁର, ବାଲିପାଟଣା, ବାଛରା, ବଳଭଦ୍ରପୁର ଶାସନ ଆଦି ପଞ୍ଚାୟତର ବିଭିନ୍ନ ଅଞ୍ଚଳ ଓ ଚାଷଜମି ଜଳମଗ୍ନ ହୋଇପଡ଼ିଛି। ରାସ୍ତା ବୁଡ଼ିଯାଇଥିବାରୁ ଯାତାୟାତ କ୍ଷେତ୍ରରେ ଅସୁବିଧା ସୃଷ୍ଟି ହୋଇଛି। ବନ୍ୟା ବିପନ୍ନ ପଟ୍ଟାମୁଣ୍ଡାଇ ଧୋୟାଅଞ୍ଚଳର ହଜାର ହଜାର ଏକର ଚାଷ ଜମି ବନ୍ୟାଜଳରେ ବୁଡି ରହିଥିବାରୁ ପନିପରିବା ସମେତ ବିଭିନ୍ନ ଫସଲହାନୀ ଘଟିଛି।

# ବ୍ରାହ୍ମଣୀରେ ବନ୍ୟା; ୫ ପଞ୍ଚାୟତ ପ୍ରଭାବିତ







■ ବନ୍ୟାଞ୍ଚଳରେ ନେତାଙ୍କ ଭିଡ଼
■ ଲୋକଙ୍କୁ ଘାରିଛି କୁମ୍ଭୀର ଭୟ

ରାଜନଗର, ୨୦।୭ (ସମିସ): ବ୍ରାହ୍ମଣୀ ନଦୀରେ ବନ୍ୟା ଯୋଗୁଁ ରାଜନଗର ବ୍ଲକ୍‌ର ବନ୍ଧପଡ଼ା, ଓସ୍ତିଆ, ବେଲପାଳ, ରାଜପୁର, କେରଡ଼ାଗଡ଼ ପଞ୍ଚାୟତର ୨୫ ହଜାର ଲୋକ ୧୦ ଦିନ ଧରି ଜଳବନ୍ଦୀ ଅଛନ୍ତି। ବିପନ୍ନଙ୍କ ପାଖରେ ପ୍ରଶାସନ ପହଞ୍ଚିପାରିନାହିଁ। ଗାଁରେ ନଳକୂପ, ପାଇଖାନା ପାଣିରେ ବୁଡ଼ିଯାଇଥିବାରୁ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ଡଙ୍ଗା ନ ଥିବାରୁ ଟ୍ରାକ୍ଟର ଓ ପାଣିରେ ପହଁରି ଭେଡା ଅଞ୍ଚଳରୁ ପିଇବା ପାଣି, ଖାଦ୍ୟ ସାମଗ୍ରୀ ସଂଗ୍ରହ କରୁଛନ୍ତି। ଏବେ ବନ୍ୟାଞ୍ଚଳରେ ଲୋକଙ୍କ ଭିଡ଼ ଲାଗିଛି। ରାଜନଗର ବିଧାୟକ ଧ୍ରୁବ ସାହୁ, ପୂର୍ବତନ ବିଧାୟକ ଅଂଶୁମାନ ମହାନ୍ତି, ବିଜେପି ନେତା ଲଳିତ କୁମାର ବେହେରାଙ୍କ ସମେତ କଂଗ୍ରେସ ଯୁବନେତା ପ୍ରଶାନ୍ତ ରାଉତ ପ୍ରମୁଖ ବନ୍ୟାଞ୍ଚଳ ପରିଦର୍ଶନ କରି ବିପନ୍ନ ଲୋକଙ୍କୁ ଭେଟୁଛନ୍ତି। ଲୋକଙ୍କ ପାଖରେ ରିଲିଫ ପହଞ୍ଚି ପାରୁନଥିବାରୁ ଲୋକେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଉଛି। ବଉଳା କୁମ୍ଭୀର ଭୟ ବିଶ୍ୱ ପ୍ରସିଦ୍ଧ ଭିତରକନିକା ଜାତୀୟ ଉଦ୍ୟାନରେ ପ୍ରବାହିତ ନଦୀ ନାଳରେ ଶହ ଶହ ବଉଳା କୁମ୍ଭୀର ବସବାସ କରୁଛନ୍ତି। ବନ୍ୟା ଆସିବା ଦ୍ୱାରା ଭିତରକନିକାକୁ ସଂଯୋଗ କରୁଥିବା ବ୍ରାହ୍ମଣୀ, ବୈତରଣୀ ଓ ଖରସ୍ରୋତା ନଦୀକୁ ବଢ଼ିପାଣିରେ ଖସି ଆସିଥିବା କୁମ୍ଭୀର ନଦୀକୂଳିଆ ଲୋକଙ୍କ ନିଦ ହଜାଇ ଦେଇଛି।

**ଗୃହପାଳିତ ପଶୁ ପ୍ରଭାବିତ:** ବନ୍ୟା ଫଳରେ ରାଜନଗର ବ୍ଲକ୍‌ର ୫ଟି ପଞ୍ଚାୟତର ୫ ହଜାର ଗୃହପାଳିତ ପଶୁ ପ୍ରଭାବିତ ହୋଇଛନ୍ତି। ୭ ଦିନ ପରେ ଆଜି ପଶୁ ବିଭାଗ ପକ୍ଷରୁ ୨୫୦ ପ୍ୟାକେଟ ଗୋଖାଦ୍ୟ ରାଜନଗର ପ୍ରାଣୀ ଚିକିତ୍ସାଳୟ ପକ୍ଷରୁ ଚାଷୀଙ୍କୁ ପ୍ରଦାନ କରାଯାଇଛି। ପଶୁ ଚିକିତ୍ସାଧିକାରୀ ଡା. ଅକ୍ଷୟ କୁମାର ଦଳାଇ, ଡା. ପ୍ରକାଶ ଜେନା ତାଙ୍କ ଟିମ ସହ ପାଣି ଘେରରେ ଥିବା ପଶୁଙ୍କୁ ଗୋଖାଦ୍ୟ ବଣ୍ଟନ କରିଛନ୍ତି।

## ବନ୍ୟାଞ୍ଚଳରେ ୭ ଦିନ ରିଲିଫ୍ ଓ ଗୋଖାଦ୍ୟ ବଣ୍ଟନ ଦାବି

ପଟ୍ଟାମୁଣ୍ଡାଇ,୨୦।୭ (ସମିସ): ବ୍ରାହ୍ମଣୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଥିବାରୁ ବ୍ୟାପକ ଅଞ୍ଚଳ ଜଳମଗ୍ନ ହୋଇପଡ଼ିବା ସହିତ ଗାଁରେ ପାଣି ପଶିଛି। ପଟ୍ଟାମୁଣ୍ଡାଇ ବ୍ଲକ୍‌ର ୧୪ଟି ପଞ୍ଚାୟତ ଓ ପଟ୍ଟାମୁଣ୍ଡାଇ ପୌର ପରିଷଦର ୯ଟି ୱାର୍ଡରେ ବନ୍ୟା ତାଣ୍ଡବ ରଚିଛି। ଯଦିଓ ଜଳପ୍ରବାହ ସାମାନ୍ୟ ହ୍ରାସ ପାଇଛି, ଏବେବି ବନ୍ୟାଞ୍ଚଳ ଲୋକଙ୍କ ମୁଣ୍ଡବ୍ୟଥାର କାରଣ ହୋଇଛି। ଚଳିତ ବନ୍ୟାରେ ୭୦ ହଜାରରୁ ଅଧିକ ଲୋକ ଓ ୧୫ ହଜାରରୁ ଉର୍ଦ୍ଧ୍ୱ ଗୃହପାଳିତ ପଶୁ ବନ୍ୟା ଘେରରେ ରହି ଦୁର୍ଦ୍ଦଶା ଭୋଗ କରୁଛନ୍ତି। ବନ୍ୟା ପ୍ରପୀଡ଼ିତ ଲୋକଙ୍କୁ ୭ ଦିନର ରିଲିଫ ଯୋଗାଣ ସହିତ ଗୃହପାଳିତ ପଶୁଙ୍କ ପାଇଁ ଗୋଖାଦ୍ୟ ଯୋଗାଇ ଦେବାକୁ ବରିଷ୍ଠ ରାଜନେତା ନୃସିଂହ ଚରଣ ଆଚାର୍ଯ୍ୟ ଦାବି କରିଛନ୍ତି। ସେହିପରି ବନ୍ୟାଞ୍ଚଳରେ ବିଦ୍ୟୁତ ଯୋଗାଣ ସ୍ୱାଭାବିକ କରିବା, ପାନୀୟଜଳ ଯୋଗାଇ ଦେବା ସଙ୍ଗେ ସଙ୍ଗେ ବ୍ଲିଚିଂ, ଔଷଧ ଯୋଗାଇ ଦେବା, ସ୍ୱାସ୍ଥ୍ୟକେନ୍ଦ୍ରରେ ସାପ କାମୁଡ଼ା ଇଞ୍ଜେକ୍ସନ ମହଜୁଦ ରଖିବା ପାଇଁ ଶ୍ରୀ ଆଚାର୍ଯ୍ୟ ଦାବି କରିଛନ୍ତି।

## ବିଜେପି ଜିଲ୍ଲା ସଭାପତିଙ୍କ ବନ୍ୟାଞ୍ଚଳ ପରିଦର୍ଶନ



ଆଳି, ୨୦।୭ (ସମିସ): ବନ୍ୟା ପ୍ରଭାବିତ ନୂଆପଡ଼ା ପଞ୍ଚାୟତର ସିଦ୍ଧବାଲି ଗ୍ରାମକୁ ଆଜି ବିଜେପି ଜିଲ୍ଲା ସଭାପତି ଶଶାଙ୍କ ଶେଖର ସେଠୀ ପରିଦର୍ଶନରେ ଯାଇଥିଲେ। ଶ୍ରୀ ସେଠୀ ସେଠାରେ ଲୋକଙ୍କ ସମସ୍ୟା ବୁଝିବା ସହ ଆଳି ପ୍ରଶାସନ ସହ ଆଲୋଚନା କରିଥିଲେ। ବନ୍ୟା ଯୋଗୁଁ ପେଟପଡା ଓ ନୂଆପଡା ସହିତ ପାଖାପାଖି ଅନ୍ୟ କିଛି ଅଞ୍ଚଳ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଥିଲା। ପ୍ରଶାସନ ପକ୍ଷରୁ ସେପରି କିଛି ଆଶ୍ରୟସ୍ଥଳୀ ପଦକ୍ଷେପ ଗ୍ରହଣ କରାଯାଇ ନ ଥିଲା। ଗତକାଲି କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡା ବନ୍ୟାଞ୍ଚଳ ପରିଦର୍ଶନ କରିଥିଲେ। ପରେ ଅପରାହ୍ନରେ ଏକ ତାଲିକା ପ୍ରସ୍ତୁତ କରାଯାଇ କିଛି ଗୋଖାଦ୍ୟ ବନ୍ୟା ପ୍ରଭାବିତ ଅଞ୍ଚଳକୁ ପଠାଯାଇଛି। ଆଜି ଶ୍ରୀ ସେଠୀ ଉକ୍ତ ବନ୍ୟା ପ୍ରପୀଡ଼ିତ ଅଞ୍ଚଳ ପରିଦର୍ଶନ କରିଥିଲେ। ଶ୍ରୀ ସେଠୀଙ୍କ ସହ କଲ୍ପତରୁ ଦାସ, ଗିରିଜା ଦାସ, ରଘୁମଣି ସାହୁ, ସ୍ଥାନୀୟ ୱାର୍ଡ ସଭ୍ୟ ଗଣେଶ ଚରାଇ ଓ ଦୀନବନ୍ଧୁ ଚରାଇ ପ୍ରମୁଖ ଉପସ୍ଥିତ ଥିଲେ।

## ସ୍ୱେଚ୍ଛାସେବୀ ଅନୁଷ୍ଠାନ ପକ୍ଷରୁ ଗୋଖାଦ୍ୟ ବଣ୍ଟନ




ଆଳି, ୨୦।୭ (ସମିସ): ଆଳି ବ୍ଲକ୍‌ର ସ୍ୱେଚ୍ଛାସେବୀ ଅନୁଷ୍ଠାନ ଧୋୟା କ୍ରିକେଟ୍ ଆସୋସିଏସନ୍ ଓ ଧୋୟା ସୋସିଆଲ୍ ୱେଲଫେୟାର୍ ଆସୋସିଏସନ୍ ପକ୍ଷରୁ ପେଟପଡ଼ା ଓ ଖରଖରି ଗ୍ରାମରେ ଗୋଖାଦ୍ୟ ବଣ୍ଟନ କରାଯାଇଛି। ଅନୁଷ୍ଠାନ ପକ୍ଷରୁ ୩୦ କ୍ୱିଣ୍ଟାଲରୁ ଅଧିକ ଗୋଖାଦ୍ୟ ବଣ୍ଟନ କରାଯାଇଥିବା ଜଣାପଡ଼ିଛି। ଆସୋସିଏସନ୍‌ର ସଦସ୍ୟ ଡଙ୍ଗା ଯୋଗେ ବନ୍ୟା ପ୍ରଭାବିତ ଗାଁରେ ପହଞ୍ଚି ଗୋଖାଦ୍ୟ ପ୍ରଦାନ କରିଥିବା ଅନୁଷ୍ଠାନର ସମ୍ପାଦକ ସୁନୀଲ ପରିଡ଼ା ସୂଚନା ଦେଇଛନ୍ତି।

## ବିଧାୟକଙ୍କ ବାଲିପାଟଣା ବନ୍ୟାଞ୍ଚଳ ପରିଦର୍ଶନ

ପଟ୍ଟାମୁଣ୍ଡାଇ, ୨୦।୭ (ସମିସ): କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା ପଟ୍ଟାମୁଣ୍ଡାଇ ବ୍ଲକ୍ ବାଲିପାଟଣା ପଞ୍ଚାୟତର ଖଡ଼ିପାଳ, ତଳବାଲିପାଟଣା, ଉପରବାଲିପାଟଣା, ଆଗରପଡ଼ିଆ ପ୍ରଭୃତି ଗ୍ରାମ ଓ ପଡ଼ାଗ୍ରାମ ଗସ୍ତ କରି ବନ୍ୟାସ୍ଥିତି ପରଖିବା ସହିତ ବିପନ୍ନଙ୍କ ଅବସ୍ଥା ଦେଖିଥିଲେ। ଗୃହପାଳିତ ପଶୁଙ୍କ ଖାଦ୍ୟ ଅତ୍ୟନ୍ତ ଜରୁରୀ ହୋଇପଡ଼ିଥିବାରୁ ତୁରନ୍ତ ଗୋଖାଦ୍ୟ ଓ ୭ ଦିନର ରିଲିଫ ସାମଗ୍ରୀ ଯୋଗାଇବାକୁ ଜିଲ୍ଲାପାଳ ନିକଟରେ ଦାବି କରିଥିଲେ। ବିଧାୟକଙ୍କ ସହିତ ଜିଲ୍ଲା ପରିଷଦ ସଭ୍ୟା ପ୍ରିୟଦର୍ଶିନୀ ତରାଇ, ଅମୂଲ୍ୟ ପ୍ରଧାନ, ଅବିନାଶ ଲେଙ୍କା, ଲକ୍ଷ୍ମୀଧର ବାରିକ, ଗଣାଧର ନାୟକ, ସନ୍ତୋଷ ସାହୁ, ସୌରଭ ନାୟକ, ସୌମ୍ୟରଞ୍ଜନ ସାହୁ, ସୌମେନ୍ଦ୍ର ନାୟକ, ବିଶ୍ୱଜିତ ସାହୁ, ଶୁଭରଞ୍ଜନ ସାହୁ, ସରୋଜ ସାହୁ, ସଞ୍ଜୟ ବିଶାଳ, ହେମନ୍ତ ବିଶାଳ, ସାଇକ୍ରିଷ୍ଣା ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ଶିବାନନ୍ଦ ସରସ୍ୱତୀଙ୍କ ପୂଣ୍ୟତିଥି ପାଳିତ



କେନ୍ଦ୍ରାପଡ଼ା,୨୦।୭ (ସମିସ): ଗରାପୁରସ୍ଥ ଶିବାନନ୍ଦ ଆଶ୍ରମରେ ସ୍ୱାମୀ ଶିବାନନ୍ଦ ସରସ୍ୱତୀଙ୍କ ୬୨ତମ ପୂଣ୍ୟତିଥି ପାଳିତ ହୋଇଯାଇଛି। ଏ ଉପଲକ୍ଷେ ପ୍ରାତଃ ନଗର ସଂକୀର୍ତ୍ତନ, ବଳଦେବଜୀଉ ଓ ବିଦେଶ୍ୱର ମହାଦେବଙ୍କ ମନ୍ଦିରରେ ପୂଜାର୍ଚ୍ଚନା କରାଯିବା ପରେ ଅଶ୍ରମର ପରାମାଧକ୍ଷା ଶ୍ରୀମା ସ୍ୱାମୀ ଦିବ୍ୟସ୍ୱରୂପାନନ୍ଦ ସରସ୍ୱତୀ ଶ୍ରଦ୍ଧାଳୁଙ୍କ ଗହଣରେ ଗୁରୁଦେବଙ୍କ ପାଦପୂଜା କରିଥିଲେ। ପରେ ବିଶ୍ୱବନ୍ଦ୍ୟ ସନ୍ଥ ସ୍ୱାମୀ ଶିବାନନ୍ଦ ସରସ୍ୱତୀଙ୍କ ଦର୍ଶନ ତତ୍ତ୍ୱ ତଥା ମାନବ ସମାଜକୁ ତାଙ୍କର ବିଚାରଦର୍ଶନ ଆଧାରିତ ଆଲୋଚନାଚକ୍ର ଶ୍ରୀମାଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଥିଲା। ଆଶ୍ରମର ସମ୍ପାଦକ ଶରତ ପାତ୍ର ପ୍ରାରମ୍ଭିକ ସୂଚନା ପ୍ରଦାନ ସହ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଆଶ୍ରମର ସହସମ୍ପାଦକ ଶରତ ବରାଳ ଗୁରୁବାଣୀ ପାଠ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡ. ସୁରେନ୍ଦ୍ର ଆଚାର୍ଯ୍ୟ, ଶ୍ରୀଧର ରାଉତ, ଶ୍ରୀଧର ମହାନ୍ତି, ଅର୍ଚ୍ଚନା ଗୋସ୍ୱାମୀ ପ୍ରମୁଖ ଶିବାନନ୍ଦ ଦର୍ଶନ ତତ୍ତ୍ୱ ଉପରେ ଆଲୋକପାତ କରିଥିଲେ। ଗରାପୁର, କପାଳେଶ୍ୱର, ଆଳିଜଙ୍ଗା ଓ ତାରିଗାଁ ଗ୍ରାମର ଶରାଧିକ ଶ୍ରଦ୍ଧାଳୁଙ୍କ ସମେତ ପ୍ରମୋଦ ଦାସ, ମନମୋହନ କବି, ଶ୍ରୀବତ୍ସ ନାୟକ, ଶିବାନନ୍ଦ ବିଦ୍ୟାମନ୍ଦିରର ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ବ୍ରହ୍ମଚାରୀ ନୃସିଂହ ନାଥଙ୍କ ପରିଚାଳନାରେ ସମସ୍ତ କାର୍ଯ୍ୟ ସମ୍ପାଦନ ହୋଇଥିଲା।

## ବଟ ମହାପୁରୁଷ ବିଦ୍ୟାପୀଠରେ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା



ଡେରାବିଶ, ୨୦।୭ (ସମିସ): ଡେରାବିଶ ବ୍ଲକ୍ ମୁକୁନ୍ଦପୁର ପଞ୍ଚାୟତ ଅନ୍ତର୍ଗତ ଶ୍ରୀଧରପୁରସ୍ଥ ବଟ ମହାପୁରୁଷ ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ମୁକୁନ୍ଦପୁର ସାଧନକେନ୍ଦ୍ର ଆନୁକୂଲ୍ୟରେ ଆୟୋଜିତ ବିଦାୟକାଳୀନ ସମ୍ବର୍ଦ୍ଧନା ସଭାରେ ପ୍ରଧାନଶିକ୍ଷକ ସରୋଜ ପ୍ରହରାଜ ସଭାପତିତ୍ୱ କରିଥିଲେ। ଏହି ସଭାରେ ପଞ୍ଚାୟତ ହାଇସ୍କୁଲ ପ୍ରଧାନଶିକ୍ଷକ ମନୋରଞ୍ଜନ ଦାଶ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅଞ୍ଚଳିକ ସାଧନକେନ୍ଦ୍ର ସଂଯୋଜକ ବିଶ୍ୱଜିତ ମୁଦୁଲି, ଦାନପୁର ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ଜୀବନାନନ୍ଦ ନାୟକ, ଜେନାମଣି ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଭିରାମ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ନରସିଂହପୁର ଉଚ୍ଚପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ କୁନା କୁମାର ସ୍ୱାଇଁଙ୍କ ସେବାନିବୃତ୍ତ ଅବସରରେ ଆୟୋଜିତ ଏହି ବିଦାୟକାଳୀନ ସଭାରେ ଅତିଥିମାନେ ତାଙ୍କ ଗୁଣଗାନ କରିବା ସହିତ ପ୍ରଶସ୍ତିପତ୍ର, ଅଙ୍ଗବସ୍ତ୍ର, ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଏ ଅବସରରେ ଶିକ୍ଷକ, ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀଙ୍କ ପକ୍ଷରୁ ବିଦାୟୀ ଶିକ୍ଷୟିତ୍ରୀ ଶ୍ରୀମତୀ ସ୍ୱାଇଁଙ୍କୁ ଉପହାର ପ୍ରଦାନ କରାଯାଇଥିଲା। ଜୟାନନ୍ଦ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମକୁ ଶିକ୍ଷକ ଭାବଗ୍ରାହୀ କର ପରିଚାଳନା କରିଥିବାବେଳେ ଶିକ୍ଷୟିତ୍ରୀ ନିର୍ମଳା ହୋତା ସହଯୋଗ କରିଥିଲେ।

## ପାହାଚରୁ ଖସି ଯୁବକ ଗୁରୁତର

ଆଳି, ୨୦।୭ (ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ଆଳି ଥାନା ଅନ୍ତର୍ଗତ ବାଲକାଟୀ ପଞ୍ଚାୟତର ରାଣୀପୋଖରୀ ଗ୍ରାମର ଜଣେ ଯୁବକ ଘରର ପ୍ରଥମ ମହଲା ପାହାଚରୁ ଖସି ଗୁରୁତର ଭାବେ ଆହତ ହୋଇଥିବା ଜଣାପଡ଼ିଛି। ଆହତ ବେହେରାଙ୍କ ପୁଅ ଆଶିଷ ରଞ୍ଜନ (୧୬) ରହିଥିବା ପୋଷା ପାରା ଧରିବା ସମୟରେ ଘରର ପାହାଚ ଉପରୁ ଖସି ଗୁରୁତର ଆହତ ହୋଇଛନ୍ତି। ତାଙ୍କ ହାତ, କାନ୍ଧ, ମୁହଁ ଓ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ଆଶିଷଙ୍କୁ ସ୍ଥାନୀୟ ଲୋକେ ଆଳି ଗୋଷ୍ଠୀସ୍ୱାସ୍ଥ୍ୟ କେନ୍ଦ୍ରକୁ ନେଇଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିବା ଜଣାପଡ଼ିଛି।

## ଆସନ୍ନ ବନ୍ୟା ପାଇଁ ସରକାର ସତର୍କ ହୁଅନ୍ତୁ: ଜନଶକ୍ତି ପାର୍ଟି

ଡେରାବିଶ,୨୦।୭ (ସମିସ): ଚଳିତ ବର୍ଷାଋତୁରେ ଓଡ଼ିଶାର ଅର୍ଦ୍ଧାଧିକ ଅଞ୍ଚଳ ଏବେ ବନ୍ୟା ପ୍ରଭାବିତ ହେବା ସମ୍ଭାବନା ଥିବାରୁ ଶୂନ ମୃତ୍ୟୁ ପାଇଁ ସରକାର ଏବେଠାରୁ ପ୍ରସ୍ତୁତ ରହିବାକୁ ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଇନଜୀବୀ ପ୍ରଦୀପ ଦାଶ ଦାବି କରିଛନ୍ତି। ଶ୍ରୀ ଦାଶ ଏକ ପ୍ରେସ୍ ବିବୃତିରେ ବନ୍ୟା ଆସିବା ପୂର୍ବରୁ ଅଞ୍ଚଳରେ ଥିବା ଆଶ୍ରୟସ୍ଥଳୀ ପ୍ରସ୍ତୁତ ରଖିବା, ପ୍ରତି ପଞ୍ଚାୟତରେ ଶୁଖିଲା ଖାଦ୍ୟ, ପାନୀୟ ଜଳ, ଶିଶୁଙ୍କ ପାଇଁ ଖାଦ୍ୟ, ହାଲୋଜିନ୍ ବଟିକା ପ୍ରଚୁର ପରିମାଣରେ ମହଜୁଦ ରଖିବା ସହିତ ଥଣ୍ଡା, ଜ୍ୱର, ଝାଡ଼ା ପାଇଁ ଔଷଧ, ସାପ କାମୁଡ଼ା ଇଞ୍ଜେକସନ୍ ମହଜୁଦ ରଖିବା ପାଇଁ ଦାବି କରିଛନ୍ତି। ଏଥିସହିତ ରିଲିଫ ବାଣ୍ଟମାରଣା, କୃତ୍ରିମ ବନ୍ୟା ସଂଗଠିତ କରିବା ଇତ୍ୟାଦି ପ୍ରତି ସଜାଗ ଦୃଷ୍ଟି ରଖିବା ପାଇଁ ଶ୍ରୀ ଦାଶ ଦାବି କରିଛନ୍ତି।

## ମା'ଝିଅଙ୍କୁ ଅସଦାଚରଣ ଅଭିଯୋଗ

ରାଜକନିକା, ୨୦।୭ (ସମିସ): ରାଜକନିକା ଥାନା ଅନ୍ତର୍ଗତ ଦେଓଗାଁର ଜଣଙ୍କ ଘରେ ପଶି ମାଆ ଓ ଝିଅଙ୍କୁ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ ଅସଦାଚରଣ କରାଯାଇଥିବା ନେଇ ମହିଳା ଥାନାରେ ଅଭିଯୋଗ କରିଛନ୍ତି। ମହିଳାଙ୍କ ଅଭିଯୋଗ ଅନୁଯାୟୀ, ଗାଁର ଗ୍ରାମ ଲୋକଙ୍କ ପାଟିତୁଣ୍ଡକୁ ନେଇ ଗତ ୧୮ ତାରିଖ ରାତି ସାଢ଼େ ୧୦ଟା ସମୟରେ ଘରେ କେହି ପୁରୁଷ ଲୋକ ନ ଥିବା ସୁଯୋଗ ନେଇ ସେହି ଗ୍ରାମର ଜନ୍ ନାୟକ (୩୨) ଓ ବୁଲା ସାହୁ (୨୨) ଆମ ଘର ଭିତରକୁ ପଶିଆସି ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ ଅସଦାଚରଣ ଓ ଗାଡ଼ି ଚଢ଼ାଇ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଆମ ଜୀବନ ପ୍ରତି ବିପଦ ଥିବା ଦର୍ଶାଇ ନ୍ୟାୟ ଭିକ୍ଷା କରିଛନ୍ତି।

## ଭାଗବତ ଟୁଙ୍ଗୀ ପ୍ରଚାର ସମିତି ପକ୍ଷରୁ ଭାଗବତ ପଠନ ସଚେତନତା



ଡେରାବିଶ,୨୦।୭ (ସମିସ): ଦାନପୁର ପଞ୍ଚାୟତ ଅନ୍ତର୍ଗତ ନରସିଂହପୁରଠାରେ ଭାଗବତ ଟୁଙ୍ଗୀ ପ୍ରଚାର ସମିତି ଡେରାବିଶ ବ୍ଲକ୍ ଶାଖା ପକ୍ଷରୁ ଆଜି ଭାଗବତ ପଠନ ଉପରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମିତିର ବ୍ଲକ ସଭାପତି ଯଶୋବନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ସରପଞ୍ଚ ଉମେଶ ତ୍ରିପାଠୀ ଯୋଗଦେଇଥିଲେ। ଏ ଅବସରରେ ଗ୍ରାମରେ ଭାଗବତ ଟୁଙ୍ଗିର ପୁନରୁଦ୍ଧାର ଓ ଗ୍ରାମାଞ୍ଚଳରେ ଭାଗବତ ଗ୍ରନ୍ଥର ପ୍ରଚାର ପ୍ରସାର ଆବଶ୍ୟକତା ଉପରେ ଶ୍ରୀ ତ୍ରିପାଠୀ ଗୁରୁତ୍ୱ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଶ୍ରୀ ତ୍ରିପାଠୀ କେନ୍ଦ୍ରାପଡ଼ାର ବିଶିଷ୍ଟ ସମାଜସେବୀ ପ୍ରାଧ୍ୟାପକ ଡ. ଅଜୟ ରାଉତଙ୍କୁ ସମ୍ବର୍ଦ୍ଧିତ କରାଥିଲେ। ଡ. ରାଉତ ପ୍ରତ୍ୟେକ ସମ୍ପ୍ରଦାୟରେ ଭାଗବତ ଟୁଙ୍ଗିରେ ଗ୍ରାମର ଜନସାଧାରଣ ଭାଗବତ ପଠନ ଓ ଶ୍ରବଣ କରିବା ଦ୍ୱାରା ଗ୍ରାମରେ ଉତ୍ତମ ପରିବେଶ ସୃଷ୍ଟିହେବା ସହ ଭାଇଚାରା ପ୍ରତିଷ୍ଠା ହୋଇପାରିଥାଏ ବୋଲି ତାଙ୍କ ସମ୍ବର୍ଦ୍ଧନାର ପ୍ରତିକ୍ରିୟାରେ କହିଥିଲେ। ଏହି କାର୍ଯ୍ୟକ୍ରମରେ ଭାଗବତ ଟୁଙ୍ଗୀ ପ୍ରଚାର ସମିତିର ସଦସ୍ୟମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ବିପ୍ଳବୀ ଆନନ୍ଦ ଜେନାଙ୍କ ଜୟନ୍ତୀ ପାଳିତ




କେନ୍ଦ୍ରାପଡ଼ା,୨୦।୭ (ସମିସ): ବିପ୍ଳବୀ ଆନନ୍ଦ ଚନ୍ଦ୍ର ଜେନାଙ୍କ ୧୪୧ତମ ଜୟନ୍ତୀ ବିପ୍ଳବୀ ଆନନ୍ଦ ଚନ୍ଦ୍ର ଜେନା ସ୍ମୃତି କମିଟି ପକ୍ଷରୁ କେନ୍ଦ୍ରାପଡା ସହରର ଆନନ୍ଦମାର୍ଗସ୍ଥ ଶ୍ରୀ ଜେନାଙ୍କ ପ୍ରତିମୂର୍ତ୍ତି ନିକଟରେ ପାଳିତ ହୋଇଯାଇଛି। ସ୍ମୃତି କମିଟି ସଭାପତି ଆଇନଜୀବୀ ବିଚିତ୍ରାନନ୍ଦ ମହାନ୍ତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା ମୁଖ୍ୟଅତିଥି ଭାବେ ଯୋଗଦେଇ ସଂଗ୍ରାମୀ ଶ୍ରୀ ଜେନାଙ୍କ ସ୍ମୃତିଚାରଣ କରିଥିଲେ। ବିଶିଷ୍ଟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ଲିଲିତା ଦାସ ଯୋଗଦେଇ ସଂଗ୍ରାମୀ ଶ୍ରୀ ଜେନାଙ୍କ ଆଦର୍ଶରେ ଯୁବପିଢି ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ଜଜ ବିଷ୍ଣୁଦେବ ଜେନା, ଅତିରିକ୍ତ ଜିଲ୍ଲାପାଳ ତ୍ରିବିକ୍ରମ କେଶରୀ ଠିନ୍ନାରା, ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର ମଲ୍ଲିକ ପ୍ରମୁଖ ଯୋଗଦେଇ ବିପ୍ଳବୀ ଜେନା ଜଣେ ମହାନ ସଂଗ୍ରାମୀ ଥିଲେ ବୋଲି କହିବା ସହ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଅନ୍ୟତମ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ନବକୃଷ୍ଣ ଜେନା, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଦେବାଶିଷ ଧଳ, ସିଡିଏମଓ ଡା. ଅଜୟ ରାଉତ, ପୌରନିର୍ବାହୀ ଅଧିକାରୀ ଅଜିତ ନାରାୟଣ ପ୍ରସାଦ ଗିରି, ପୌରାଧକ୍ଷା ସରିତା ସାହୁ, ପ୍ରାଧ୍ୟାପକ ନବକିଶୋର ପରିଡା, ଅବନ୍ତୀ ବେହେରା, ଗବେଷକ ନିରଞ୍ଜନ ମେକାପ, ସାହିତିକ ଡ. ବାସୁଦେବ ଦାସ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଏ ଅବସରରେ ପ୍ରାଧ୍ୟାପକ ଡ. ଅଜୟ କୁମାର ରାଉତଙ୍କୁ "କେନ୍ଦ୍ରାପଡା ଗୌରବ ସମ୍ମାନ"ରେ ସମ୍ମାନିତ କରାଯାଇଥିଲା। ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ସ୍ମୃତି କମିଟି ସମ୍ପାଦକ ରମାରଞ୍ଜନ ରାଉତରାୟ ବିବରଣୀ ପାଠ କରିବା ସହ ଉତ୍ସବର ଆଭିମୁଖ୍ୟ ଜ୍ଞାପନ କରିଥିଲେ। ତୁଳସୀ ମହିଳା ମହାବିଦ୍ୟାଳୟ ଛକରେ ଥିବା ସ୍ୱର୍ଗତ ଜେନାଙ୍କ ପ୍ରତିମୂର୍ତ୍ତିରେ କାଉନସିଲର ନିରାକାର ସ୍ୱାଇଁ, ଉମେଶ ନାୟକ, ପ୍ରକାଶ ପରିଡା ଓ କଲେଜ ଅଧକ୍ଷ ମଥୁରା ସ୍ୱାଇଁଙ୍କ ଉପସ୍ଥିତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ଜିଲ୍ଲା ସଦର ମହକୁମାରେ ଥିବା ଦୃଷ୍ଟିବାଧିତ, ମାନସିକ ଭିନ୍ନକ୍ଷମ ଓ ମୂକବଧିର ସ୍ୱତନ୍ତ୍ର ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ଫଳ ବଣ୍ଟନ କରାଯାଇଥିଲା। ସଂଯୋଜକ ମୁକ୍ତାର ଖାଁ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଅନ୍ୟତମ ସଂଯୋଜକ ସରକାରୀ ଓକିଲ ସଞ୍ଜୟ କୁମାର ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

# ଡେରାବିଶ ମହାବିଦ୍ୟାଳୟରେ ର୍‍ୟାଗିଂ ସଚେତନତା କର୍ମଶାଳା



ଡେରାବିଶ, ୨୦।୭ (ସମିସ): ଗଳାରାହାଟ ପଞ୍ଚାୟତ ଅନ୍ତର୍ଗତ ଦୁମୁକାହାଟସ୍ଥ ଡେରାବିଶ ମହାବିଦ୍ୟାଳୟ ଆଇକ୍ୟୁଏସି ସହାୟତାରେ ଆଣ୍ଟି ର୍‍ୟାଗିଂ ସେଲ ଓ ରାଜନୀତି ବିଜ୍ଞାନ ବିଭାଗ ଦ୍ୱାରା ର୍‍ୟାଗିଂ ସମ୍ପର୍କିତ ସଚେତନତା କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ରାଜନୀତି ବିଜ୍ଞାନ ବିଭାଗ ମୁଖ୍ୟ ଅଧ୍ୟାପକ ବୃନ୍ଦାବନ ଦାସଙ୍କ ପୌରୋହିତ୍ୟରେ ଆୟୋଜିତ ଏହି କର୍ମଶାଳାରେ ଅଧକ୍ଷ ଚନ୍ଦ୍ରଶେଖର ନାୟକ ମୁଖ୍ୟଅତିଥି, କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ଭୂଗୋଳ ବିଭାଗର ପୂର୍ବତନ ବିଭାଗୀୟ ମୁଖ୍ୟ ତଥା ବାଳିକା ଆମ୍ରକ୍ଷା କୌଶଳର ପୂର୍ବତନ ଜିଲ୍ଲା ସଂଯୋଜକ ଡ. ଶ୍ରୀଧର ସାମଲ ମୁଖ୍ୟବକ୍ତା ଭାବେ ଯୋଗଦେଇ ସମ୍ପ୍ରତି ସମାଜରେ ମୂଲ୍ୟବୋଧର ଅବକ୍ଷୟ ଘଟୁଛି। ନାରୀ ସମାଜରେ ବିଭିନ୍ନ ଶୋଷଣ ଶିକାର ହେଉଥିବା ମତବ୍ୟକ୍ତ କରିଥିଲେ। ନାରୀ ପ୍ରକୃତି, ସୃଷ୍ଟିକାରିଣୀ ଓ ଶକ୍ତିମୟୀ। ସେ ନିଜ ଭିତରେ ଲୁକ୍କାୟିତ ଶକ୍ତିକୁ ବୁଝି ଆମ୍ବିଶ୍ୱାସକୁ ଉଜ୍ଜୀବିତ କରିପାରିଲେ ସକଳ ପ୍ରକାର ଦୁଷ୍କର୍ମକୁ ପ୍ରତିହତ କରିପାରିବ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅଧ୍ୟାପକ ଗୁରୁଚରଣ ସେଠୀ, ଆଇକ୍ୟୁଏସି ସଂଯୋଜକ ବିଶ୍ୱଜିତ ସାହୁ, ସଞ୍ଜୟ ମିଶ୍ର, ଡ. କିଶୋର ବେହେରା, ଡ. ସଦୀପ ବଳ, ଅଧ୍ୟାପିକା ଡ. ପ୍ରଜ୍ଞା ପଟ୍ଟନାୟକ, ଡ. ସ୍ମୃତି ପ୍ରିୟଦର୍ଶିନୀ ପଣ୍ଡା, ଭାଗ୍ୟଲକ୍ଷ୍ମୀ ସାହୁ ଓ ଶୁଭଶ୍ରୀ ପଣ୍ଡା ପ୍ରମୁଖ ଯୋଗଦେଇ ର୍‍ୟାଗିଂର କୁପରିଣାମ ସମ୍ପର୍କରେ ସଚେତନ କରାଇଥିଲେ। ଅଧ୍ୟାପକ ନରେନ୍ଦ୍ରନାଥ ପାଣି ଧନ୍ୟବାଦ ଅର୍ପଣ କରିଥିଲେ।



ଈଶ୍ୱର ଆରାଧନା ଅପେକ୍ଷା ସ୍ୱଧର୍ମ ନିୟମ ଅନୁପାଳନ କରିବା ଶ୍ରେୟସ୍କର।
-ଗୌତମ ବୁଦ୍ଧ

ସକାଳ
THE SAKALA

# ନାରକୀୟ ଧାରା

ବାଲେଶ୍ୱର ଏଫ୍‌ଏମ୍ କଲେଜ୍ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଓ ମୃତ୍ୟୁ ନିଆଁ ପ୍ରଶମିତ ହୋଇ ନଥିବା ବେଳେ ବଳଙ୍ଗାରେ ଜଣେ ନାବାଳିକାଙ୍କୁ ଦୁର୍ବୃତ୍ତମାନେ ଜିଅନ୍ତା ଜାଳି ହତ୍ୟା ଉଦ୍ୟମ କରିଛନ୍ତି। ପୀଡ଼ିତା ସଙ୍କଟାପନ୍ନ ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଚିକିତ୍ସାଧୀନ ଅଛନ୍ତି। ଘଟଣାର ତଦନ୍ତ ଆରମ୍ଭ ହୋଇଛି। କେତେ ଦିନ ପରେ ଅଭିଯୁକ୍ତ ଧରାପଡ଼ିବେ, କେବେ ଦୋଷୀ ସାବ୍ୟସ୍ତ ହେବେ, କି ଦଣ୍ଡବିଧାନ ହେବ, ରାଜ୍ୟ ରାଜନୀତି କେଉଁ ମୋଡ଼ ନେବ, ତାହା ଭିନ୍ନ କଥା। କିନ୍ତୁ ଲଗାତାର ନିଆଁ ଓ ଜୀବନ-ମୃତ୍ୟୁ ଭିତରେ ଆରମ୍ଭ ହୋଇଥିବା ଏହି ଅଭୂତପୂର୍ବ ନାରକୀୟ ଖେଳ ଶାନ୍ତିପ୍ରିୟ ଓଡ଼ିଶାକୁ ଯେ ଜାତୀୟସ୍ତରରେ ନିନ୍ଦିତ କରିଛି ଏହା ଲଜ୍ଜାର ସହିତ ସ୍ୱୀକାର କରିବାକୁ ପଡ଼ିବ। ଦୁର୍ଯୋଗବଶତଃ ଦୁଇଟିଯାକ ଘଟଣା ଶନିବାର ଦିନ ହିଁ ଘଟିଛି।

ଉପରୋକ୍ତ ଘଟଣାକୁ ରାଜନୀତି ବିଶାରଦମାନେ କେଉଁ ଦୃଷ୍ଟିରୁ ବିଶ୍ଳେଷଣ କରିବେ, କେଉଁ ନିଷ୍କର୍ଷରେ ପହଞ୍ଚିବେ ତାହା ଅନ୍ବେବହୁତ ବୁଝାପଡୁଛି। କିନ୍ତୁ ସମାଜବିଜ୍ଞାନୀଙ୍କ ମତରେ ଗୋପାଳପୁର ଗଣଦୁଷ୍କର୍ମ ଅଘଟଣରୁ ସଦ୍ୟତମ ବଳଙ୍ଗା ପର୍ଯ୍ୟନ୍ତ ଗତ ପ୍ରାୟ ଏକମାସର ଘଟଣାବଳୀକୁ ତର୍ଜମା କଲେ ରାଜ୍ୟରେ ସାମାଜିକ ମୂଲ୍ୟବୋଧର ଗୁରୁତର ଅବକ୍ଷୟ ଘଟିଚାଲିଛି। ଏହିସବୁ ଘଟଣାବଳୀକୁ ତର୍ଜମା କଲେ ଲାଗୁଛି ମଣିଷ ମାନବିକତା ହରାଇଛି ଏବଂ ଆଇନ, ବିଚାର, ଦଣ୍ଡବିଧାନ ପ୍ରତି ଭୟ ତା' ମନରୁ ଦୂରେଇ ଯାଇଛି। ଯଦି ଏହି ନାରକୀୟ ଧାରା ଜାରି ରହେ ତେବେ ଓଡ଼ିଶା ଖୁବ୍ ଶୀଘ୍ର ବିହାରର ଜଙ୍ଗଲୀରାଜ କିମ୍ବା ମଣିପୁର ହେବାକୁ ବେଶୀ ବିଳମ୍ବ ହେବ ନାହିଁ। ଯେତେବେଳେ ଜନତାଙ୍କ ମନରୁ ଆଇନ ଶୃଙ୍ଖଳାର ଭୟ ଦୂରେଇ ଯାଏ ସେତେବେଳେ ରାଜ୍ୟ କିମ୍ବା ଦେଶ ଅରାଜକତା ଦିଗକୁ ଯାଉଛି ବୋଲି ବୁଝାଯାଏ। ଓଡ଼ିଶା ପରିପ୍ରେକ୍ଷୀରେ ଏତେଶୀଘ୍ର କୌଣସି ନିଷ୍କର୍ଷରେ ପହଞ୍ଚିବା ଉଚିତ ନ ହେଲେ ମଧ୍ୟ ଅବଚେତନ ମନରେ ଏହି ଧାରଣାଟିଏ କ୍ରମଶଃ ଦୃଢ଼ୀଭୂତ ହେଉଛି।

ଅପରାଧର ଆୟୁଧ ଛୁରୀ, ଭୁଜାଲି, ଖଣ୍ଡା ଆଦିରୁ ବିଗତ ଶତାବ୍ଦୀର ଶେଷ ଦଶକରେ ଗୁଳିଗୋଳାର ରୂପ ନେଇ ଚଳିତ ଶତାବ୍ଦୀ ଆରମ୍ଭ ବେଳକୁ ଏସିଡ୍ ଆକ୍ରମଣରେ ପହଞ୍ଚିଥିଲା। ଏବେ କିନ୍ତୁ ବାଲେଶ୍ୱରରୁ ବଳଙ୍ଗା ପର୍ଯ୍ୟନ୍ତ ଘଟଣାକ୍ରମକୁ ଅନୁଶୀଳନ କଲେ ପେଟ୍ରୋଲ୍, କିରାସିନି ଆଦି ଦହନଶୀଳ ପଦାର୍ଥ ଅପରାଧର ନୂଆ ଆୟୁଧ ହୋଇଛି। ବୋଧହୁଏ ଅପରାଧୀ ଚାହୁଁଛି ତା' ଆଖିରେ ଶତ୍ରୁ ସାଜିଥିବା ବ୍ୟକ୍ତିଟିକୁ ସେ କେବଳ ହତ୍ୟା କରିବ ନାହିଁ, ବରଂ କଲବଲ କରି ହତ୍ୟା କରିବ। ହଠାତ୍ ଏ ପୈଶାଚିକ ମାନସିକତା ଜନ୍ମ ନେଲା କେଉଁଠୁ ଏବଂ କିପରି? ବୁଦ୍ଧିଜୀବୀ ମହଲରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏହାର ନିରାକରଣ ହେବ କେମିତି ଏବଂ କରିବ କିଏ? କେତେକ ମହଲର ମତ ଯେ ଏଭଳି ମାନସିକତାଧାରୀ ଦୁର୍ବୃତ୍ତଙ୍କୁ ଆଇନ ଅନୁଯାୟୀ ଦଣ୍ଡ ଅପେକ୍ଷା ଏନ୍‌କାଉଣ୍ଟର ହତ୍ୟା ବା ଯେସାକୁ ତେସା ଭଳି ଦଣ୍ଡବିଧାନ ସର୍ବାଦୌ ଉଚିତ ବିକଳ୍ପ। ପୀଡ଼ିତ/ପୀଡ଼ିତାଙ୍କ ମଧ୍ୟ ସ୍ୱଚ୍ଛନ୍ଦରେ ସ୍ୱାଧୀନ ଭାବରେ ବଞ୍ଚିବାର ଅଧିକାର ଅଛି। ସେହି ଅଧିକାରର ଯିଏ ଯେଉଭଳି ହନନ କରୁଛି ତା'କୁ ସେଭଳି ଦଣ୍ଡିତ ନ କରିବା ପର୍ଯ୍ୟନ୍ତ ସମାଜର କଳୁଷିତ ମାନସିକତାରେ ସୁଧାର ଆସିବ ନାହିଁ। କିନ୍ତୁ ଏ ଦିଗରେ ପ୍ରତିବନ୍ଧକ ସାଜିଥିବା ବିଭିନ୍ନ ତଥାକଥିତ ସଂସ୍ଥାମାନେ ଏହା ହୃଦୟଙ୍ଗମ କରିବା ଦରକାର।

ବସ୍ତୁତଃ ଆଜି ଝିଅଟିଏ କିମ୍ବା ଯୁବତୀଟିଏ ଘରେ, ବାହାରେ, କାର୍ଯ୍ୟାଳୟରେ କେଉଁଠାରେ ମଧ୍ୟ ସୁରକ୍ଷିତ ନୁହେଁ। ଘରେ ପାରିବାରିକ ହିଂସା ବଢ଼ି ଚାଲୁଥିବା ବେଳେ କର୍ମକ୍ଷେତ୍ରରେ ଯୌନ ଓ ମାନସିକ ନିର୍ଯାତନା ଆଜିକାଲି ଏକ ସାଧାରଣ କଥା ହୋଇଗଲାଣି। ସବୁଠାରୁ ଉଦ୍‌ବେଗଜନକ ହୋଇଛି ମଣିଷ ଜୀବନରେ ଶିକ୍ଷା ଓ ଚାରିତ୍ରିକ ସଂସ୍କାରର ଭିତ୍ତି ଗଢୁଥିବା ପବିତ୍ର ଶିକ୍ଷାନୁଷ୍ଠାନମାନଙ୍କୁ ମଧ୍ୟ ଯୌନପିପାସା ସଂଚରି ଚାଲିଛି। ବାଲେଶ୍ୱର ଏଫ୍‌ଏମ୍ କଲେଜରେ ବିଭାଗୀୟ ମୁଖ୍ୟଙ୍କ ପରେ ସମ୍ବଲପୁର ଜିଏମ୍ କଲେଜ୍‌ର ଆଉ ଜଣେ ଅଧ୍ୟାପକଙ୍କ କଳାକାରନାମା ସାମ୍ନାକୁ ଆସିଛି। ସନ୍ଧ୍ୟା ୫.୩୦ ପରେ ଶିକ୍ଷାନୁଷ୍ଠାନ ପରିସରରେ କୌଣସି ମହିଳା ଅଧ୍ୟାପକ, ମହିଳା କର୍ମଚାରୀ କିମ୍ବା ଛାତ୍ରୀ ରହିପାରିବେ ନାହିଁ ବୋଲି ରାଜ୍ୟର ସ୍ୱନାମଧନ୍ୟ ରେଭେନ୍ସା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ନିର୍ଦ୍ଦେଶନାମା ଜାରି(ବିରୋଧ ପରେ ପ୍ରତ୍ୟାହୃତ ହୋଇଛି) ପରେ ଶିକ୍ଷାନୁଷ୍ଠାନମାନଙ୍କରେ ଯେ ମହିଳା କିମ୍ବା ଛାତ୍ରୀ ସୁରକ୍ଷିତ ନୁହନ୍ତି ତାହା ଉପରେ ମୋହର ଲାଗିଛି। ଶିକ୍ଷାନୁଷ୍ଠାନଗୁଡ଼ିକରେ ଏଭଳି ଘଟଣାମାନ ନିୟମିତ ଘଟିଚାଲିଛି, ଯାହା ଭିତରୁ କାଁ ଭାଁ ଗଣମାଧ୍ୟମରେ ପ୍ରକାଶ ପାଉଛି। ଏପରିକି ଅଧ୍ୟାପକ/ପ୍ରଧ୍ୟାପକମାନଙ୍କ ମାନସିକ ନିର୍ଯାତନାକୁ ସହି ନ ପାରି ଏବଂ ସେମାନଙ୍କ ଯୌନଲାଳସାକୁ ଚରିତାର୍ଥ ନ କରିପାରି ଅନେକ ମେଧାବୀ ଛାତ୍ରୀ ଅଧାରୁ ପାଠ ପଢ଼ା ଓ ଗବେଷଣାରୁ ଓହରି ଯିବାକୁ ବାଧ୍ୟ ହୋଇଥିବାର ଉଦାହରଣ ମଧ୍ୟ ବହୁଳ। ଚାରିକାନ୍ଥ ଭିତରେ ଯେଉଁଠି ଝିଅଟିଏ ସୁରକ୍ଷିତ ନୁହେଁ, ରାସ୍ତାଘାଟରେ ସୁରକ୍ଷା ବିଷୟ ଉଠୁଛି କେଉଁଠୁ? ତେବେ କ'ଣ ସମାଜ ପୁଣି ସେହି ମଧ୍ୟଯୁଗୀୟ ସମୟକୁ ଫେରିଯିବାକୁ ବାଧ୍ୟ ହେବ ଯେଉଁଠାରେ ମହିଳାମାନଙ୍କୁ ଲୌହପରଦା ଆଢୁଆଳରେ ରହିବାକୁ ପଡୁଥିଲା?

ଏଫ୍‌ଏମ୍ କଲେଜ୍ ଓ ଜିଏମ୍ କଲେଜରେ ଯୌନ ନିର୍ଯାତନା ଘଟଣା ପଦାକୁ ଆସିବା ପରେ ଯାଇ ବୋଧହୁଏ ସରକାର ଚେତିଛନ୍ତି। ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଛାତ୍ରୀଙ୍କ ନିରାପତ୍ତା ଲାଗି 'ଶକ୍ତିଶ୍ରୀ' ନାମରେ ଏକ ଯୋଜନା ଘୋଷଣା କରିଛି। ଏହି ଯୋଜନା କେବଳ ଦନ୍ତହୀନ ବ୍ୟାଘ୍ର ହୋଇ ରହିଯିବ କି ପ୍ରଭାବଶାଳୀ ହେବ ତାହା ରୂପାୟନ ଓ ଅଭିଯୋଗ ପରବର୍ତ୍ତୀ ତତ୍କାଳ କଠୋର କାର୍ଯ୍ୟାନୁଷ୍ଠାନ ଉପରେ ନିର୍ଭର କରୁଛି। ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷଙ୍କ ଉଦାସୀନତା ଓ ସରକାରଙ୍କ ନିଷ୍ଠାର ଅଭାବ ଯୋଗୁଁ କଙ୍ଗି ଭଳି ଅମାନୁଷିକ କଳୁଷିତ ପରମ୍ପରା ଅନେକ କଠୋର କଟକଣା ସତ୍ତ୍ୱେ ପ୍ରାୟ ସବୁ ଶିକ୍ଷାନୁଷ୍ଠାନରେ ଜାରିରହିଛି। ତେଣୁ ଯୋଜନା ଅପେକ୍ଷା ରୂପାୟନ ହିଁ ଅଧିକ ଗୁରୁତ୍ୱ ରଖେ। ଆଶା ସରକାର ଏ ଦିଗଟିକୁ ଅଧିକ ଗୁରୁତ୍ୱ ଦେବେ।

ଯେତେବେଳେ ପ୍ରତିପତ୍ତି, ବାହୁବଳ ଓ ଅର୍ଥବଳ ଆଗରେ ସରକାରୀ ବ୍ୟବସ୍ଥା ଓ ଆଇନଶୃଙ୍ଖଳା ବିବଶ ହୋଇପଡ଼େ ସେତେବେଳେ ଜନଆକ୍ରୋଶ ଅତିକ୍ରିୟାର ରୂପ ନିଏ ଏବଂ 'ଗଙ୍ଗାଜଲ୍' ଭଳି ଚଳଚ୍ଚିତ୍ର କାହାଣୀର ଆଧାର ପାଲଟିଯାଏ। ଚଳଚ୍ଚିତ୍ରର କାହାଣୀ ଓ ବାସ୍ତବ ଜୀବନ ଭିତରେ ଆକାଶ ପାତାଳ ଫରକ୍ ଅଛି। କିନ୍ତୁ ଏହା ମଧ୍ୟ ଅସ୍ୱୀକାର କରାଯାଇପାରିବ ନାହିଁ ଯେ ପରିସ୍ଥିତି ଚାପରେ ଆକାଶ-ପାତାଳର ଦୂରତ୍ୱ ହ୍ରାସ ଘଟିବାରେ ବିଳମ୍ବ ହେବ ନାହିଁ ଏବଂ ଚଳଚ୍ଚିତ୍ରର କାହାଣୀ ବାସ୍ତବତାରେ ରୂପାୟନ ହେବ ନାହିଁ।

# ଏକ କରୁଣ ଆତ୍ମାହୁତିର ଆହ୍ୱାନ

**ସସ୍ମିତା କର**

ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କର ଦୁଃଖଦ ମୃତ୍ୟୁ ସମଗ୍ର ଓଡ଼ିଶାବାସୀଙ୍କୁ ବିଚଳିତ କରିଛି। ଆନ୍ଦୋଳିତ କରିଛି ଓଡ଼ିଶା ବାହାରେ ସଭ୍ୟ ମାନବସମାଜକୁ। ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଏକ ଛାତ୍ରୀଙ୍କ ଅଭିଯୋଗକ୍ରମେ ଶିକ୍ଷକଙ୍କର ଗିରଫଦାରୀ ଲଜ୍ଜିତ କରିଛି ସମାଜର ପଥପ୍ରଦର୍ଶକ, ପିଲାର ଭାଗ୍ୟନିର୍ମାତା ଗୁରୁସମ ଶିକ୍ଷକ ଗୋଷ୍ଠୀକୁ। ଏକ ଅନୁଧ୍ୟାନ କମିଟି ବସିବ, ଦୋଷୀକୁ କଠୋରରୁ କଠୋରତମ ଶାସ୍ତି ଦିଆଯିବାର ଧାରଣା ଜନମାନସରେ ସୃଷ୍ଟି କରାଯିବ। ଅବଶ୍ୟ ବର୍ତ୍ତମାନ ସୁଦ୍ଧା ଛାତ୍ରୀଙ୍କ ଅଭିଯୋଗ ଭିତ୍ତିରେ ତାଙ୍କୁ ଯୌନ ନିର୍ଯାତନା ଦେଉଥିବା ବିଭାଗୀୟ ମୁଖ୍ୟ ଏବଂ ସବୁ ଜାଣି ନୀରବ ରହିଥିବା ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯିବା ସହ ଗିରଫ କରାଯାଇଛି। ତେବେ ଏକ କୋମଳମତି ଛାତ୍ରୀର ଜୀବନ ପ୍ରଦୀପ ଲିଭିଯିବା ପରେ ଏଇସବୁ ଶାସ୍ତି କ'ଣ ଯଥେଷ୍ଟ ?

ଶିକ୍ଷା ବ୍ୟବସ୍ଥାରେ ସୁଧାର ଆଣିବା ପାଇଁ ବିଂଶ ଶତାବ୍ଦୀର ଷାଠିଏ ଦଶକରେ ଗଠିତ କୋଠାରୀ ଆୟୋଗ ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଥିଲେ- ଭାରତର ଭାଗ୍ୟ ତା'ର ଶ୍ରେଣୀଗୃହରେ ନିର୍ମିତ ହୋଇଥାଏ (ଦି ଡେଷ୍ଟିନି ଅଫ ଇଣ୍ଡିଆ ଇଜ୍ ଶେପ୍ଡ୍ ଇନ୍ ଇଟ୍‌ସ କ୍ଲାସରୁମ୍। ଅର୍ଥାତ, ଶ୍ରେଣୀରେ ବସିଥିବା ଆଜିର ବିଦ୍ୟାର୍ଥୀ ଭବିଷ୍ୟତରେ ଦେଶର ଶାସନଡୋରି ହାତକୁ ନିଏ, ରାଷ୍ଟ୍ରର ଭାଗ୍ୟ ଲେଖେ। ସେହି ବିଦ୍ୟାର୍ଥୀଙ୍କୁ ସମସ୍ତ ମାନବୀୟ ମୂଲ୍ୟବୋଧରେ ପରିପୂର୍ଣ୍ଣ କରିବାର ଦାୟିତ୍ୱ ହେଉଛି ଶିକ୍ଷକଙ୍କର। ଅତଃ ପ୍ରକୃତ ଅର୍ଥରେ ଶିକ୍ଷକ ହେଉଛନ୍ତି ରାଷ୍ଟ୍ରର ତ୍ରାଣକର୍ତ୍ତା, ଭାଗ୍ୟବିଧାତା। କିନ୍ତୁ ଯଦି ପଥପ୍ରଦର୍ଶକ ସ୍ୱୟଂ ହୁଏ ପଥଭ୍ରଷ୍ଟ, ଯଦି ଭାଗ୍ୟବିଧାତା ନିଜେ କରେ ଦୁର୍ଭାଗ୍ୟପୂର୍ଣ୍ଣ ଆଚରଣ, ତେବେ କ'ଣ ହେବ ଏ ଦେଶର ଭାଗ୍ୟ !

ବି.ଏଡ଼.କରି ହୁଏତ ଗୌରବମୟ ଶିକ୍ଷକ ବୃତ୍ତି ଆପଣେଇବାକୁ ସ୍ୱପ୍ନ ଦେଖୁଥିବା ସୌମ୍ୟାଶ୍ରୀ ନାମକ କଢ଼ିଟିଏ ସେଇ ଶିକ୍ଷକଙ୍କର ଯୌନଲାଳସାରୁ ବର୍ତ୍ତିବାର ସମସ୍ତ ଆଶା ହରାଇବା ପରେ ଜାଳିଦେଲା ନିଜକୁ। ଝଡ଼ିଗଲା ଅର୍ଦ୍ଧପ୍ରସ୍ଫୁଟିତ ଫୁଲଟିଏ ଅକାଳରେ। ସୌମ୍ୟାଶ୍ରୀଙ୍କର ଏହି ବଳିଦାନ ଆମକୁ ଖାଲି ସାମୟିକ ଭାବେ ବ୍ୟଥିତ କଲେ ହେବ ନାହିଁ। ଏମିତି ଅନେକ ସ୍ଥାନରେ ଅନେକ ସୌମ୍ୟାଶ୍ରୀ ଅଛନ୍ତି, ଯେଉଁମାନେ ଭୟ କିମ୍ବା ଲୋକଲଜ୍ଜା କାରଣରୁ ମୁଁହ ଖୋଲି ପାରୁନାହାନ୍ତି। ଯେମିତି ୨୦୦୬ରେ ଆରମ୍ଭ ହୋଇ ୨୦୧୭ରୁ ବିଶେଷଭାବେ ଆଦୃତି ଲା ଭକରିଥିବା 'ମି ଠୁ ମୁଭମେଣ୍ଟ' ଯେଉଁଠି ଜଣେ ମୁଁହ ଖୋଲିବା ପରେ ଅଗଣିତ ମହିଳା ତାଙ୍କ ଉପରେ ହୋଇଥିବା ଯୌନ ଉତ୍ପୀଡ଼ନର କାହାଣୀକୁ ଲୋକଲୋଚନକୁ ଆଣିଥିଲେ। ତେବେ ସେଇ ୨୦୧୭ରେ ଏବିସି ନିଉଜ୍ ଏବଂ ଦି ୱାସିଂଟନ ପୋଷ୍ଟ ଦ୍ୱାରା କରାଯାଇଥିବା ସର୍ଭେ ୫୪ ପ୍ରତିଶତ ଆମେରିକୀୟ ମହିଳା ଅସ୍ୱାଭାବିକ ବା ଅନିଚ୍ଛାକୃତ ଯୌନ ଲାଳସାର ଶିକାର ହେଉଥିବା ବେଳେ ପ୍ରାୟ ୯୫ ପ୍ରତିଶତ ଦୋଷୀକୁ କୌଣସି ଦଣ୍ଡ ଦିଆଯାଉନଥିବାର ରିପୋର୍ଟ କରିଥିଲେ।

ଏହି ମାମଲାରେ ମଧ୍ୟ ସାହସ ଯୁଟାଇ ଛାତ୍ରୀଜଣକ ସମ୍ପୃକ୍ତ ଅଧ୍ୟାପକଙ୍କ ବିରୁଦ୍ଧରେ ଅଭିଯୋଗ ଆଣିଥିଲେ ଯାହାକୁ ଅଣଦେଖା କରାଯାଇଛି। ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ରିପୋର୍ଟ ଅନୁଯାୟୀ କାର୍ଯ୍ୟନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଶିକ୍ଷାର ପବିତ୍ର ସ୍ଥଳରେ ସେ ଅଧ୍ୟାପକ କାହିଁକି ଏମିତି ବିବେକଶୂନ୍ୟ କାମ କଲେ? କାହା ଚାପରେ ବା କେଉଁ ପରିସ୍ଥିତିରେ ପଡ଼ି ଅଧ୍ୟକ୍ଷ ଏମିତି ସ୍ପର୍ଶକାତର ଘଟଣାକୁ ଏଡ଼ାଇଗଲେ, ଯେଉଁଥିପାଇଁ ଅସହାୟ ଝିଅଟିଏ ବାପା ମା'ଙ୍କ କୋଳ ଖାଲି କରି ଚାଲିଗଲା ? ସେ କାଲିକୁ ହୁଏତ ଶହଶହ ପିଲାଙ୍କୁ ପାଠପଢ଼ାଇ ମଣିଷ କରିଥା'ନ୍ତା। ଘରସଂସାର ସମ୍ଭାଳିଥା'ନ୍ତା। କାହିଁ କେତେ ଯୁବାଙ୍କୁ ଦେଉଥା'ନ୍ତା ଆତ୍ମରକ୍ଷାର ତାଲିମ୍। କିନ୍ତୁ, ହାୟ ! ଆତ୍ମରକ୍ଷା ପ୍ରଶିକ୍ଷିକା ଜଣକ ଅକଥନୀୟ ନିର୍ଯାତନା ସହିନପାରି ଆତ୍ମାହୁତି ଦେଲା। ତା' ପରିବାରର ତଥା ସମାଜର ଏହି ଅପୂରଣୀୟ କ୍ଷତି କିଏ ଭରଣା କରିପାରିବ ?

ଆତ୍ମାହୁତି ଏକ ସହଜ କଥା ନୁହେଁ। ମନୋବିଜ୍ଞାନ କୁହେ ଅସହନୀୟ ମାନସିକ ଯନ୍ତ୍ରଣା ବହୁ ସମୟରେ ଆତ୍ମହତ୍ୟାକୁ ପ୍ରୋତ୍ସାହିତ କରିଥାଏ। ଅନ୍ୟକୁ ଆମେ ଯେତେ ସହଜରେ ବାଡ଼ାଉ ବା ଚିମୁଟିପାରୁ ନିଜକୁ ସେତେ ସହଜରେ କରିପାରୁନା। ବଞ୍ଚିବାର ସମସ୍ତ ବିକଳ୍ପ ବନ୍ଦ ହେବାପରେ ହିଁ ଜଣେ ଆତ୍ମହତ୍ୟା କଥା ଚିନ୍ତା କରେ। ତେଣୁ ଛାତ୍ରୀ ସୌମ୍ୟାଶ୍ରୀ କ୍ଷେତ୍ରରେ ମଧ୍ୟ ସେଇୟା ଘଟିଥିବା ଅନୁମାନ କରାଯାଏ। ନିଜ ବିଭାଗୀୟ ମୁଖ୍ୟଙ୍କ ଦ୍ୱାରା ଅତ୍ୟାଚାରିତ ହେଲା ପରେ ସେ ଜଣାଇଛନ୍ତି ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ, ଗୁହାରି କରିଛନ୍ତି ଅନେକ ପଦାଧିକାରୀଙ୍କୁ। କେଉଁଠୁ କିଛି ସାହାଯ୍ୟ ସହଯୋଗ ନ ପାଇ ଆତ୍ମାହୁତି ପରି ଚରମ ନିଷ୍ପତ୍ତି ତାଙ୍କୁ ନେବାକୁ ପଡ଼ିଛି। ଶେଷରେ ଚିକିତ୍ସାଧୀନ ଅବସ୍ଥାରେ ଏମ୍ସ ପରିସରରେ ତାଙ୍କର ମୃତ୍ୟୁ ଘଟିଛି। ସେ ଚିର ବିଦାୟ ନେଇଛନ୍ତି ତାଙ୍କୁ ଘେରି ରହିଥିବା ଏକ କୁତ୍ସିତ ପରିବେଶରୁ। ଅନ୍ୟାୟ ବିରୁଦ୍ଧରେ ସାହସର ସହ ଲଢ଼ି ଜୀବନ ଯୁଦ୍ଧରେ ହାରି ଯାଇଛନ୍ତି ମେଧାବୀ ଛାତ୍ରୀ ସୌମ୍ୟାଶ୍ରୀ।

ତାଙ୍କର ମୃତ୍ୟୁ ପରେ ସରକାରଙ୍କର ଚେତା ପଶିଚି। ଦୋଷୀକୁ ସାଲିସବିହୀନ ଦଣ୍ଡ ଦିଆଯିବ ବୋଲି ଘୋଷଣା କରାଯାଇଛି। ମୃତ୍ୟୁ ପୂର୍ବରୁ କାହିଁକି ଏହିଭଳି ସମ୍ବେଦନଶୀଳ ପ୍ରସଙ୍ଗକୁ ଗୁରୁତ୍ୱର ସହ ନିଆଗଲା ନାହିଁ ମହାବିଦ୍ୟାଳୟର ଆଭ୍ୟନ୍ତରୀଣ କମିଟି (ଇଂଟରନାଲ କମ୍ପ୍ଲେଟ ସେଲ, ଆଇସିସି) ଏଚ୍‌ଓଡିଙ୍କୁ ପଦରୁ ହଟାଇବା ପାଇଁ ସୁପାରିସ କରିଥିବା ବେଳେ ତାଙ୍କୁ ହଟାଇବାକୁ ତୁରନ୍ତ ପଦକ୍ଷେପ ନିଆଗଲା ନାହିଁ କାହିଁକି ?

ସୌମ୍ୟାଶ୍ରୀ ମୃତ୍ୟୁ ଘଟଣା ପରେ ରାତାରାତି ଉଚ୍ଚଶିକ୍ଷା ବିଭାଗ ଆଇସିସିର କାର୍ଯ୍ୟକାରିତା ସମ୍ବନ୍ଧରେ ଉଚ୍ଚ ଶିକ୍ଷାନୁଷ୍ଠାନମାନଙ୍କଠାରୁ ଚବିଶଘଣ୍ଟା ମଧ୍ୟରେ ରିପୋର୍ଟ ତଲବ କରିଛନ୍ତି। ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁ.ଜି.ସି.) ୨୦୧୫ରେ ଆଇସିସି ଉପରେ ଦେଇଥିବା ନିର୍ଦ୍ଦେଶାବଳୀକୁ କଡ଼ାକଡ଼ି ଭାବେ ପାଳନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଆଇସିସି ସଦସ୍ୟଙ୍କ ନାମ, ଫୋନ୍ ନମ୍ବର ଆଦି ତଥ୍ୟକୁ କ୍ୟାମ୍ପସର ପ୍ରମୁଖ ସ୍ଥାନମାନଙ୍କରେ ପ୍ରଦର୍ଶିତ କରାଯିବା ସହ ସମ୍ବନ୍ଧିତ ତଥ୍ୟ ହାୟର ଏଜୁକେସନ୍ ଆଣ୍ଡ ମ୍ୟାନେଜମେଣ୍ଟ ସିଷ୍ଟମ(ଏଚଇଏମଏସ୍) ପୋର୍ଟାଲରେ ଜିଓଟ୍ୟାଗ୍‌ଡ୍ ଫଟୋ ଅପଲୋଡ୍ କରିବାକୁ ନିର୍ଦ୍ଦେଶ ଜାରି ହୋଇଛି। କର୍ମକ୍ଷେତ୍ରରେ ଯୌନ ନିର୍ଯାତନା ଆଇନ ୨୦୧୩ ସମ୍ପର୍କରେ ସଚେତନତା କାର୍ଯ୍ୟକ୍ରମ, କର୍ମଶାଳା ଆଦି ଆୟୋଜନ କରିବାକୁ ସମସ୍ତ ମହାବିଦ୍ୟାଳୟ ଏବଂ ବିଶ୍ୱବିଦ୍ୟାଳୟ କର୍ମକର୍ତ୍ତାଙ୍କୁ ପରାମର୍ଶ ଦିଆଯାଇଛି। ଫ୍ୟାକ୍ଟ ଫାଇଣ୍ଡିଙ୍ଗ କମିଟି ଗଢ଼ି ସାତଦିନ ଭିତରେ ରିପୋର୍ଟ ଦେବାକୁ ୟୁଜିସି ଆଗ୍ରହ ପ୍ରକାଶ କରିଛି। ଛାତ୍ରୀଙ୍କ ପରିବାରକୁ ସରକାର ସହାୟତା ରାଶି ଘୋଷଣା କରିଛନ୍ତି। ଏ ସବୁ ନିଶ୍ଚିତଭାବେ ସ୍ୱାଗତଯୋଗ୍ୟ ପଦକ୍ଷେପ। କିନ୍ତୁ ବିଡ଼ମ୍ବନାର ବିଷୟ ହେଉଛି ଏ ସମସ୍ତ କ୍ରିୟାନୁଷ୍ଠାନ ମୁଖ୍ୟତଃ ଆରମ୍ଭ ହୋଇଛି ଛାତ୍ରୀଙ୍କର ମୃତ୍ୟୁ ପରେ। ଏଭଳି ତତ୍ପରତା ଆଗରୁ ପ୍ରକାଶ ପାଇଥିଲେ ହୁଏତ ଏ ଅଘଟଣକୁ ରୋକାଯାଇ ପାରିଥା'ନ୍ତା। ନିଜ କଲେଜ କ୍ୟାମ୍ପସରେ ଜଳିଯିବା ଆମ ସମଗ୍ର ଶିକ୍ଷା ବ୍ୟବସ୍ଥାପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରୁ ନାହିଁକି ?

ପୁନଶ୍ଚ, ନିଆଁ ଲାଗି ଜୀବନ ବିକଳରେ ଦୌଡୁଥିବା ବେଳେ ଏତେ ବଡ଼ ଅନୁଷ୍ଠାନର ଛାତ୍ରଛାତ୍ରୀ, କର୍ମଚାରୀଗଣ ଯଦି ନିଜର ସାର୍ଟ, ଓଢ଼ଣୀ ଆଦି ଘୋଡ଼ାଇ ଦେଇଥା'ନ୍ତେ ବା ବାଲି ମୁଠାଏ ମୁଠାଏ ଫିଙ୍ଗି ଦେଇଥା'ନ୍ତେ ତା'ହେଲେ ହୁଏତ ପରିସ୍ଥିତି ଆଜି ଭିନ୍ନ ହୋଇଥା'ନ୍ତା। କେବଳ ଜ୍ୟୋତିପ୍ରକାଶ କାହିଁକି? କେଉଁଠି ହଜିଗଲା ଆମ ସମସ୍ତଙ୍କର ନୈତିକତା? ଜଳିଯାଉଥିବା ଝିଅଟିକୁ ଅସହାୟ ଭାବେ ଦେଖିବା, ମାନବିକତାର ସମସ୍ତ ସୀମା ଉଲଂଘନ କରି ତା'ର ଭିଡିଓ ଉତ୍ତୋଳନ କରିବା, ଏଇୟା କ'ଣ ଗୋଟେ ପ୍ରଖ୍ୟାତ ଶିକ୍ଷାନୁଷ୍ଠାନର ମୂଲ୍ୟବୋଧ ?

ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଖାଲି ଏକ ଦୁର୍ଘଟଣା ବା ଦୁଃଖଦ ମୃତ୍ୟୁ ନୁହେଁ। ଅନ୍ୟାୟ ବିରୁଦ୍ଧରେ ଲଢ଼ିବାର ସାହସ ରଖୁଥିବା ଏକ ଛାତ୍ରୀର ବଳିଦାନ, ଯାହାର ଦୁଇ ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ସେମିତି ଏକ ଘଟଣା ସାମ୍ନାକୁ ଆସିଛି। ସମ୍ପୃକ୍ତ ଅଧ୍ୟାପକ ଗିରଫ ହୋଇଛନ୍ତି। ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ହୁଏତ ଏହିପରି ଶୋଷିତ ଛାତ୍ରୀଙ୍କୁ ନିର୍ଭୀକ ହୋଇ ଆଗକୁ ଆସିବାକୁ ସାହସ ଯୋଗାଇବ।

ଶିକ୍ଷା ଅନୁଷ୍ଠାନ ହେଉଛି ଜୀବନ ନିର୍ମାଣର ପବିତ୍ର ଦେବାଳୟ। ସମସ୍ତ ଅନୁଷ୍ଠାନର କର୍ତ୍ତୃପକ୍ଷ, ଶିକ୍ଷକ, ବିଦ୍ୟାର୍ଥୀ ସମସ୍ତେ ଆତ୍ମସମୀକ୍ଷା କରି ନିଜକୁ ଦେଖନ୍ତୁ। କୌଣସି ସମସ୍ୟାରେ ଥିଲେ ବିଦ୍ୟାର୍ଥୀମାନେ ବିଚଳିତ ନ ହୋଇ ସେ ବିଷୟରେ ଅନ୍ୟଙ୍କୁ ଅବଗତ କରାନ୍ତୁ। ପିତାମାତା, ଶିକ୍ଷକ, ସାଙ୍ଗସାଥର କିଏ ନା କିଏ ତ ସାହାଯ୍ୟ କରିବାକୁ ଆଗେଇ ଆସିବ। ସହଯୋଗର ହାତ ବଢ଼ାଇବ। ସୌମ୍ୟାଶ୍ରୀଙ୍କ ବଳିଦାନ ବ୍ୟର୍ଥ ନ ଯାଉ। ଆଉ କେଉଁ ଅମୂଲ୍ୟ ଜୀବନ ଅକାଳରେ ଝଡ଼ି ନ ଯାଉ।

ଭୁବନେଶ୍ୱର, ମୋ-୬୩୭୦୧୯୮୫୦୮

# ବାସ୍ତବତାର ଦର୍ପଣ

**ପ୍ରଣତି ଆଚାର୍ଯ୍ୟ ମିଶ୍ର**

ସେହି ମୁହୂର୍ତ୍ତ ଗର୍ବିତ ଥିଲା ଯେତେବେଳେ ଚାନ୍ଦ୍ରାୟଣ-୩ ଚନ୍ଦ୍ରପୃଷ୍ଠରେ ଭାରତର ପତାକା ଉଡ଼ାଇ ବିଜ୍ଞାନର ନୂତନ ଶୀର୍ଷ ଛୁଇଁଥିଲା। ଠିକ୍ ସେହି ସମୟରେ ଭାରତର ଏକ ଗାଁରେ କିଛି ଲୋକ ଗୋଟିଏ ପରିବାରର ପାଞ୍ଚ ଜଣ ସଦସ୍ୟଙ୍କୁ ଡାହାଣୀ ଅଭିଯାଗରେ ଜୀବନ୍ତ ଜାଳି ଦେଇଥିଲେ। ଏହି ଦୁଇଟି ଘଟଣା କୌଣସି କଳ୍ପନାର ନୁହେଁ ବରଂ ଆମ ସମୟ ଏବଂ ସମାଜର ଦୁଇଟି ପରସ୍ପର ବିରୋଧୀ ବାସ୍ତବତାର ଦର୍ପଣ। ଗୋଟିଏ ପଟେ ମହାକାଶରେ ବିଜୟ ଏବଂ ଅନ୍ୟପଟେ ଅନ୍ଧବିଶ୍ୱାସର ଚୁଲିରେ ଜଳୁଥିବା ମାନବତା। ବିହାରର ପୂର୍ଣ୍ଣିଆ ଜିଲ୍ଲାର ଟେଟଗାମା ଗାଁରେ ତିନି ଜଣ ମହିଳା ଏବଂ ଦୁଇ ଜଣ ପୁରୁଷଙ୍କୁ ଡାହାଣୀ ସନ୍ଦେହରେ ପିଟି ପିଟି ସେମାନଙ୍କ ଉପରେ ପେଟ୍ରୋଲ ଢାଳି ଜୀବନ୍ତ ଜାଳି ଦିଆଯାଇଥିଲା। ପ୍ରାୟ ୧୫୦ ଜଣ ଏହି ଅମାନବୀୟ କାର୍ଯ୍ୟରେ ସାମିଲ ଥିଲେ। ଏହା କେବଳ ହତ୍ୟା ନଥିଲା ବରଂ ଆମର ସଂସ୍କୃତି ଏବଂ ସମ୍ବିଧାନ ଉଭୟରେ ଥିବା ସେହି ତାର୍କିକ ଚେତନାର ପରାଜୟ।

ଏହା କେବଳ ଗୋଟିଏ ଗାଁ କିମ୍ବା ରାଜ୍ୟର ସମସ୍ୟା ନୁହେଁ। ଓଡ଼ିଶାରେ ମଧ୍ୟ ଏଭଳି ଘଟଣା କମ୍ ନୁହେଁ। ଏହା ସେହି ଚିନ୍ତାଧାରାର ପ୍ରତିଫଳନ, ଯେଉଁଠାରେ ଆମେ ବିଜ୍ଞାନର ଦୀପ ନ ଜାଳି ଆଧୁନିକ ହେବାର ଭ୍ରମ ରଖିଥାଉ। ପ୍ରଯୁକ୍ତିବିଦ୍ୟା ପ୍ରଗତିରୁ ଲାଭ କେବଳ କିଛି ମହାନଗର ଏବଂ ଉଚ୍ଚବର୍ଗ ପର୍ଯ୍ୟନ୍ତ ସୀମିତ ରହିବ କି? ବୈଜ୍ଞାନିକ ଚିନ୍ତାଧାରା, ସମ୍ବେଦନଶୀଳତା ଏବଂ ମାନବାଧିକାର ପ୍ରତି ଚେତନା କ'ଣ ଗାଁ ପର୍ଯ୍ୟନ୍ତ ପହଞ୍ଚିଛି? ନା ଆଧୁନିକତା କେବଳ ମୋବାଇଲ୍ ଏବଂ ଇଣ୍ଟରନେଟ୍ ସୁବିଧା ପର୍ଯ୍ୟନ୍ତ ସୀମିତ? ଏଭଳି ଘଟଣା କେବଳ ମାନବାଧିକାରର ଉଲ୍ଲଂଘନ ନୁହେଁ, ବରଂ ସମ୍ବିଧାନ ଏବଂ ଆଇନର ବିଫଳତା ମଧ୍ୟ। ଯେତେବେଳେ ସମଗ୍ର ଗାଁ ଏକ ଅମାନବୀୟ କାର୍ଯ୍ୟରେ ଜଡ଼ିତ ରହେ ଏବଂ ପୁଲିସ-ପ୍ରଶାସନ ନିଷ୍କ୍ରିୟ ହୁଏ, ସେତେବେଳେ ପ୍ରଶ୍ନ ଉଠେ ଗଣତନ୍ତ୍ରର ସ୍ତମ୍ଭ କେବଳ ନିର୍ବାଚନ ଏବଂ ଭାଷଣରେ ସୀମିତ କି? ପୁଲିସର ନିଷ୍କ୍ରିୟତା ଏବଂ ପ୍ରଶାସନର ଉଦାସୀନତା ଏହି ସମଗ୍ର ବ୍ୟବସ୍ଥା ପାଇଁ ଏକ ଗଭୀର ଆଘାତ। ଏହା ଦର୍ଶାଏ ଯେ ସାମ୍ବିଧାନିକ ଢାଞ୍ଚା ମଧ୍ୟରେ ଅନେକ ଫାଟ ଅଛି, ଯାହାକୁ ପୂରଣ କରିବାର ଦାୟିତ୍ୱ କେବଳ ସରକାରଙ୍କର ନୁହେଁ ବରଂ ସମଗ୍ର ସମାଜର।

ତର୍କ, ବିଜ୍ଞାନ ଏବଂ ଜ୍ଞାନ ଆମ ପୂର୍ବପୁରୁଷଙ୍କ ପରମ୍ପରାରେ ବହୁତ ଗୁରୁତ୍ୱପୂର୍ଣ୍ଣ ଥିଲା। ଆର୍ଯ୍ୟଭଟ୍ଟ, ବରାହମିହିର, ଚରକ, ସୁଶ୍ରୁତ ଭଳି ନାମ କେବଳ ଐତିହାସିକ ନୁହେଁ, ବରଂ ଭାରତୀୟ ବୌଦ୍ଧିକ ପରମ୍ପରାର ମୂଳଦୁଆ। କିନ୍ତୁ ଆଜି କ'ଣ ସେମାନଙ୍କ ଚିନ୍ତାଧାରାର ଛାଇ ଆମ ଗାଁ ଏବଂ ସହର ପର୍ଯ୍ୟନ୍ତ ପହଞ୍ଚିଛି? ଯଦି ଜଣେ ମହିଳା ଅସୁସ୍ଥ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେବା ପରିବର୍ତ୍ତେ ତାଙ୍କୁ ଡାହାଣୀ କହି ପୋଡ଼ି ଦିଆଯାଏ ତେବେ ଏହାର ଅର୍ଥ ହେଉଛି ଆମ ସମାଜ ଅତୀତର କୌଣସି ଏକ ଅନ୍ଧାର କୂଅରେ ପଡ଼ିରହିଛି। ଏହି ସମ୍ପୂର୍ଣ୍ଣ ଆଲୋଚନାରେ ଗଣମାଧ୍ୟମର ଭୂମିକା ମଧ୍ୟ ପରିସରକୁ ଆସେ। ଆଜିର ଗଣମାଧ୍ୟମ କେବଳ ଚାଞ୍ଚଲ୍ୟକର ସମ୍ବାଦ ପରିବେଷଣ ଉପରେ କେନ୍ଦ୍ରିତ। ଘଟଣାର ସମ୍ବେଦନଶୀଳତାକୁ ବୁଝିବା ପରିବର୍ତ୍ତେ ସେମାନେ ତାହାକୁ ଟିଆରପି ଦୌଡ଼ରେ ପରିଣତ କରନ୍ତି। ଅନ୍ଧବିଶ୍ୱାସ, ଅଜ୍ଞତା ଓ କପଟତାର ସମ୍ପୂର୍ଣ୍ଣ ବିନାଶ କରିବା ପାଇଁ ସେମାନେ କେବେ ଚେଷ୍ଟା କରିଛନ୍ତି କି? ସେମାନେ କେବଳ ଘଟଣାର କ୍ଲିପ୍ (ଭିଡିଓ) ତିଆରି କରନ୍ତି। ଭାବପ୍ରବଣତାକୁ ଉତ୍ତେଜିତ କରନ୍ତି। କିନ୍ତୁ କୌଣସି ଆଦର୍ଶଗତ ଆନ୍ଦୋଳନ ଆରମ୍ଭ କରନ୍ତି ନାହିଁ।

ଏପରି ଘଟଣାରେ ଉପସ୍ଥିତ ଜନତାଙ୍କ ସହିତ ଆହୁରି ଅଧିକ ଦାୟୀ ସେହି ଅନୁଷ୍ଠାନଗୁଡ଼ିକ, ଯେଉଁମାନେ ସମାଜକୁ ଦିଗଦର୍ଶନ ଦେବା ପାଇଁ ଉଦ୍ଦିଷ୍ଟ। ସେଗୁଡ଼ିକ ହେଲେ ଶିକ୍ଷାନୁଷ୍ଠାନ, ଧାର୍ମିକ ସଂଗଠନ, ପଞ୍ଚାୟତ ଓ ପ୍ରଶାସନିକ ବ୍ୟବସ୍ଥା। ଟିଭି ଚ୍ୟାନେଲଗୁଡ଼ିକ କେବଳ ଶାଶୂ-ବୋହୂ ନାଟକ ଦେଖାଇବା ପରିବର୍ତ୍ତେ 'ଯାଦୁମନ୍ତ୍ରବିଦ୍ୟା ବନ୍ଦ କର' ଭଳି ଅଭିଯାନକୁ ପ୍ରାଥମିକତା ଦେବା ଉଚିତ। ପ୍ରତି ମାସରେ ପଞ୍ଚାୟତରେ ତର୍କଭିତ୍ତିକ ଆଲୋଚନା ହେବା ଉଚିତ। ସ୍କୁଲଗୁଡ଼ିକରେ ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ଚେତନାର ପାଠ ମଧ୍ୟ ପଢ଼ାଯିବା ଉଚିତ।

ସନାତନ ପରମ୍ପରାର ମୌଳିକ ଉପାଦାନଗୁଡ଼ିକ ହେଉଛି କରୁଣା ଓ ଜ୍ଞାନ। ସମାଜରେ ସନାତନର ସେହି ମୂଲ୍ୟବୋଧଗୁଡ଼ିକୁ ପୁନଃସ୍ଥାପିତ କରିବାକୁ ପଡ଼ିବ, ଯାହା ପ୍ରତ୍ୟେକ ଜୀବରେ ଆତ୍ମାକୁ ଦେଖାଏ। ଭାରତ ବୈଷୟିକ ଦକ୍ଷତାର ପ୍ରତୀକ ଚନ୍ଦ୍ରାୟଣ-୩ ଯେତେବେଳେ ଚନ୍ଦ୍ରରେ ଅବତରଣ କରେ ସେତେବେଳେ ଭାରତର ଆତ୍ମା ମଧ୍ୟ ଆକାଶକୁ ସ୍ପର୍ଶ କରିବାକୁ ଆକାଂକ୍ଷା ରଖେ। କିନ୍ତୁ ଯେତେବେଳେ ଜଣେ ମହିଳାଙ୍କୁ ଡାହାଣୀ ଅଭିଯୋଗରେ ଜୀବନ୍ତ ଜଳାଇ ଦିଆଯାଏ ସେହି ଆତ୍ମା ଚିତ୍କାର କରେ। ଏହା ଆମ ସମୟର ବିରୋଧାଭାସ। ଗୋଟିଏ ପଟେ ବିଜ୍ଞାନ ଅନ୍ୟପଟେ ଅନ୍ଧବିଶ୍ୱାସ। ଗୋଟିଏ ପଟେ ମହାକାଶରେ ସଫଳତା ଅନ୍ୟପଟେ ସାମାଜିକ ଅବକ୍ଷୟ। ଭାରତର ଭବିଷ୍ୟତ ସେତେବେଳେ ସୁରକ୍ଷିତ ହେବ, ଯେତେବେଳେ ବିଜ୍ଞାନ ଓ ଜ୍ଞାନର ଆଲୋକ ପ୍ରତ୍ୟେକ ଗାଁ, ଘର ଏବଂ ମନରେ ପହଞ୍ଚିବ। 'ତମସୋ ମା ଜ୍ୟୋତିର୍ଗମୟ' କେବଳ ଏକ ଶ୍ଳୋକ ହେବା ଉଚିତ୍ ନୁହେଁ। ଏହା ଏକ ସାମାଜିକ ଅଭିଯାନ ହେବା ଉଚିତ୍। ଅଜ୍ଞତାରୁ ଜ୍ଞାନ, ଅନ୍ଧାରରୁ ଆଲୋକ, ହିଂସାରୁ କରୁଣା।

ନୟାଗଡ଼, ମୋ: ୯୪୩୭୬୪୨୯୪୭

# ଆମ ବୃକ୍ଷଲତା ଆମ ଜୀବନ

## ଦକ୍ଷିଣ କବାଟ

## ପ୍ରକୃତି-ପରିବେଶ

**ସୌଭାଗ୍ୟସୁନ୍ଦର**

ଦକ୍ଷିଣ କବାଟ ଏକ ବଡ଼ ପର୍ଣ୍ଣମୋଚୀ ଗଛ, ଯାହା ଭାରତ ଓ ଶ୍ରୀଲଙ୍କାରେ ପ୍ରାୟ ସବୁଠାରେ ଦେଖାଯାଏ। ଏହା ଏକ ବହୁମୁଖୀ ବୃକ୍ଷ। ତେଣୁ ସାଧାରଣତଃ ସ୍ୱର୍ଗର ଉଦ୍ଭିଦ ଭାବରେ ଲୋକକଥା ରହିଛି। କିନ୍ତୁ ତାମିଲରେ ଏହାର ଅପ୍ରୀତିକର ଗନ୍ଧ ଯୋଗୁଁ ଏହାକୁ 'ପାଇ-ନାରି ମାରାମ' ବୋଲି କୁହାଯାଏ। ଏହା ସେହି ଅଞ୍ଚଳରେ ଭଲ ବଢ଼ିଥାଏ, ଯେଉଁଠାରେ ବାର୍ଷିକ ଦିନର ତାପମାତ୍ରା ୨୦ - ୪୦ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ଥାଏ, ତା'ଠାରୁ କମ୍ ବା ଅଧିକ ଉତ୍ତାପ ସହ୍ୟ କରିପାରେ ନାହିଁ। ସୀମା ଚିହ୍ନିତ କରିବା ଏବଂ ମୃତ୍ତିକା କ୍ଷୟକୁ ରୋକିବା ପାଇଁ 'ଦକ୍ଷିଣ କବାଟ' ଜମି ହିଡ଼ ଏବଂ ନଦୀର ଧାରରେ ଲଗାଯାଏ।

'ଦକ୍ଷିଣ କବାଟ' ପ୍ରାୟ ୧୫ ମିଟର ଉଚ୍ଚତା ପର୍ଯ୍ୟନ୍ତ ବଢ଼ିଥାଏ। ଏହାର ଛାଲି ହାଲୁକା ଧୂସର-ବାଦାମୀ, ତନ୍ତୁମୟ କିମ୍ବା ଗ୍ରନ୍ଥଯୁକ୍ତ, ରୁକ୍ଷ, ଡାଳଗୁଡ଼ିକ ସ୍ଥାୟୀ ପତ୍ର ଦାଗ ସହିତ ଥାଏ। ଗଣ୍ଠିରୁ ଗୋଟିଏ ଲେଖା ପତ୍ର ବିକଳ୍ପ ଦିଗରେ ଉତ୍ପତ୍ତି ହୋଇଥାଏ। ୨୦-୮୦ ସେମି ଲମ୍ବ ବିଶିଷ୍ଟ ପତ୍ରଗୁଡ଼ିକର ଅଂଶର ଧାର ଅନିୟମିତ ଭାବରେ ଦନ୍ତଯୁକ୍ତ। ସବୁଜ-ହଳଦିଆ ରଙ୍ଗର ଫୁଲଗୁଡ଼ିକ ଏକଲିଙ୍ଗୀ, ଆୟତନରେ ଛୋଟ, ଅନେକ ଅକ୍ଷିରୀ କିମ୍ବା ଶେଷ ପ୍ୟାନିକେଲରେ ସଜ୍ଜିତ ଥାଏ, ଦୁର୍ଗନ୍ଧ ନିର୍ଗତ କରେ; ଫୁଲର ବାହ୍ୟ ଆବରଣ ବା ସେପାଲ୍ ୫ଟି ଏବଂ ପାଖୁଡ଼ା ୫ଟି ଲେଖା ଥାଏ। ଜାନୁଆରୀ-ମାର୍ଚ୍ଚ ମାସ ପର୍ଯ୍ୟନ୍ତ ଫୁଲ ଫୁଟିଥାଏ ଏବଂ ଜୁଲାଇ ପର୍ଯ୍ୟନ୍ତ ଫଳ ଦେଇଥାଏ। ଫଳ ଏକବୀଜ ବିଶିଷ୍ଟ ସମାରା, ଚେପଟା, ୫ ସେମି ଲମ୍ବ।

ଆୟୁର୍ବେଦ, ଲୋକାଚାର ଏବଂ ସିଦ୍ଧ ପ୍ରଣାଳୀରେ ଏହା ଏକ ଗୁରୁତ୍ୱପୂର୍ଣ୍ଣ ଔଷଧୀୟ ଉଦ୍ଭିଦ। ଗଛର ଅଠା ଓ ପତ୍ରରେ ପ୍ରାଥମିକତା ଭାବରେ ଆରୋଗ୍ୟ ଗୁଣ ଅଛି। ଗଛର ଛାଲ ତିକ୍ତ, ଆଣ୍ଟିସ୍ପାସ୍ମୋଡିକ୍, ଆଣ୍ଟିହେଲମିନ୍ଥକ, ଆଣ୍ଟିଆମୋଏବିକ୍, ଆଣ୍ଟିପ୍ଲାଜମୋଡିଆଲ୍, ଆଣ୍ଟି-ଇନ୍‌ଫ୍ଲାମେଟରୀ, ଆଣ୍ଟିଡାଇରିଆଲ୍, ଆଣ୍ଟିଫର୍ଟିଲିଟି, ଆଣ୍ଟିଅକ୍ସିଡାଣ୍ଟ ଏବଂ ଆଣ୍ଟିମାଇକ୍ରୋବାୟଲ୍, ଆଣ୍ଟିସେପ୍ଟୋରାଣ୍ଟ ଗୁଣରେ ଭରପୂର। ଛାଲି ଏକ ଜ୍ୱରକ ଭାବରେ କାର୍ଯ୍ୟ କରେ। ବୃକ୍ଷର ବିଭିନ୍ନ ଅଂଶକୁ ଶ୍ୱାସରୋଗ, ପତଳା ଝାଡ଼ା, ପ୍ରସବ ପରବର୍ତ୍ତୀ ଟନିକ୍ ଏବଂ ପରବର୍ତ୍ତୀ ଯନ୍ତ୍ରଣା ଉପଶମ, ମଳକଣ୍ଟକ, ଲ୍ୟୁକୋରିଆ ଆଦିର ଉପଚାରରେ ଫଳପ୍ରଦ ବ୍ୟବହାର କରାଯାଏ। ଏହା ଏକ ଲାର୍ଗାକ୍ଟିର, ଯାହା ସ୍କିଜୋଫ୍ରେନିଆ, ପାରାନୋଇଆ (ଭ୍ରମ ଏବଂ ଅତ୍ୟନ୍ତ ଚିନ୍ତିତ କିମ୍ବା ନର୍ଭସ ଅନୁଭବ କରିବା), ମାନିଆ (ଅତି ସକ୍ରିୟ ଆଚରଣ), ଚିନ୍ତା, ଉତ୍ତେଜନା ଏବଂ ବିପଜ୍ଜନକ ଭାବରେ ଆବେଗପୂର୍ଣ୍ଣ ଆଚରଣ ଆଦି ମାନସିକ ଚିକିତ୍ସା ପାଇଁ ବ୍ୟବହୃତ ହୁଏ। ଏହି ଗଛରେ ପ୍ରୋଟିନ୍, ଫ୍ୟାଟି ଏସିଡ୍ ଓ କାର୍ବୋହାଇଡ୍ରେଟ୍ ବ୍ୟତୀତ ଆଲକାଲଏଡ୍ ଓ ଫ୍ଲାଭୋନଏଡ୍ ଭଳି ଅନେକ ଫାଇଟୋକେମିକାଲ୍ ଥିବା ଜଣାଯାଏ। ଆଇଲାନ୍‌ଠଥଓନ୍, ଗ୍ଲୁକାରୁବିନୋନ୍ ଓ ଗ୍ଲୁକାରୁବୋଲ୍ ୧୫-ଆଇସୋଭାଲେରେଟ୍ ଏବଂ ଡିହାଇଡ୍ରୋଗ୍ଲୁକାରୁବୋଲ୍, ଆଇସୋଭାଲେରେଟ୍‌ର ମିଶ୍ରଣରେ ଭରପୂର ମୂଳ ଛାଲର ନିର୍ଯାସ ଟ୍ୟୁମର ଓ ସାଇଟୋଟକ୍ସିକ କାର୍ଯ୍ୟକଳାପ ପାଇଁ ଦାୟୀ ଯୌଗିକ ଭାବରେ ଦେଖାଯାଏ।

ବାୟୁମଣ୍ଡଳରେ ଝୁଲି ରହୁଥିବା ହାନିକାରକ ପିଏମ୍ କଣିକାକୁ ଧରି ରଖିବାରେ ଦକ୍ଷିଣ କବାଟ ସର୍ବୋତ୍ତମ ଦକ୍ଷ ବୃକ୍ଷ। ତେଣୁ ପ୍ରଦୂଷିତ ଅଞ୍ଚଳମାନଙ୍କରେ ଏହାକୁ ଲଗାଇବା ପାଇଁ ସୁପାରିସ କରାଯାଏ। ଫଳଟି ଖାଦ୍ୟ ଉପଯୋଗୀ ନୁହଁ। ତେଣୁ ଗୋରୁଗାଈ ଏହାକୁ ଖାଆନ୍ତି ନାହିଁ। କିନ୍ତୁ ସବୁଜ ସାର ପାଇଁ ଭଲ। ତେବେ ଏହାର ପତ୍ରଗୁଡ଼ିକ ଗାଈ, ଛେଳି, ମେଣ୍ଢା ଏବଂ ଓଟଙ୍କ ପାଇଁ ବିକଳ୍ପ ଖାଦ୍ୟ ଭାବରେ ବ୍ୟବହୃତ ହୁଏ। ଏହାର କାଠ ନରମ, ଦିଆସିଲି କାଠି ଏବଂ କାଠ ପ୍ୟାକେଜିଂ ବାକ୍ସ ଶିଳ୍ପ, ରାଜସ୍ଥାନୀ କଠଉ ଶିଳ୍ପ ଏବଂ କାଟାମାରାନ୍ (ଡଙ୍ଗା ଏବଂ ଜାହାଜରେ ବ୍ୟବହାର ଉପକରଣ) ନିର୍ମାଣ ପାଇଁ ବ୍ୟବହୃତ ହୁଏ। ଏହାକୁ ସୁରକ୍ଷିତ କୀଟନାଶକ ଭାବରେ ବିବେଚନା କରାଯାଇପାରିବ। ଏହାର ପରାଗରେ ଆଲର୍ଜେନିକ୍ ପ୍ରୋଟିନ୍ ମଧ୍ୟ ଥାଏ ଯାହା ବିଭିନ୍ନ ଶ୍ୱାସକ୍ରିୟା ରୋଗର କାରଣ ହୁଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଦୁଇ କାର୍ ମୁହାମୁହିଁ ଧକ୍କା; ୩ ମୃତ

ସୁନାବେଡ଼ା,୨୦।୭ (ସମିସ): ଶନିବାର ବିଳମ୍ବିତ ରାତିରେ ୨୬ ନମ୍ବର ଜାତୀୟ ରାଜପଥର ସୁନାବେଡ଼ା ଟିଟିଏସ୍ ଫାଟକ ସମ୍ମୁଖରେ ଦୁଇଟି କାର୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ୩ ଜଣଙ୍କ ମୃତ୍ୟୁ ହୋଇଛି। ଅନ୍ୟ ଦୁଇଜଣ ଗୁରୁତର ହୋଇ ବିଶାଖାପାଟଣାରେ ଚିକିତ୍ସିତ ହେଉଛନ୍ତି।

ମୃତକମାନେ ହେଲେ, ସୁନାବେଡ଼ା ଏଇଏଫ୍ କଲୋନୀର ଆଶୁତୋଷ ରଣା (୪୪), ସୁନାବେଡ଼ା ଡିପି କ୍ୟାମ୍ପର ଦିବ୍ୟରଞ୍ଜନ ପାତ୍ର (୨୪) ଏବଂ ଏଚଏଏଲ୍ କଲୋନୀର ବିକାଶ କୁମାର ପାତ୍ର (୨୫)।



ସୂଚନାନୁସାରେ, ଶନିବାର ରାତିରେ ଏକ ଧଳା ରଙ୍ଗର ଟାଟା ସଫାରୀ କାର୍ କୋରାପୁଟରୁ ଦାମନଯୋଡ଼ି ଯାଉଥିବା ବେଳେ ସୁନାବେଡ଼ା ଟିଟିଏସ ମୁଖ୍ୟଗେଟ୍ ନିକଟରେ ବିପରୀତ ଦିଗରୁ ଆସୁଥିବା ଏକ ନୀଳ ରଙ୍ଗର କାର୍ ସହ ମୁହାଁମୁହିଁ ଧକ୍କା ହୋଇଥିଲା। ଏଥିରେ ଆଶୁତୋଷଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିଲା। ସୁନାବେଡ଼ା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଗୁରୁତର ୫ଜଣଙ୍କୁ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସ୍ପିଟାଲକୁ ପଠାଇଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଦିବ୍ୟରଞ୍ଜନ ଓ ବିକାଶଙ୍କର ମୃତ୍ୟୁ ହୋଇଥିଲା। ଗୁରୁତର ଆହତ ଗଞ୍ଜାମ କଲୋନୀର ମୋହନ ହରିଜନଙ୍କ ପୁଅ କୈଳାସ ହରିଜନ (୩୦) ଏବଂ ଅନ୍ୟ ଜଣକୁ ବିଶାଖାପାଟଣା ସ୍ଥାନାନ୍ତର କରାଯାଇଛି। ଉଭୟେ ଆପୋଲୋ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ଜଣାପଡ଼ିଛି। ସବ୍-ଇନ୍ସପେକ୍ଟର୍ ଚରଣ ସିଂ ମାଝୀ ଘଟଣାର ତଦନ୍ତ କରୁଛନ୍ତି। ବ୍ୟବଚ୍ଛେଦ ପରେ ମୃତଦେହଗୁଡ଼ିକୁ ସେମାନଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ସୁନାବେଡ଼ା ଥାନା ଅଧିକାରୀ ସୁଷମା କହଁର ସୂଚନା ଦେଇଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିଧାନସଭାରେ ଗେମ୍ ଖେଳିଲେ...

ବସି ମୋବାଇଲ ଗେମ୍ ଖେଳୁଛନ୍ତି। ଏହା ସବୁଠୁ ଘୃଣ୍ୟ କାମ। ସେ ଏହି ପ୍ରସଙ୍ଗରେ ଉପ-ମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ସହ ଆଲୋଚନା କରିବେ ବୋଲି କହିଛନ୍ତି। ଏନସିପି (ଏସପି) ବିଧାୟକ ରୋହିତ ପାୱାର କହିଛନ୍ତି ଯେ ରାଜ୍ୟରେ ଚାଷୀ ଆତ୍ମହତ୍ୟା କରୁଥିବାବେଳେ ସରକାର ଶୋଇଛନ୍ତି। ଫସଲ ବୀମା ସମସ୍ୟା ହେଉ କି ରଣଛାଡ଼ କିମ୍ବା ଫସଲର ଉଚିତ ଦାମ ଦେବାକୁ ସରକାର ଧ୍ୟାନ ଦେଉନାହାନ୍ତି। କିନ୍ତୁ ସଦନରେ ଗେମ୍ ଖେଳିବାକୁ ମନ୍ତ୍ରୀଙ୍କ ପାଖରେ ସମୟ ଅଛି। କ୍ଷମତାସୀନ ଲୋକ ବିଜେପି ଅନୁମତି ବିନା କୌଣସି ନିଷ୍ପତ୍ତି ନେଇ ପାରୁନାହାନ୍ତି। ମନ୍ତ୍ରୀମାନେ ଚାଷୀଙ୍କ ଦୁଃଖ କେବେ ଶୁଣିବେ?

### ଓଡ଼ିଶା, ବିହାର...

ଗୋପାଳପୁରରେ ଛାତ୍ରୀଙ୍କୁ ଦୁଷ୍କର୍ମ, ବାଲେଶ୍ୱର ଏଫ୍ଏମ୍ କଲେଜ ଛାତ୍ରୀଙ୍କ ଆତ୍ମଦାହ ଏବଂ ବଲଙ୍ଗାରେ ନାବାଳିକାକୁ ଦୁର୍ବୃତ୍ତ ଜିଅନ୍ତା ଜାଳିଦେବା ଘଟଣା ନେଇ ଓଡ଼ିଶା ଅଶାନ୍ତ ହୋଇପଡ଼ିଛି।

ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ କହିଥିଲେ ଯେ ନିୟମ ଓ ପରମ୍ପରା ଅନୁଯାୟୀ ସରକାର ସମସ୍ତ ପ୍ରସଙ୍ଗ ଉପରେ ଆଲୋଚନା କରିବା ସହିତ ଉତ୍ତର ଦେବାକୁ ବି ପ୍ରସ୍ତୁତ ଅଛନ୍ତି। ଶୃଙ୍ଖଳିତ ଗୃହ ପରିଚାଳନାରେ ସେ ବିରୋଧୀଙ୍କ ସହଯୋଗ ଲୋଡ଼ିବା ସହିତ ସରକାର ଓ ବିରୋଧୀ ଦଳ ମଧ୍ୟରେ ଉପଯୁକ୍ତ ସମନ୍ୱୟ ଉପରେ ଗୁରୁତ୍ୱ ଦେଇଥିଲେ। ସେ କହିଲେ ଯେ କେବଳ ପହଲଗାମ ଓ ଅପରେସନ ସିନ୍ଦୂର ନୁହେଁ, ଅନ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ମଧ୍ୟ ସରକାର ଆଲୋଚନା ପାଇଁ ପ୍ରସ୍ତୁତ ଅଛନ୍ତି। କିନ୍ତୁ ଏହା ନିୟମ ଓ ପରଂପରା ଅନୁଯାୟୀ ହିଁ ହେବ। ବିହାର ଓ ଟ୍ରମ୍ପ ପ୍ରସଙ୍ଗରେ ପ୍ରଧାନମନ୍ତ୍ରୀ ମୋଦୀ ନିଜେ ସଂସଦାରେ ଉପସ୍ଥିତ ରହି ଉତ୍ତର ଦିଅନ୍ତୁ ବୋଲି ବିରୋଧୀଙ୍କ ଦାବି ସଂପର୍କରେ ସେ କହିଲେ ଯେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ବେଳେ ପ୍ରଧାନମନ୍ତ୍ରୀ ଉପସ୍ଥିତ ରୁହନ୍ତି।

ମନ୍ତ୍ରୀ ଆହୁରି କହିଲେ ଯେ ଘରୁ ନଗଦ ଟଙ୍କା ଜବତ ମାମଲାରେ ହାଇକୋର୍ଟ ବିଚାରପତି ଜଷ୍ଟିସ ଯଶବନ୍ତ ବର୍ମାଙ୍କୁ ବହିଷ୍କାର କରିବା ଲାଗି ଚଳିତ ଅଧିବେଶନରେ ମହାଭିଯୋଗ ପ୍ରସ୍ତାବ ଅଣାଯିବ। ଏହି ପ୍ରସଙ୍ଗରେ ସବୁ ଦଳ ଏକମତ ଅଛନ୍ତି। ମହାଭିଯୋଗ ପାଇଁ ଶହେରୁ ଅଧିକ ସାଂସଦ ପ୍ରସ୍ତାବରେ ଦସ୍ତଖତ କରିସାରିଲେଣି। ଏହି ଅଧିବେଶନରେ ୧୭ଟି ବିଲ୍ ଆଗତ କରାଯିବ। ଆଜିର ସର୍ବଦଳୀୟ ବୈଠକରେ ୫୧ଟି ରାଜନୈତିକ ଦଳର ୫୪ ସଭ୍ୟ ଉପସ୍ଥିତ ଥିଲେ ବୋଲି ସେ କହିଛନ୍ତି।

### ଡିଏଫ୍ଓ ନା...

କୋର୍ଟରୁ ଅନୁମତି ଆଣି ଆଜି ଭିଜିଲାନ୍ସ ଚଢଉ କରିଛି।

ଭିଜିଲାନ୍ସ ଠାବ କରିଥିବା ୧୧୫ଟି ପ୍ଲଟ୍ ମଧ୍ୟରୁ ୫୩ ପ୍ଲଟ୍ ତାଙ୍କ ନାମରେ ଥିବା ବେଳେ ୪୨ଟି ପ୍ଲଟ୍ ତାଙ୍କ ପତ୍ନୀ ନାମରେ ରହିଛି। ୧୬ଟି ପ୍ଲଟ୍ ତାଙ୍କର ଦୁଇ ପୁଅଙ୍କ ନାମରେ ଏବଂ ୪ଟି ପ୍ଲଟ୍ ତାଙ୍କ ଝିଅ ନାମରେ ରହିଛି। ସବୁ ପ୍ଲଟ୍‌କୁ ଅନୁଗୋଳ ଜିଲ୍ଲା ଛେଣ୍ଡିପଦାରେ କିଣିଛନ୍ତି ଡିଏଫ୍ଓ ନିତ୍ୟାନନ୍ଦ। ଅନୁଗୁଳରେ ବାବୁଙ୍କର ଗୋଟିଏ ୪ତାଲା ବହୁତଳ କୋଠା ଠାବ କରାଯାଇଛି। ୧୯୯୨ରେ ରେଞ୍ଜ ଅଫିସର ଭାବେ ସରକାରୀ ଚାକିରି ଆରମ୍ଭ କରିବା ପରଠାରୁ ୨୦୨୪ ମଧ୍ୟରେ ନିତ୍ୟାନନ୍ଦ ଏହି ସବୁ ପ୍ଲଟ୍ କିଣିଛନ୍ତି। ଛେଣ୍ଡିପଦାରେ ୧୯୯୨ରୁ ୨୦୦୬ରେ ରେଞ୍ଜର ଥିବା ବେଳେ ସେ ୨ଟି ପ୍ଲଟ୍ କିଣିଥିଲେ। ୨୦୦୭ରୁ ୨୦୧୫ରେ ନୂଆପଡ଼ା ଡିଭିଜନରେ ରେଞ୍ଜର ଅଫିସର ଥିବା ବେଳେ ୬୪ଟି ପ୍ଲଟ୍ କିଣିଥିଲେ। ୨୦୧୫ରୁ ୨୦୨୨ରେ ରାୟଗଡ଼ା ଫରେଷ୍ଟ ଡିଭିଜନରେ ସହକାରୀ ବନ ସଂରକ୍ଷକ ଥିବା ବେଳେ ୩୯ଟି ପ୍ଲଟ୍ କରିଥିଲେ। ୨୦୨୨ରୁ ୨୦୨୪ରେ ଭୁବନେଶ୍ୱର ପିସିସିଏଫ ଅଫିସରେ ଉପ ବନ ସଂରକ୍ଷକ ଥିବା ବେଳେ ୮ଟି ପ୍ଲଟ୍ କିଣିଛନ୍ତି। ଆହୁରି ମଧ୍ୟ ୨୦୨୪ ଜାନୁୟାରୀ ୨୪ରୁ ବର୍ତ୍ତମାନ ପର୍ଯ୍ୟନ୍ତ ସେ ୨ଟି ପ୍ଲଟ୍ କିଣିଥିବା ଭିଜିଲାନ୍ସ ତଦନ୍ତରୁ ଜାଣିବାକୁ ପାଇଛି। ଠାବ ହୋଇଥିବା ଜମିର ମୂଲ୍ୟ ୨.୫କୋଟି ହେବ ବୋଲି ଭିଜିଲାନ୍ସ କହିଛି। ଏହି ଜମିର ସଠିକ୍‌ମୂଲ୍ୟ ପାଇଁ ଭିଜିଲାନ୍ସର ଟେକ୍ନିକାଲ ଟିମ୍ ଆକଳନ କରୁଛନ୍ତି।

ତାଙ୍କ ଘରୁ ଚଢଉ ସମୟରେ ୧.୫୫ ଲକ୍ଷ ଟଙ୍କା ଜବତ କରାଯାଇଥିବା ବେଳେ ୨୦୦ ଗ୍ରାମ ସୁନା ଅଳଙ୍କାର ଠାବ ହୋଇଛି। ଅନୁଗୋଳର ତୁରଙ୍ଗରେ ଡିଏଫଓଙ୍କ ନାମରେ ଏକ ଚାରି ମହଲା କୋଠା ଅଛି। ପ୍ରାୟ ୯୦୦୦ ବର୍ଗଫୁଟ୍ ଅଞ୍ଚଳରେ ଏହି କୋଠାଟି ତିଆରି ହୋଇଛି। ବଡ଼ କଥା ହେଲା ଚଢଉ ସମୟରେ ଘରେ ଶାଗୁଆନ କାଠରେ ବିଭିନ୍ନ ଠାକୁରଙ୍କ ମୂର୍ତ୍ତି ମିଳିଛି। ଖଟ ଠାରୁ ଆରମ୍ଭ କରି ଘରର କବାଟ, ଚେୟାର, ଘର ଭିତରେ ଏକ ଖମ୍ବ ମଧ୍ୟ ଦାମୀ ଶାଗୁଆନ୍ ଠାକରେ ନିର୍ମିତ ହୋଇଛି। ହାତୀ ମୂର୍ତ୍ତି ପଞ୍ଚମୁଖୀ ହନୁମାନ, ଗଣେଶ, ରାଧା କୃଷ୍ଣ ଭଳି ଏକାଧିକ ଭଗବାନଙ୍କ ସୁନ୍ଦର ମୂର୍ତ୍ତି ଏହି ଶାଗୁଆନ କାଠରେ ନିର୍ମିତ ହୋଇଥିବା ଦେଖିବାକୁ ମିଳିଛି। ଆହୁରି ମଧ୍ୟ ଘରୁ ଭିତରେ ଏକ ଛୋଟ ଅସ୍ତ୍ରାଗାର କରିଥିଲେ। ସେଥିରେ ଏକ ଦେଶୀ ବନ୍ଧୁକ, ଧନୁତୀର, ଫାର୍ସା, କୁରାଢି, ଟାଙ୍ଗିଆ ଆଦି ରଖିଥିଲେ। ଶିକାରୀଙ୍କ ଠାରୁ ଜବତ ହୋଇଥିବା ଏହି ଅସ୍ତ୍ରକୁ ନିତ୍ୟାନନ୍ଦ ଘରକୁ ଆଣି ସାଇତ ରଖୁଥିଲେ। ତାଙ୍କର ବ୍ୟାଙ୍କ୍ ଆକାଉଣ୍ଟ ଏବଂ ଇନ୍ସ୍ୟୁରାନ୍ସରେ କେତେ ଟଙ୍କା ରହିଛି ତାହାକୁ ଭିଜିଲାନ୍ସ ଟିମ୍ ଛନ୍‌ଭିନ୍ କରୁଛି। ଦୁଇଟି ଚାରି ଚକିଆ ଏବଂ ୪ଟି ବାଇକ୍ ରହିଛି। ୧୫ଲକ୍ଷ ଟଙ୍କାର ଘରର ବିଭିନ୍ନ ଆସବାବପତ୍ର ରହିଛି। ଠାବ କରାଯାଇଥିବା ସମ୍ପତ୍ତିର ହିସାବ ମାଗିଥିଲେ ମଧ୍ୟ ଡିଏଫ୍ଓ ଦେଇ ପାରିନଥିଲେ। ଭିଜିଲାନ୍ସ ଏନେଇ ଏକ ମାମଲା ରୁଜୁ କରି ତାଙ୍କୁ ଅଟକ ରଖି ପଚରାଉଚରା କରୁଛି।

### ୫ କିଲୋ ମାଗଣା...

ମହିଳା ଓ ରୋଗୀଙ୍କୁ ନେବା ଆଣିବା କଷ୍ଟକର ହୋଇପଡ଼ିଥିବା ବେଳେ ବହୁ ସମୟ ଖଟିଆରେ ବୋହି ୫/୧୦ କିମି ଦୂର ନେବାକୁ ପଡିଥାଏ। ତେଣୁ ଏହି ଗ୍ରାମବାସୀ ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବାକୁ ହେଲେ ୩୦/୩୫ କିମି ଦୂର ଅଟୋ, ଟ୍ରାକ୍ଟର, ପିକ୍‌ଅପ ଭ୍ୟାନ୍ ଭଡାକରି ପିଡ଼ିଏସ୍ ଚାଉଳ ଆଣିବା ପାଇଁ ନର୍ଲା ବ୍ଲକ ଛତିକୁଡ଼ା, ସଦର ବ୍ଲକ୍ ଦେପୁର, ଇଚ୍ଛାପୁର ଦେଇ ଗୁଣ୍ଡୁରୀ ପଞ୍ଚାୟତକୁ ଯିବାକୁ ପଡିଥାଏ।

ମାଗଣା ଚାଉଳ ପାଇଁ ୧୦୦ ଟଙ୍କା ଖର୍ଚ୍ଚ ହେଉଥିବା ଏହି ଦୁର୍ଗମ ଅଞ୍ଚଳର ଗାଁ ଲୋକେ କହିଛନ୍ତି। ପଞ୍ଚାୟତ ପକ୍ଷରୁ ହାତୀମୁଣ୍ଡା ଗାଁଠାରେ କ୍ୟାମ୍ପ କରି ବୃଦ୍ଧବୃଦ୍ଧା, ଦିବ୍ୟାଙ୍ଗ, ବିଧବାଙ୍କୁ ଗୁଣ୍ଡରି ପିଇଓ ଭତ୍ତା ଦେଉଥିବା ସୂଚନା ମିଳିଛି। ଅନ୍ୟପକ୍ଷେ ଏମାନଙ୍କ ପାଇଁ ବିଦ୍ୟୁତ୍ ସ୍ୱପ୍ନ ପାଲଟିଛି। ଏହି ପଞ୍ଚାୟତର ସୁସପଦର, ବରିଙ୍ଗପଦର, ଦାରବଙ୍ଗ, କାଚାଙ୍ଗଭଟା, ଗମପେନୁ, ବିଜେପୁର, କନ୍ଧ ସୁସପଦର ଗାଁକୁ ବିଜୁଳି ନାହିଁ। ବାରମ୍ବାର ଅଭିଯୋଗ ପରେ ବି ବିଦ୍ୟୁତ୍ ବିଭାଗ କିମ୍ବା ପ୍ରଶାସନ ଶୁଣୁନି ବୋଲି ଲୋକେ ପ୍ରକାଶ କରିଛନ୍ତି। ଏହି ୧୧ଟି ଗ୍ରାମବାସୀ ରାସ୍ତା ନ ଥିବା ଯୋଗୁଁ ବର୍ଷ ବର୍ଷ ଧରି ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରଲାଞ୍ଜି ଗାଁଠାରୁ କାବାଗେଞ୍ଜୁ, ଶୋଷପଦର, ବରଙ୍ଗପଦର ଦେଇ ମନସ୍ଥରା ଗାଁ ପର୍ଯ୍ୟନ୍ତ ରାସ୍ତା ପାଇଁ ପଞ୍ଚାୟତବାସୀ ପ୍ରସ୍ତାବ ଦେଇଛନ୍ତି। ଏହି ରାସ୍ତା ନିର୍ମାଣ ହେଲେ ଏହି ୧୧ଟି ଗାଁକୁ ପଞ୍ଚାୟତ ମାତ୍ର ୫ରୁ ୧୫ କିମି ହେବ ବୋଲି ଗ୍ରାମବାସୀ କହିଛନ୍ତି।

### ଆସୁଛି ବଡ଼...

ଦକ୍ଷିଣ ଓଡ଼ିଶାର କେତେକ ସ୍ଥାନରେ ଭଲ ବର୍ଷାର ସମ୍ଭାବନା ରହିଛି। ଏଥିପାଇଁ ମାଲକାନଗିରି, କୋରାପୁଟ, ରାୟଗଡ଼ା, ଗଜପତି ଓ ଗଞ୍ଜାମ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ନବରଙ୍ଗପୁର, କଳାହାଣ୍ଡି, କନ୍ଧମାଳ, ଢେଙ୍କାନାଳ, ଅନୁଗୋଳ, ବୌଦ୍ଧ, ଦେବଗଡ଼, ସମ୍ବଲପୁର, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସୋନପୁର, ବଲାଙ୍ଗିର, ନୂଆପଡ଼ା, କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ସ୍ୱଳ୍ପରୁ ହାଲୁକା ବର୍ଷା ନେଇ ମଧ୍ୟ ଆକଳନ କରାଯାଇଛି।

### ଭଞ୍ଜନଗରରୁ ଧରାପଡ଼ିଲା...

କୈଳାସ ପ୍ରଥମେ ନରହରିକୁ ଆକ୍ରମଣ କରିଥିଲେ। କୈଳାସ ଶୋଇବାକୁ ଯିବାବେଳେ ନରହରି ଦାଣ୍ଡ ଘରୁ ସିମେଣ୍ଟ ଇଟା ଆଣିଥିଲା। ସେହି ଇଟାରେ କୈଳାସଙ୍କ ମୁହଁକୁ ଆକ୍ରମଣ କରିଥିଲେ। ସେ ନିଦରୁ ଉଠି ପଡ଼ି ନେହୁରା ହୋଇଥିଲେ ମଧ୍ୟ ନରହରି କିଛି ଶୁଣିନଥିଲା। ଇଟା ଭାଙ୍ଗିବା ପର୍ଯ୍ୟନ୍ତ କୈଳାସ ମୁହଁକୁ ଆକ୍ରମଣ କରି ଚାଲିଥିଲା।

କୈଳାସ ଅଚେତ ହୋଇଯିବା ପରେ ନରହରି ଫେରାର ହେବାକୁ ଯୋଜନା କରିଥିଲା। ଗାଡ଼ି ନଥିବାରୁ ପଡ଼ୋଶୀ ଘରେ ଭଡ଼ା ରହୁଥିବା କଟକ ଜିଲ୍ଲା କମରପଦାର ହିମାଂଶୁ ପ୍ରଧାନଙ୍କ ଗାଡ଼ି ଚୋରି କରି ଫେରାର ହୋଇ ଯାଇଥିଲା। ଶୁକ୍ରବାର ସକାଳୁ ପୁଅର ରକ୍ତାକ୍ତ ମୃତଦେହ ଦେଖି ବେବିନା ଭରତପୁର ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ହତ୍ୟା ମାମଲା ରୁଜୁ କରିଥିଲା। ସାଇଣ୍ଟିଫିକ୍ ଟିମ୍ ସହାୟତାରେ ତଦନ୍ତ କରିବା ସହିତ ମୃତଦେହ ବ୍ୟବଚ୍ଛେଦ କରିଥିଲା। ଘଟଣା ଦିନ ରାତିରେ କୈଳାସ ସହିତ ନରହରି ଥିବାରୁ ପୁଲିସ ତା'କୁ ସନ୍ଦେହ କରିଥିଲା। ତା' ବିଷୟରେ ତଥ୍ୟ ସଂଗ୍ରହ କରିବା ସହିତ ଗୋଟିଏ ଟିମ୍ ଗଠନ କରିଥିଲା। ପୁଲିସର ସ୍ୱତନ୍ତ୍ର ଟିମ୍ ପ୍ରଥମେ ଭଞ୍ଜନଗର ଥାନା ସହାୟତାରେ ତୁଳସୀପଲ୍ଲୀରେ ଚଢ଼ଉ କରି ନରହରିକୁ ଗିରଫ କରିଥିଲା। ପୁଲିସ ଘଟଣାସ୍ଥଳରୁ ରକ୍ତ ଭିଜା ଇଟା ଜବତ କରିଥିବାବେଳେ ତା' ଠାରୁ ହିମାଂଶୁଙ୍କ ବାଇକ୍ ସମେତ ଦୁଇଟି ଗାଡ଼ି ଓ ଘଟଣା ଦିନ ପିନ୍ଧିଥିବା ଡ୍ରେସ୍ ଜବତ କରିଥିଲା। ଆଜି ନରହରିକୁ କୋର୍ଟ ଚାଲାଣ କରିଛି।

### ସନ୍ଦେହରେ ବୋର୍ଡ...

ଏବଂ ଅଭିଭାବକ ମହଲ ଅଭିଯୋଗ କରୁଛନ୍ତି। ସୂଚନା ଅନୁସାରେ, ସଂପ୍ରତି ବିଦ୍ୟାଳୟରେ ଶିକ୍ଷକତା କରୁଥିବା ୭୫ ହଜାର ୪୦୩ ଜଣ ପରୀକ୍ଷାର୍ଥୀ ନିୟମିତ ହେବା ପାଇଁ ସ୍ୱତନ୍ତ୍ର ଓଟିଇଟି ଦେବାକୁ ଫର୍ମପୂରଣ କରିଥିଲେ। ଏଥିପାଇଁ ବୋଡର୍ ପକ୍ଷରୁ ୧୯୩ଟି ପରୀକ୍ଷା କେନ୍ଦ୍ରର ବ୍ୟବସ୍ଥା କରାଯାଇଥିଲା। ଆଜି (ରବିବାର) ସକାଳ ୯ଟାରେ ପରୀକ୍ଷା ହେବାର ଥିଲା। ହେଲେ ଶନିବାର ଅପରାହ୍ଣରୁ ଏକ ହାତଲେଖା ପ୍ରଶ୍ନପତ୍ର ଭାଇରାଲ୍ ହୋଇଥିଲା। ହ୍ୱାଟସ୍‌ଆପ୍‌ରେ ଘୂରି ବୁଲୁଥିବା ପ୍ରଶ୍ନପତ୍ର ଫେସ୍‌ବୁକ୍‌ରେ ଭାଇରାଲ୍ ହେବାପରେ ମଧ୍ୟରାତ୍ରିରେ ପରୀକ୍ଷାରକୁ ବାତିଲ୍ କରାଗଲା। ଭାଇରାଲ୍ ଅଭିଯୋଗ ପରେ ପରୀକ୍ଷାକୁ ବାତିଲ୍ କରିବା ଫଳରେ ମୂଳ ପ୍ରଶ୍ନପତ୍ରସହ ଭାଇରାଲ୍ ହେଉଥିବା ପ୍ରଶ୍ନପତ୍ରର ସାମଞ୍ଜସ୍ୟ ଥିବା ସ୍ପଷ୍ଟ ହୋଇଛି। ଅପରପକ୍ଷରେ ପ୍ରଶ୍ନପତ୍ର ଭାଇରାଲ୍ କିପରି ଓ କେଉଁଠୁ ହେଲା ତାହା ସବୁଠାରୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ପରୀକ୍ଷା କେନ୍ଦ୍ରକୁ ପଠାଯାଇଥିବା ପ୍ରଶ୍ନପତ୍ରର ସିଲ୍ ଖୋଲାଯାଇଛି ନା ପ୍ରଶ୍ନପତ୍ର ପ୍ରସ୍ତୁତି ବେଳେ ହିଁ ଏହାର ନକଲ କରାଯାଇଥିଲା, ତାହା ଦ୍ୱନ୍ଦ୍ୱ ବଢ଼ାଇଛି। ଏପରି ସ୍ଥିତିରେ ବୋର୍ଡ କର୍ତ୍ତୃପକ୍ଷଙ୍କ ଭୂମିକାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି।

ରବିବାର ପରୀକ୍ଷା ଦେବାକୁ ଯାଇ ହଟହଟା ହୋଇ ଫେରିଛନ୍ତି ପ୍ରାୟ ୭୫ହଜାର ପରୀକ୍ଷାର୍ଥୀ। କିଛି ପରୀକ୍ଷାର୍ଥୀ ଗତକାଲି ଏବଂ ଆଉ କିଛି ଆଜି ଭୋର୍ ପରୀକ୍ଷାକେନ୍ଦ୍ରକୁ ବାହାରିଥିଲେ। ହେଲେ ପରୀକ୍ଷା କେନ୍ଦ୍ରରେ ପହଞ୍ଚି ତାଲା ପଡ଼ିଥିବା ଦେଖିବା ପରେ ପରୀକ୍ଷା ବାତିଲ୍ ହୋଇଥିବା ଜାଣିଲେ। କିଛି ପରୀକ୍ଷା କେନ୍ଦ୍ରରୁ ଫେରିଥିବାବେଳେ ଆଉ କିଛି ଅଧାବାଟରୁ ଫେରିଛନ୍ତି। ମାଧ୍ୟମିକ ଶିକ୍ଷା ପରିଷଦର ପରୀକ୍ଷା ପରିଚାଳନା ଉପରେ ପରୀକ୍ଷାର୍ଥୀମାନେ ପ୍ରଶ୍ନ କରିବା ସହ ନିରପେକ୍ଷତା ଓ ଗୋପନୀୟତା ଉପରେ ପ୍ରଶ୍ନ ଉଠାଇଛନ୍ତି। ପରୀକ୍ଷା ଦେବାକୁ ଥିବା ଶିକ୍ଷକଶିକ୍ଷୟତ୍ରୀଙ୍କ କହିବା କଥା, ପରୀକ୍ଷା ବାବଦକୁ ଗୋଟିଏ ପେପର୍ ପାଇଁ ୯୦୦ ଓ ଦୁଇଟି ପେପର୍ ପାଇଁ ୧୪୦୦ଟଙ୍କା ଲେଖାଏଁ ଆବେଦନ ଫି' ନିଆଯାଇଥିଲା। ଏତେ ଟଙ୍କା ଆବେଦନ ଫି' ନେବା ପରେ ମଧ୍ୟ ପରୀକ୍ଷା ପରିଚାଳନା କରିବାରେ ବୋର୍ଡ ବିଫଳ ହୋଇଛି। ପ୍ରଶ୍ନପତ୍ର ଭାଇରାଲ୍ ପଛରେ ବୋର୍ଡ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ଭୂମିକା ରହିଥିବା ଅଭିଯୋଗ ହୋଇଛି।

ଅନ୍ୟପକ୍ଷରେ, ପ୍ରଶ୍ନପତ୍ର ପ୍ରଘଟକୁ ନେଇ ଆସନ୍ତାକାଲି ଅର୍ଥାତ୍ ସୋମବାର ବିଜୁ ଯୁବ ଛାତ୍ର ଜନତା ଦଳ (ବିସିଜେଡି) କଟକ ପକ୍ଷରୁ ବୋର୍ଡ କାର୍ଯ୍ୟାଳୟ ଘରଉ କରାଯିବ ବୋଲି ବିଧାୟକ ତଥା ବିସିଜେଡି ରାଜ୍ୟ ସଭାପତି ଦେବୀ ରଞ୍ଜନ ତ୍ରିପାଠୀ କହିଛନ୍ତି। ସେହିପରି 'ଷ୍ଟୁଡେଣ୍ଟ ଏଗେନ୍‌ଷ୍ଟ କରପ୍‌ସନ୍'ର ଆବାହକ ବିଭୂତି ଭୂଷଣ ମହାପାତ୍ର କହିଛନ୍ତି ଯେ ପ୍ରଶ୍ନପତ୍ର ସିଲ୍ ଖୋଲା ହୋଇ ନ ଥିବାବେଳେ ଭାଇରାଲ୍ ପ୍ରଶ୍ନପତ୍ର ତା' ସହ ସମାନ ବୋଲି କର୍ତ୍ତୃପକ୍ଷ ଜାଣିଲେ କିପରି? ତେଣୁ ସେମାନଙ୍କ ଜାଣତରେ ପ୍ରଶ୍ନପତ୍ର ବିକ୍ରି ହୋଇଛି। ରାଜ୍ୟରେ ପ୍ରଶ୍ନପତ୍ର ବିକ୍ରି ଏକ ଶିଳ୍ପ ହୋଇଥିବାବେଳେ ସେହି ଶିଳ୍ପପତିଙ୍କୁ ସରକାର ସୁରକ୍ଷା ଦେଉଛନ୍ତି। ଏଣୁ ବାରମ୍ବାର ପ୍ରଶ୍ନପତ୍ର ବିଭ୍ରାଟ ହେଉଛି। ଅପରପକ୍ଷରେ ସିଲ୍‌ଡ ପ୍ରଶ୍ନପତ୍ର ଆସନ୍ତାକାଲି ଅର୍ଥାତ୍ ୨୧ ତାରଖ ସୁଦ୍ଧା ବୋର୍ଡ ମୁଖ୍ୟାଳୟରେ ଦାଖଲ କରିବାକୁ ବୋର୍ଡ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି। ଏହି ଘଟଣାରେ ବରିଷ୍ଠ ଅଧିକାରୀମାନେ ମୁହଁ ଖୋଲୁ ନ ଥିବାବେଳେ ନିଜ ନାମ ଗୋପନ ରଖି ଜଣେ ଅଧିକାରୀ କହିଛନ୍ତି ଯେ ସମସ୍ତ ପ୍ୟାକେଟ୍‌ର ସିଲ୍ ଯାଞ୍ଚ ହେବ। କେଉଁଠାରୁ ପ୍ରଶ୍ନପତ୍ର ପ୍ରଘଟ ହୋଇଛି ତା'ର ମଧ୍ୟ ତଦନ୍ତ କରାଯିବ।

## ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ସ୍ଥଗିତ ଘଟଣା

# ତ୍ରୁଟିଶୂନ୍ୟ ପରୀକ୍ଷା କରିବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ: ବିଜେଡି

ଭୁବନେଶ୍ୱର,୨୦।୭ (ସମିସ): ପ୍ରଶ୍ନପତ୍ର ପ୍ରଘଟ ଅଭିଯୋଗ ନେଇ ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ଓଟିଇଟି) ସ୍ଥଗିତ ରହିଛି। ଏହି ପରୀକ୍ଷା ସ୍ଥଗିତ ହେବା ପରେ ରାଜ୍ୟ ସରକାରଙ୍କ ଉପରେ ବିଜେଡି ବର୍ଷିଛି। ରାଜ୍ୟ ସରକାରଙ୍କ ଅପାରଗତା ଓ ବାରମ୍ବାର ପରୀକ୍ଷା ପ୍ରଶ୍ନପତ୍ର ପ୍ରଘଟ ଘଟଣାକୁ ନେଇ ସରକାରଙ୍କ ପାରିବାପଣିଆ ଉପରେ ଦଳ ପ୍ରଶ୍ନ ଉଠାଇଛି। ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ଏକ୍ସ ଯୋଗେ ପୋଷ୍ଟ କରି ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି। ଶ୍ରୀ ମିଶ୍ର ତାଙ୍କ ପୋଷ୍ଟରେ ଉଲ୍ଲେଖ କରିଛନ୍ତି ଯେ ଓଟିଇଟି ପରୀକ୍ଷା ସ୍ଥଗିତ ରଖିବା ରାଜ୍ୟ ସରକାରଙ୍କ ଆଉ ଏକ ପ୍ରଶାସନିକ ବିଫଳତା। ସ୍ଲୋଗାନ, ଯୋଜନା, ଫଳକ, ସଭା ଏବଂ ଅନ୍ତର୍ଜାତୀୟ ପର୍ଯ୍ୟଟନସ୍ଥଳୀ ନୁହେଁ; ପ୍ରଦର୍ଶନ ହେଉଛି ଶାସନର ଏକମାତ୍ର ପ୍ରମାଣ ବୋଲି ସେ କହିଛନ୍ତି।

ସେହିପରି ଏହି ପ୍ରସଙ୍ଗରେ ଶଙ୍ଖ ଭବନଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ତଥା ମିଡ଼ିଆ ସଂଯୋଜକ ଡଃ ଲେନିନ ମହାନ୍ତି ମଧ୍ୟ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି। ସେ କହିଛନ୍ତି ଯେ ରାଜ୍ୟ ବିଜେପି ସରକାର ସୁଶାସନର ଡିଣ୍ଡିମ ପିଟୁଥିବା ବେଳେ ଗୋଟିଏ ସାଧାରଣ ପରୀକ୍ଷା ସୁରୁଖୁରୁରେ କରାଇବାରେ ସକ୍ଷମ ହୋଇପାରୁ ନାହାନ୍ତି। ପ୍ରଶ୍ନପତ୍ର ପ୍ରଘଟ ଯୋଗୁଁ ପରୀକ୍ଷାକୁ ଶେଷ ମୁହୂର୍ତ୍ତରେ ବାତିଲ କରାଗଲା ବୋଲି କୁହାଯାଉଥିଲେ ମଧ୍ୟ ପ୍ରକୃତରେ ପ୍ରଶ୍ନପତ୍ରକୁ ବିକ୍ରି କରାଯାଇଛି ବୋଲି ଡଃ ମହାନ୍ତି ଅଭିଯୋଗ କରିଛନ୍ତି।

■ ୧୨ ମାସରେ ୧୨ ଥର ପ୍ରଶ୍ନପତ୍ର ପ୍ରଘଟ ପାଇଁ ପରୀକ୍ଷା ବାତିଲ୍
■ ବିଜେପି ସରକାରରେ ଭୁଲ୍ ପ୍ରଶ୍ନପତ୍ର ବଣ୍ଟନ ନିୟମିତ ବ୍ୟାପାର

ଏହି ପ୍ରଶ୍ନପତ୍ର ପ୍ରଘଟ ବା ପ୍ରଶ୍ନପତ୍ର ବିକ୍ରି ସରକାରଙ୍କ ପାରିବାପଣିଆ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଥିବା ବେଳେ ଏଥିରେ ପରୀକ୍ଷା ଦେବାକୁ ଥିବା ପ୍ରାୟ ୭୫ ହଜାର ଶିକ୍ଷକ ହତାଶ ହୋଇଛନ୍ତି। ଗତ ଏକ ବର୍ଷର ବିଜେପି ଶାସନରେ ଏଭଳି ଅନେକ ପରୀକ୍ଷା ବାତିଲ ହୋଇଛି ଓ ସୁଶାସନ ଦାବି କରି କ୍ଷମତାକୁ ଆସିଥିବା ରାଜ୍ୟ ବିଜେପି ସରକାର ପରୀକ୍ଷାଟିଏ ସୁରୁଖୁରୁରେ ଆୟୋଜିତ କରିବାରେ ସକ୍ଷମ ହୋଇନାହାନ୍ତି। ଗତ ଏକ ବର୍ଷ ଭିତରେ, ରାଜ୍ୟରେ ପ୍ରାୟ ୧୨ଟି ପରୀକ୍ଷାକୁ ବିଭିନ୍ନ କାରଣରୁ ଘୁଞ୍ଚାଯାଇଛି। କେଉଁଠି ପ୍ରଶ୍ନପତ୍ର ପ୍ରଘଟ, କେଉଁଠି ଭୁଲ୍ ପ୍ରଶ୍ନପତ୍ର ବଣ୍ଟନ ଯୋଗୁଁ ପରୀକ୍ଷା ଘୁଞ୍ଚାଯାଇଛି। ତ୍ରୁଟିଶୂନ୍ୟ ଭାବେ ପରୀକ୍ଷାଟିଏ କରାଇବାରେ ସରକାର ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି ବୋଲି ଡଃ ମହାନ୍ତି କହିଛନ୍ତି।

ଏହାଛଡ଼ା, ଏଭଳି ପ୍ରଶ୍ନପତ୍ର ପ୍ରଘଟ କାର୍ଯ୍ୟରେ ସମ୍ପୃକ୍ତ ଥିବା ଲୋକଙ୍କ ଆଇନ ଅନୁଯାୟୀ ଦଣ୍ଡ ଦେବାର ବ୍ୟବସ୍ଥା ଓଡ଼ିଶା ପବ୍ଲିକ ସର୍ଭିସ ପରୀକ୍ଷା ବିଲ୍ ୨୦୨୪ରେ କରାଯାଇଛି। ଏହି ବିଲ୍ ଅନୁଯାୟୀ ଏଥିରେ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଜେଲ୍ ଦଣ୍ଡ ସହ ୧ କୋଟି ଟଙ୍କା ପର୍ଯ୍ୟନ୍ତ ଜୋରିମାନା ବ୍ୟବସ୍ଥା ରହିଛି। ବିଜେପି ସରକାରରେ ପ୍ରଶ୍ନପତ୍ର ପ୍ରଘଟ ଘଟଣା ଏକ ନିୟମିତ ବ୍ୟାପାର ହୋଇଥିଲେ ମଧ୍ୟ ଏହି ଆଇନ ଅନୁଯାୟୀ କୌଣସି ବ୍ୟକ୍ତି ଦଣ୍ଡିତ ହୋଇନାହାନ୍ତି। ଏହି ଆଇନକୁ କାର୍ଯ୍ୟକାରୀ ନ କରିବା ସରକାର ଦୋଷୀଙ୍କୁ ଘଣ୍ଟ ଘୋଡ଼ାଇବା ସଦୃଶ୍ୟ ହୋଇଛି ବୋଲି ଡଃ ମହାନ୍ତି କହିଛନ୍ତି।

■ ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମଦାହ ଘଟଣା

# କଲେଜରେ କ୍ରାଇମବ୍ରାଞ୍ଚ ଡିଜିଙ୍କ ତଦନ୍ତ

ବାଲେଶ୍ୱର, ୨୦।୭ (ସମିସ): ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାରେ ୩ଟି ତଦନ୍ତକାରୀ ଟିମ୍ କଲେଜରେ ଖୋଳତାଡ଼ କରିଛନ୍ତି। ଉଚ୍ଚଶିକ୍ଷା ବିଭାଗ, ୟୁଜିସି ଏବଂ କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ବିଭିନ୍ନ ଦିଗରୁ ତଦନ୍ତ ଚାଲୁ ରହିଛି। ଏହି ପରିପ୍ରେକ୍ଷୀରେ ରବିବାର କ୍ରାଇମବ୍ରାଞ୍ଚ ଡିଜି ବିନୟତୋଷ ମିଶ୍ର ଫକୀରମୋହନ କଲେଜରେ ପହଞ୍ଚି ପାଖାପାଖି ୩ଘଣ୍ଟା ଧରି ତଦନ୍ତ କରିଥିଲେ।

ପରେ ଆଇଜିଙ୍କ କାର୍ଯ୍ୟାଳୟରେ ଏକ ସାମ୍ବାଦିକ ସମ୍ମିଳନୀରେ ସେ କହିଛନ୍ତି, ଘଟଣାର ତଦନ୍ତ ସମୟରେ ଅନେକ ସାମଗ୍ରୀ ହସ୍ତଗତ ହୋଇଛି। ସେସବୁକୁ ରାଜ୍ୟ ଅପରାଧ ବିଧି ବିଜ୍ଞାନାଗାରକୁ ପଠାଯାଇଛି। କ୍ରାଇମବ୍ରାଞ୍ଚ ଆଇଜି ଏସ୍. ସାଇନିଙ୍କ ନେତୃତ୍ୱରେ ଘଟଣାର ତଦନ୍ତ ଜାରି ରହିଛି। ତଦନ୍ତ ସମୟରେ ଆସିଥିବା ବୟାନ ଏବଂ ଏସଏଫଏସଏଲ୍ ରିପୋର୍ଟକୁ ତର୍ଜମା କରାଯାଉଛି। ଏହି ମାମଲାରେ ସାକ୍ଷୀଙ୍କ ସଂଖ୍ୟା ଅଧିକ ରହିଛି। ଗତ ୩୦ ତାରିଖରେ ଯେତେବେଳେ ପୀଡ଼ିତାଜଣକ ଅଭିଯୋଗ କରିଥିଲେ, ସେତେବେଳେ କଲେଜ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ କରିନଥିଲେ। ସୌମ୍ୟାଶ୍ରୀଙ୍କ ସପକ୍ଷରେ ଆଇସିସି ତଦନ୍ତ ରିପୋର୍ଟ ନଆସିବାରୁ ସେ ଆତ୍ମହତ୍ୟା ଭଳି ଚରମ ପଦକ୍ଷେପ ନେଇଥିଲେ। ଘଟଣାରେ ଜଡ଼ିତ ପ୍ରତ୍ୟେକ ଲୋକଙ୍କ ବୟାନ ରେକର୍ଡ କ୍ରାଇମବ୍ରାଞ୍ଚ କରୁଛି। ପୀଡ଼ିତାଙ୍କ ପରିବାର, ହଷ୍ଟେଲ ଅନ୍ତେବାସୀ ଓ କଲେଜ ଛାତ୍ରଛାତ୍ରୀଙ୍କ ମଧ୍ୟ ବୟାନ ରେକର୍ଡ କରାଯାଉଛି। କଲେଜର ସିସିଟିଭି ଫୁଟେଜ ସଂଗ୍ରହ କରାଯାଇଛି।

# ୫ମ ଶ୍ରେଣୀ ଛାତ୍ରୀଙ୍କୁ ଦୁଷ୍କର୍ମ; ଦୋକାନୀ ଗିରଫ

ସାକ୍ଷୀଗୋପାଳ, ୨୦।୭ (ସମିସ): ଗତ ଶନିବାର ସତ୍ୟବାଦୀ ଥାନା ଅନ୍ତର୍ଗତ ଏକ ଗ୍ରାମରେ ଏକ ଲଜ୍ଜାଜନକ ଘଟଣା ଘଟିଛି। ଜଣେ ପଞ୍ଚମ ଶ୍ରେଣୀ ଛାତ୍ରୀକୁ ଉକ୍ତ ଗ୍ରାମର ୫୩ ବର୍ଷୀୟ ବ୍ୟକ୍ତି ଦୁଷ୍କର୍ମ କରିଥିବା ସଙ୍ଗିନ ଅଭିଯୋଗ ହୋଇଛି। ଏନେଇ ସତ୍ୟବାଦୀ ଥାନାରେ ଅଭିଯୋଗ ହେବା ପରେ ପୁଲିସ ଏକ ମାମଲା ରୁଜୁ କରି ସମ୍ପୃକ୍ତ ବ୍ୟକ୍ତିଙ୍କୁ ଗିରଫ କରିଛି। ଶନିବାର ଦିନ ପ୍ରାୟ ୧୨ଟାରେ ଜଣେ ୫ମ ଶ୍ରେଣୀ ଛାତ୍ରୀ(୧୦) ରୋଷେଇ ନିମନ୍ତେ ମସଲା ଆଣିବାକୁ ନିକଟସ୍ଥ ଦୋକାନକୁ ଯାଇଥିଲା। ୫୩ବର୍ଷ ବୟସ୍କ ଦୋକାନୀଜଣଙ୍କ ନାବାଳିକାକୁ କୌଶଳ କ୍ରମେ ୨ ପ୍ୟାକେଟ୍ କୁର୍‌କୁରେ ଦେଇ ଦୋକାନ ଭିତରକୁ ଡାକି ନେଇ ଦୁଷ୍କର୍ମ କରିଥିଲେ। ନାବାଳିକାଜଣଙ୍କ ଘରକୁ ଯାଇ ଏ ସମ୍ପର୍କରେ ତାଙ୍କ ମାଆଙ୍କୁ ଜଣାଇଥିଲା। ପୀଡ଼ିତା ନାବାଳିକାର ମାଆ ରବିବାର ଏ ସମ୍ପର୍କରେ ସତ୍ୟବାଦୀ ଥାନାରେ ଅଭିଯୋଗ କରିଛନ୍ତି। ସତ୍ୟବାଦୀ ପୁଲିସ୍ ସଦଳବଳେ ଚଢ଼ଉ କରି ସମ୍ପୃକ୍ତ ଦୋକାନୀଙ୍କୁ ଗିରଫ କରିଛନ୍ତି। ଗିରଫ ପରେ ପୀଡ଼ିତା ଓ ଅଭିଯୁକ୍ତଙ୍କ ଡାକ୍ତରୀମାଇନା କରାଯାଇଥିଲା। ସତ୍ୟବାଦୀ ପୁଲିସ ପୋକ୍ସୋ ଆକ୍ଟରେ ଏକ ମାମଲା ରୁଜୁ କରିଛି।


## AFFIDAVIT

By virtue of an affidavit before the Notary Public, Jeypore, Koraput. I NABANEETA PANDA, W/o Subrat Kumar Panda, resident of K B S D Road, Near Jagannath Temple, Po/PS - Jeypore, Dt-Koraput, Odisha -764001 declare by this Affidavit No.564, Dated - 20/07/2025,that now onwards I shall be known as **NABANITA PANDA** for all future purpose.

## AFFIDAVIT

By virtue of an affidavit before the Notary Public, Jeypore, Koraput. I, PAILU JAGADISHWAR, S/o PAILU NEELAKANTHA, resident of Pailu Sarbeswar Marg, Po/ PS -Borigumma, Dt-Koraput -764 056, Odisha declare by this Affidavit No.3184, Dated - 16/07/2025,that now onwards I shall be known as **P.JAGADISWAR** for all future purpose.

## AFFIDAVIT

I declare that my name is **Mumtaz Khatoon,** D/o- Mohiuddin Khan, resident of Vill- Manapur, Po- Bisanpur, Ps- Jkrushnanandapur, Dist-Jagatsinghpur, Odisha my actually DOB is **07.11.2002,** but wrongly in my Aadhaar Card No- 9317 1877 1508, my name is written as **Mamataj Beggum,** D/o- Mohiuddin and my DOB is **2003.** Henceforth, I shall be known as **Mumtaz Khatoon,** D/o- Mohiuddin Khan and **DOB- 07.11.2002** in all and everywhere in this name from now.


## "ମା ଙ୍କ ନାମରେ ଗଛଟିଏ"

### ୨୦୨୫ ବର୍ଷ ପାଇଁ ବଣାଇଁ ବନଖଣ୍ଡ ତରଫରୁ ଚାରା ବଣ୍ଟନ ବିଜ୍ଞପ୍ତି / ସୂଚନା

ମାଙ୍କ ନାମରେ ଗଛଟିଏ ଲଗାଇବା ପାଇଁ ଭାରତ ସରକାର ସର୍ବସାଧାରଣଙ୍କୁ ଅନୁରୋଧ କରିଛନ୍ତି, ଏଣୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି, ବଣାଇଁ ବନଖଣ୍ଡ ଅଧିନରେ ନିମ୍ନଲିଖିତ ୧୮ (ଅଠର) ଗୋଟି ଚାରା ଉତ୍ପାଦନ କେନ୍ଦ୍ରରେ ଉନ୍ନତ ମାନର ଶାଗୁଆନ, ଗମ୍ଭାରୀ, ବିଜା, ଜାମୁ, ଆମ୍ବ, ନିମ୍ବ, କରଞ୍ଜ, ଅର୍ଜୁନ, ପଣସ, ଅଁଳା, ହରିଡ଼ା, ବାହାଡ଼ା ଇତ୍ୟାଦି ଚାରା ଉପଲବ୍ଧ ଅଛି। ଆଗ୍ରହୀ ବ୍ୟକ୍ତି / ଅନୁଷ୍ଠାନ ଗୁଡ଼ିକ ନିମ୍ନ ସରକାରୀ ନିର୍ଦ୍ଧାରିତ ମୂଲ୍ୟରେ ଚାରା ବିକ୍ରୟ କେନ୍ଦ୍ରମାନଙ୍କରୁ ଚାରା ନେଇପାରିବେ। ଜଣପିଛା ସହରାଞ୍ଚଳରେ ସର୍ବାଧିକ ୫ (ପାଞ୍ଚ) ଗୋଟି ଓ ଗ୍ରାମାଞ୍ଚଳରେ ସର୍ବାଧିକ ୧୦ (ଦଶ) ଗୋଟି ଚାରା ଦିଆଯିବ। ଅନୁଷ୍ଠାନମାନଙ୍କ ପାଇଁ ୧୫୦ ରୁ ୨୦୦ ଗୋଟି ଚାରା ଦିଆଯିବ। ଜଣେ ବ୍ୟକ୍ତି ବିଶେଷଙ୍କୁ ବିତରଣ ଖାତାରେ ନାମ ଲେଖାଇବାକୁ ଯେକୌଣସି ବୈଧ ପରିଚୟ ପତ୍ର (ଆଧାର/ଭୋଟ ପରିଚୟ ପତ୍ର, ଗାଡ଼ି ଚାଳନା ପରିଚୟ ପତ୍ର) କିମ୍ବା ମୋବାଇଲ ନଂ ଯାଞ୍ଚ ନିମନ୍ତେ ଦବାକୁ ପଡ଼ିବ। ଏତଦ୍ ବ୍ୟତିତ ଅନ୍ୟମାନଙ୍କୁ ଏକ ସାଦା କାଗଜରେ ନିଜର ସମସ୍ତ ବିବରଣୀ ଯଥା ଚାରା ରୋପଣର ସ୍ଥାନ ଏବଂ ଯୋଗାଯୋଗ ପାଇଁ ମୋବାଇଲ ନଂ ସହିତ ଦରଖାସ୍ତ କରିବାକୁ ପଡିବ। ନିମ୍ନରେ ଉଲ୍ଲେଖ କରାଯାଇଥିବା ଚାରା ବିକ୍ରୟ କେନ୍ଦ୍ର ପରିଚାଳକ ମାନଙ୍କୁ ଫୋନ ଦ୍ୱାରା ଯୋଗାଯୋଗ କରିପାରିବେ।

ବି.ଦ୍ର:- (୧) ସର୍ବସାଧାରଣଙ୍କ ପାଇଁ ଚାରା ପ୍ରତି ଟ.୧/- ଧାର୍ଯ୍ୟ ହୋଇଛି।
(୨) ସରକାରୀ ଅନୁଷ୍ଠାନ ଗୁଡ଼ିକୁ ବିନା ମୂଲ୍ୟରେ ଚାରା ପ୍ରଦାନ କରାଯିବ।

| ନଂ. | ବନାଞ୍ଚଳ (ରେଞ୍ଜ) | ଚାରା ବିକ୍ରୟ କେନ୍ଦ୍ରର ନାମ | ଉପଲବ୍ଧ (ପରିମାଣ) | କେନ୍ଦ୍ର ପରିଚାଳକଙ୍କ ନାମ | ଦୂରଭାଷ ନମ୍ବର |
|---|---|---|---|---|---|
| ୧ | ବଣାଇଁ | ଧରଣିଧରପାଲି | ୧୨୬୪୪୮ | ଶ୍ରୀ ତାପସ କୁମାର ଶତପଥି, ବନପାଳ | ୯୪୩୮୪୯୦୬୬୨ |
| ୨ | ବଣାଇଁ | ବ୍ରାହ୍ମଣୀ | ୮୮୮୫୧ | ଶ୍ରୀ ଜ୍ଞାନ ରଞ୍ଜନ ମହାନ୍ତି, ବନପାଳ | ୭୦୭୭୭୭୮୪୦୨ |
| ୩ | ବଣାଇଁ | ଟିକାୟତପାଲି | ୫୭୫୪୦ | ଶ୍ରୀ ଗଗନ କୁମାର ତ୍ରିପାଠୀ, ବନପାଳ | ୮୮୪୭୭୨୫୭୪୯ |
| ୪ | ବଣାଇଁ | ସ. ବଲାଙ୍ଗ | ୪୭୯୧୦ | ଶ୍ରୀ ସଦାଶିବ ପାତ୍ର, ବନପାଳ | ୮୨୪୯୮୬୧୦୮୭ |
| ୫ | କୁଳିପୋଷ | ଉଡ଼ରୁଆଁ | ୧୧୨୬୩୪ | ଶ୍ରୀ ପ୍ରଦୀପ କୁମାର ଭୋଇ, ବନପାଳ | ୬୩୭୦୨୬୩୬୧୯ |
| ୬ | କୁଳିପୋଷ | ଡ୍ରଲେଇସରା | ୩୦୧୦୮ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୬୩୭୧୯୪୬୩୨୯ |
| ୭ | ତାମଡା | ବନେଇକେଲା | ୪୧୩୦୮ | ଶ୍ରୀ ସେନାପତି ପାତ୍ର, ବନପାଳ | ୮୮୯୫୪୭୨୮୨ |
| ୮ | ତାମଡା | ଧାତ୍ କିପୋଷ | ୩୯୭୫୦ | ଶ୍ରୀମତୀ କ୍ଷୀରେଶ୍ୱରୀ ବେହେରା, ବନପାଳ | ୯୪୩୭୪୫୯୫୫୮ |
| ୯ | ତାମଡା | ତାମଡା | ୨୦୦୦୦ | ଶ୍ରୀ ଚାରୁଆ ଓରାମ, ବନରକ୍ଷୀ | ୭୮୪୯୦୭୩୨୩୧ |
| ୧୦ | ଜର୍ଡା | ବାଦିବାହାଲ | ୨୦୦୦୦ | ଶ୍ରୀ ମୋନେସ କୁମାର ସାହୁ, ବନପାଳ | ୯୪୩୮୫୨୨୭୨ |
| ୧୧ | ଜର୍ଡା | କଂସର | ୪୪୭୪୦ | ଶ୍ରୀ ଚୈତନ୍ୟ ଭୂମିଜ, ବନପାଳ | ୯୩୪୮୭୧୨୮୪୨ |
| ୧୨ | ଜର୍ଡା | କୁଣ୍ଡେଇଡିହା | ୩୫୦୦୦ | ଶ୍ରୀ ଇଶ୍ୱର ଚନ୍ଦ୍ର କାଲୋ, ବନପାଳ | ୬୩୭୧୬୨୯୨୪୩ |
| ୧୩ | ଜର୍ଡା | କାଉଁସୀ ବାହାଳ | ୧୫୦୦୦ | ଶ୍ରୀ ପ୍ରତାପ ସାହୁ, ବନପାଳ | ୭୯୭୮୯୦୭୮୩୪ |
| ୧୪ | ସୋଲ | ଠାକୁରପାଲି | ୨୦୬୫୨ | ଶ୍ରୀ ଭୁବନେଶ୍ୱର ରାଏ, ବନପାଳ | ୯୫୫୬୧୬୫୦୦୧ |
| ୧୫ | ସୋଲ | ମହୁଲ ଡିହି | ୬୮୩୨ | ଶ୍ରୀ ଅମିତ କୁମାର ଜେନା, ବନପାଳ | ୮୪୫୭୮୯୨୧୫୬ |
| ୧୬ | ବରସୁଁଆ | ଡେଙ୍ଗୁଲା | ୫୧୨୫ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୮୭୬୩୫୩୯୦୯୦ |
| ୧୭ | କୋଇଡା | ତେରେହରାଇ | ୮୪୩୬ | ଶ୍ରୀ ବାବୁଲି ପ୍ରଧାନ, ବନରକ୍ଷୀ | ୯୪୩୮୦୪୩୪୦୯ |
| ୧୮ | କୋଇଡା | ଜାମଡିହି | ୮୭୬୮ | ଶ୍ରୀମତୀ ସସ୍ମିତା ମହାକୁଡ, ବନରକ୍ଷୀ | ୭୮୫୫୦୩୮୭୪୪ |
| | | ସମୁଦାୟ :- | ୭୨୯୧୫୨ | ବନଖଣ୍ଡ କାର୍ଯ୍ୟାଳୟ (କଣ୍ଟ୍ରୋଲ ରୁମ୍) | ୮୨୬୦୯୪୯୬୧୩ |

ସ୍ୱା/- ବନଖଣ୍ଡ ଅଧିକାରୀ
ବଣାଇଁ ବନଖଣ୍ଡ, ବଣାଇଁଗଡ଼

### ବିରୋଧ ଯୋଗୁଁ ହୋଇପାରୁନି ରାସ୍ତା କାମ

# ଓଡ଼ିଶା ଆଦର୍ଶ ବିଦ୍ୟାଳୟ ରାସ୍ତା ବେହାଲ

ରାଜକନିକା,୨୦।୭ (ସମିସ):

ଆଦର୍ଶ ବିଦ୍ୟାଳୟକୁ ରାସ୍ତା ନାହିଁ। ଜଣେ ବ୍ୟକ୍ତି ଏହି ରାସ୍ତା ତାଙ୍କ ଜମିରେ ଯାଉଥିବା କହି ଠିକାଦାରଙ୍କୁ କାମ କରାଇ ନ ଦେବା ଫଳରେ ଛାତ୍ରଛାତ୍ରୀ ଅତି ବିପଜ୍ଜନକ ଭାବେ ଦୈନିକ ସ୍କୁଲକୁ ଯାଉଛନ୍ତି। ଏହି ରାସ୍ତା କାମ ନ ହେଲେ ଆସନ୍ତା ସୋମବାରଠାରୁ ସ୍କୁଲକୁ ବନ୍ଦ କରିବାକୁ ଅଧକ୍ଷ ଚେତାବନୀ ଦେବା ପରେ ଆଜି

**ବହୁ ଅଭିଯୋଗ ପରେ କାମ ଆରମ୍ଭ କରିଥିଲେ ଠିକାଦାର**



ଠିକାଦାର କାମ ଆରମ୍ଭ କରିବାକୁ ଆସିଥିଲେ। ଟ୍ରାକ୍ଟର, ଜେସିବି ଆଣି କାମ ଆରମ୍ଭ କରିବା ମାତ୍ରେ ବାଘବୁଦା ଗ୍ରାମର ଭାଗୀରଥି ଜେନା ତାଙ୍କ ଜମି ଉପରେ ରାସ୍ତା କରାଇ ନ ଦେବାକୁ ରାସ୍ତାରେ ପରିବାର ଧରି ବସି ରହିଥିଲେ। ଫଳରେ ଠିକାଦାର କାମ ବନ୍ଦ କରିଥିଲେ। ଘଟଣାସ୍ଥଳକୁ ପୁଲିସ, ଆଡସିନାଲ ତହସିଲଦାର, ଆରଡି ବିଭାଗ ଜେଇ ଯାଇଥିଲେ ହେଁ ସମସ୍ୟାର ସମାଧାନ ହୋଇ ନ ଥିଲା। ଆଜି ପୁଣିଥରେ ରାସ୍ତା କାମ ବନ୍ଦ ହେବାରୁ ଅଭିଭାବକ ସୋମବାର ନିଜ ପିଲାଙ୍କୁ ନେଇ କନିକା ତହସିଲ ଘେରଉ କରିବାକୁ ନିଷ୍ପତ୍ତି ନେଇଥିବା ଜଣାପଡ଼ିଛି।

ସୂଚନା ମୁତାବକ, ରାଜକନିକା ବ୍ଲକ୍‌ରେ ୪ ବର୍ଷ ପୂର୍ବେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଖୋଲାଯାଇ କନିକା ସଦର ଗାର୍ଲସ ହାଇସ୍କୁଲରେ ଅସ୍ଥାୟୀ ଭାବେ ପାଠପଢା ଜାରି ରହିଥିଲା। ତେବେ ନିଜସ୍ୱ ବିଲଡିଂ ଥାଇ ସେଠାରେ ପାଠପଢା ହେଉ ନ ଥିବାରୁ ଆନ୍ଦୋଳନ କରାଯିବାରୁ ଚଳିତ ଶିକ୍ଷାବର୍ଷରୁ ନିଜସ୍ୱ ବିଲଡିଂରେ ପାଠପଢା ଆରମ୍ଭ ହୋଇଛି। ବିଲ ମଝିରେ ଥିବା ଏହି ସ୍କୁଲକୁ ସଂଯୋଗ କରୁଥିବା ରାସ୍ତା ପୂର୍ଣ୍ଣାଙ୍ଗ ହୋଇ ନ ଥିବାରୁ ଏହି ରାସ୍ତାରେ ପାଣି, କାଦୁଅରେ ଦୈନିକ ଛାତ୍ରଛାତ୍ରୀ ଦୁର୍ଘଟଣାର ଶିକାର ହୋଇ ଖଣ୍ଡିଆଖାବରା ହେବାରେ ଲାଗିଛନ୍ତି। ଏହି ବିଦ୍ୟାଳୟ ଓ ରାସ୍ତା ନିର୍ମାଣ କରିବାକୁ ଠିକା ପାଇଥିବା ଠିକାଦାର ଜଣକ ବିଭିନ୍ନ ଆଳଦେଖାଇ ରାସ୍ତା ନିର୍ମାଣରେ ଅଯଥା ବିଳମ୍ବ କରିଥିବାରୁ ଅଭିଭାବକ ଜିଲ୍ଲାପାଳଙ୍କ ଜନଶୁଣାଣିରେ ଅଭିଯୋଗ କରିଥିଲେ। କୌଣସି ସୁଫଳ ମିଳି ନ ଥିଲେ। ପରେ ପୁଣି ଅଭିଭାବକ ବିଡିଓଙ୍କୁ ଭେଟି ଦାବିପତ୍ର ଦେଇଥିଲେ। ଜାଗୁଲାଇପଡା ନିକଟ ଅଚିନ୍ତାରେ ଅବସ୍ଥିତ ଏହି ବିଦ୍ୟାଳୟକୁ ଗୋବିନ୍ଦପୁରଠାରୁ ଏକ କିମି ଦୂର ଯାଏ ରାସ୍ତାକୁ ଠିକାଦାର କେବଳ ମାଟି ପକାଇ ଛାଡ଼ି ଦେଇଛନ୍ତି। ଏହି ରାସ୍ତାରେ ଏକ ଆଇନଗତ ସମସ୍ୟା ଥିବା କହି ଠିକାଦାର ଦିନ ଗଡାଇ ଚାଲିବା ଓ ପରେ ଗତ ମାର୍ଚ୍ଚ ମାସରେ କୋର୍ଟ ଏହି ମାମଲାରେ ସରକାରଙ୍କ ସପକ୍ଷରେ ରାୟ ଦେଇଥିଲେ ହେଁ ଠିକାଦାର ପୂର୍ବବତ କୌଣସି କାମ ନ କରିବାରୁ ସ୍କୁଲକୁ ଯିବାକୁ ଛାତ୍ରଛାତ୍ରୀ ସମସ୍ୟାରେ ପଡୁଛନ୍ତି। ବହୁ ଦାବି ପରେ ଆଜି ଠିକାଦାର କାମ ଆରମ୍ଭ କରିଥିଲେ ହେଁ ଜଣେ ବ୍ୟକ୍ତି ନିଜସ୍ୱ ଜମି ଦର୍ଶାଇ କାମ ବନ୍ଦ କରିଥିଲେ। ଫଳରେ ଏବେ ରାସ୍ତା କାମ ହେବା ନେଇ ସନ୍ଦେହ ଜାତ ହୋଇଛି।

## ବନଖଣ୍ଡ ପକ୍ଷରୁ ଆଳି ବ୍ଲକ୍‌ରେ ସଚେତନତା



**ଆଳି, ୨୦।୭ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ଆଳି ବ୍ଲକ୍‌ର ନଦୀକୂଳିଆ ଲୋକଙ୍କୁ କୁମ୍ଭୀର ଆକ୍ରମଣ ସମ୍ବନ୍ଧରେ ରାଜନଗର ବନଖଣ୍ଡ ପକ୍ଷରୁ ସଚେତନତା କରାଯାଇଛି। ରାଜନଗର ବନଖଣ୍ଡ ରେଞ୍ଜ ଅଧିକାରୀ ଚିତ୍ତରଞ୍ଜନ ବେହୁରା ଓ ବନଖଣ୍ଡ ଅଧିକାରୀ ବିଜୟ ପାତ୍ରଙ୍କ ନେତୃତ୍ୱରେ ଏକ ଟିମ୍ ଆଳି ବନ୍ୟାଞ୍ଚଳ ପରିଦର୍ଶନ କରିବା ସହ ସମସ୍ତ ନଦୀକୂଳିଆ ଲୋକଙ୍କୁ କୁମ୍ଭୀର ସମ୍ପର୍କରେ ସଚେତନ କରାଇଥିଲେ। ବର୍ଷାଦିନେ କୁମ୍ଭୀରଙ୍କ ପ୍ରଜନନ ସମୟ ହୋଇଥିବାରୁ ସେମାନେ ଅଧିକ ହିଂସ୍ର ହୋଇପଡ଼ନ୍ତି। ରେଞ୍ଜର ଶ୍ରୀ ବେହୁରାଙ୍କ କହିବା ଅନୁସାରେ ରାଜନଗର ଭିତରକନିକାସ୍ଥ କୁମ୍ଭୀର ଗବେଷଣା ଓ ପ୍ରଜନନ କେନ୍ଦ୍ରରେ ବନ୍ୟାଜଳ ପ୍ରବେଶ କରିବା ଫଳରେ ୪ରୁ ୫ଟି ବଉଳା କୁମ୍ଭୀର ଏହାର ସୀମାବର୍ତ୍ତୀ ଅଞ୍ଚଳରୁ ବାହାରି ଆସିଛନ୍ତି। ଏ ନେଇ ସେମାନେ ଆଳି, ରାଜକନିକା, ପଟ୍ଟାମୁଣ୍ଡାଇ ଓ ରାଜନଗର ଅଞ୍ଚଳରେ ସମସ୍ତ ନଦୀକୂଳିଆ ଲୋକ, ତତ୍‌ସହିତ ସମସ୍ତ ବନ୍ୟାଞ୍ଚଳକୁ ଏକ ପ୍ରଚାର ଗାଡ଼ି ସହ ଯାଇଥିଲେ। ସେଠାରେ ସାଧାରଣ ଲୋକଙ୍କୁ ସଚେତନ ପତ୍ର ମାଧ୍ୟମରେ ସଚେତନ କରିବା ସହ କୁମ୍ଭୀର ପ୍ରତି ସତର୍କ କରାଇଥିଲେ।

## ଶ୍ରୀରାମ ସେନା ପକ୍ଷରୁ ବନ୍ୟା ବିପନ୍ନଙ୍କୁ ରିଲିଫ ପ୍ରଦାନ



**ରାଜନଗର, ୨୦।୭ (ସମିସ):** ରାଜନଗର ନିର୍ବାଚନମଣ୍ଡଳୀର ଡାମରପୁର, ଶ୍ରୀରାମପୁର, ବଳଭଦ୍ରପୁର, ବାନ୍ଧପଡ଼ା, ଓସ୍ତିଆ, ବେଲପାଳ ପ୍ରଭୃତି ୨୦ରୁ ଅଧିକ ପଞ୍ଚାୟତ ଏକ ସପ୍ତାହ ଧରି ବନ୍ୟା ପାଣି ଘେରରେ ରହିଛି। ପ୍ରତ୍ୟେକ ଗ୍ରାମର ମୁଖ୍ୟ ସଡ଼କ ଉପରେ ୪ ଫୁଟର ବନ୍ୟା ପାଣି ପ୍ରବାହିତ ହେଉଛି। ବନ୍ୟା ପ୍ରଭାବିତ ଗାଁର ଲୋକଙ୍କୁ ସହାୟତାର ହାତ ବଢ଼ାଇଛି ଶ୍ରୀରାମ ସେନା। ଶ୍ରୀରାମ ସେନା ସଭାପତି ଶାରଦା ରାଉତଙ୍କ ନେତୃତ୍ୱରେ ବନ୍ୟା ପ୍ରଭାବିତ ପଞ୍ଚାୟତରେ ରିଲିଫ ସାମଗ୍ରୀ ଯୋଗାଇ ଦିଆଯାଇଛି। ଶ୍ରୀରାମ ସେନା ସଦସ୍ୟ ଡ଼ଙ୍ଗା ମାଧ୍ୟମରେ ଲୋକଙ୍କ ପାଖରେ ପହଞ୍ଚି ଶୁଖିଲା ଖାଦ୍ୟ ବଣ୍ଟନ କରିଥିଲେ ଓ ସେମାନଙ୍କ ଦୁଃଖସୁଖ ପଚାରି ବୁଝିଥିଲେ। ଏହି କାର୍ଯ୍ୟକ୍ରମରେ ଶ୍ରୀରାମ ସେନା ପ୍ରଭାରୀ ସୁନାକର ପ୍ରଧାନ, ଯୁବନେତା ଆଶିଷ ମଲ୍ଲିକ, ବିଶ୍ୱଜିତ ପାତ୍ର, ଦୀପକ ସାମଲ, ରାଜେଶ ସାମଲ, ପ୍ରକାଶ ମଲ୍ଲିକ, ଟୁକୁନି ମଲ୍ଲିକ, ପ୍ରକାଶ କୁଣ୍ଡ, ସ୍ନେହାସୁ ଶେଖର ସାମଲ ପ୍ରମୁଖ ଉପସ୍ଥିତ ଥିଲେ।

## ଓଡ଼ିଶାରେ କେନ୍ଦ୍ରୀୟ ଆଦିବାସୀ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ଦାବି

**କୁଜଙ୍ଗ,୨୦।୭ (ସମିସ):** ଓଡ଼ିଶାରେ କେନ୍ଦ୍ରୀୟ ଆଦିବାସୀ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ନିମନ୍ତେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ଚିଠି ଲେଖି ଦାବି ଜଣାଇଛନ୍ତି କୁଜଙ୍ଗ ଥାନା ଅନ୍ତର୍ଗତ ବାମଦେଇପୁର ଗ୍ରାମର ବିକାଶ ଦଳାଇ। ସେ ବର୍ତ୍ତମାନ ଫକୀରମୋହନ ମହାବିଦ୍ୟାଳୟରେ ଇତିହାସ ବିଭାଗରେ ରିସର୍ଚ୍ଚ ସ୍କଲାର ଭାବେ ଗବେଷଣାରତ ଅଛନ୍ତି। ସେ ଚିଠିରେ ଉଲ୍ଲେଖ କରିଛନ୍ତି, ଭାରତ ବର୍ଷରେ ଯେତେ ଆଦିବାସୀ ଅଛନ୍ତି, ସେମାନଙ୍କ ମଧ୍ୟରୁ ଶତକଡା ୨୨ ଭାଗ ଓଡ଼ିଶାର ୧୭ଟି ଜିଲ୍ଲାରେ ବସବାସ କରନ୍ତି। ସେମାନେ ଗବେଷଣା କ୍ଷେତ୍ର ସମେତ ଉଚ୍ଚଶିକ୍ଷା ପାଇଁ ନାନାଦି ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଯଦ୍ୱାରା ସେମାନଙ୍କର ସାଂସ୍କୃତିକ, ସାମାଜିକ, ଅର୍ଥନୈତିକ ପ୍ରଗତି ବାଧାପ୍ରାପ୍ତ ହେଉଛି। ମଧ୍ୟପ୍ରଦେଶ ଓ ଆନ୍ଧ୍ରପ୍ରଦେଶରେ ଥିବା କେନ୍ଦ୍ରୀୟ ଆଦିବାସୀ ବିଶ୍ୱବିଦ୍ୟାଳୟରେ ଓଡ଼ିଶାର ଆଦିବାସୀ ଛାତ୍ରୀଛାତ୍ର ପଢିବାକୁ ଗଲେ ଯାତାୟତ ଓ ଅର୍ଥନୈତିକ ଭାରାକ୍ରାନ୍ତ ହେବାକୁ ପଡୁଛି। ଯଦିଓ ଘରୋଇ ଭାବେ ଓଡ଼ିଶାରେ ଏକ ଆଦିବାସୀ ବିଶ୍ୱବିଦ୍ୟାଳୟ ଅଛି, ତାହା ଗୁଣାତ୍ମକ ଶିକ୍ଷାର ବିକାଶ ପାଇଁ ଯଥେଷ୍ଟ ନୁହେଁ ବୋଲି ଶ୍ରୀ ଦଳାଇ ଉଲ୍ଲେଖ କରିଛନ୍ତି। ସେ ରାଷ୍ଟ୍ରପତିଙ୍କୁ ଲେଖିଥିବା ଚିଠିରେ ଉଲ୍ଲେଖ କରିଛନ୍ତି, ଓଡ଼ିଶାର ଆଦିବାସୀଙ୍କ ସଂଖ୍ୟା ତୁଳନାତ୍ମକ ଭାବେ ଭାରତ ବର୍ଷରେ ଅଧିକ ହୋଇଥିବାବେଳେ ଆପଣ ଜଣେ ଓଡ଼ିଆ, ପ୍ରଥମ କରି ଆଦିବାସୀ ନେତ୍ରୀ ଭାବେ ଭାରତର ରାଷ୍ଟ୍ରପତି ହୋଇଛନ୍ତି। ଆହୁରି ମଧ୍ୟ ଭାରତର ଆଦିବାସୀ ବ୍ୟାପାର ମନ୍ତ୍ରୀ ଭାବେ ଓଡ଼ିଶାର ଜୁଏଲ ଓରାମ ପ୍ରତିନିଧିତ୍ୱ କରୁଥିବାବେଳେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଭାବେ ଧର୍ମେନ୍ଦ୍ର ପ୍ରଧାନ ପ୍ରତିନିଧିତ୍ୱ କରୁଛନ୍ତି। ତେଣୁ ଆଦିବାସୀ ବହୁଳ ରାଜ୍ୟ ଓଡ଼ିଶାରେ ଏକ କେନ୍ଦ୍ରୀୟ ଆଦିବାସୀ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ପଦକ୍ଷେପ ନେଲେ ଆଦିବାସୀ ଛାତ୍ରୀଛାତ୍ର ଉଚ୍ଚଶିକ୍ଷା ସହ ଗବେଷଣା କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ହାସଲ ସାଙ୍ଗକୁ ସେମାନଙ୍କ ସାଂସ୍କୃତିକ, ସାମାଜିକ ଓ ଅର୍ଥନୈତିକ କ୍ଷେତ୍ରରେ ପ୍ରଗତି ହେବ ବୋଲି ଶ୍ରୀ ଦଳାଇ ଚିଠି ମାଧ୍ୟମରେ ଅନୁରୋଧ କରିଛନ୍ତି।

## ଗଛ ଉପରୁ ମହିଳା ଉଦ୍ଧାର

**ପଟ୍ଟାମୁଣ୍ଡାଇ,୨୦।୭ (ସମିସ):** ସାରିଷଦା ଅଞ୍ଚଳରେ ଗଛ ଉପରେ ୫୦ ବର୍ଷରୁ ଊର୍ଦ୍ଧ୍ୱ ଜଣେ ମହିଳା ଦୀର୍ଘ ସମୟ ପର୍ଯ୍ୟନ୍ତ ଚଢ଼ି



ବସି ରହିଥିବା ଗ୍ରାମବାସୀ ଦେଖିଥିଲେ। ଗଛ ଚାରିପଟେ ପାଣି ଘେରି ରହିଥିବାରୁ ଗ୍ରାମବାସୀ ଉକ୍ତ ମହିଳାଙ୍କୁ ଉଦ୍ଧାର କରି ନ ପାରି ପଟ୍ଟାମୁଣ୍ଡାଇ ଅଗ୍ନିଶମ କେନ୍ଦ୍ରକୁ ଖବର ଦେଇଥିଲେ। ପଟ୍ଟାମୁଣ୍ଡାଇ ଅଗ୍ନିଶମ କେନ୍ଦ୍ରର ସହକାରୀ ଅଧିକାରୀ ଗଗନ ବିହାରୀ ମହାନ୍ତି, ଆଗ୍ନିକ ସୁରେଶ ସାହୁ, ସ୍ମୃତିରଞ୍ଜନ ମହାନ୍ତି ପହଞ୍ଚି ମହିଳାଙ୍କୁ ଉଦ୍ଧାର କରିବାକୁ ନାକେଦମ୍ ହୋଇଥିଲେ। ତିନି ଘଣ୍ଟାର ଅକ୍ଳାନ୍ତ ପରିଶ୍ରମ କରି ଗ୍ରାମବାସୀଙ୍କ ସହଯୋଗରେ ଜଳ ବନ୍ଦୀରୁ ମହିଳାଙ୍କୁ ଉଦ୍ଧାର କରିଥିଲେ। ଅଗ୍ନିଶମ ବାହିନୀ। ମହିଳା ଜଣକ ଅଣଓଡ଼ିଆ ହୋଇଥିବାବେଳେ ମାନସିକ ସନ୍ତୁଳନ ହରାଇଥିବା ଜଣାପଡ଼ିଛି। ମହିଳା ନିଜ ପରିଚୟ ଦେବାକୁ ମଧ୍ୟ ଅକ୍ଷମ। ଉଦ୍ଧାର ପରେ ମହିଳାଙ୍କୁ ଡାକ୍ତରଖାନାକୁ ପଠାଇ ଦିଆଯାଇଛି। ଏହି ଉଦ୍ଧାର କାର୍ଯ୍ୟରେ ଜଗନ୍ନାଥ ସେବକ ପରିବାରର ସଦସ୍ୟ ବିଜନ ପଡ଼ିଆରୀ, ପବନା ନାୟକ, ଜନ୍ମେଞ୍ଜୟ ପଡିଆରୀ, ଅଂଶୁମାନ ପଡ଼ିଅରୀ, ସଞ୍ଜୟ ମିଶ୍ର, ସୁରେନ୍ଦ୍ର ଖଣ୍ଡାୟୀ, ଅଭିଷେକ ପଡିଅରୀ ପ୍ରମୁଖ ସହଯୋଗ କରିଥିଲେ। ସେହିଭଳି ୧୬ ତାରିଖରେ ଚଉଦକୁଲାଟ ତମାଳଶାସନ ଗ୍ରାମର ପାଞ୍ଚୋଟି ଗାଈ ଚରିବାକୁ ଯାଇଥିବାବେଳେ ନଦୀ ପଠାରୁ କୂଳକୁ ଫେରି ପାରି ନ ଥିଲେ। ପଟ୍ଟାମୁଣ୍ଡାଇ ଅଗ୍ନିଶମ ବାହିନୀ ଗାଈଙ୍କୁ ଫେରାଇ ଆଣିବାକୁ ସକ୍ଷମ ହୋଇଥିଲେ।

## ବିମଳଙ୍କ ସ୍ମୃତିରେ ଶ୍ରୀରାମ ମନ୍ଦିରରେ ଦୀପଦାନ



**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି,୨୦।୭ (ସମିସ):** ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଦାଣ୍ଡିସାହି ଜୟ ହିନ୍ଦ ହାଇସ୍କୁଲ ୧୯୮୦ ବ୍ୟାଚ୍ ଛାତ୍ର ତଥା ଓଡ଼ିଶା ସରକାରଙ୍କ ପ୍ରାକ୍ତନ ଅଧିକାରୀ ନୂଆପଡ଼ା ଗ୍ରାମର ବିମଳ ରାଉତଙ୍କ ଆତ୍ମାର ସଦଗତି ପାଇଁ ଅଣ୍ଡରା ଶ୍ରୀରାମ ମନ୍ଦିରରେ ୧୯୮୦ ବ୍ୟାଚ୍ ପୁରାତନ ଛାତ୍ର ସଂସଦ ପକ୍ଷରୁ ପୂଜାପାଠ ଓ ସମୂହ ଦୀପଦାନ କରାଯାଇଛି। ପୁରାତନ ଛାତ୍ର ପ୍ରଦୀପ୍ତ କିଶୋର ବିଶ୍ୱାଳଙ୍କ ନେତୃତ୍ୱରେ ଆୟୋଜିତ ସମୂହ ଦୀପଦାନ କାର୍ଯ୍ୟକ୍ରମରେ ଗୁରୁଚରଣ ବିଶ୍ୱାଳ, ସରୋଜକାନ୍ତ ମଲ୍ଲିକ, ପ୍ରେମାନନ୍ଦ ପ୍ରଧାନ, ମନୋରଞ୍ଜନ ସାହୁ, ଭାସ୍କର ମଲ୍ଲିକ, ଶ୍ରୀନିବାସ ବିଶ୍ୱାଳ, କୈଳାସ ବାରିକ, ନିରଞ୍ଜନ ମଲ୍ଲିକ ପ୍ରମୁଖ ବହୁ ପୁରାତନ ଛାତ୍ର ଓ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇଥିଲେ।

## ରଶ୍ମିରଞ୍ଜନଙ୍କ ଚକ୍ଷୁଦାନ କଲେ ପରିବାର



**ଡେରାବିଶ,୨୦।୭ (ସମିସ):** ଚାନ୍ଦୋଳ ଫାଣ୍ଡି ଅନ୍ତର୍ଗତ ଦାନପୁର ପଞ୍ଚାୟତ କେଶରପୁର ଗ୍ରାମର ଗୋପବନ୍ଧୁ ଦାଶଙ୍କ ପୁଅ ରଶ୍ମିରଞ୍ଜନ (୨୨) ଆତ୍ମହତ୍ୟା କରିଥିବା ଭଳି ଦୁଃଖଦ ଘଟଣା ଘଟିଯାଇଛି। ରଶ୍ମିରଞ୍ଜନ ଅନୁଗୋଳର ଏକ ଘରୋଇ କମ୍ପାନୀରେ କାମ କରୁଥିଲେ। ଗତକାଲି ସେ ଛୁଟିରେ ଘରକୁ ଆସିଥିଲେ। ରାତିରେ କୌଣସି କାରଣରୁ ଶୋଇବା ଘରେ ବେକରେ ରଶି ଲଗାଇ ଆତ୍ମହତ୍ୟା କରିଥିବା ନେଇ ଚାନ୍ଦୋଳ ଫାଣ୍ଡିରେ ଅଭିଯୋଗ କରାଯାଇଥିଲା। ଫାଣ୍ଡି ଅଧିକାରୀ ପ୍ରତାପ ରଥ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ନିମନ୍ତେ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ବ୍ୟବଚ୍ଛେଦ ପରେ ପରିବାର ଲୋକେ କେନ୍ଦ୍ରାପଡ଼ାର କଜଳାସ୍ଥ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରିଛନ୍ତି। ତେବେ ଯୁବକଙ୍କ ମୃତ୍ୟୁ ପରେ ତାଙ୍କ ପରିବାର ରଶ୍ମିରଞ୍ଜନଙ୍କ ଚକ୍ଷୁ ଦାନ କରିଥିବା ଜଣାପଡ଼ିଛି।

## ଜନମଞ୍ଚ ପକ୍ଷରୁ ବନ୍ୟା ବିପନ୍ନଙ୍କୁ ରିଲିଫ, ଗୋଖାଦ୍ୟ ଯୋଗାଣ ଦାବି

**ପଟ୍ଟାମୁଣ୍ଡାଇ,୨୦।୭ (ସମିସ):** ବ୍ରାହ୍ମଣୀ ବନ୍ୟାରେ ପଟ୍ଟାମୁଣ୍ଡାଇ ବ୍ଲକ୍‌ର ୧୪ଟି ପଞ୍ଚାୟତ ଓ ପୌରାଞ୍ଚଳର ୯ଟି ୱାର୍ଡ ବିଶେଷ ଭାବେ କ୍ଷତିଗ୍ରସ୍ତ ହୋଇଛି। ଲୋକେ ପ୍ରାୟ ସପ୍ତାହେ ଧରି ଜଳବନ୍ଦୀ ହୋଇ ଦୁର୍ଦ୍ଦଶା ଭୋଗ କରୁଥିବାବେଳେ ଗୃହପାଳିତ ପଶୁ ବିଲକୁ ଚାରିବାକୁ ଯାଇପାରୁନାହାନ୍ତି। ବନ୍ୟାଞ୍ଚଳର ଚାରିଆଡ଼େ କୁମ୍ଭୀର ଦେଖାଦେଉଥିବାରୁ ଲୋକମାନେ ଆତଙ୍କିତ ଅବସ୍ଥାରେ ଅଛନ୍ତି। ଏ ସମ୍ପର୍କରେ ପ୍ରତ୍ୟକ୍ଷ ସ୍ଥିତି ଅନୁଧ୍ୟାନ ପାଇଁ ଜନମଞ୍ଚ ଆବାହକ ପ୍ରଫେସର ଦୁର୍ଯ୍ୟୋଧନ ପରିଡାଙ୍କ ନିର୍ଦ୍ଦେଶରେ ଜନମଞ୍ଚ ସଦସ୍ୟ ଅଭିମନ୍ୟୁ ମଲ୍ଲିକ, ମଳୟ ଓଝା, ଗୋକୁଳ ରାଉତ, ସର୍ବେଶ୍ୱର ସେଠୀ, ଶଶୀକାନ୍ତ କୁଣ୍ଡ, ସରୋଜ ପଣ୍ଡା ପ୍ରମୁଖ ବନ୍ୟାଞ୍ଚଳ ପରିଦର୍ଶନ କରି ଲୋକଙ୍କ ଅବସ୍ଥା ଅନୁଧ୍ୟାନ କରିଥିଲେ। ରାଜ୍ୟ ସରକାର ବିପନ୍ନ ଲୋକଙ୍କୁ ପର୍ଯ୍ୟାପ୍ତ ରିଲିଫ, ଗୋଖାଦ୍ୟ ଯୋଗାଇ ଦେବା ସହିତ କୁମ୍ଭୀର ସୁରକ୍ଷା ଦିଗରେ ପଦକ୍ଷେପ ନେବାକୁ ଜନମଞ୍ଚ ପକ୍ଷରୁ ଦାବି କରାଯାଇଛି।

## ପଞ୍ଚାୟତ ବିରୁଦ୍ଧରେ ଅଭିଯୋଗପତ୍ର ଦାଖଲ କଲେ କରାଯାଉନି ପଞ୍ଜୀକରଣ

**ମାଳିପୁର,୨୦।୭ (ସମିସ):** ପଞ୍ଚାୟତର ଦୁର୍ନୀତି ବିରୁଦ୍ଧରେ ଅଭିଯୋଗପତ୍ର ଦାଖଲ କରାଗଲେ ପଟ୍ଟାମୁଣ୍ଡାଇ ବ୍ଲକ କାର୍ଯ୍ୟାଳୟରୁ ଅଭିଯୋଗକାରୀଙ୍କୁ ପ୍ରାପ୍ତି ସ୍ୱୀକାର ମିଳୁ ନ ଥିବାବେଳେ ଅଭିଯୋଗପତ୍ର ପଞ୍ଜୀକରଣ ହେଉ ନ ଥିବା ଗୁରୁତର ଅଭିଯୋଗ ହୋଇଛି। ପଞ୍ଜୀକରଣ ହେଉ ନ ଥିବାରୁ ପରବର୍ତ୍ତୀ ସମୟରେ ଅଭିଯୋଗପତ୍ରର ସୂଚନା ମିଳୁନି। ଫଳରେ ଅଭିଯୋଗର ତଦନ୍ତ କିମ୍ବା କାର୍ଯ୍ୟାନୁଷ୍ଠାନ ହେଉ ନ ଥିବା ଅଭିଯୋଗ କରାଯାଇଛି। ଏଭଳି ଏକ ଅଭିଯୋଗ ଆସିଛି ଶାସନ ପଞ୍ଚାୟତରୁ। ପଞ୍ଚାୟତରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ପ୍ରକଳ୍ପ କାର୍ଯ୍ୟରେ ଚାଲିଥିବା ଦୁର୍ନୀତି ଓ ଅନିୟମିତତା ସମ୍ପର୍କରେ ପଞ୍ଚାୟତର ଅର୍ଜ୍ଜୁନ ସାହୁ, ଦିଲ୍ଲୀପ ମଲ୍ଲିକ, ପ୍ରମୋଦ ସେନାପତି, ଅଭିମନ୍ୟୁ ସେନାପତି, ରମାକାନ୍ତ ଦାଶ, ଭ୍ରମରବର ନାୟକ, ଅରବିନ୍ଦ ବାରିକ, ଆଶିଷ ମଲିକ ପ୍ରମୁଖ ଶତାଧିକ ଗ୍ରାମବାସୀ ଲିଖିତ ଅଭିଯୋଗ କରିଥିବାବେଳେ ବ୍ଲକ୍ କାର୍ଯ୍ୟାଳୟକୁ ଗ୍ରାମବାସୀ ଅଭିଯୋଗପତ୍ର ଦାଖଲ କରିବାକୁ ଯାଇଥିଲେ। ବିଡିଓ କିମ୍ବା ଅତିରିକ୍ତ ବିଡିଓ ଉଭୟ ଅନୁପସ୍ଥିତ ଥିବାରୁ ଅଭିଯୋଗକାରୀ ବ୍ଲକ କାର୍ଯ୍ୟାଳୟର ଡାକ ବିଭାଗକୁ ଯାଇ ଅଭିଯୋଗପତ୍ର ଦାଖଲ କରିବା ସହିତ ପ୍ରାପ୍ତି ସ୍ୱୀକାର ପ୍ରଦାନ କରିବାକୁ ଦାୟିତ୍ୱରେ ଥିବା କର୍ମଚାରୀଙ୍କୁ ଅନୁରୋଧ କରିଥିଲେ। ପ୍ରାପ୍ତି ସ୍ୱୀକାର ପ୍ରଦାନ କରିବା ତ ଦୂରେ ଥାଉ ଦାୟିତ୍ୱରେ ଥିବା ଗୌରୀ ବେହେରା ନାମକ କର୍ମଚାରୀ ଅଭିଯୋଗକାରୀଙ୍କୁ ଦୁର୍ବ୍ୟବହାର କରିବା ସହିତ ଓଲଟା ଆଇନ ପାଠ ପଢ଼ାଇଥିଲେ। ଦାୟିତ୍ୱରେ ଥିବା କର୍ମଚାରୀ ମହିଳା ହୋଇଥିବାରୁ ଅଭିଯୋଗକାରୀ ଅନ୍ୟ ଉପାୟ ନ ପାଇ ଫେରିଯିବାକୁ ବାଧ୍ୟ ହୋଇଥିଲେ। ଏ ନେଇ ପଞ୍ଚାୟତବାସୀଙ୍କ ପକ୍ଷରୁ କେନ୍ଦ୍ରାପଡ଼ା ଜିଲ୍ଲାପାଳ, ପଞ୍ଚାୟତିରାଜ ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ କରାଯାଇଥିବା ଜଣାଯାଇଛି।

## ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମ




**ଜଗତସିଂହପୁର,୨୦।୭ (ସମିସ):** ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମରେ ଜଗତସିଂହପୁର ପୌର ପରିଷଦର ୩ନଂ ୱାର୍ଡ ମାର୍କଣ୍ଡେଶ୍ୱର ମନ୍ଦିର କେନାଲ ବନ୍ଧରେ ଆଜି ଚାରାରୋପଣ କରାଯାଇଛି। ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସଙ୍କ ଦ୍ୱାରା ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ବିଜେପିର ପୂର୍ବତନ ନଗର ସଭାପତି ଅକ୍ଷୟ ପାତ୍ର, ବରିଷ୍ଠ ବିଜେପି ନେତା ଶ୍ରୀକାନ୍ତ ଚୌଧୁରୀ, ପୂର୍ବତନ ପାରିଷଦ ନିରଞ୍ଜନ ସେଠୀ, ଅରବିନ୍ଦ ମହାପାତ୍ର ପ୍ରମୁଖ ଅଂଶଗ୍ରହଣ କରି ବୃକ୍ଷରୋପଣ କରିଥିଲେ। ଜଗନ୍ନାଥ ସେଠୀ, କୈଳାସ ସାହୁ, ରମେଶ ବେହେରା, ପ୍ରଫୁଲ୍ଲ ବେହେରା, ବାସୁଦେବ ସ୍ୱାଇଁ, ନବକିଶୋର ସାହୁ, ଯୁବ ସଂଗଠକ ସୁବ୍ରତ ଲେଙ୍କା, କୃଷ୍ଣଚନ୍ଦ୍ର ସେଠୀ, ପ୍ରଣବ ଦାସ, ମନୋଜ ସେଠୀ, ବୁଦ୍ଧଦେବ ସ୍ୱାଇଁ, ରଞ୍ଜିତ ଗୋଛାୟତ, ପ୍ରତାପ ଦାସ, ରାଜେଶ ମଲ୍ଲିକ, ରଞ୍ଜନ ସାହୁ, ସ୍ମୃତିରଞ୍ଜନ ଗୋଛାୟତ, ସମ୍ବିତ ସାହୁ ପ୍ରମୁଖ ସହଯୋଗ କରିଥିଲେ।

## ରକ୍ତଦାନ ଶିବିର; ୯୧ ୟୁନିଟ୍ ସଂଗୃହୀତ

**ପାରାଦୀପ,୨୦।୭ (ସମିସ):** ପାରାଦୀପ ଅଞ୍ଚଳର ସ୍ୱେଚ୍ଛାସେବୀ ସଂଗଠନ ମନସା ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ମେଗା ରକ୍ତଦାନ ଶିବିର ଆୟୋଜିତ ହୋଇଛି। ଟ୍ରଷ୍ଟର ପଞ୍ଚମ ପ୍ରତିଷ୍ଠା ଦିବସ ଅବସରରେ ଆୟୋଜିତ ଏହି ରକ୍ତଦାନ ଶିବିର ସ୍ଥାନୀୟ ପାରାଦୀପ ମହାବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇ ୯୧ ୟୁନିଟ୍ ସଂଗୃହୀତ ହୋଇଥିଲା। ମୁଖ୍ୟଅତିଥି ଭାବେ ବନ୍ଦର ମୁଖ୍ୟଯନ୍ତ୍ରୀ ଏଚ୍.ଏସ୍. ରାଉତ ଯୋଗଦେଇ ଶିବିରକୁ ଉଦ୍‌ଘାଟନ



କରିଥିଲେ। ସମ୍ମାନିତ ଅତିଥି ଭାବେ ମହାବିଦ୍ୟାଳୟ ଅଧ୍ୟକ୍ଷା ଡଃ ସସ୍ମିତା ଶତପଥୀ, ବନ୍ଦର ଅର୍ଥ ପରାମର୍ଶଦାତା ଆରଏନ ମିଶ୍ର, ଆଇନଜୀବୀ ସୁକାନ୍ତ ବେହେରା ଓ ଅଧ୍ୟାପକ ଅକ୍ଷୟ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଗଠନର ଅଧ୍ୟକ୍ଷ ମୃତ୍ୟୁଞ୍ଜୟ ମିଶ୍ରଙ୍କ ସମେତ ସମ୍ପାଦକ ଗୋବିନ୍ଦ ମିଶ୍ର, କୋଷାଧ୍ୟକ୍ଷ ଏନସି ଅଗସ୍ତି ଓ ସଭ୍ୟ ରାଜଶ୍ରୀ ଦାସଙ୍କ ସମେତ ସମସ୍ତ ସଦସ୍ୟ ଉପସ୍ଥିତ ଥିଲେ। ଉକ୍ତ ଶିବିର କଟକ କେନ୍ଦ୍ରୀୟ ରେଡକ୍ରସ୍ ରକ୍ତଭଣ୍ଡାର ସହଯୋଗରେ ଆୟୋଜିତ ହୋଇଥିଲା। ଏ ଅଞ୍ଚଳରେ ରକ୍ତ ଅଭାବ ପୂରଣ କରିବା ଓ ଚିକିତ୍ସା ଜରୁରିକାଳୀନ ପରିସ୍ଥିତି ପାଇଁ ସୁସ୍ଥ ଷ୍ଟକ୍ ସୁନିଶ୍ଚିତ ଲକ୍ଷ୍ୟ ନେଇ ଏହି ରକ୍ତଦାନ ଶିବିର ଆୟୋଜନ ହୋଇଥିବା ନେଇ ଟ୍ରଷ୍ଟର ଅଧ୍ୟକ୍ଷ ଶ୍ରୀ ମିଶ୍ର କହିଛନ୍ତି। ମୁଖ୍ୟଅତିଥି ଶ୍ରୀ ରାଉତ ମନସା ଚାରିଟେବୁଲ ଟ୍ରଷ୍ଟର ପ୍ରୟାସକୁ ପ୍ରଶଂସା କରି କହିଥିଲେ, ରକ୍ତଦାନ ଏକ ନିଃସ୍ୱାର୍ଥପର କାର୍ଯ୍ୟ। ଯାହା ସିଧାସଳଖ ଜୀବନକୁ ପ୍ରଭାବିତ କରେ। ଏଭଳି ଗୁରୁତ୍ୱପୂର୍ଣ୍ଣ ଶିବିର ଆୟୋଜନ କରିବାରେ ମନସା ଚାରିଟେବୁଲ ଟ୍ରଷ୍ଟର ସମର୍ପଣ ପ୍ରଶଂସନୀୟ ଓ ଆମ ସମ୍ପ୍ରଦାୟର କଲ୍ୟାଣ ପାଇଁ ଗୁରୁତ୍ୱପୂର୍ଣ୍ଣ। ରକ୍ତଦାନ ଶିବିରରେ ମନସା ଚାରିଟେବୁଲ ଟ୍ରଷ୍ଟର ସମସ୍ତ ସ୍ୱେଚ୍ଛାସେବୀ, ଚିକିତ୍ସା କର୍ମଚାରୀ ଓ ସହାୟକ ସଂଗଠନ ସାମିଲ ଥିଲେ।

### ବୁଲା ଗୋରୁ, ଷଣ୍ଢଙ୍କ କବ୍‌ଜାରେ ପଟ୍ଟାମୁଣ୍ଡାଇ ସହର

# ଟ୍ରାଫିକ୍ ସମସ୍ୟା ଗୁରୁତର; ବଢୁଛି ଦୁର୍ଘଟଣା

ପଟ୍ଟାମୁଣ୍ଡାଇ,୨୦।୭ (ସମିସ):

ସମ୍ପ୍ରତି ପଟ୍ଟାମୁଣ୍ଡାଇ ସହର ବୁଲା ଷଣ୍ଢ, ଗାଈଗୋରୁ, ଛେଳିମେଣ୍ଢା ଓ କୁକୁରଙ୍କ କବ୍‌ଜାରେ ରହିଛି। ଯଦ୍ୱାରା ଗୁରୁତର ଟ୍ରାଫିକ୍ ସମସ୍ୟା ସୃଷ୍ଟି ହୋଇ ଛୋଟବଡ଼ ଦୁର୍ଘଟଣା ଘଟୁଛି। ଏମାନଙ୍କୁ ହଟାଇବାରେ ପଟ୍ଟାମୁଣ୍ଡାଇ ପୌର ପରିଷଦ ବହୁ ଉଦ୍ୟମ କରିଥିଲେ ମଧ୍ୟ ସଫଳ ହୋଇପାରିନାହିଁ। ପଟ୍ଟାମୁଣ୍ଡାଇ ସହର ମଧ୍ୟରୁ ବୁଲା ଗୋରୁ, ଷଣ୍ଢ ଆଦି ହଟାଇବାରେ ପଟ୍ଟାମୁଣ୍ଡାଇ ପୌର ପରିଷଦ ବସ୍ତୁତ ବିଫଳ ହୋଇଥିବା ସହରରେ ଚର୍ଚ୍ଚା ଚାଲିଛି। ଏମାନଙ୍କୁ ହଟାଇବାକୁ ପୌର ପରିଷଦ ବାରମ୍ବାର ଡାକବାଜି ଯନ୍ତ୍ର ସାହାଯ୍ୟରେ ପ୍ରଚାର କରିଥିଲେ ମଧ୍ୟ ଫଳ କିଛି ହୋଇନାହିଁ। ପୌର ପ୍ରଶାସନର ନାଲି ଆଖିକୁ ଗୋରୁ, ଛେଳିମେଣ୍ଢା ମାଲିକ ଫୁ କରି ଦେଇଛନ୍ତି। ପଟ୍ଟାମୁଣ୍ଡାଇ ସହରରେ ଥିବା କାଞ୍ଜିଆହୁଦା ଏବେ ଅକାମି ହୋଇପଡିଛି। ପଟ୍ଟାମୁଣ୍ଡାଇ ପୌର ପରିଷଦ ବୈଠକରେ ବୁଲା ଗାଈଗୋରୁ, ଷଣ୍ଢ, ଛେଳିମେଣ୍ଢା, କୁକୁର ହଟାଇବା ପାଇଁ ପ୍ରସ୍ତାବ ଗୃହୀତ ହୋଇଥିଲା। ସେମାନଙ୍କୁ ଧରି ବଡ଼ ଆକାରରେ ଜରିମାନା କରିବା, ନଚେତ୍ ନିଲାମ କରି ବିକି ଦେଲେ ମାଲିକଙ୍କ ମଧ୍ୟରେ ଛନକା ପଶିବ ବୋଲି ସାଧାରଣରେ ମତ ପ୍ରକାଶ ପାଉଥିଲେ ମଧ୍ୟ ପୌର ପ୍ରଶାସନ ଚୁପ୍ ବସିଛି।

ପଟ୍ଟାମୁଣ୍ଡାଇ ସହରକୁ ପୌରାଞ୍ଚଳ ଘୋଷଣା କରାଯିବାର ୩୪ ବର୍ଷ ଅତିକ୍ରାନ୍ତ ପରେ ବିଭିନ୍ନ ସମସ୍ୟାରେ ଲୋକେ ଛନ୍ଦି ହୋଇପଡିଛନ୍ତି। ପଟ୍ଟାମୁଣ୍ଡାଇ ସହରର ମୁଖ୍ୟ ସମସ୍ୟା ଜଳନିଷ୍କାସନ ଏବେବି ଅସମାହିତ। ଏପରିକି ସହରରୁ ବୁଲା ଷଣ୍ଢ, ଗାଈଗୋରୁ , ମେଣ୍ଢାଛେଳି ଓ କୁକୁରଙ୍କୁ ହଟାଇବାରେ ପୌର ପରିଷଦ ବିଫଳ ହେବା ଘଟଣା ଜନସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସମ୍ପ୍ରତି ବୁଲା ଷଣ୍ଢ, ଗାଈଗୋରୁ, ଛେଳି ମେଣ୍ଢା, କୁକୁର ପଟ୍ଟାମୁଣ୍ଡାଇ ସହରକୁ କବ୍‌ଜା କରି ନେଇଛନ୍ତି। ସତେ ଯେମିତି ସେମାନେ ଟ୍ରାଫିକ ନିୟନ୍ତ୍ରଣ ଦାୟିତ୍ୱରେ ଅଛନ୍ତି। ପଟ୍ଟାମୁଣ୍ଡାଇ ପୌର ପରିଷଦ ଓ ପ୍ରଶାସନକୁ ଚ୍ୟାଲେଞ୍ଜ କରି ବୁଲା ଷଣ୍ଢ,ଗାଈଗୋରୁ, ଛେଳି,ମେଣ୍ଢା କୁକୁର ସହର ମଧ୍ୟରେ ଦିନରାତି ଅବାଧରେ ବିଚରଣ କରୁଥିବା ଦେଖାଯାଉଛି। ବହୁସଂଖ୍ୟାରେ ସହରର ମୁଖ୍ୟ ରାସ୍ତା ଓ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଛକରେ ପଲପଲ ହୋଇ ଠିଆ ହେବା ସହିତ ଶୋଇ ରହି ଗୁରୁତର ଟ୍ରାଫିକ ସମସ୍ୟା ସୃଷ୍ଟି କରୁଛନ୍ତି। ଫଳରେ ରାସ୍ତା ଜାମ ରହିବା ଫଳରେ ଜନସାଧାରଣ ନାହିଁ ନ ଥିବା ଦୁର୍ଦ୍ଦଶା ଭୋଗ କରୁଛନ୍ତି। ସନ୍ଧ୍ୟା ପରେ ଏହି ସମସ୍ୟା ଉତ୍କଟ ରୂପ ଧାରଣ କରୁଛି। ଅନେକ ସମୟରେ ଦୁର୍ଘଟଣା ଘଟୁଛି। ଏପରିକି ଜରୁରିକାଳୀନ ସେବାରେ ନିୟୋଜିତ ଦମକଳ ଓ ଆମ୍ବୁଲାନ୍ସ ଯିବାରେ ବାଧା ସୃଷ୍ଟି ହେଉଛି।



ପଟ୍ଟାମୁଣ୍ଡାଇ ସହରର ବିପର୍ଯ୍ୟସ୍ତ ଟ୍ରାଫିକ ସମସ୍ୟା ସୁଧାରିବା ପାଇଁ ପ୍ରଶାସନ ପକ୍ଷରୁ ବାରମ୍ବାର ବୈଠକ ହୋଇଛି ସତ, ମାତ୍ର ଫଳଶୂନ। ବୁଲା ଗାଈଗୋରୁ, ଷଣ୍ଢଙ୍କ ଯୋଗୁଁ ପଟ୍ଟାମୁଣ୍ଡାଇ ସହରର ବିଭିନ୍ନ ସ୍ଥାନରେ ଘଣ୍ଟା ଘଣ୍ଟା ଧରି ରାସ୍ତା ଜାମ ରହୁଛି। ଏପରିକି ଜରୁରୀ କାମରେ ପଟ୍ଟାମୁଣ୍ଡାଇ ସହରକୁ ଆସୁଥିବା ଲୋକ ଓ ସ୍କୁଲ କଲେଜ ଛାତ୍ରୀଛାତ୍ର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସହରର ମଧ୍ୟଭାଗ ବସ୍‌ଷ୍ଟାଣ୍ଡ, ମେଡିକାଲ ଛକ, ବାଇପାସ ଛକ, କଲେଜ ରୋଡ୍, ସରକାରୀ ବାଳିକା ହାଇସ୍କୁଲ ଛକ, ବକ୍ତାରପୁର ଛକ, କଟକ-ଚାନ୍ଦବାଲି ମୁଖ୍ୟରାସ୍ତା, ବିଜୁ ପଟ୍ଟନାୟକ ଛକରେ ଷଣ୍ଢ, ଗାଈଗୋରୁ, ଛେଳିମେଣ୍ଢା ଆଦି ବହୁ ସଂଖ୍ୟାରେ ମେଳିବାନ୍ଧି ଠିଆ ହେବା ସହିତ ଶୋଇ ରହୁଥିବାରୁ ବହୁ ସମୟରେ ଯାତାୟତ ସମ୍ପୂର୍ଣ୍ଣ ଠପ ହୋଇଯାଉଛି। ବହୁ ସମୟରେ ମାତ୍ର ୧ କିମି ବଜାର ରାସ୍ତା ଅତିକ୍ରମ କରିବାକୁ ଘଣ୍ଟାଏରୁ ଅଧିକ ସମୟ ଲାଗୁଛି। ସହରର ବିପର୍ଯ୍ୟୟ ଟ୍ରାଫିକ ସମସ୍ୟା ଦୂର କରିବାରେ ପୌର କର୍ତ୍ତୃପକ୍ଷ ଓ ସ୍ଥାନୀୟ ପ୍ରଶାସନ ଦୃଷ୍ଟି ଦେଇ ଅବିଳମ୍ବେ ଫଳପ୍ରଦ ପଦକ୍ଷେପ ନ ନେଲେ ସାଧାରଣରେ ସୃଷ୍ଟି ହୋଇଥିବା ତୀବ୍ର ଅସନ୍ତୋଷ ଆଗାମୀ ଦିନରେ ଉଗ୍ରରୂପ ଧାରଣ କରିବା ସମ୍ଭାବନା ରହିଛି।

# ଉଠିଲାନି ଧାନତଳି; ଚିନ୍ତାରେ ଚାଷୀ

ଖଜୁରିଆକଟା, ୨୦।୭ (ସମିସ): ହିନ୍ଦୋଳ ଉପଖଣ୍ଡରେ ପ୍ରାୟ ୫୦ ପ୍ରତିଶତରୁ ଅଧିକ ଚାଷଜମି ପଡ଼ିଆ ପଡ଼ିଛି। କମ୍ ବର୍ଷା, ଉଠା ଜଳସେଚନ ସମସ୍ୟା, ଜଙ୍ଗଲୀ ହାତୀ, ବାରହା, ମାଙ୍କଡ଼, ଷଣ୍ଢଙ୍କ ଉପଦ୍ରବ ଯୋଗୁଁ ଚାଷକାର୍ଯ୍ୟ ବାଧାପ୍ରାପ୍ତ ହୋଇଛି। ଅନ୍ୟପଟେ ଚଳିତବର୍ଷ ହିନ୍ଦୋଳ ବ୍ଲକ ରଞ୍ଜାଗୋଳ ପଞ୍ଚାୟତ ବାଲିମି ଗ୍ରାମର ଚାଷୀ ଶ୍ରୀନିବାସ ଜେନାମଣି, ବିଭୂତି ଜେନାମଣି, ଚନ୍ଦ୍ରଶେଖର ଜେନାମଣି, ଦିଲୀପ ଜେନାମଣି, ମିଛୁ ଦେହୁରୀ, ରସାନନ୍ଦ ବେହେରା ପ୍ରମୁଖ ରଞ୍ଜାଗୋଳ ସମବାୟ ସମିତିରୁ କଳାଚମ୍ପା ନାମକ ଧାନ ବିହନ ଆଣି ତଳି ପକାଇଥିଲେ। ହେଲେ ଗୋଟିଏ ବି ଧାନ ଗଜା ହୋଇ ହୋଇ ନ ଥିବା ସେମାନେ ଅଭିଯୋଗ କରିଛନ୍ତି। ଏହି ଚାଷୀମାନେ ଜମି ପ୍ରସ୍ତୁତ କରି ରଖିଥିବା ତଳି ନ ଥିବାରୁ ଚିନ୍ତାରେ ପଡ଼ିଛନ୍ତି। ଜୁଲାଇ ମାସ ଶେଷ ହେବାକୁ ବସିଥିବା ବେଳେ ସମବାୟ ସମିତିରେ ପର୍ଯ୍ୟାପ୍ତ ଧାନ ବିହନ ଓ ରାସାୟନିକ ସାର ଅଭାବ ଯୋଗୁଁ ଏହି ସମିତି ଅଧୀନରେ



ଥିବା ଚାଷୀମାନେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏଥିପ୍ରତି କୃଷି ବିଭାଗ ତୁରନ୍ତ ପଦକ୍ଷେପ ନେବାକୁ ଦାବି ହେଉଛି।

# ପାଟନା ଏମ୍ସରେ ଡାକ୍ତରୀ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ

ଢେଙ୍କାନାଳ/ଗଁଦିଆ, ୨୦।୭ (ସମିସ)

ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ନିହଳପ୍ରସାଦ ଥାନା ବୈଦ୍ୟକାଟେଣୀ ଗ୍ରାମରେ ଜଣେ ଛାତ୍ର ବିହାର ପାଟନା ଏମ୍ସରେ ଡାକ୍ତରୀ ପାଠ ପଢ଼ୁଥିବା ବେଳେ ସେଠାରେ ତାଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ତେବେ ପୁଅକୁ ହତ୍ୟା କରାଯାଇଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ମୃତଦେହ ଫେରାଇ ଆଣିବା ଏବଂ ଉପଯୁକ୍ତ ତଦନ୍ତ କରିବା ପାଇଁ ଦାବି କରିଛନ୍ତି।

ବୈଦ୍ୟକାଟେଣୀ ଗ୍ରାମର ଯାଦବେନ୍ଦ୍ର ସାହୁ ପାଟନା ଏମ୍ସରେ ପିଜି ପ୍ରଥମ ବର୍ଷ ଡାକ୍ତରୀ ଛାତ୍ର ଭାବେ ଶିକ୍ଷାଲାଭ କରୁଥିଲେ। ତେବେ ସେ ରହୁଥିବା ରୁମରୁ ତାଙ୍କ ମୃତଦେହ ମିଳିଥିଲା।



- ହତ୍ୟା ଅଭିଯୋଗ ଆଣିଲେ ମାଆ
- ଶବ ଫେରାଇ ଆଣିବାକୁ ନିବେଦନ

ତେବେ ଯାଦବେନ୍ଦ୍ର ଆତ୍ମହତ୍ୟା କରିଥିବା ମେଡିକାଲ କର୍ତ୍ତୃପକ୍ଷ କହିଛନ୍ତି। ଅନ୍ୟପଟେ ପୁଅର ମୃତ୍ୟୁ ଖବର ପାଇ ମାଆ ସୀତାରାଣୀ ସାହୁ ସେଠାରେ ପହଞ୍ଚି ମୃତଦେହ ଆଣିବାକୁ ଚାହୁଁଥିବା ବେଳେ ମେଡିକାଲ କର୍ତ୍ତୃପକ୍ଷ ମୃତଦେହ ଦେବାକୁ ରାଜି ହେଉ ନ ଥିବା ଅଭିଯୋଗ କରିଛନ୍ତି। ପୂର୍ବତନ ବିଧାୟକ ନବୀନ ନନ୍ଦ ପରିବାରକୁ ମୃତଦେହ ହସ୍ତାନ୍ତର କରିବା ହସ ଘଟଣାର ଉପଯୁକ୍ତ ତଦନ୍ତ କରିବାକୁ ଦାବି କରିଛନ୍ତି। ଏ ଦିଗରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜେପି ନଡ୍ଡାଙ୍କ ସହ ରାଜ୍ୟ ସରକାର ହସ୍ତକ୍ଷେପ କରି ଉପଯୁକ୍ତ ପଦକ୍ଷେପ ନେବାକୁ ଦାବି କରିଛନ୍ତି।

# ବଜ୍ରପାତରେ ୬ ଗୋରୁ ମୃତ

ପରଜଙ୍ଗ, ୨୦।୭ (ସମିସ): ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକ କୁଆଳୁ ପଞ୍ଚାୟତ ନୟାକୁଆଳୁ ଗ୍ରାମରେ ଶନିବାର ଅପରାହ୍ଣରେ ବଜ୍ରପାତ ଘଟି ୬ ଗୋରୁଙ୍କ ମୃତ୍ୟୁ ଘଟିଛି। ନୟାକୁଆଳୁ ଗ୍ରାମର ବିନୟ କୁମାର ସାହୁ, ଚକ୍ରଧର ସାହୁ ଓ ଅନ୍ୟ କେତେକ ବ୍ୟକ୍ତିଙ୍କ ଗୋରୁମାନେ ଶନିବାର ଚରିବାକୁ ଯାଇଥିଲେ। ତେବେ ଅପରାହ୍ଣ ପ୍ରାୟ ୫ଟାରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବାରୁ ସେମାନେ ସାପ୍ତାହିକ ହାଟ ପଡ଼ିଆ ପାଖରେ ଥିବା ଆମ୍ବଗଛ ଓ ବାଉଁଶ ବୁଦା ମୂଳେ



ଆଶ୍ରୟ ନେଇଥିଲେ। ଏହି ସମୟରେ ବାଉଁଶବୁଦା ଉପରେ ବଜ୍ରପାତ ହେବାରୁ ବିନୟଙ୍କ ୩ଟି ଗାଇ, ଚକ୍ରଧରଙ୍କ ୨ଟି ଗାଇ ଓ ଏକ ଷଣ୍ଢର ମୃତ୍ୟୁ ହୋଇଥିଲା। ରବିବାର ସକାଳେ ପରଜଙ୍ଗ ପ୍ରାଣୀ ଚିକିତ୍ସାଳୟର ଡା. ତାପସ କୁମାର ପ୍ରଧାନ ଓ ଅନ୍ୟ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ପରେ ଜେସିବି ମେସିନ ସାହାଯ୍ୟରେ ଗୋରୁଙ୍କ ମୃତଦେହ ଅନ୍ୟତ୍ର ନିଆଯାଇ ପୋତି ଦିଆଯାଇଛି। ମୃତ ଗୋରୁଙ୍କ ମାଲିକଙ୍କୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

# ୧୪ ବର୍ଷରେ ଇଲେଇଜଙ୍ଗ ବୋଲବମ ସେବା

ଗଁଦିଆ, ୨୦।୭ (ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଇଲେଇଜଙ୍ଗ ଗ୍ରାମରେ ବୋଲବମ ଭକ୍ତଙ୍କ ପାଇଁ ନିଃଶୁଳ୍କ ପ୍ରସାଦ ସେବା ଆୟୋଜନ କରାଯାଇଛି। ଇଲେଇଜଙ୍ଗର ପୂର୍ବତନ ସଭାପତି ସ୍ୱର୍ଗତ ରଞ୍ଜନ କୁମାର ସାହୁଙ୍କ ନେତୃତ୍ୱରେ ଗ୍ରାମବାସୀଙ୍କ ସହଯୋଗରେ ୨୦୧୨ରେ ଆରମ୍ଭ ହୋଇଥିବା ଏହି ସେବା ଚଳିତବର୍ଷ ୧୪ତମ ବର୍ଷରେ ପଦାର୍ପଣ କରିଛି। ୨୦୨୧ରେ ରଞ୍ଜନଙ୍କ ଦେହାନ୍ତ ପରେ ଇଲେଇଜଙ୍ଗର ତତ୍କାଳୀନ ସଭାପତି ବିଜୟ କୁମାର ସାହୁ ଦାୟିତ୍ୱ ଗ୍ରହଣ କରି ସମ୍ପାଦକ ବିକାଶ କୁମାର ସାହୁ ଓ ଗ୍ରାମର ଯୁବଗୋଷ୍ଠୀଙ୍କ ସହଯୋଗରେ ଏହି କାର୍ଯ୍ୟ ଜାରି ରଖିଛନ୍ତି। ପ୍ରତିବର୍ଷ ଶ୍ରାବଣ ମାସର ପ୍ରତ୍ୟେକ ରବିବାର ପ୍ରାୟ ୪୦୦୦ରୁ ୫୦୦୦ ଶ୍ରଦ୍ଧାଳୁଙ୍କ ପାଇଁ ପ୍ରସାଦ ସେବନ ସହ ନିଃଶୁଳ୍କ ପ୍ରାଥମିକ ଚିକିତ୍ସା ଯୋଗାଇ ଦିଆଯାଉଛି। ଗ୍ରାମର ପ୍ରକାଶ କୁମାର ସାହୁ, ବସନ୍ତ କୁମାର ସାହୁ, ଈଶ୍ୱର ସାହୁ ସମସ୍ତଙ୍କ ପାଇଁ ଖାଦ୍ୟ ପ୍ରସ୍ତୁତ କରନ୍ତି। ସତ୍ୟପ୍ରସନ୍ନ ସାହୁ କାର୍ଯ୍ୟନିର୍ବାହ କରୁଥିବା ବେଳେ ଗ୍ରାମବାସୀ ସହଯୋଗ କରୁଛନ୍ତି।

# ଜିଲ୍ଲାରେ ପ୍ରଥମ ଘରୋଇ ମାଛ ଯାଆଁଳ କେନ୍ଦ୍ର

ଗଁଦିଆ, ୨୦।୭ (ସମିସ): ଗଁଦିଆ ବ୍ଲକ କାଲୁରିଆ ପଞ୍ଚାୟତ କେନ୍ଦୁପଡ଼ା ଗ୍ରାମର କ୍ଷୀରୋଦ ଚନ୍ଦ୍ର ସାମଲ ଦୀର୍ଘବର୍ଷ ଧରି ନିଜ ପୋଖରୀରେ ମାଛଚାଷ କରି ସଫଳତା ହାସଲ କରିଛନ୍ତି। ଚଳିତ ବର୍ଷ ଅତ୍ୟାଧୁନିକ ପଦ୍ଧତିରେ ସେ ଏକ ମାଛ ଯାଆଁଳ କେନ୍ଦ୍ର ପ୍ରସ୍ତୁତ କରିଛନ୍ତି। ରୋହି, ଭାକୁର, ମିରିକାଳୀ, ଗ୍ରାସ୍କ କ୍ୟାପ ଓ ଅନ୍ୟାନ୍ୟ ଯାଆଁଳ ପ୍ରସ୍ତୁତ କରୁଛନ୍ତି। ପ୍ରାଥମିକ ପର୍ଯ୍ୟାୟରେ ବଡ ପୁରୁଷ ଓ ମହିଳା ମାଛ ସଂଗ୍ରହ କରି ଏକ କୁଣ୍ଡରେ ରାତିସାରା



ରଖି ବ୍ରିଡ୍ ସଂଗ୍ରହ କରି ୪ଟି କୁଣ୍ଡରେ ଛାଡ଼ିଦିଆଯାଏ। ୨ଦିନ ଭିତରେ ଛୋଟ ଛୋଟ ଯାଆଁଳରେ ପରିଣତ ହେଇଯାଏ। କ୍ଷୀରୋଦଙ୍କର ସତଟି ପୋଖରୀ ଅଛି। ବିଭିନ୍ନ ସମୟରେ ସରକାରଙ୍କ ତରଫରୁ ଅନ୍ୟ ରାଜ୍ୟଙ୍କୁ ଯାଇ ତାଲିମ ନେଇଛନ୍ତି। ଜିଲ୍ଲା ଓ ରାଜ୍ୟ ସରକାରଙ୍କ ଦ୍ୱାରା ସମ୍ମାନିତ ହେଉଛନ୍ତି। ଜିଲ୍ଲାରେ ପ୍ରଥମ ଥର ସେ ଘରୋଇ ମାଛ ଯାଆଁଳ ପ୍ରସ୍ତୁତ କେନ୍ଦ୍ର କରିଛନ୍ତି। ଏଣିକି ଜିଲ୍ଲାର ମାଛଚାଷୀମାନେ ଯାଆଁଳ ପାଇଁ ଅନ୍ୟ ଜିଲ୍ଲା ଉପରେ ନିର୍ଭର କରି ଖର୍ଚ୍ଚାନ୍ତ ହେବାକୁ ପଡ଼ିବ ନାହିଁ ବୋଲି ସେ କହିଛନ୍ତି।

# ନେସ୍‌ଲେ କମ୍ପାନୀ ଗୋଦାମରୁ ୧୧ ଲକ୍ଷର ସାମଗ୍ରୀ ଚୋରି





ଢେଙ୍କାନାଳ, ୨୦।୭ (ସମିସ): ଢେଙ୍କାନାଳ ଟାଉନ ଥାନା ଅନ୍ତର୍ଗତ ଦକ୍ଷିଣକାଳୀ ବାଇପାସରେ ଥିବା ନେସ୍‌ଲେ ଗୋଦାମର ସଟର କାଟି ଶନିବାର ରାତିରେ ଦୁର୍ବୃତ୍ତମାନେ ୧୧ ଲକ୍ଷ ଟଙ୍କାର ସାମଗ୍ରୀ ଲୁଟି ନେଇଥିବା ଅଭିଯୋଗ ହୋଇଛି। ଏ ନେଇ ଗୋଦାମ ମାଲିକ ସହରର ପ୍ରବୀଣ କୁମାର ଅଗ୍ରୱାଲା ଥାନାରେ ଅଭିଯୋଗ କରିବା ପରେ ପୁଲିସ ଓ ସାଇଣ୍ଟିଫିକ ଟିମ ସନ୍ଧାନୀ କୁକୁର ସହାୟତାରେ ତଦନ୍ତ ଆରମ୍ଭ କରିଛନ୍ତି। ଦୁର୍ବୃତ୍ତମାନେ ଏକ ପିକଅପ ଭ୍ୟାନରେ ସାମଗ୍ରୀ ନେଇଯାଇଥିବା ସିସିଟିଭି ଫୁଟେଜରୁ ଜଣାପଡ଼ିଛି। ଏ ନେଇ ଥାନାରେ ଏକ ମାମଲା ରୁଜୁ ହୋଇଛି। ତେବେ ପୁଲିସର ରାତି ପାଟ୍ରୋଲିଂ ନ ଥିବାରୁ ବାରମ୍ବାର ଚୋରି ହେଉଥିବା ଅଭିଯୋଗ ହୋଇଛି।

# ଗଁଦିଆ ଜେଏମ୍‌ଏଫ୍‌ସି କୋର୍ଟର ପ୍ରତିଷ୍ଠା ଦିବସ

ଗଁଦିଆ, ୨୦।୭ (ସମିସ): ଗଁଦିଆ ଜେଏମଏଫସି କୋର୍ଟର ୭ତମ ପ୍ରତିଷ୍ଠା ଦିବସ ପାଳିତ ହୋଇଛି। ବାର୍ ପରିସରରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଓକିଲ ସଙ୍ଘ ସଭାପତି ପ୍ରଦୀପ କୁମାର ସାହୁ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ କ୍ୟାଡର ଏପିପି ଶାଶ୍ୱତ




କୁମାର ଜେନା ଯୋଗଦେଇଥିଲେ। ମୁଖ୍ୟଅତିଥି ସାହୁ ଉପସ୍ଥିତ ସମସ୍ତ ଆଇନଜୀବୀଙ୍କୁ ଅଭିନନ୍ଦନ ଜଣାଇବା ସହ ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିଥିଲେ। ଏଠାକୁ ଆସୁଥିବା ସମସ୍ତ ଜନସାଧାରଣଙ୍କୁ ସୁବିଧାରେ ସମସ୍ତ ସେବା ପ୍ରଦାନ ନିମନ୍ତେ ଆଇନଜୀବୀମାନଙ୍କୁ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଏପିପି ବିଶ୍ୱନାଥ ନାୟକ, ମହେନ୍ଦ୍ର କୁମାର ସାହୁ, ହେମନ୍ତ କୁମାର ନାୟକ, ମାନସ କୁମାର ସାହୁ, କିଶୋ ନାୟକ, ଜୟକୃଷ ସାହୁ, ସନ୍ତୋଷ କୁମାର ସାହୁ, ପ୍ରକାଶ କୁମାର ମିଶ୍ର, ଅବନୀ ମୋହନ ସାହୁ, ଆଶୀର୍ବାଦ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# ସରସ୍ୱତୀ ସଂସ୍କାର କେନ୍ଦ୍ରର ଶୁଭାରମ୍ଭ

ଯୋରନ୍ଦା, ୨୦।୭ (ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଯୋରନ୍ଦା ପଞ୍ଚାୟତ ଆଡିଣ୍ଡା ଗ୍ରାମରେ ଯୋରନ୍ଦା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଆନୁକୂଲ୍ୟରେ ସରସ୍ୱତୀ ସଂସ୍କାର କେନ୍ଦ୍ର ଉଦଘାଟିତ ହୋଇଛି। ମୁଖ୍ୟଅତିଥି ଭାବେ ପ୍ରାନ୍ତ ସଂସ୍କାର କେନ୍ଦ୍ର ସଂଯୋଜକ ନରୋତ୍ତମ ମିଶ୍ର ଯୋଗଦେଇ ଶିକ୍ଷା ବିକାଶ ସମିତିର ମହତ ଉଦ୍ଦେଶ୍ୟ ଓ ରାଷ୍ଟ୍ରୀୟ ଶିକ୍ଷା ସମ୍ପର୍କରେ ମାର୍ଗଦର୍ଶନ କରିଥିଲେ। ମୁଖ୍ୟବକ୍ତା ଭାବେ ଯୋରନ୍ଦା ଶିଶୁମନ୍ଦିର ପ୍ରଶାସନିକ ଅଧିକାରୀ ମନମୋହନ ତ୍ରିପାଠୀ ଯୋଗଦେଇ ଗ୍ରାମାଞ୍ଚଳରେ ଉତ୍ତମ ଶିକ୍ଷାରୁ ବଞ୍ଚିତ ଅବହେଳିତ ଶିଶୁମାନଙ୍କୁ ମାଗଣାରେ ଶିକ୍ଷାଦାନ ଓ ସେମାନଙ୍କ ମଧ୍ୟରେ ରାଷ୍ଟ୍ରୀୟ ଭାବନା, ଦେଶପ୍ରେମ ଜାଗ୍ରତ କରି ଉତ୍ତମ ନାଗରିକ ଭାବେ ଗଢ଼ିତୋଳିବା ପାଇଁ ବିଦ୍ୟାଭାରତୀ ପକ୍ଷରୁ ପ୍ରୟାସ ଜାରି ରହିଥିବା କହିଥିଲେ। ସମ୍ମାନିତ ଅତିଥି ଭାବେ କମିଟି ସଭ୍ୟ ଧର୍ମାନନ୍ଦ ରାଉତ ଓ ଗ୍ରାମର ଚୈତନ୍ୟ ଦେହୁରୀ ଯୋଗଦେଇଥିଲେ। ବିଦ୍ୟାଳୟର ପ୍ରଧାନଆଚାର୍ଯ୍ୟା ସବିତା ସ୍ୱାଇଁ ଅତିଥିଙ୍କୁ ସ୍ୱାଗତ କରିବା ସହିତ ପରିଚୟ ପ୍ରଦାନ କରିଥିଲେ। ସଂସ୍କାର କେନ୍ଦ୍ର ଆଚାର୍ଯ୍ୟ ବିଚିତ୍ରାନନ୍ଦ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ୩୦ ଜଣ ଛାତ୍ରଛାତ୍ରୀ, ଅଭିଭାବକ ଓ ଆଚାର୍ଯ୍ୟ ଆଚାର୍ଯ୍ୟା ଉପସ୍ଥିତ ଥିଲେ।



● ଶ୍ରାବଣର ଦ୍ୱିତୀୟ ସୋମବାର

# କପିଳାସ ଶୈବପୀଠ ଅଭିମୁଖେ କାଉଡ଼ିଆ



ଗଁଦିଆ, ୨୦।୭ (ସମିସ): ଶ୍ରାବଣ ମାସ ଦ୍ୱିତୀୟ ସୋମବାର ଜଳଲାଗି ପାଇଁ କାଉଡ଼ିଆମାନେ ବିଭିନ୍ନ ଶୈବପୀଠ ଅଭିମୁଖେ ଯାତ୍ରା କରିଛନ୍ତି। ଶହ ଶହ କାଉଡ଼ିଆ ରବିବାର ବିଭିନ୍ନ ନଦୀ କୂଳରେ ପୂଜାର୍ଚ୍ଚନା କରି ପାଣିଭାର ଉଠାଇ ଢେଙ୍କାନାଳ ଜିଲ୍ଲାର ପ୍ରସିଦ୍ଧ ଶୈବପୀଠ କପିଳାସର ବାବା ଚନ୍ଦ୍ରଶେଖରଜୀଉ, କରମୂଳ ଦୌଡ଼େଶ୍ୱର, ନଗେନାସ୍ଥିତ ନାଗନାଥେଶ୍ୱର, ଭୋଳେଶ୍ୱର ଉନ୍ନକୋଟିଶ୍ୱର ଆଦି ଶୈବପୀଠ ଅଭିମୁଖେ ଯାତ୍ରା ଆରମ୍ଭ କରିଛନ୍ତି। ସେମାନଙ୍କ ମଧ୍ୟରୁ ଅଧିକାଂଶ କାଉଡ଼ିଆ କପିଳାସମୁହାଁ ହୋଇଛନ୍ତି। ଢେଙ୍କାନାଳ-କପିଳାସ ରାସ୍ତାରେ କାଉଡ଼ିଆମାନେ ପାଦରେ ଚାଲି ଚାଲି ଯାଉଥିବା ବେଳେ ଅପରପାର୍ଶ୍ୱ ଯାଜପୁର, ଭୁବନ, ଚଣ୍ଡିଖୋଲରୁ ନିହଳପ୍ରସାଦ ଦେଇ ହଜାର ହଜାର ଶ୍ରଦ୍ଧାଳୁ କପିଳାସ ପୀଠକୁ ଆସୁଛନ୍ତି। ସନ୍ଧ୍ୟା ସୁଦ୍ଧା କପିଳାସ ପୀଠ ଉପରେ ଓ ପାହାଚ ତଳେ ପ୍ରାୟ ୭୦ ହଜାର ଭକ୍ତଙ୍କ ସମାଗମ ହୋଇସାରିଲାଣି। ରାତରେ ଏହି ସଂଖ୍ୟା ଆହୁରି ବୃଦ୍ଧି ପାଇବା ସମ୍ଭାବନା ରହିଛି। କାଉଡ଼ିଆମାନେ ଯେପରି ଶୃଙ୍ଖଳିତ ଭାବେ ଜଳାଭିଷେକ କରିପାରିବେ ସେଥିପ୍ରତି ପ୍ରଶାସନ ତରଫରୁ ବ୍ୟବସ୍ଥା କରାଯାଇଛି। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ କପିଳାସ ପୀଠରେ ୭ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଛି।

# ଭାଲୁମୁଣ୍ଡାରେ ବନ ମହୋତ୍ସବ, ଚାରାରୋପଣ



କାମାକ୍ଷାନଗର, ୨୦।୭ (ସମିସ): ଢେଙ୍କାନାଳ ବନଖଣ୍ଡ ମହାବିରୋଡ୍ ରେଞ୍ଜ ଦଶୀପୁର ପଞ୍ଚାୟତ ଭାଲୁମୁଣ୍ଡା ଗ୍ରାମରେ ବନ ମହୋତ୍ସବ ଓ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ମହାବିରୋଡ୍ ରେଞ୍ଜ ଅଧିକାରୀ ହରେଶ ଚନ୍ଦ୍ର କିଷାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅନୁଗୋଳ ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ (ଆରସିସିଏଫ) ସଞ୍ଜୟ କୁମାର ସ୍ୱାଇଁ ମୁଖ୍ୟଅତିଥି ଭାବେ ଯୋଗଦେଇ ସମସ୍ତେ ଗୋଟିଏ ଲେଖାଏଁ ଚାରାରୋପଣ କରିବା ପାଇଁ ଆହ୍ୱାନ ଦେଇଥିଲେ। ଚଳିତବର୍ଷ ଢେଙ୍କାନାଳ ବନଖଣ୍ଡରେ ୧୦ ଲକ୍ଷରୁ ଊର୍ଦ୍ଧ୍ୱ ଚାରାରୋପଣ କରାଯିବାକୁ ଲକ୍ଷ୍ୟ ରଖାଯାଇଥିବା କହିଥିଲେ। ମୁଖ୍ୟବକ୍ତା ଭାବେ ଗଡ଼ପଳାଶୁଣି ବାପୁଜୀ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରାକ୍ତନ ପ୍ରଧାନଶିକ୍ଷକ ଦୁର୍ଯ୍ୟୋଧନ ବେହେରା ଯୋଗଦେଇ ଜୀବଜଗତ ଓ ମାନବ ସମାଜକୁ ରକ୍ଷା କରିବା ପାଇଁ ଅଧିକରୁ ଅଧିକ ଚାରାରୋପଣ କରି ନୂତନ ଜଙ୍ଗଲ ସୃଷ୍ଟି କରିବାକୁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଏସିଏଫ କୁଞ୍ଜବିହାରୀ ନାୟକ, କାମାକ୍ଷାନଗର ପୂର୍ବାଞ୍ଚଳ ରେଞ୍ଜ ଅଧିକାରୀ ସୁଶାନ୍ତ କୁମାର ପାତ୍ର, ପଶ୍ଚିମାଞ୍ଚଳ ରେଞ୍ଜ ଅଧିକାରୀ କୈଳାସ ଚନ୍ଦ୍ର ସାହୁ, ପଡ଼ାତିରା ସରପଞ୍ଚ କରୁଣାକର ସାହୁ, କଙ୍କଡ଼ାହାଡ଼ ବ୍ଲକ ସାମ୍ବାଦିକ ସଂଘ ଉପଦେଷ୍ଟା ତଥା ପୂର୍ବତନ ସରପଞ୍ଚ ଦିବ୍ୟସିଂହ ଦେହୁରୀ, ମହାବିରୋଡ୍ ମଣ୍ଡଳ ବିଜେପି ସଭାପତି ଜିତେନ୍ଦ୍ର କର, ଭାଲୁମୁଣ୍ଡା ବନ ସୁରକ୍ଷା ସମିତି ସଭାପତି ମୋତିଲାଲ ଦେହୁରୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ଭାଲୁମୁଣ୍ଡାରୁ ଗଡ଼ପଳାଶୁଣି ପର୍ଯ୍ୟନ୍ତ ୩ କିମି ରାସ୍ତାର ଉଭୟ ପାର୍ଶ୍ୱରେ ୧୫୦୦ରୁ ଊର୍ଦ୍ଧ୍ୱ ବିଭିନ୍ନ ପ୍ରକାର ଚାରାରୋପଣ କରାଯାଇଥିଲା।

## ତ୍ରୟୋଦଶ ଶତାବ୍ଦୀର ପ୍ରାଚୀନ ଶୈବପୀଠ

# ସ୍ୱପ୍ନାଦିଷ୍ଟ ହୋଇଥିବାରୁ ଶ୍ରୀସ୍ୱପ୍ନେଶ୍ୱର ମନ୍ଦିର

ଢେଙ୍କାନାଳ, ୨୦।୭ (ସମିସ)

ଗଁଦିଆ ବ୍ଲକ ପୋରୁହଖୋଜ ପଞ୍ଚାୟତ ବଣିଆପଡ଼ା ଗ୍ରାମରେ ଅବସ୍ଥିତ ତ୍ରୟୋଦଶ ଶତାବ୍ଦୀର ପ୍ରାଚୀନ ଶୈବପୀଠ ଶ୍ରୀସ୍ୱପ୍ନେଶ୍ୱର ମନ୍ଦିରରେ ଢେଙ୍କାନାଳ ଐତିହ୍ୟ ପଦଯାତ୍ରାର ୨୭ତମ ସଂସ୍କରଣ ଅନୁଷ୍ଠିତ ହୋଇଛି। ଆବାହକ ଅଧ୍ୟାପକ ସୁରେଶ ପ୍ରସାଦ ମିଶ୍ରଙ୍କ ନେତୃତ୍ୱରେ ପଦଯାତ୍ରୀମାନେ ପହଞ୍ଚିବା ପରେ ମନ୍ଦିର ପରିଚାଳନା କମିଟି ଓ ସ୍ଥାନୀୟ ଗ୍ରାମବାସୀଙ୍କ ତରଫରୁ ସେମାନଙ୍କୁ ଭବ୍ୟ ସ୍ୱାଗତ କରାଯାଇଥିଲା। ମନ୍ଦିର ପରିସରରେ ଗ୍ରାମବାସୀ ଓ ପଦଯାତ୍ରୀଙ୍କ ମଧ୍ୟରେ ପରିଚୟ ଆଦାନ ପ୍ରଦାନ ପରେ ଏକ ଅଣଆନୁଷ୍ଠାନିକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। ସ୍ଥାନୀୟ ଯୁବନେତା ମଳୟ ସିଂହ ମନ୍ଦିରର ପ୍ରତିଷ୍ଠା, ଇତିହାସ ସମ୍ପର୍କରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। ଏହି ସୁଦୃଶ୍ୟ ମନ୍ଦିର କପିଳାସ ମନ୍ଦିରର ପ୍ରାୟ ସମସାମୟିକ ହୋଇଥିଲେ ମଧ୍ୟ ପ୍ରଚାର ପ୍ରସାର ଅଭାବରୁ ଦୃଷ୍ଟି ଆଢୁଆଳରେ ରହିଯାଇଛି। ଦ୍ୱାଦଶ ଶତାବ୍ଦୀ ବେଳକୁ ବଣିଆପଡ଼ା ବିସ ଓ ସ୍ଥାନୀୟ ଧୀର ସାଙ୍ଗିଆଧାରୀ ଶାସକମାନେ ଏହି ଅଞ୍ଚଳକୁ ଶାସନ କରୁଥିଲେ। ସେମାନେ ସମସ୍ତେ ଶୈବ ଥିବାରୁ ଏଠାରେ ପ୍ରାଚୀନ କାଳରୁ ଏହି ଶୈବପୀଠ ସ୍ଥାପନ କରିଥିଲେ ବୋଲି ସିଂହ ମତ ଦେଇଥିଲେ। ଇତିହାସ ତଥା ସଂସ୍କୃତି ଗବେଷକ ରାଜେନ୍ଦ୍ର କୁମାର ସିଂହ ମନ୍ଦିରର ନିର୍ମାଣଶୈଳୀ ଓ ବିଶେଷତ୍ୱ ସମ୍ପର୍କରେ ସୂଚନା ଦେଇ ଏହା ୧୨୬୮ ଖ୍ରୀଷ୍ଟାବ୍ଦରେ ତତ୍କାଳୀନ ଶାସକ ରାଜା ଗଙ୍ଗାଧର ଧୀରଙ୍କ ଦ୍ୱାରା ପ୍ରତିଷ୍ଠା ହୋଇଥିଲା ବୋଲି କହିଥିଲେ। ଏଠାରେ ଶିବ ସ୍ୱୟଂଭୁ ଓ ଗୋଖୁରାକୃତି। ମନ୍ଦିର ପରିସରରେ ପାର୍ବତୀଙ୍କ ପାଇଁ ସ୍ୱତନ୍ତ୍ର ମନ୍ଦିର ନ ଥିଲେ ମଧ୍ୟ ଉତ୍ତର ବାଡ଼ରେ ପାର୍ଶ୍ୱ ଦେବୀ ଭାବେ ସ୍ୱତନ୍ତ୍ର ରୂପେ ପୂଜା ପାଉଛନ୍ତି। ମନ୍ଦିର ପଶ୍ଚିମ ବାଡ଼ରେ ପାର୍ଶ୍ୱ ଦେବତା କାର୍ତ୍ତିକେୟଙ୍କ ଉପରକୁ ମା' ଚଣ୍ଡୀ ବିରାଜମାନ କରିଛନ୍ତି। ଏହି ଚଣ୍ଡୀ ହିଁ ପୀଠର ରକ୍ଷାକର୍ତ୍ତ୍ରୀ ଭାବେ ପୂଜିତ ହେଉଛନ୍ତି। ଏହା ହରିହର ପୀଠ ଭାବେ ପରିଚିତ। ଏଠାରେ ହରି ଭାବେ ସ୍ୱୟଂ ଜଗନ୍ନାଥ ଆରମ୍ଭରୁ ପୂଜା ପାଇ ଆସୁଛନ୍ତି ବୋଲି ସିଂହ କହିଥିଲେ। ଦେବୋତ୍ତର ଓ ରାଜ୍ୟ ପ୍ରତ୍ନତତ୍ତ୍ୱ ବିଭାଗ ଅଧୀନରେ ଥିବା ଏହି ମନ୍ଦିରର ଠିକ୍ ସମ୍ମୁଖରେ ଦଶଖମ୍ବ ବିଶିଷ୍ଟ ଏକ ଭୋଗ ମଣ୍ଡପ ରହିଛି। ସମଗ୍ର ମନ୍ଦିର ଓ ଖମ୍ବଗୁଡ଼ିକ ବଉଳମାଳିଆ ପଥରରେ ନିର୍ମିତ। ଉତ୍କଳୀୟ ରେଖ ଦେଉଳ ଶୈଳୀରେ ନିର୍ମିତ ଏହି ମନ୍ଦିରର ଦ୍ୱାରଦେଶରେ ନବଗ୍ରହ ଓ ତୋରଣ ଲକ୍ଷ୍ମୀ ଶୋଭା ପାଉଥିବାବେଳେ ସ୍ୱଳ୍ପ କାରୁକାର୍ଯ୍ୟ ଖଚିତ ମନ୍ଦିରଟି ପ୍ରାଚୀନ ଐତିହ୍ୟର ମୂକସାକ୍ଷୀ ଭାବେ ଦଣ୍ଡାୟମାନ ବୋଲି କହିଥିଲେ। ପରେ ପଦଯାତ୍ରୀମାନେ ଗାଁ ସୀମାନ୍ତରେ ଥିବା ସପ୍ତଫଣା ବିଶିଷ୍ଟ ଅର୍ଦ୍ଧସର୍ପ ଓ ଅର୍ଦ୍ଧ ମାନବୀ ସ୍ୱରୂପ ଅନନ୍ତେଶ୍ୱରୀ ମନ୍ଦିରରେ ଏହି କମନୀୟ ପ୍ରତିମାକୁ ଦର୍ଶନ କରିଥିଲେ। ଏହି ପଦଯାତ୍ରାରେ ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟର ୧୫ ଛାତ୍ରଛାତ୍ରୀ, ସାମ୍ବାଦିକ ତଥା ଐତିହ୍ୟପ୍ରେମୀ ଅଂଶଗ୍ରହଣ କରିଥିଲେ। ଐତିହ୍ୟ ପଦଯାତ୍ରାର ବରିଷ୍ଠ ସଦସ୍ୟ ସୁବ୍ରତ କୁମାର ସାହୁ, ରାଘବ ଚନ୍ଦ୍ର ମହାରଣା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।



# ହାତୀ ଆକ୍ରମଣରେ ମୃତକଙ୍କ ପରିବାରକୁ ଭେଟିଲେ ପ୍ରାକ୍ତନ ସାଂସଦ

ଖଜୁରିଆକଟା, ୨୦।୭ (ସମିସ): ହିନ୍ଦୋଳ ଉପଖଣ୍ଡ ଠୋକର ପଞ୍ଚାୟତ ଠୋକର ଗ୍ରାମରେ ଗତ ୧୩ ତାରିଖ ହାତୀ ଆକ୍ରମଣରେ ମୃତ୍ୟୁବରଣ କରିଥିବା ଖେନା ମାଝୀଙ୍କ ପରିବାରକୁ ପ୍ରାକ୍ତନ ସାଂସଦ ମହେଶ ସାହୁ ଭେଟିବା ସହ ସମବେଦନା ଜଣାଇଛନ୍ତି। ତାଙ୍କ ସହ ରାଜ୍ୟ ବିଜେଡି ସମ୍ପାଦକ ଦେବୀ ପ୍ରସାଦ ପଟ୍ଟନାୟକ, ସମାଜସେବୀ ପ୍ରମୋଦ ମାଝୀ ପ୍ରମୁଖ ମୃତକଙ୍କ ପରିବାରକୁ ଭେଟି ସମବେଦନା ଜଣାଇଛନ୍ତି। ପୂର୍ବତନ ସାଂସଦ ସାହୁ ହିନ୍ଦୋଳ ବନାଞ୍ଚଳ ଅଧିକାରୀଙ୍କ ସହ କଥା ହୋଇ ପରିବାରକୁ ତୁରନ୍ତ ସରକାରୀ ସହାୟତା ଯୋଗାଇ ଦେବାକୁ ପରାମର୍ଶ ଦେଇଛନ୍ତି। ଖେନାଙ୍କ ପରିବାର ଅତ୍ୟନ୍ତ ଗରିବ ହୋଇଥିବାରୁ ପରିବାରର ଜଣେ ସଦସ୍ୟଙ୍କୁ ଥଇଥାନ କରିବାକୁ ଦାବି କରିଛନ୍ତି।



# ଚନ୍ଦ୍ରଶେଖରଜୀଉ ବୋଲ୍‌ବମ୍ ସେବାସଂଘର ପ୍ରସାଦ ବଣ୍ଟନ

ଢେଙ୍କାନାଳ, ୨୦।୭ (ସମିସ): ସ୍ଥାନୀୟ ବାଜିଚୌକଠାରେ ଶ୍ରୀ ଶ୍ରୀ ଚନ୍ଦ୍ରଶେଖରଜୀଉ ବୋଲବମ ସେବାସଂଘ ପକ୍ଷରୁ କାଉଡ଼ିଆଙ୍କ ପାଇଁ ପ୍ରସାଦ ସେବନ ବ୍ୟବସ୍ଥା କରାଯାଇଛି। ସଂଘ ପକ୍ଷରୁ ଦୀର୍ଘ ୨୬ ବର୍ଷ ଧରି ଏହି ସେବା ଜାରି ରହିଛି। ଶ୍ରଦ୍ଧାଳୁଙ୍କୁ ପାଣି ସହ ପୁରୀ, ରୁଟି, ଚକୁଳି, ଡାଲମା, ଆଳୁଦମ, ମାଲପୁଆ, ଉପମା, ଚା' ଆଦି ପ୍ରଦାନ କରାଯାଉଛି। ଏଥିରେ ସଂଘର ସଭାପତି ଜ୍ଞାନଚାନ୍ଦ ମିଶ୍ର ଉପସଭାପତି ପ୍ରଭାକର ରାଉତ, ସମ୍ପାଦକ ସରୋଜକାନ୍ତ ପ୍ରଧାନ, ସହସମ୍ପାଦକ ନିର୍ମଳ ରାଉତ, କୋଷାଧ୍ୟକ୍ଷ ଜିତେନ୍ଦ୍ର ଜେନା, ଉପଦେଷ୍ଟା ପ୍ରେମଶଙ୍କର ମିଶ୍ରଙ୍କ ସମେତ ସଭ୍ୟମାନେ ଉପସ୍ଥିତ ରହି ୫ ହଜାରରୁ ଊର୍ଦ୍ଧ୍ୱ ଭକ୍ତଙ୍କୁ ପ୍ରସାଦ ବଣ୍ଟନ କରିଥିଲେ।



## ନାବାଳିକାଙ୍କୁ ଜିଅନ୍ତା ଜାଳିଦେବା ଘଟଣା

# ବଳଙ୍ଗା ଥାନା ଘେରିଲା ବିଜେଡି




ବଳଙ୍ଗା, ୨୦।୭ (ସମିସ): ବଳଙ୍ଗା ଥାନା ଅଞ୍ଚଳର ଜଣେ ନାବାଳିକାଙ୍କ ଦେହରେ ୩ ଦୁର୍ବୃତ୍ତ ନିଆଁ ଲଗାଇଦେବା ଘଟଣାରେ ଆଜି ବିଜେଡି ବଳଙ୍ଗା ଥାନା ଘେରାଉ କରିଛି। ବିଜେଡିର ପୁରୀ ଜିଲ୍ଲା ସଭାପତି ଉମାକାନ୍ତ ସାମନ୍ତରାୟ, ବିଜେଡି ନେତା ପ୍ରଦୀପ ମାଝୀ, ନିମାପଡ଼ା ବିଜେଡି ବିଧାୟକ ପ୍ରାର୍ଥୀ ଦିଲ୍ଲୀପ ନାୟକ, ସୁବ୍ରତ ଛାଟୋଇ, ରୁଦ୍ରପ୍ରସାଦ ମହାରଥୀ, ଟୁକୁନୀ ସାହୁ, ଲେଖାଶ୍ରୀ ସାମନ୍ତରାୟ, ରାଜଶ୍ରୀ ମଲ୍ଲିକ ପ୍ରମୁଖଙ୍କ ନେତୃତ୍ୱରେ ୧ ହଜାରରୁ ଊର୍ଦ୍ଧ୍ୱ କର୍ମୀ ବଳଙ୍ଗା ଥାନାକୁ ଘେରାଉ କରିଥିଲେ। କିଛି ବିଜେଡି ନେତା ଓ କର୍ମୀ ଥାନା ଭିତରକୁ ଧସେଇ ପଶିବାକୁ ଉଦ୍ୟମ କରିବାରୁ ପୁଲିସ୍ ସହ ସେମାନଙ୍କ ଧସ୍ତାଧସ୍ତି ହୋଇଥିଲା। ପୁଲିସ୍ ଥାନା ଗେଟ୍‌କୁ ତାଲା ପକାଇ ଦେବାରୁ ନେତା ଓ କର୍ମୀମାନେ ଥାନା ବାହାରେ ଧାରଣା ଦେଇଥିଲେ। ପରେ ବିଜେଡି କର୍ମୀମାନେ ବିଜେପି ସରକାରଙ୍କ ବିରୋଧରେ ନାରାବାଜି କରିବା ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ଉଚ୍ଚଶିକ୍ଷା ମନ୍ତ୍ରୀ ସୂରଜ ସୂର୍ଯ୍ୟବଂଶୀଙ୍କ

- ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଦାବି ଓ କୁଶପୁତ୍ତଳିକା ଦାହ
- ବିଜେଡି କର୍ମୀ ଓ ପୁଲିସ ମୁହାଁମୁହିଁ

ଇସ୍ତଫା ଦାବି କରି ଥାନା ଆଗରେ ସେମାନଙ୍କ କୁଶପୁତ୍ତଳିକା ଦାହ କରିଥିଲେ।

ସୂଚନାନୁଯାୟୀ, କର୍ମୀମାନେ ବଳଙ୍ଗା ବଜାରରୁ ଏକ ରାଲିରେ ଥାନା ନିକଟକୁ ଯାଇଥିଲେ। ଏହି ଅବସରରେ ଦଳ ପକ୍ଷରୁ ଅଭିଯୋଗ କରାଯାଇଥିଲା ଯେ ଘଟଣାକୁ ୨୪ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ବିତିଥିଲେ ହେଁ ପୁଲିସ୍ ଏ ପର୍ଯ୍ୟନ୍ତ କାହାରିକୁ ଗିରଫ କରିବା ତ ଦୂରର କଥା, ଅଭିଯୁକ୍ତମାନଙ୍କୁ ଚିହ୍ନଟ କରିପାରିନାହିଁ। ପୁଲିସ୍ ଖାଲି ଅନ୍ଧାରରେ ବାଡ଼ି ବୁଲାଉଛି। ବିଜେଡି ନେତ୍ରୀ ଲେଖାଶ୍ରୀ ସାମନ୍ତସିଂହାର କହିଥିଲେ ଯେ ରାଜ୍ୟରେ ବିଜେପି ସରକାରର ଅପାରଗତା ଯୋଗୁଁ ଗତ ୧ ବର୍ଷ ମଧ୍ୟରେ ୩ ହଜାରରୁ ଊର୍ଦ୍ଧ୍ୱ ମହିଳା ନିର୍ଯାତନାର ଶିକାର ହୋଇ ପ୍ରାଣ ହରାଇଲେଣି। ପ୍ରତିଦିନ ନାରୀ ଅତ୍ୟାଚାରର ଶିକାର ହେଉଛି। ବିଜେଡି ନେତା ପ୍ରଦୀପ ମାଝୀ କହିଛନ୍ତି, ବାଲେଶ୍ୱର ଏଫ୍‌ଏମ୍ ଛାତ୍ରୀ ଆତ୍ମାହୁତି ଘଟଣାକୁ ଦିନ କେଇଟା ବିତିନଥିବା ବେଳେ ବଳଙ୍ଗାରେ ଏଭଳି ଅଭାବନୀୟ ଘଟଣା ପାଇଁ ରାଜ୍ୟ ସରକାର ସମ୍ପୂର୍ଣ୍ଣ ରୂପେ ଦାୟୀ। ଆସନ୍ତା ୪୮ ଘଣ୍ଟା ମଧ୍ୟରେ ପୁଲିସ୍ ଅଭିଯୁକ୍ତମାନଙ୍କୁ ନ ଧରିଲେ, ଭୁବନେଶ୍ୱରରେ ରାଜରାସ୍ତାକୁ ଅଚଳ କରାଯିବ ବୋଲି ଦଳ ଚେତାବନୀ ଦେଇଛି।

ଅପରପକ୍ଷେ, ଏହି ଘଟଣାରେ ବଳଙ୍ଗା ପୁଲିସ ସନ୍ଦେହରେ ୩ ଜଣଙ୍କୁ ଥାନାକୁ ଉଠାଇ ଆଣି ପଚରାଉଚରା କରୁଛି।

### ବଳଙ୍ଗା ଥାନାରେ ପିସିସି ପ୍ରତିନିଧି ଦଳ

ବଳଙ୍ଗା, ୨୦।୭ (ସମିସ): ବଳଙ୍ଗା ନାବାଳିକାକୁ ଜାଳିଦେବା ଘଟଣାକୁ ୨୪ ଘଣ୍ଟା ବିତିଯାଇଥିଲେ ମଧ୍ୟ ଅପରାଧୀଙ୍କ କୌଣସି ସୁରାକ୍ ମିଳି ନଥିବାରୁ କଂଗ୍ରେସ ଉଦ୍‌ବେଗ ପ୍ରକାଶ କରିଛି। ଏହି ପରିପ୍ରେକ୍ଷୀରେ ଆଜି ପ୍ରଦେଶ କଂଗ୍ରେସ କମିଟି (ପିସିସି) ର ଏକ ପ୍ରତିନିଧି ଦଳ ବଳଙ୍ଗା ଥାନା ପରିଦର୍ଶନ କରି ତଦନ୍ତର ଅଗ୍ରଗତି ସଂପର୍କରେ ପଚାରି ବୁଝିଛନ୍ତି। ଏହାସହ ଅଭିଯୁକ୍ତମାନଙ୍କୁ ଶୀଘ୍ର ଧରିବା ସହ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି। ଏହି ପ୍ରତିନିଧି ଦଳରେ ପିସିସି ମୁଖପାତ୍ର ନିଶିକାନ୍ତ ମିଶ୍ରଙ୍କ ନେତୃତ୍ୱରେ ସଂଖ୍ୟାଲଘୁ ରାଜ୍ୟ ସାଧାରଣ ସମ୍ପାଦକ ସେକ୍ ମେହେବୁବା, ପିପିଲି ବ୍ଲକ୍ କଂଗ୍ରେସ ସଭାପତି ବିଶ୍ୱରଞ୍ଜନ ମିଶ୍ର ପ୍ରମୁଖ ସାମିଲ ଥିଲେ। ଅପରପକ୍ଷେ, ଖୁବ୍‌ଶୀଘ୍ର ପିସିସି ସଭାପତି ବଳଙ୍ଗା ଆସିବେ ବୋଲି ଶ୍ରୀ ମିଶ୍ର ଏକ ପ୍ରେସ୍ ବିଜ୍ଞପ୍ତିରେ ସୂଚନା ଦେଇଛନ୍ତି।

- ବିଜେଡି ପ୍ରତିନିଧିଙ୍କୁ ଫେରାଦ ହେଲେ ମହିଳା

### ‘ମୋ ଝିଅ ୪୫ ଦିନ ହେଲା ନିଖୋଜ ଅଛି’

ପୁରୀ, ୨୦।୭ (ସମିସ): ବଳଙ୍ଗାରେ ପୁଣି ଜଣେ ମହିଳା ନ୍ୟାୟ ପାଇଁ ଗୁହାରି ହୋଇଛନ୍ତି। ରବିବାର ବିଜେଡି ପ୍ରତିନିଧି ଦଳ ପୀଡ଼ିତା ନାବାଳିକାଙ୍କୁ ଜାଳିଦେବାକୁ ଉଦ୍ୟମ କରିଥିବା ଅଭିଯୁକ୍ତଙ୍କୁ ଗିରଫ ଦାବିରେ ବଳଙ୍ଗା ଥାନା ଆଗରେ ବିକ୍ଷୋଭ କରିଥିଲେ। ଏହି ସମୟରେ ସମ୍ପୃକ୍ତା ମହିଳା ବିଜେଡି ମହିଳା ପ୍ରତିନିଧିଙ୍କୁ ତାଙ୍କ ଝିଅକୁ ଫେରାଇ ଆଣିବା ଲାଗି ବ୍ୟବସ୍ଥା କରିବା ପାଇଁ ଗୁହାରି କରିଥିଲେ। ୪୫ଦିନ ହେଲାଣି ତାଙ୍କର ୧୭ବର୍ଷୀୟା ଝିଅ କେଉଁଆଡ଼େ ନିଖୋଜ ହୋଇଯାଇଛି। ଏନେଇ ବଳଙ୍ଗା ଥାନାରେ ସେମାନେ ଲିଖିତ ଭାବେ ଜଣାଇଥିଲେ। ପୁଲିସ ଆଶ୍ୱାସନା ଦେଉଥିଲେ ହେଁ ଏ ପର୍ଯ୍ୟନ୍ତ ତାଙ୍କ ଝିଅ ଫେରିନାହିଁ। ପୁଲିସ ତାଙ୍କ କଥା ଶୁଣୁନଥିବା ମହିଳା ଅଭିଯୋଗ କରିଛନ୍ତି।

# ସ୍ଥିତି ସମୀକ୍ଷା କଲେ ପୁଲିସ୍ ଡିଜି

## ପୀଡ଼ିତାଙ୍କ ଘର ଓ ଘଟଣାସ୍ଥଳ ପରିଦର୍ଶନ କଲେ



- ଦୁଃଖୀଶ୍ୟାମଙ୍କ ସମେତ ଅନ୍ୟମାନଙ୍କୁ ପଚାରି ବୁଝିଲେ
- ବଳଙ୍ଗା ଥାନାରେ ୨ ଘଣ୍ଟାରୁ ଊର୍ଦ୍ଧ୍ୱ ରୁଦ୍ଧଦ୍ୱାର ବୈଠକ

ବଳଙ୍ଗା/ପୁରୀ, ୨୦।୭ (ସମିସ): ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ଆଜି ବଳଙ୍ଗା ଗସ୍ତ କରି ପୀଡ଼ିତାଙ୍କ ଘର ଓ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ସେଦିନ ପୀଡ଼ିତା କେଉଁ ରାସ୍ତା ଦେଇ ଯାଇଥିଲା, କେଉଁଠାରେ ଏହି ଅଘଟଣ ଘଟିଥିଲା ଏବଂ ନିଆଁ ଲାଗିବା ପରେ ସେ କେଉଁ ରାସ୍ତା ଦେଇ ଯାଇଥିଲା, ତାହାର ଛାନ୍‌ଭିନ୍ କରିଛନ୍ତି।

ନାବାଳିକାକୁ ପ୍ରଥମେ ଅର୍ଦ୍ଧଦଗ୍ଧ ଅବସ୍ଥାରେ ଉଦ୍ଧାର କରିଥିବା ଦୁଃଖୀଶ୍ୟାମ ସେନାପତିଙ୍କ ଘରକୁ ମଧ୍ୟ ଡିଜି ଯାଇ ତାଙ୍କଠାରୁ ତଥ୍ୟ ସଂଗ୍ରହ କରିଥିଲେ। ପରେ ଡିଜି ପୀଡ଼ିତାଙ୍କ ଘରକୁ ଯାଇଥିଲେ। ସେଠାରେ ତାଙ୍କ ପଡ଼ୋଶୀଙ୍କୁ ମଧ୍ୟ ପଚରାଉଚରା କରିଥିଲେ। କେବଳ ସେତିକି ନୁହେଁ, ବରଂ ତଦନ୍ତ ପ୍ରକ୍ରିୟା କେତେ ବାଟ ଯାଇଛି ଓ ଆଉ କ'ଣ କରାଯିବ ଏବଂ ଅଭିଯୁକ୍ତଙ୍କୁ କିପରି ଧରାଯିବ; ସେ ନେଇ ବଳଙ୍ଗା ଥାନାରେ ପ୍ରାୟ ୨ ଘଣ୍ଟାରୁ ଊର୍ଦ୍ଧ୍ୱ ରୁଦ୍ଧଦ୍ୱାର ବୈଠକ କରିଥିଲେ।

ପରେ ଗଣମାଧ୍ୟମ ସମ୍ମୁଖରେ ପ୍ରତିକ୍ରିୟା ରଖି ପୁଲିସ ଡିଜି ଶ୍ରୀ ଖୁରାନିଆ କହିଥିଲେ, ରବିବାର ଷ୍ଟେଟ୍ ଫରେନ୍‌ସିକ୍ ସାଇନ୍ସ ଟିମ୍ ଏବଂ ଏମ୍ସର ଫରେନ୍‌ସିକ୍ ମେଡିସିନ ଟିମ୍ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ସେମାନେ ଘଟଣାର ପୁଙ୍ଖାନୁପୁଙ୍ଖ ଭାବେ ଅନୁଧ୍ୟାନ କରିଛନ୍ତି। ପୁଲିସ ପାଖରେ କିଛି ତଥ୍ୟ ପହଞ୍ଚିଛି। ଅଧିକ ତଥ୍ୟ ସଂଗ୍ରହ କରାଯାଉଛି। ତଦନ୍ତ ଏକ ସମ୍ବେଦନଶୀଳସ୍ତରରେ ପହଞ୍ଚିଛି। ତେଣୁ ଅଧିକ କିଛି କହିବା ଏବେ ଠିକ୍ ନୁହେଁ। ଯଦି କିଛି ସର୍ବସାଧାରଣରେ କହିବାର ଥିବ, ନିଶ୍ଚିତ ପୁଲିସ ଜଣାଇବ ବୋଲି କହିଛନ୍ତି। ଏହି ସମସ୍ତ କାର୍ଯ୍ୟକ୍ରମରେ ଡିଜିପିଙ୍କ ସହ କେନ୍ଦ୍ରାଞ୍ଚଳ ଆଇଜି ପ୍ରବୀଣ କୁମାର, ପୁରୀ ଏସ୍‌ପି ପିନାକ ମିଶ୍ର, ଅତିକ୍ତ ଏସ୍‌ପି, ପିପିଲି ଡିଏସ୍‌ପି ଓ ପୁରୀ ଜିଲ୍ଲାର ବିଭିନ୍ନ ଥାନାର ଅଧିକାରୀ ଉପସ୍ଥିତ ରହିଥିଲେ।

## ଆଜିଠୁ ସଂସଦର ମୌସୁମୀ ଅଧିବେଶନ

# ଏକାଧିକ ରାଜ୍ୟସ୍ୱାର୍ଥ ପ୍ରସଙ୍ଗ ଉତ୍ଥାପନ କରିବ ବିଜେଡି

ଭୁବନେଶ୍ୱର,୨୦।୭ (ସମିସ): ଆସନ୍ତାକାଲିଠାରୁ ସଂସଦର ମୌସୁମୀ ଅଧିବେଶନ ଆରମ୍ଭ ହେବାକୁ ଯାଉଛି। ଅଧିବେଶନରେ ରାଜ୍ୟସ୍ୱାର୍ଥ ସମ୍ବଳିତ ଏକାଧିକ ପ୍ରସଙ୍ଗକୁ ଦୃଢ଼ ଭାବେ ଉତ୍ଥାପନ କରିବାକୁ ବିଜେଡି ନିଷ୍ପତ୍ତି ନେଇଛି। ବିଶେଷକରି ରାଜ୍ୟରେ ବର୍ତ୍ତମାନ ନାରୀ ଏବଂ ଶିଶୁ ଉତ୍ପୀଡ଼ନ, ନିର୍ଯାତନା ପ୍ରମୁଖ ପ୍ରସଙ୍ଗ ପାଲଟିଥିବା ବେଳେ ଏହାକୁ ବିଜେଡି ମୁଖ୍ୟ ପ୍ରସଙ୍ଗ କରିବ। ଡବଲ ଇଞ୍ଜିନ ସରକାରରେ ରାଜ୍ୟରେ ଦୁଷ୍କର୍ମ ମାମଲାରେ ବୃଦ୍ଧି ରାଜ୍ୟ ପାଇଁ ଲଜ୍ଜା ଆଣୁଥିବା ବେଳେ ଏନେଇ ଦଳ ନିଜ ସ୍ୱରକୁ ଶାଣିତ କରିବ। ଏହାବ୍ୟତୀତ ଓଡ଼ିଶାକୁ ସ୍ୱତନ୍ତ୍ର ରାଜ୍ୟ ପାହ୍ୟା ମାନ୍ୟତା, ମହାନଦୀ ଓ ପୋଲାଭରମ୍ ବିବାଦ, ଉପକୂଳ ରାଜପଥ, କୋଇଲା ରାଜଭାଗ ବୃଦ୍ଧି ଦାବି, ରେଳ, ମୋବାଇଲ ଏବଂ ବ୍ୟାଙ୍କିଙ୍ଗ ସୁବିଧା ବୃଦ୍ଧି ସହ ଚାଷୀଙ୍କୁ ମିଳୁଥିବା ଏମ୍‌ଏସ୍‌ପିକୁ ଦୁଇଗୁଣା କରିବାକୁ ଦଳ ଦାବି କରିବ ବୋଲି ରାଜ୍ୟସଭାରେ ବିଜେଡି ସଂସଦୀୟ ଦଳ ନେତା ଡ. ସସ୍ମିତ ପାତ୍ର ସୂଚନା ଦେଇଛନ୍ତି।

ଡ. ପାତ୍ର କହିଛନ୍ତି ଯେ ଆସନ୍ତା ମୌସୁମୀ ଅଧିବେଶନରେ ରାଜ୍ୟରେ ବିଗୁଡୁଥିବା

- ରାଜ୍ୟରେ ମହିଳା ଓ ଶିଶୁଙ୍କ ଉତ୍ପୀଡ଼ନକୁ ପ୍ରମୁଖ ପ୍ରସଙ୍ଗ କରିବ ଦଳ
- କୋଇଲା ରାଜଭାଗ ବୃଦ୍ଧି, ସ୍ୱତନ୍ତ୍ର ପାହ୍ୟା ରାଜ୍ୟ ଦାବି ଦୋହରାଇବ
- ଉପକୂଳ ରାଜପଥ ସମ୍ପର୍କରେ ସ୍ୱର ଶାଣିତ କରିବେ ଦଳୀୟ ସାଂସଦ

ଆଇନଶୃଙ୍ଖଳା ସ୍ଥିତି ପ୍ରମୁଖ ପ୍ରସଙ୍ଗ ପାଲଟିବ। ବିଜେପି ସରକାରରେ ଆଇନଶୃଙ୍ଖଳା ସ୍ଥିତି ଭୁଶୁଡ଼ି ପଡ଼ିଥିବା ବେଳେ ମହିଳା ଓ ଶିଶୁଙ୍କ ବିରୋଧରେ ଜଘନ୍ୟ ଅପରାଧର ସଂଖ୍ୟା ଦିନକୁ ଦିନ ବୃଦ୍ଧି ପାଉଛି। ନିକଟରେ ବାଲେଶ୍ୱରରେ ଜଣେ ଛାତ୍ରୀ ପ୍ରଶାସନ, ସରକାରଙ୍କ ପାଖରୁ ନ୍ୟାୟ ନ ପାଇ ନିଜକୁ ଜାଳିଦେବା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ଛାତ୍ରୀଜଣକ ଏବିଭିପିର ସକ୍ରିୟ ସଦସ୍ୟ ହୋଇଥିଲେ ହେଁ ତାଙ୍କୁ କୌଣସି ନ୍ୟାୟ ମିଳିଲା ନାହିଁ। କେବଳ ଏତିକି ନୁହେଁ; ଶୁକ୍ରବାର ପୁରୀ ଜିଲ୍ଲା ବଳଙ୍ଗା ଅଞ୍ଚଳରେ ଜଣେ ୧୫ ବର୍ଷୀୟ ନାବାଳିକାକୁ ମଧ୍ୟ କେତେକ ଦୁର୍ବୃତ୍ତ କିରୋସିନ ଢାଳି ଜାଳି ଦେବାକୁ ଉଦ୍ୟମ କରିଛନ୍ତି। ୨୦ ଦିନ ପୂର୍ବେ ଗୋପାଳପୁର ବେଳାଭୂମିରେ ମଧ୍ୟ ଜଣେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଥିଲା। ଏସବୁ ଘଟଣା ରାଜ୍ୟର ଗୁରୁତର ଆଇନଶୃଙ୍ଖଳା ସ୍ଥିତିକୁ ଦର୍ଶାଉଛି। ଏସବୁ ପ୍ରସଙ୍ଗକୁ ଦଳ ସଂସଦରେ ଦୃଢ଼ ସ୍ୱରରେ ଉତ୍ଥାପନ କରିବ ବୋଲି ଡ. ପାତ୍ର କହିଛନ୍ତି।

ଏହାବ୍ୟତୀତ ଓଡ଼ିଶା ଦୀର୍ଘ ବର୍ଷ ଧରି କୋଇଲା ରାଜଭାଗ ବୃଦ୍ଧି ଦାବି କରି ଆସୁଛି। ମାତ୍ର କେନ୍ଦ୍ର ସରକାର ଓଡ଼ିଶାର ଏହି ନ୍ୟାଯ୍ୟ ଦାବି ପ୍ରତି ଆଖିବୁଜି ଦେଇଛନ୍ତି। ସେହିପରି ମହାନଦୀ, ପୋଲାଭରମ୍ ଘଟଣାରେ ଓଡ଼ିଶାର ସ୍ୱାର୍ଥ ଗୁରୁତର ଭାବେ ପ୍ରଭାବିତ ହେବାକୁ ଥିବାବେଳେ ଏନେଇ ବିଜେଡି ଲଗାତାର ଭାବେ ନିଜ ସ୍ୱର ଉତ୍ତୋଳନ କରି ଆସିଛି। ମୌସୁମୀ ଅଧିବେଶନରେ ଦଳର ସାଂସଦ ଏସବୁ ପ୍ରସଙ୍ଗକୁ ନେଇ ଗୃହରେ ନିଜର ପକ୍ଷ ଦୃଢ଼ ଭାବରେ ଉପସ୍ଥାପନ କରିବେ। ସେହିପରି ରାଜ୍ୟରେ ରେଳସେବାଠାରୁ ଆରମ୍ଭ କରି ମୋବାଇଲ ନେଟ୍‌ୱାର୍କ, ବ୍ୟାଙ୍କିଙ୍ଗ ସେବା ପରିସର ବୃଦ୍ଧି ଦାବି ନେଇ ଦଳ ସ୍ୱର ଶାଣିତ କରିବ ବୋଲି ଡ. ପାତ୍ର ସୂଚନା ଦେଇଛନ୍ତି।

## ଯୁବୋଦୟ ଆଚିଭର୍ସ ମିଟ୍‌ରେ ପ୍ରତିଭା ସମ୍ମାନ

# ସମର୍ପଣ ଭାବ ନେଇ ରାଷ୍ଟ୍ର ନିର୍ମାଣରେ ବ୍ରତୀ ହୁଅନ୍ତୁ ଯୁବ ପ୍ରତିଭା



ବଲାଙ୍ଗିର,୨୦।୭ (ସମିସ): ଆଜି ସମୟ ଆସିଛି ନିଜର ମେଧା, ପ୍ରତିଭା ଓ ଉଦ୍‌ଯୋଗକୁ ଦେଶଗଠନ ଓ ରାଷ୍ଟ୍ର ନିର୍ମାଣରେ ବିନିଯୋଗ କରି ଏକ ଜାତୀୟ କର୍ତ୍ତବ୍ୟର ସମ୍ପାଦନ କରିବା। ପ୍ରତିଭାଦୀପ୍ତ ତରୁଣ ଓ ଯୁବବର୍ଗଙ୍କ ସମର୍ପଣ ଭାରତକୁ ବିଶ୍ୱର ଅଦ୍ୱିତୀୟ ରାଷ୍ଟ୍ରରେ ରୂପାନ୍ତରିତ କରିବ ବୋଲି ଯୁବୋଦୟ ପକ୍ଷରୁ ଅୟୋଜିତ ଆଚିଭର୍ସ ମିଟ୍ ସମାବେଶରେ ଅତିଥିମାନେ ଯୋଗଦେଇ ମତବ୍ୟକ୍ତ କରିଥିଲେ। ରାଜ୍ୟର ପ୍ରତିଭା ସୃଷ୍ଟିକାରୀ ବିଶ୍ୱସନୀୟ ଶିକ୍ଷାନୁଷ୍ଠାନ ଯୁବୋଦୟ ଆନୁକୂଲ୍ୟରେ ନିଟ୍ ଓ ଜେଇଇ - ୨୦୨୫ର ସଫଳ ଛାତ୍ରଛାତ୍ରୀମାନଙ୍କୁ ସମ୍ବର୍ଦ୍ଧନା ପ୍ରଦାନ ଉଦ୍ଦେଶ୍ୟରେ ଏହି କାର୍ଯ୍ୟକ୍ରମ ଭୁବନେଶ୍ୱରସ୍ଥିତ ସୋଆ ବିଶ୍ୱବିଦ୍ୟାଳୟ ପରିସରରେ ଆୟୋଜିତ ହୋଇଥିଲା। ଯୁବୋଦୟରେ ପ୍ରଶିକ୍ଷଣ ନେଇ ଆଶାତୀତ ସଫଳତା ହାସଲ କରିଥିବା କୃତୀ ଶିକ୍ଷାର୍ଥୀମାନଙ୍କୁ ଚଳିତବର୍ଷ ସର୍ବଭାରତୀୟ ପ୍ରବେଶିକା ପରୀକ୍ଷା ନିଟ୍ ଓ ଜେଇଇ -୨୦୨୫ ରେ କୃତୀତ୍ୱ ପାଇଁ ଏହି ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଯୁବୋଦୟର ଅଧ୍ୟକ୍ଷ ତଥା ସମାଜସେବୀ ଓ ସାରସ୍ୱତ ସାଧକ ଅଭିରାମ ଦାଶଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜାତୀୟ ମାନବାଧିକାର ଆୟୋଗର ସଭ୍ୟ ନ୍ୟାୟମୂର୍ତ୍ତି ଡ. ବିଦ୍ୟୁତ ରଞ୍ଜନ ଷଡ଼ଙ୍ଗୀ, ଆର୍ନ୍ତଜାତୀୟ ସ୍ୱାୟୁ ଶୈଲ୍ୟ ବିଶେଷଜ୍ଞ ପ୍ରଫେସର ଡ. ଅଶୋକ ମହାପାତ୍ର, ହୃଦ୍‌ରୋଗ ବିଶେଷଜ୍ଞ ପ୍ରଫେସର ଡ. ଶିଶୁଶଙ୍କର ମିଶ୍ର, ପୂର୍ବତନ ରାଷ୍ଟ୍ରଦୂତ ସଞ୍ଜୟ ପଣ୍ଡା ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ଯୁବୋଦୟ ନିର୍ଦ୍ଦେଶକ ତଥା ବିଶିଷ୍ଟ ଶିକ୍ଷା ଉଦ୍ୟୋଗୀ ଅମ୍ବରିଶ ଦାଶ ସ୍ୱାଗତଭାଷଣ ଦେଇ ଯୁବୋଦୟର କାର୍ଯ୍ୟଧାରା ଓ ନିଷ୍ଠାପର ଶିକ୍ଷା ସେବା ସମ୍ବନ୍ଧରେ ସୂଚନା ଦେଇଥିଲେ। ଚଳିତବର୍ଷ ନିଟ୍ ଓ ଜେଇଇ ପ୍ରବେଶିକା ପରୀକ୍ଷାରେ ଆଶାତୀତ ସଫଳତା ପାଇଥିବା ଛାତ୍ରଛାତ୍ରୀଙ୍କୁ ସେମାନଙ୍କ ଅଭିଭାବକଙ୍କ ସହ ସମ୍ବର୍ଦ୍ଧିତ କରାଯାଇଥିଲା। ପରେ ପରେ ବିଗତ ବର୍ଷରେ ମେଡିକାଲ ପ୍ରବେଶିକା ପରୀକ୍ଷାରେ କୃତୀତ୍ୱ ଅର୍ଜନ କରି ସଂପ୍ରତି ଦେଶର ବିଭିନ୍ନ ମେଡିକାଲ କଲେଜରେ ଅଧ୍ୟୟନ କରୁଥିବା ପୁରାତନ ଛାତ୍ରଛାତ୍ରୀଙ୍କୁ ମଧ୍ୟ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଡାକ୍ତରୀ ଶିକ୍ଷା, ଇଞ୍ଜିନିୟରିଂ ଅଧ୍ୟୟନ ଓ ବୈଷୟିକ ଶିକ୍ଷା ପାଇଁ ଯୁବୋଦୟ ଏକ ପ୍ରୟୋଗଶାଳା ବୋଲି ଅଭିହିତ କରି ଅତିଥିମାନେ ନିର୍ଦ୍ଦେଶକ ଶ୍ରୀ ଦାସଙ୍କୁ ପ୍ରଶଂସା କରିଥିଲେ। ଅଧ୍ୟାପକ ଡ. ମୃତ୍ୟୁଞ୍ଜୟ ରଥ ମଞ୍ଚ ପରିଚାଳନା ସହ ଧନ୍ୟବାଦ ଦେଇଥିଲେ। ଅତିଥି ଓ ବିଭିନ୍ନ ବର୍ଗର ବ୍ୟକ୍ତିମାନେ ଯୋଗଦେଇ ଯୁବୋଦୟର ପୁରାତନ ଛାତ୍ରଛାତ୍ରୀ ଆଚିଭର୍ସମାନଙ୍କ ସହ ଭାବ ବିନିମୟ କରିଥିଲେ।

# ଟାଟା ପାୱାର ପାଇଁ ବଢ଼ିଲା ଅଡୁଆ

## ସେବାର ମାନ ନେଇ ସାଧାରଣ ଲୋକଙ୍କଠାରୁ ମତାମତ ଲୋଡ଼ିଲେ କମିଶନ

ଭୁବନେଶ୍ୱର,୨୦।୭ (ସମିସ): ରାଜ୍ୟରେ ବିଜୁଳି ବିତରଣ ଦାୟିତ୍ୱରେ ଥିବା ଟାଟା ପାୱାରର ୪ଟି ବିତରକ କମ୍ପାନୀର ଅଡୁଆ ଆଗାମୀ ଦିନରେ ବଢ଼ିପାରେ। ଗତ ୧୫ ତାରିଖରେ ଓଇଆରସି(ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ)ରେ ବିତରକ କମ୍ପାନୀର ସେବାର ମାନକୁ ନେଇ ହୋଇଥିବା ଏକ ଶୁଣାଣିରେ ଏକ ଗୁରୁତ୍ୱପୂର୍ଣ୍ଣ ମଧ୍ୟବର୍ତ୍ତୀକାଳୀନ ରାୟ ଶୁଣାଇଛନ୍ତି କମିଶନ। ରାଜ୍ୟବ୍ୟାପୀ ଟାଟା ପାୱାରର ୪ ବିତରକ କମ୍ପାନୀ କିପରି ସେବା ପ୍ରଦାନ କରୁଛନ୍ତି ଏବଂ ଏହାର ମାନ କିପରି ରହିଛି ସେନେଇ କମିଶନ ସାଧାରଣ ଲୋକ, ସଂସ୍ଥା ଏବଂ ଅଂଶୀଦାରଙ୍କ ନିକଟରୁ ମତାମତ ଆହ୍ୱାନ କରିଛନ୍ତି। ଏନେଇ କମିଶନଙ୍କ କାର୍ଯ୍ୟାଳୟ ପକ୍ଷରୁ ବିଧିବଦ୍ଧ ଭାବେ ନୋଟିସ୍ ମଧ୍ୟ ଜାରି କରାଯାଇଛି। ଆସନ୍ତା ଅଗଷ୍ଟ ୧୬ ତାରିଖ ମଧ୍ୟରେ ଇଚ୍ଛୁକ ଲୋକ ନିଜର ମତାମତ ଦାଖଲ କରିପାରିବେ ବୋଲି କମିଶନଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ରାଜ୍ୟବ୍ୟାପୀ ଟାଟା ପାୱାରର ବିଦ୍ୟୁତ୍ ବିତରଣ ସେବାକୁ ନେଇ ବିଭିନ୍ନ ସମୟରେ ଅସନ୍ତୋଷ ପ୍ରକାଶ ପାଉଥିବା ବେଳେ କମିଶନଙ୍କ ଉପରୋକ୍ତ ରାୟ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ରାଜ୍ୟର ବିଭିନ୍ନ ସ୍ଥାନରେ ଲୋ-ଭୋଲଟେଜ ସମସ୍ୟା, ବିଦ୍ୟୁତ୍ କାଟ୍, ଗ୍ରାହକଙ୍କଠାରୁ ଅତିରିକ୍ତ ଶୁଳ୍କ ଆଦାୟ ପରି ଅଭିଯୋଗ ନିୟମିତ ଭାବେ କମିଶନଙ୍କ ହସ୍ତଗତ ହୋଇଥିଲା। ଏହାକୁ ଗୁରୁତର ଭାବେ ନେଇ ଓଇଆରସି ନିଜ ଆଡୁ ଏକ ମାମଲା ରୁଜୁ କରିଥିଲା। ଇଲେକ୍ଟ୍ରିସିଟି ଆକ୍ଟ, ୨୦୦୩ ସହ ଅନ୍ୟ କେତେକ ଆଇନର ଉଲ୍ଲଂଘନ ଆଧାରରେ ଏହି ମାମଲା ରୁଜୁ ହୋଇଥିବା ବେଳେ ଗତ ୧୫ ତାରିଖରେ ଏହାର ଶୁଣାଣି ମଧ୍ୟ ହୋଇଥିଲା। ଶୁଣାଣିରେ ମୋଟ ୮ଟି ଅଭିଯୋଗ ହୋଇଥିବା ବେଳେ ଟାଟା ପାୱାରର ୪ଟି ବିତରକ କମ୍ପାନୀ ଯଥା ଟିପିସିଓଡିଏଲ, ଟିପିଏନଓଡିଏଲ, ଟିପିଏସଓଡିଏଲ ଏବଂ ଟିପିଡବ୍ଲ୍ୟୁଡିଏଲ ନିଜ ନିଜର ଉତ୍ତର ରଖିଥିଲେ। ଶୁଣାଣି ପରେ ନିଜ ମଧ୍ୟବର୍ତ୍ତୀକାଳୀନ ରାୟରେ ସାଧାରଣ ଲୋକଙ୍କଠାରୁ ମତାମତ ଲୋଡ଼ିଛନ୍ତି ଆୟୋଗ। ଅଭିଯୋଗକାରୀ ନିଜ ଅଭିଯୋଗ ସହ ନିଜର ହ୍ୱାଟ୍ସଆପ୍ ନମ୍ବର, ଇମେଲ ଠିକଣା ପ୍ରଦାନ କରିବାକୁ ଏଥିରେ କୁହାଯାଇଛି। ଆସନ୍ତା ଅଗଷ୍ଟ ୨୯ ତାରିଖରେ ଓଇଆରସି କାର୍ଯ୍ୟାଳୟରେ ଶୁଣାଣି ପାଇଁ ତାରିଖ ଧାର୍ଯ୍ୟ ହୋଇଥିବା ବେଳେ ସମସ୍ତ ଅଭିଯୋଗକାରୀଙ୍କୁ ଭିସି ଯୋଗେଁ ଯୋଡ଼ିହେବା ପାଇଁ ଲିଙ୍କ୍ ପଠାଯିବ।

ସୂଚନାଯୋଗ୍ୟ ଯେ ବିଦ୍ୟୁତ୍ ବିତରଣ ଦାୟିତ୍ୱରେ ଥିବା ୪ଟି ବିତରକ କମ୍ପାନୀର କାର୍ଯ୍ୟଦକ୍ଷତାକୁ ନେଇ ବିଭିନ୍ନ ସମୟରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ବିଶେଷକରି ଲୋ-ଭୋଲ୍‌ଟେଜ୍, ଅଘୋଷିତ ବିଦ୍ୟୁତ୍ କାଟ୍, ସ୍ମାର୍ଟ ମିଟର ଏବଂ ଅତିରିକ୍ତ ଶୁଳ୍କ ଆଦାୟକୁ ନେଇ ଗ୍ରାହକମାନେ ଅଭିଯୋଗ କରି ଆସୁଛନ୍ତି। ବିଶେଷକରି କମ୍ପାନୀ ଇଲେକ୍ଟ୍ରିସିଟି ଆକ୍ଟ- ୨୦୦୩ର ଧାରା ୪୩ର ଉଲ୍ଲଂଘନ କରୁଥିବା ଓଇଆର୍‌ସି ନଜରକୁ ଆସିଛି। ଏନେଇ ମାଳମାଳ ଅଭିଯୋଗ ହସ୍ତଗତ ହେବା ପରେ କମିଶନ ଏହାକୁ ଗୁରୁତ୍ୱର ସହ ନେଇଥିବା ଜଣାପଡ଼ିଛି। କେବଳ କାର୍ଯ୍ୟଦକ୍ଷତା ନୁହେଁ; ନିକଟରେ ବିଦ୍ୟୁତ୍ ବିତରକ ଟ୍ରାନ୍ସଫର୍ମର ଏବଂ ଫିଡର୍ ଲାଇନ୍‌ଗୁଡ଼ିକର ମିଟରିଂକୁ ପ୍ରାଥମିକତା ଦେବାକୁ ଟାଟା ପାୱାରର ୪ଟି ଯାକ ବିତରକ କମ୍ପାନୀକୁ ନିର୍ଦ୍ଦେଶ ଦେଇଥିଲେ। ଏକ୍ଷେତ୍ରରେ ଟାଟା ପାୱାରର ପ୍ରଦର୍ଶନକୁ ନେଇ କମିଶନ ଅସନ୍ତୋଷ ପ୍ରକାଶ କରିଥିବା ଜଣାପଡ଼ିଛି।

# ଦୁଷ୍କର୍ମ ଉଦ୍ୟମ: ଅତିରିକ୍ତ ଅଗ୍ନିଶମ ଅଧିକାରୀ ଗିରଫ

ରାୟଗଡ଼ା,୨୦।୭ (ସମିସ): ଏକ ଦୁଷ୍କର୍ମ ମାମଲାରେ ରାୟଗଡ଼ା ଦମକଳ କେନ୍ଦ୍ରର ଅତିରିକ୍ତ ଅଗ୍ନିଶମ ଅଧିକାରୀ ରମେଶ ଚନ୍ଦ୍ର ବେହେରାଙ୍କୁ ରାୟଗଡ଼ା ପୁଲିସ୍ ଗିରଫ କରିଛି। ଜଣେ ମହିଳାଙ୍କ ଅଭିଯୋଗକୁ ଆଧାର କରି ପୁଲିସ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଅଭିଯୋଗ ଅନୁଯାୟୀ, ଦୁଇ ବର୍ଷ ହେଲା ଅତିରିକ୍ତ ଅଗ୍ନିଶମ ଅଧିକାରୀ ଶ୍ରୀ ବେହେରା ଜଣେ ବିବାହିତ ମହିଳାଙ୍କ ସହ ଶାରୀରିକ ସମ୍ପର୍କ ରଖିଥିଲେ ଏବଂ ପରେ ତାଙ୍କୁ ନିର୍ଯାତନା ଦେଇଥିଲେ। ମହିଳାଜଣଙ୍କ ଦୁଇଟି ସନ୍ତାନର ମାଆ। ତେବେ ପୂର୍ବରୁ ଉଭୟଙ୍କ ମଧ୍ୟରେ ବିବାଦ ଲାଗି ରହିଥିବା ବେଳେ ଏନେଇ ମହିଳା ଜଣକ ରବିବାର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଡାକ୍ତରୀମାଇନା କରାଯାଇ ତାଙ୍କୁ କୋର୍ଟ ଚାଲାଣ କରାଯିବ ବୋଲି ଆଇଆଇସି ପ୍ରସନ୍ନ କୁମାର ବେହେରା କହିଛନ୍ତି।

# ପ୍ରଦୂଷଣର ପେଣ୍ଠ: ସାହାଜବାହାଲ ଜେଏସ୍‌ଡବ୍ଲ୍ୟୁ କାରଖାନା

ଇବ୍‌ଥର୍ମାଲ,୨୦।୭ (ସମିସ)

ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ କୁମ୍ଭାରବନ୍ଧ ପଞ୍ଚାୟତ ସାହାଜବାହାଲ ସ୍ଥିତ ଜେଏସ୍‌ଡବ୍ଲ୍ୟୁ ଘରୋଇ ପାୱାରପ୍ଲାଣ୍ଟ ଏବେ ଲୋକଙ୍କ ପାଇଁ ଅଭିଶାପ ପାଲଟିଛି। ଏଠାରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ସହିତ ଏଏମ୍‌ୟୁ ସ୍ୱାକ୍ଷରିତ ହୋଇ ଇଣ୍ଡ ବରାଥ୍‌କୁ ଶାଗମାଛ ଦରରେ ଜମି ପ୍ରଦାନ କରାଗଲା। କମ୍ପାନୀ ଲୋକଙ୍କୁ ଦେଇଥିବା ପ୍ରତିଶ୍ରୁତି ପାଣି ଫୋଟକା ହେଇଥିଲା। ପରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ଦେବାଳିଆ ଘୋଷିତ ହେବାପରେ ଜେଏସ୍‌ଡବ୍ଲ୍ୟୁ ଅଧିଗ୍ରହଣ କରିଥିଲା। କିନ୍ତୁ ଏହାପରେ ଅଞ୍ଚଳବାସୀଙ୍କ ସମସ୍ୟା ଦୂର ହେବା ପରିବର୍ତ୍ତେ ସେମାନଙ୍କ ଦୁର୍ଦ୍ଦଶା ବଢ଼ିଲା। ଏବେ ସ୍ଥାନୀୟ ଅଞ୍ଚଳରେ ନିଯୁକ୍ତି ଓ ବିକାଶ ଘର ଶୂନ ହୋଇଛି। ପ୍ଲାଣ୍ଟ ଚାଲିବା ଦିନଠାରୁ ଜେଏସ୍‌ଡବ୍ଲ୍ୟୁ ଅଞ୍ଚଳବାସୀଙ୍କୁ କେବଳ ପ୍ରଦୂଷଣ ଛଡ଼ା ଆଉ କିଛି ଦେଇନାହିଁ।

ପ୍ଲାଣ୍ଟ ଚିମିନିରୁ ପାଉଁଶ ବର୍ଷା ହେବା, ବେଆଇନ ଭାବେ ପାଉଁଶ ପରିବହନ କରିବା, ସମସ୍ୟା ନେଇ ଅଭିଯୋଗ କଲେ ପୁଲିସ ସହାୟତାରେ ଲୋକଙ୍କୁ ନାଲିଆଖି ଦେଖାଇବା, ରାସ୍ତାଘାଟରେ

## ପାଉଁଶର ବିଷ ବଳୟ ଲୋକଙ୍କ ପାଇଁ କାଳ

## ସ୍ଥାନୀୟ ଲୋକଙ୍କ ଆନ୍ଦୋଳନ ଚେତାବନୀ

ପାଉଁଶ ଗଦେଇବା ଆଦି ଜେଏସ୍‌ଡବ୍ଲ୍ୟୁର ନିତିଦିନିଆଁ କାମ ହୋଇଛି। ଯୁଏସ୍‌ପି ନ ଥାଇ ପ୍ଲାଣ୍ଟ ବେଆଇନ ଭାବେ ଚିମିନି ଚଳାଉଛି। ସେହିପରି ପ୍ରଦୂଷଣ ନିୟନ୍ତ୍ରଣର ବୋର୍ଡ ନିୟମ ଅନୁସାରେ ପାଉଁଶର ସୁପରିଚାଳନା ସକାଶେ ନିଜସ୍ୱ ଆସ୍‌ପଣ୍ଡ ବା ପାଉଁଶ ପୋଖରୀ ମଧ୍ୟ କରିନାହିଁ ବରଂ ଭାରିଯାନ ଯୋଗେ ଅହରହ ବେଆଇନ ଆସ୍ ପରିବହନ କରୁଛି। ଏହାଦ୍ୱାରା ରାସ୍ତାରେ ପାଉଁଶ ପଡି ପ୍ରଦୂଷଣ ବଢ଼ିବଢ଼ି ଚାଲିଛି। ଏହି ପାଉଁଶ ପ୍ରଦୂଷଣ ଯୋଗୁ ତିଲିଆ, ରେମ୍ଭେଲା, କୁମ୍ଭାରବନ୍ଧ ଓ ପିପିଲିକାନି ପଞ୍ଚାୟତ ଲୋକେ ବିଶେଷ ଭାବେ ପ୍ରଭାବିତ ହେବାସହ ଚର୍ମରୋଗ, କିଡିନୀ ରୋଗରେ ଆକ୍ରାନ୍ତ ହେଉଛନ୍ତି। ପ୍ଲାଣ୍ଟର ପ୍ରଦୂଷିତ ଜଳକୁ ରିସାଇକ୍ଲିଂ ନ କରି ସିଧାସଳଖ ଛାଡିଦେବା ଫଳରେ ତାହା ଯାଇ ହୀରାକୁଦ ନଦୀବନ୍ଧରେ ମିଶୁଛି। ପୁଣି ରାସ୍ତାଘାଟରେ ଗଦା ହୋଇଥିବା ପାଉଁଶ ବର୍ଷାଜଳରେ ଭାସି ଚାଷ ଜମି ନଷ୍ଟ କରିବା ସହ ଇବ ନଦୀରେ ସିଧାସଳଖ ମିଶୁଛି। ଏହିପରି ପ୍ଲାଣ୍ଟ ଦ୍ୱାରା ବାୟୁ, ଜଳ, ଜମି ଜଙ୍ଗଲ ବିଷ ବଳୟରେ ପରିଣତ



ହୋଇଛି। ମଣିଷ ସହିତ ଜଳଚର ଓ ସ୍ଥଳଚର ଅନ୍ୟ ଜୀବ ମଧ୍ୟ ଏହାର କୁପରିଣାମ ଭୋଗୁଛନ୍ତି। ଏ ସଂକ୍ରାନ୍ତରେ ଅଞ୍ଚଳବାସୀ ତଥା ଆଞ୍ଚଳିକ ପରିବେଶ ସୁରକ୍ଷା କମିଟି ମୁଖ୍ୟମନ୍ତ୍ରୀଙ୍କଠାରୁ ଝାରସୁଗୁଡା ଜିଲ୍ଲାପାଳଙ୍କ ପର୍ଯ୍ୟନ୍ତ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ହେଲେ ଜେଏସ୍‌ଡବ୍ଲ୍ୟୁ ସାହାଜବାହାଲର ମେରିରାୟ ପଲିସି ଯୋଗୁ କୌଣସି ସୁଫଳ ମିଳିନଥିବା ଅଭିଯୋଗ ହୋଇଛି। ଜିଲ୍ଲା ପ୍ରଶାସନ ଏଦିଗରେ ଦୃଷ୍ଟି ନ ଦେଲେ ଆଗାମୀ ଦିନରେ ବଡ଼ ଆନ୍ଦୋଳନ କରିବାକୁ ଅଞ୍ଚଳବାସୀ ଚେତାବନୀ ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୮୮୪- ପ୍ରଥମ ଟେଷ୍ଟ କ୍ରିକେଟ୍ ମ୍ୟାଚ୍ ଇଂଲଣ୍ଡର ଲର୍ଡସ୍ ମୈଦାନରେ ଖେଳାଗଲା।
- ୧୯୩୦- ବଲିଉଡ୍‌ର ଜଣାଶୁଣା ଗୀତିକାର ଆନନ୍ଦ ବକ୍ସିଙ୍କ ଜନ୍ମ।
- ୧୯୪୭- ଇଣ୍ଡୋନେସିଆରେ ପ୍ରଥମ ନିର୍ବାଚନ ଆରମ୍ଭ ହେଲା।
- ୧୯୬୩- କାଶୀ ବିଦ୍ୟାପୀଠକୁ ବିଶ୍ୱବିଦ୍ୟାଳୟର ମାନ୍ୟତା ଦିଆଗଲା।
- ୧୯୮୮- ଭାରତୀୟ ଉପଗ୍ରହ ଇନ୍‌ସ୍ୟାଟ୍-୧ସିକୁ ପ୍ରକ୍ଷେପଣ କରାଗଲା।
- ୨୦୦୭- ପ୍ରତିଭା ପାଟିଲ୍ ଭାରତର ପ୍ରଥମ ମହିଳା ରାଷ୍ଟ୍ରପତି ହେଲେ।

## ଡିଗ୍ରୀ ପିଏଚ୍‌ଡି କାମ ଫୁଡ୍ ଡେଲିଭରି

ଚୀନ୍‌ର ୩୯ ବର୍ଷୀୟ ଡିଙ୍ଗ ୟୁଆନଝାଓ ସାମାଜିକ ଗଣମାଧ୍ୟମରେ ଏବେ ଚର୍ଚ୍ଚା ସାଉଁଟୁଛନ୍ତି। ତାଙ୍କୁ ଏବେ ସବୁଠୁ ଶିକ୍ଷିତ ଡେଲିଭରି ବଏ ବୋଲି କୁହାଯାଉଛି। ସେ ଏକ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନରୁ ପାଠପଢ଼ିବା ସତ୍ତ୍ୱେ ତାଙ୍କୁ ଭଲ ଚାକିରିଟିଏ ମିଳିଲା ନାହିଁ। ଫଳରେ ସେ ଏବେ ଫୁଡ୍ ଡେଲିଭରି ବଏର କାମ କରୁଛନ୍ତି। ଝିଂଘୁଆ ବିଶ୍ୱବିଦ୍ୟାଳୟରୁ ସେ ରସାୟନ ବିଜ୍ଞାନରେ ସ୍ନାତକ କରିଛନ୍ତି। ପୋକିଙ୍ଗ ବିଶ୍ୱବିଦ୍ୟାଳୟରୁ ଏନର୍ଜି ଇଞ୍ଜିନିୟରିଂରେ ମାଷ୍ଟର ଡିଗ୍ରୀ ହାସଲ କରିଛନ୍ତି। କେବଳ ସେତିକି ନୁହେଁ, ସିଙ୍ଗାପୁରର ନାନୟାଙ୍ଗ ଟେକ୍ନୋଲଜିକାଲ ୟୁନିର୍ଭସିଟିରୁ ଜୀବବିଜ୍ଞାନରେ ପିଏଚ୍‌ଡି କରିଥିବା ବେଳେ ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟରୁ ସେ



ଜୈବ ବିବିଧତାରେ ମଧ୍ୟ ଡିଗ୍ରୀ ହାସଲ କରିଛନ୍ତି। ଡିଙ୍ଗଙ୍କର ଏତେଗୁଡ଼ିଏ ଶିକ୍ଷାଗତ ଯୋଗ୍ୟତା ଥାଇ ମଧ୍ୟ ତାଙ୍କୁ ମନପସନ୍ଦର ଚାକିରିଟିଏ ମିଳିପାରିଲା ନାହିଁ। ସେ ଅନେକ କମ୍ପାନିକୁ ବାୟୋଡାଟା ପଠାଇ ଥିବା ବେଳେ ୧୦ରୁ ଅଧିକ ସାକ୍ଷାତକାର ମଧ୍ୟ ଦେଇଥିଲେ। ଏହାପରେ ବି ଚାକିରିରେ ତାଙ୍କୁ ସଫଳତା ମିଳିପାରିନି। ତେବେ ଡିଙ୍ଗ ସିଙ୍ଗାପୁରର ନ୍ୟାସନାଲ ୟୁନିର୍ଭସିଟିରେ କିଛି ଦିନ ପୋଷ୍ଟ ଡକ୍ଟରାଲ ଗବେଷକ ଭାବେ ମଧ୍ୟ କାମ କରିଥିଲେ। ଚୁକ୍ତିଭିତ୍ତିକ ଭାବେ ଏଥିରେ କାମ କରିବା ପରେ ଏହାର ସମୟ ଶେଷ ହୋଇଥିଲା। ସେଇଠୁ ଡିଙ୍ଗଙ୍କୁ ଶେଷରେ ଫୁଡ୍ ଡେଲିଭରିରେ କାମ କରିବାକୁ ହେଲା। ଡିଙ୍ଗ ବିଶ୍ୱାସ କରନ୍ତି ଯେ, ଚାକିରି କାହାର କେବେ ଶିକ୍ଷାଗତ ଯୋଗ୍ୟତା ଅନୁସାରେ ହୋଇ ନଥାଏ। ସେହିପରି ସେ ଫୁଡ୍ ଡେଲିଭରିକୁ ଏକ ସ୍ଥିର ଚାକିରି ବୋଲି କହିଛନ୍ତି। ଏଥିରେ ସେ ତାଙ୍କ ପରିବାର ଚଳାଇ ପାରୁଥିବା କହିଛନ୍ତି। ତାଙ୍କ ମତରେ ଏଥିରେ ପରିଶ୍ରମ କଲେ ଭଲ ରୋଜଗାର କରିବା ସମ୍ଭବ। ତା'ସହ ଏହାଦ୍ୱାରା ତାଙ୍କର ଏକପ୍ରକାର ବ୍ୟାୟାମ ବି ହୋଇଯାଉଛି। ସେ ମେଳାପି ସ୍ୱଭାବର ହୋଇ ନ ଥିବାରୁ ଟ୍ୟୁସନ୍ ମଧ୍ୟ କରିପାରିବେ ନାହିଁ ବୋଲି କହିଛନ୍ତି। ଅନ୍ୟପଟେ ଡିଙ୍ଗଙ୍କ ଏହି କାର୍ଯ୍ୟକୁ ନେଇ ସାମାଜିକ ଗଣମାଧ୍ୟମରେ ମିଶ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। କେହି କେହି ତାଙ୍କ କାର୍ଯ୍ୟକୁ ପ୍ରଶଂସା କରିଥିବାବେଳେ ଆଉ କେତେଜଣ ଯଦି ଚାକିରି ନ ମିଳୁଛି ଏତେ ପାଠ ପଢ଼ି ଲାଭ କ'ଣ ବୋଲି ପ୍ରଶ୍ନ କରିଛନ୍ତି।



## 'ଲଭ୍ ଆଣ୍ଡ ୱାର୍'
## ରଣବୀର ଓ ଭିକିଙ୍କ ମଧ୍ୟରେ ମହା ମୁକାବିଲା

ସଞ୍ଜୟ ଲୀଲା ଭଁସାଲିଙ୍କ ଡ୍ରିମ୍ ପ୍ରୋଜେକ୍ଟ 'ଲଭ୍ ଆଣ୍ଡ ୱାର୍'ରେ ରଣବୀର କପୁର, ଭିକି କୌଶଲ ଓ ଆଲିଆ ଭଟ୍ଟ ଲିଡ୍ ରୋଲରେ ଦେଖାଯିବେ। ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଏହା ଆଧାରିତ ହେବ। ଏହି ଫିଲ୍ମରେ ଏକ ଜବରଦସ୍ତ ଆକ୍ସନ୍ ସିନ୍ ରହିଛି। ଏଥିରେ ଭିକି ଓ ରଣବୀର ପରସ୍ପର ସହ ଲଢ଼ୁଥିବାର ଦେଖାଯିବେ। ରଣବୀର ଓ ଭିକିଙ୍କ ମଧ୍ୟରେ ଏହି ମୁକାବିଲା ହିଁ ଫିଲ୍ମର ଆକର୍ଷଣ ସାଜିବ ବୋଲି କୁହାଯାଉଛି। ତେବେ ଏହି ସିନ୍‌କୁ ଏକ ଅଜ୍ଞାତ ସ୍ଥାନରେ ସୁଟ୍ କରାଯିବ। ଏହି ସିନ୍ ସୁଟ୍ ପାଇଁ ସେଟ୍‌କୁ ଏକ ବଡ଼ ସିନେମା ଇଭେଣ୍ଟ ଭଳି ଡିଜାଇନ୍ କରାଯିବ। ଏହାର ସୁଟିଂ ପାଇଁ ପ୍ରସ୍ତୁତି ମଧ୍ୟ ଆରମ୍ଭ ହୋଇଗଲାଣି। ଜାନୁଆରୀ, ୨୦୨୪ରେ ସଞ୍ଜୟ 'ଲଭ୍ ଆଣ୍ଡ ୱାର୍' ଫିଲ୍ମ କଥା ଘୋଷଣା କରିଥିଲେ। ଏହା ମାର୍ଚ୍ଚ ୨୦୨୬ରେ ପରଦାକୁ ଆସିବ। ତେବେ ସଞ୍ଜୟ ତାଙ୍କ ଆଗ ଫିଲ୍ମଗୁଡ଼ିକ ଭଳି ଏହି ଫିଲ୍ମକୁ ବ୍ଲକ୍‌ବଷ୍ଟର୍ କରିପାରୁଛନ୍ତି କି ନାହିଁ ତାହା ଦେଖିବାକୁ ବାକି ରହିଲା।

## ପେଟ ଭିତରେ ଜିଅନ୍ତା ମାଛ

ଚୀନ୍‌ରୁ ଏକ ଅଜବ ତଥା ସମ୍ପୂର୍ଣ୍ଣ ଦୁର୍ଲଭ ଘଟଣା ସାମ୍ନାକୁ ଆସିଛି। ହୁନାନ ଅଞ୍ଚଳର ଜଣେ ୩୩ ବର୍ଷୀୟ ବ୍ୟକ୍ତିଙ୍କର ଅସହ୍ୟ ପେଟ ଯନ୍ତ୍ରଣା ହେବାରୁ ସେ ହସ୍‌ପିଟାଲ ଗଲେ। ସେଠାରେ ଡାକ୍ତର ତାଙ୍କର ପରୀକ୍ଷା କରିବାରୁ ଫୁଟେ ଲମ୍ବାର ଏକ ଜିଅନ୍ତା ମାଛ ତାଙ୍କ ପେଟ ଭିତରେ ଥିବାର ଜଣାପଡ଼ିଲା। ଏହି ଘଟଣାରେ କେବଳ ସାଧାରଣ ଲୋକ ନୁହଁନ୍ତି, ବରଂ ଡାକ୍ତରମାନେ ବି ବିସ୍ମିତ ହୋଇଛନ୍ତି। ତାଙ୍କ ପେଟର ସିଟି ସ୍କାନ କରାଯିବାରୁ ଏକ ବଡ଼ ଲମ୍ବା ବସ୍ତୁ ପେଟ ଭିତରେ ଭାସୁଥିବାର ଦେଖାଗଲା। ତେଣୁ ଡାକ୍ତରମାନେ ତାଙ୍କର ଅସ୍ତ୍ରୋପଚାର କରିବା ନିଷ୍ପତ୍ତି ନେଲେ। ଏହି ସମୟରେ ଡାକ୍ତରମାନେ ତାଙ୍କ ପେଟ ଭିତରେ ଜିଅନ୍ତା ଇଲ୍ ମାଛ ଭାସୁଥିବାର ଦେଖି ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ଅସ୍ତ୍ରୋପଚାର ସମୟରେ ଜଣାପଡ଼ିଲା ଇଲ୍‌ଟି ତାଙ୍କ ଅନ୍ତନଳୀକୁ ସମ୍ପୂର୍ଣ୍ଣ ଛେଦ କରି ପେଟ ଭିତରେ ପହଁରୁଛି। ଏହାପରେ ଡାକ୍ତରମାନେ ଅସ୍ତ୍ରୋପଚାର ମାଧ୍ୟମରେ ମାଛଟିକୁ ବାହାର କରି ଦେଇଥିଲେ। ସର୍ଜରୀ ପରେ ଏହି ବ୍ୟକ୍ତି ଜଣକ ଏବେ ସୁସ୍ଥ ଅଛନ୍ତି। ତେବେ ଏହି ବ୍ୟକ୍ତି ଜଣକ ପେଟକୁ କିପରି ଜିଅଁନ୍ତା ମାଛ ଆସିଲା ତାହା ଜଣାପଡ଼ିନାହିଁ।





## ଷୋଳ ସୋମବାର ବ୍ରତର ଲାଭ

ହିନ୍ଦୁ ଶାସ୍ତ୍ରରେ ସୋମବାର ଅତ୍ୟନ୍ତ ସ୍ୱତନ୍ତ୍ର ବିବେଚନା କରାଯାଏ। ଏହା ପଛର କାରଣ ହେଉଛି ଏହି ଦିନ ଭଗବାନ ଶିବଙ୍କୁ ସମର୍ପିତ। ଦେବ ଦେବ ମହାଦେବଙ୍କୁ ପ୍ରସନ୍ନ କରିବା ଏବଂ ତାଙ୍କ ଆଶୀର୍ବାଦ ଲାଭ କରିବା ପାଇଁ ଶ୍ରଦ୍ଧାଳୁମାନେ ଷୋଳ ସୋମବାର ବ୍ରତ ପାଳନ କରିଥାନ୍ତି। କୁହାଯାଏ, ଏହି ବ୍ରତକୁ ପୂରା ଶ୍ରଦ୍ଧା ଓ ବିଧିବିଧାନ ସହିତ ପାଳନ କରିବା ଦ୍ୱାରା ସମସ୍ତ ମନସ୍କାମନା ପୂରଣ ହୁଏ। ଏହି ବ୍ରତ ଅବିବାହିତ ଝିଅଙ୍କ ପାଇଁ ଫଳଦାୟୀ। ମାତା ପାର୍ବତୀ ଭଗବାନ ଶିବଙ୍କୁ ନିଜ ସ୍ୱାମୀ ଭାବେ ପାଇବା ପାଇଁ ଏହି ବ୍ରତ ରଖିଥିଲେ ବୋଲି କୁହାଯାଏ। ବିବାହିତ ମହିଳା ବୈବାହିକ ଜୀବନରେ ସୁଖ, ଶାନ୍ତି ଏବଂ ସମୃଦ୍ଧି ପାଇଁ ଏହି ବ୍ରତ ରଖନ୍ତି। ଏହା ଦ୍ୱାରା ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ପ୍ରେମ ଓ ବୁଝାମଣା ବଢ଼ିଥାଏ ଏବଂ ଘର ପରିବାରରେ ଖୁସି ଆସେ। ସନ୍ତାନ ସୁଖ କାମନା ଲାଗି ଷୋଳ ସୋମବାର ବ୍ରତ କରିବା ଶୁଭଙ୍କର। ଏହି ବ୍ରତ କରିବା ଦ୍ୱାରା ଅଜାଣତରେ କରାଯାଇଥିବା ପାପ ନାଶ ହୁଏ ଏବଂ ଜୀବନର ବାଧା ବିଘ୍ନ ଦୂର ହୁଏ। ଜାତକରେ ଅଶୁଭ ଗ୍ରହ ଥିଲେ ଏହି ବ୍ରତ ଦ୍ୱାରା ନକାରାତ୍ମକ ପ୍ରଭାବ କମ୍ ହୁଏ। ଜୀବନରେ ସୁଖ ଶାନ୍ତି ଆସେ। ଏହି ବ୍ରତ ରଖିବା ଦ୍ୱାରା ଘରେ ଧନ ବୃଦ୍ଧି ହୁଏ। ଆର୍ଥିକ ସ୍ଥିତି ମଜଭୁତ ହୁଏ।

## ସ୍ୱସ୍ତି

## ବୋଲବମ୍ ଯାତ୍ରାର ମହତ୍ତ୍ୱ

**ଶ୍ରାବଣ ମାସରେ ବୋଲବମ୍ ଯାତ୍ରାର ବିଶେଷ ମହତ୍ତ୍ୱ ଅଛି। ଦେବଦେବ ମହାଦେବଙ୍କୁ ସମର୍ପିତ ଏହି ପବିତ୍ର ମାସରେ ଭକ୍ତମାନେ ଭଗବାନ ଶିବଙ୍କୁ ଜଳାଭିଷେକ କରିଥାନ୍ତି। ସେଥିପାଇଁ ସେମାନେ ବୋଲବମ୍ ଯାତ୍ରା କରିଥାନ୍ତି। ଶିବଭକ୍ତମାନେ ଗେରୁଆ ବସ୍ତ୍ର ପରିଧାନ ସହ ବାହୁଙ୍ଗିରେ ପବିତ୍ର କଳସ ଜଳକୁ ବହନ କରି ଖାଲି ପାଦରେ ଚାଲିଥାନ୍ତି।**

**ପର୍ଶୁରାମଙ୍କଠୁ ଆରମ୍ଭ:** ହିନ୍ଦୁ ଧର୍ମ ଅନୁସାରେ, ଭଗବାନ ଶିବ ଭକ୍ତ ପର୍ଶୁରାମ ସର୍ବପ୍ରଥମେ ଶ୍ରାବଣ ମାସରେ ବୋଲବମ୍ ଯାତ୍ରାରେ ବାହାରି ଥିଲେ। ସେ ଗଙ୍ଗାଜଳ ଶିବଲିଙ୍ଗ ଉପରେ ଲାଗି କରିଥିଲେ। ସେବେଠୁ ଶିବଭକ୍ତମାନେ ଏହି ପରମ୍ପରା ପାଳନ କରି ଆସୁଛନ୍ତି। ଶ୍ରାବଣ ମାସରେ ଶିବଭକ୍ତ ପବିତ୍ର ନଦୀରୁ ଜଳ ଆଣିବା ଯାତ୍ରାକୁ ବୋଲବମ୍ ବା କାଉଡ଼ି ଯାତ୍ରା କୁହାଯାଏ। ଭକ୍ତମାନେ ନଦୀରୁ ଜଳ ଆଣି ମହାଦେବଙ୍କଠାରେ ଜଳାଭିଷେକ କରନ୍ତି।

**ଖାଲିପାଦରେ ଚାଲନ୍ତି ଶିବଭକ୍ତ:** ଶିବଙ୍କୁ ଆରାଧନା ଓ ଉପାସନା ପାଇଁ ସମର୍ପିତ ଏହି ମାସ। ମାନ୍ୟତା ଅଛି, ଶ୍ରାବଣ ମାସ ଯାକ ମହାଦେବ ହରିଦ୍ୱାରରେ ନିବାସ କରିଥାନ୍ତି। ସେହିପରି ଏହି ମାସରେ ବିଷ୍ଣୁ ଶୟନ ମୁଦ୍ରାରେ ରହୁଥିବାରୁ ତିନି ଲୋକର କଥା ବୁଝନ୍ତି ସ୍ୱୟଂ ମହାଦେବ। ଏହି କାରଣ ଯୋଗୁଁ ବୋଲବମ୍ ଯାତ୍ରୀ ଗଙ୍ଗାଜଳ ପାଇଁ ହରିଦ୍ୱାର ଆସନ୍ତି। ଏହି ଯାତ୍ରା ସମୟରେ ଭକ୍ତମାନେ ଖାଲିପାଦରେ ଚାଲନ୍ତି। ଅନ୍ୟପଟେ ଏବେ ବୋଲବମ୍ ଯାତ୍ରାରେ କେବଳ ପୁରୁଷ ନୁହଁନ୍ତି, ମହିଳା ଓ ଛୋଟପିଲାମାନେ ମଧ୍ୟ ସାମିଲ ହେଉଥିବା ଦେଖିବାକୁ ମିଳୁଛି।



## କାଉଡ଼ିଆ କଥା

ସମ୍ପ୍ରତି ବୋଲବମ୍ ଯାତ୍ରାରେ ଆସ୍ଥାର ଅଲଗା ଦୃଶ୍ୟ ନଜର ଆସୁଛି। ଏହି କ୍ରମରେ ଉତ୍ତର ପ୍ରଦେଶ ମୁଜାଫରନଗରରୁ ଏକ ହୃଦୟସ୍ପର୍ଶୀ ଘଟଣା ସାମ୍ନାକୁ ଆସିଛି। ଏଠାରେ ୧୦ ବର୍ଷ ବୟସର ଜଣେ ବାଳକ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି।



ଶାମଲି ଜନପଦରେ ରହୁଥିବା ୧୭ ବର୍ଷୀୟା ଶିବମ୍ କର୍କଟ ରୋଗରେ ପୀଡ଼ିତ ଥିଲେ। ପରିବାର ଲୋକେ ଯେତେବେଳେ ଶିବମ୍‌ଙ୍କ ଚିକିତ୍ସାରେ ବ୍ୟସ୍ତ ଥିଲେ, ସେତିକି ବେଳେ ତାଙ୍କ ୧୦ ବର୍ଷ ବୟସର ସାନ ଭାଇ ଭଗବାନ ଶିବଙ୍କ ପାଖରେ ମନସ୍କାମନା କଲେ। ସେ କହିଥିଲେ, ତାଙ୍କ ଭାଇ ସୁସ୍ଥ ହୋଇଗଲେ, ସେ ଦଣ୍ଡବତ କାଉଡ଼ି ଯାତ୍ରା କରିବେ। ଶିବମ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା ଏବେ ସୁସ୍ଥ ଅଛନ୍ତି। ତେଣୁ କୃଷ୍ଣା ତାଙ୍କ କଥା ରଖି ହରିଦ୍ୱାରରୁ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି। ହରିଦ୍ୱାରରୁ ଗଙ୍ଗା ଜଳ ଉଠାଇଛନ୍ତି ଏବଂ ସେ ନିତିଦିନ ୧୦ କିମି ଦଣ୍ଡବତ ଯାତ୍ରା କରୁଛନ୍ତି। ଅର୍ଥାତ୍ ସେ ତଳେ ସାଷ୍ଟାଙ୍ଗ ଦଣ୍ଡବତ ପ୍ରଣାମ କରି ଯାତ୍ରା କରୁଥିବା ଦେଖା ଯାଇଛି। ସେହିପରି ତାଙ୍କ ସହିତ ତାଙ୍କ ବଡ଼ ଭାଇ ଶିବମ୍ ଏବଂ ପରିବାର ଲୋକ ବି ପଦଯାତ୍ରା କରୁଛନ୍ତି। ଶେଷରେ ସେମାନେ ଶାମଲିରେ ଜଳାଭିଷେକ କରିବେ। କୃଷ୍ଣା କହନ୍ତି, ଥକ୍କା ଲାଗିଲେ, ରାସ୍ତାରେ ବିଶ୍ରାମ ନିଅନ୍ତି। ରାସ୍ତାରେ କୃଷ୍ଣାଙ୍କ ଭକ୍ତିଭାବକୁ ଦେଖି ଲୋକେ ଭାବବିହ୍ୱଳ ହେଉଛନ୍ତି। ଏହାସହ ତାଙ୍କୁ କେହି ପାଣି ପିଇବାକୁ ଦେଉଥିବା ବେଳେ ଆଉ କିଏ ଖାଦ୍ୟ ପ୍ରଦାନ କରୁଛନ୍ତି। ଅନ୍ୟପଟେ କୃଷ୍ଣାଙ୍କର ଏହି ଯାତ୍ରା ଭାଇଚାରା, ଆସ୍ଥା ଏବଂ ଦୃଢ଼ ସଂକଳ୍ପର ଏକ ପ୍ରେରଣାଦାୟୀ ମିଶାଲ ସୃଷ୍ଟି କରିଛି।

## ଆଂଶିକ ଉପବାସ

**ବିଭିନ୍ନ ପର୍ବ ତଥା ଓଷାବ୍ରତରେ ଲୋକେ ଉପବାସ ରଖନ୍ତି। କିଏ ନିର୍ଜଳା ଉପବାସ ରଖନ୍ତି ତ ଆଉ କିଏ କେବଳ ଫଳ ଖାଇ ଉପବାସ ପାଳନ କରିଥାନ୍ତି। ସେହିପରି କେହି କେହି ଆଂଶିକ ଉପବାସ ବି କରନ୍ତି। ତେବେ ଏ ଆଂଶିକ ଉପବାସ କ'ଣ, ସେ ସମ୍ପର୍କରେ ଜାଣିବା।**

- ଏହି ଉପବାସରେ କେବଳ ଥରୁଟିଏ ଭୋଜନ କରିବାକୁ ହୋଇଥାଏ।
- ଭୋଜନରେ ପିଆଜ, ରସୁଣ ଏବଂ ଆମିଷ ଖାଇବା ମନା।
- ଏଥିରେ ଫଳ, ଶାଗୁ, କ୍ଷୀର ଆଦି ଥରେ ଖିଆଯାଏ।
- ଜଣେ ନିଜ ସମୟ ଓ ସୁବିଧାରେ ଏହି ଉପବାସ ପାଳନ କରିପାରିବେ।
- ଆଂଶିକ ଉପବାସର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଶରୀରକୁ ଆଦୌ ଭୋକିଲା ନ ରଖି ମନ ଓ ଇନ୍ଦ୍ରିୟକୁ ନିୟନ୍ତ୍ରଣରେ ରଖିବା।
- ତେବେ ଏହି ଉପବାସ ଏକାଦଶୀ ଏବଂ ନବରାତ୍ରୀରେ ଅଧିକ ପ୍ରଚଳିତ।



## ଇସିବିକୁ ୨୦୩୧ ପର୍ଯ୍ୟନ୍ତ ଡବ୍ଲ୍ୟୁଟିସି ଫାଇନାଲ ଆୟୋଜନ ଅଧିକାର


**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି) ପକ୍ଷରୁ ରବିବାର ଏକ ବଡ଼ ନିଷ୍ପତ୍ତି ନିଆଯାଇଛି। ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ (ଡବ୍ଲ୍ୟୁଟିସି)ର ଆଗାମୀ ୩ଟି ସଂସ୍କରଣର ଫାଇନାଲ ମ୍ୟାଚ୍ ଆୟୋଜନ ଅଧିକାର ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି)କୁ ମିଳିଛି। ପୂର୍ବରୁ ଇଂଲଣ୍ଡରେ ଡବ୍ଲ୍ୟୁଟିସିର ପ୍ରଥମ ୩ଟି ସଂସ୍କରଣ ୨୦୨୧, ୨୦୨୩ ଓ ୨୦୨୫ର ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଯଥାକ୍ରମେ ନ୍ୟୁଜିଲାଣ୍ଡ, ଅଷ୍ଟ୍ରେଲିଆ ଓ ଦକ୍ଷିଣ ଆଫ୍ରିକା ଚାମ୍ପିଅନ ହୋଇଥିଲେ। ଆଇସିସିର ସଦ୍ୟ ନିଷ୍ପତ୍ତି ମୁତାବକ ୨୦୨୭, ୨୦୨୯ ଓ ୨୦୩୧ ସଂସ୍କରଣର ଡବ୍ଲ୍ୟୁଟିସି ଫାଇନାଲ ମଧ୍ୟ ଇଂଲଣ୍ଡରେ ଆୟୋଜନ ହେବ। ପ୍ରଥମ ୩ଟି ସଂସ୍କରଣର ଫାଇନାଲକୁ ସଫଳତାର ସହ ଆୟୋଜନ କରିଥିବାରୁ ଇଂଲଣ୍ଡକୁ ଆଗାମୀ ୩ଟି ଫାଇନାଲ ଆୟୋଜନ ଅଧିକାର ପ୍ରଦାନ କରାଯାଇଛି ବୋଲି ସିଙ୍ଗାପୁରରେ ଅନୁଷ୍ଠିତ ଆଇସିସିର ବାର୍ଷିକ ସାଧାରଣ ପରିଷଦ ବୈଠକ (ଏଜିଏମ୍)ରେ କୁହାଯାଇଛି। ଆଇସିସିର ଏହି ନିଷ୍ପତ୍ତି ଫଳରେ ବିଶ୍ୱର ସବୁଠୁ ଧନୀ କ୍ରିକେଟ୍ ବୋର୍ଡ ବିସିସିଆଇକୁ ଝଟ୍‌କା ଲାଗିଛି। ନିକଟରେ ବିସିସିଆଇ ଡବ୍ଲ୍ୟୁଟିସିର ଆଗାମୀ ଫାଇନାଲ ଆୟୋଜନ ନେଇ ଆଗ୍ରହ ପ୍ରକାଶ କରିଥିଲା।

## ୧୧୦ରେ ପହଞ୍ଚିଲା ଆଇସିସି ସଦସ୍ୟ ସଂଖ୍ୟା

**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଆଫ୍ରିକୀୟ ରାଷ୍ଟ୍ର ଜାମ୍ବିଆ ଓ ଏସୀୟ ରାଷ୍ଟ୍ର ତିମୋର-ଲେଷ୍ଟେ ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି)ର ନୂଆ ସଦସ୍ୟତା ଲାଭ କରିଛନ୍ତି। ଫଳରେ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସିର ସଦସ୍ୟ ସଂଖ୍ୟା ୧୧୦ରେ ପହଞ୍ଚିଛି। 'ଆଇସିସି ପରିବାରରେ ୨ଟି ନୂଆ ସଦସ୍ୟ ଯୋଡ଼ି ହୋଇଛନ୍ତି। ଜାମ୍ବିଆ କ୍ରିକେଟ୍ ୟୁନିୟନ ଓ ତିମୋର-ଲେଷ୍ଟେ କ୍ରିକେଟ ମହାସଂଘ ଆନୁଷ୍ଠାନିକ ଭାବେ ଆଇସିସି ସହଯୋଗୀ ସଦସ୍ୟତା ଲାଭ କରିଛନ୍ତି। ଆଇସିସି ସଦସ୍ୟ ରାଷ୍ଟ୍ର ସଂଖ୍ୟା ଏଥିସହ ୧୧୦ରେ ପହଞ୍ଚିଛି' ବୋଲି ଆଇସିସି ପକ୍ଷରୁ ଏକ ବିବୃତିରେ କୁହାଯାଇଛି। ଆଫ୍ରିକା ମହାଦେଶର ୨୨ତମ ଦେଶ ଭାବେ ଜାମ୍ବିଆ ଆଇସିସିରେ ସାମିଲ ହୋଇଛି। ସେହିଭଳି ତିମୋର-ଲେଷ୍ଟେ ପୂର୍ବ ଏସିଆର ୧୦ମ ରାଷ୍ଟ୍ର ଭାବେ ବିଶ୍ୱ କ୍ରିକେଟ୍ ବୋର୍ଡର ସଦସ୍ୟତା ହାସଲ କରିଛି।

## ଜିମ୍ବାୱେର ହ୍ୟାଟ୍ରିକ୍ ପରାଜୟ

**ହରାରେ, ୨୦।୭ (ଏଜେନ୍ସି):** ଆୟୋଜକ ଜିମ୍ବାୱେ ଏଠାରେ ଚାଲିଥିବା ତ୍ରି-ରାଷ୍ଟ୍ରୀୟ ଟି-୨୦ ସିରିଜରେ ହ୍ୟାଟ୍ରିକ ପରାଜୟବରଣ କରିଛି। ରବିବାର ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୭ ୱିକେଟ୍‌ରେ ଘରୋଇ ଜିମ୍ବାୱେକୁ ହରାଇଛି। ପ୍ରଥମେ ବ୍ୟାଟିଂ କରି ଜିମ୍ବାୱେ ୬ ୱିକେଟ୍‌ରେ ୧୪୪ ରନ କରିଥିଲା। ଜବାବରେ ଦକ୍ଷିଣ ଆଫ୍ରିକା ୧୭.୨ ଓଭରରେ ୩ ୱିକେଟ୍ ହରାଇ ବିଜୟୀ ହୋଇଥିଲା।



## ୧୭ ବର୍ଷର ଜାତୀୟ ରେକର୍ଡ ଭାଙ୍ଗିଲେ ନଟରାଜ

**ବର୍ଲିନ, ୨୦।୭ (ଏଜେନ୍ସି):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ଭାରତର ଅଲିମ୍ପିଆନ ସନ୍ତରଣକାରୀ ଶ୍ରୀହରି ନଟରାଜ ଆଉ ୨ଟି ଇଭେଣ୍ଟରେ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ୧୦୦ ମିଟର ଫ୍ରିଷ୍ଟାଇଲ୍ ଓ ୫୦ ମିଟର୍ ବ୍ୟାକ୍‌ଷ୍ଟ୍ରୋକରେ ଶ୍ରୀହରି ସେମିକୁ ଉଠିଛନ୍ତି। ୧୦୦ ମିଟର୍ ଫ୍ରିଷ୍ଟାଇଲ୍ ରେସକୁ ସେ ୪୯.୪୬ ସେକେଣ୍ଡରେ ଫିନିଶ୍ କରି ୧୭ ବର୍ଷ ତଳର ଜାତୀୟ ରେକର୍ଡ ଭାଙ୍ଗିଛନ୍ତି। ୨୦୦୮ରେ ବିର୍ଦ୍ଧାୱାଲ୍ ଖାଡେ ୪୯.୪୭ ସେକେଣ୍ଡରେ ରେସ୍ ଶେଷ କରି ଜାତୀୟ ରେକର୍ଡର ଅଧିକାରୀ ରହିଥିଲେ। ପୂର୍ବରୁ ଶ୍ରୀହରି ଏହି ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ୨୦୦ ମିଟର୍ ଫ୍ରିଷ୍ଟାଇଲ୍‌ରେ ଜାତୀୟ ରେକର୍ଡ ଭଙ୍ଗକରି ମଧ୍ୟ ସେମିରେ ପ୍ରବେଶ କରିଥିଲେ।

## ପ୍ରଥମ ଟି-୨୦: ବାଂଲାଦେଶଠୁ ୭ ୱିକେଟ୍‌ରେ ହାରିଲା ପାକିସ୍ତାନ

**ଢାକା, ୨୦।୭ (ଏଜେନ୍ସି):** ଏଠାରେ ଅନୁଷ୍ଠିତ ପ୍ରଥମ ଟି-୨୦ ମ୍ୟାଚରେ ଘରୋଇ ବାଂଲାଦେଶ ୭ ୱିକେଟ୍‌ରେ ପାକିସ୍ତାନକୁ ପରାସ୍ତ କରିଛି। ଫକର୍ ଜମାନଙ୍କ ୪୪ ରନ ବଳରେ ପ୍ରଥମେ ବ୍ୟାଟିଂ କରି ପାକିସ୍ତାନ ୧୯.୩ ଓଭରରେ ୧୦୯ ରନରେ ଅଲ୍‌ଆଉଟ୍ ହୋଇଥିଲା। ଜବାବରେ ବାଂଲାଦେଶ ପରଭେଜ ହୋସେନ ଏମନଙ୍କ ଅପରାଜିତ ୫୬ ରନ ସହାୟତାରେ ୧୫.୩ ଓଭରରେ ୩ ୱିକେଟ୍ ବିନିମୟରେ ବିଜୟୀ ହୋଇଥିଲା। ଟି-୨୦ କ୍ରିକେଟ୍‌ରେ ପାକିସ୍ତାନ ବିପକ୍ଷରେ ବାଂଲାଦେଶର ଏହା ୪ର୍ଥ ବିଜୟ। ସିରିଜର ୨ୟ ମ୍ୟାଚ୍ ମଙ୍ଗଳବାର ଖେଳାଯିବ।

### ଚତୁର୍ଥ ଟେଷ୍ଟ ପୂର୍ବରୁ ଭାରତର ଅଡୁଆ ବଢ଼ିଲା

# ଦୀପ୍, ଅର୍ଶଦୀପ୍ ଆହତ; କାମ୍ବୋଜ ସାମିଲ

ଲଣ୍ଡନ,୨୦।୭ (ଏଜେନ୍ସି)





ଭାରତ ଓ ଇଂଲଣ୍ଡ ମଧ୍ୟରେ ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ଚତୁର୍ଥ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍‌ଟି ଜୁଲାଇ ୨୩ରୁ ଆରମ୍ଭ ହେବାର କାର୍ଯ୍ୟକ୍ରମ ରହିଛି। ଚତୁର୍ଥ ଟେଷ୍ଟ ମ୍ୟାଚ୍ ଆରମ୍ଭ ହେବା ପୂର୍ବରୁ ଭାରତର ଦୁଇ ଫାଷ୍ଟ ବୋଲର ଆକାଶ ଦୀପ୍ ଓ ଏହି ଟେଷ୍ଟରେ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ଥିବା ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଆହତ ହୋଇଛନ୍ତି। ଉଭୟ ବୋଲର ଓଲ୍ଡ ଟ୍ରାଫୋଡ୍‌ରେ ଖେଳିବାର ସମ୍ଭାବନା କମ୍। ଦଳରେ ଯଶପ୍ରୀତ୍ ବୁମ୍‌ରା ଓ ମହମ୍ମଦ୍ ସିରାଜ ଏବେ ଫିଟ୍ ବୋଲର ଭାବେ ଖେଳୁଛନ୍ତି। ଆଉ ଦୁଇ ଫାଷ୍ଟ ବୋଲର ପ୍ରସିଦ୍ଧ କ୍ରିଷ୍ଣା ଓ ଶାର୍ଦ୍ଦୁଳ ଠାକୁର ଥିଲେ ମଧ୍ୟ ଚୟନକର୍ତ୍ତାମାନେ ହରିୟାଣାର ଫାଷ୍ଟ ବୋଲର ଅଂଶୁଲ କାମ୍ବୋଜଙ୍କୁ ଦଳରେ ସାମିଲ କରିଛନ୍ତି। ନିକଟରେ ଭାରତ-ଏ' ଦଳ ପକ୍ଷରୁ କାମ୍ବୋଜ୍ ଇଂଲଣ୍ଡ ଲାୟନ୍ସ ବିପକ୍ଷରେ ୨ଟି ଯାକ ଅନ୍ ଅଫିସିଆଲ ଟେଷ୍ଟ ଖେଳି ୫ଟି ୱିକେଟ ଅକ୍ତିଆର କରିଥିଲେ। ତାଙ୍କ ବୋଲିଂ କଞ୍ଜୁସ ହୋଇଥିଲା। ଦ୍ୱିତୀୟ ଟେଷ୍ଟରେ ତନୁଷ କୋଟିଆନ୍‌ଙ୍କ ସହ ୧୦ମ ୱିକେଟ ଯୋଡିରେ ସେ ୧୪୯ ରନ୍‌ର ଭାଗିଦାରୀ କରିଥିଲେ। ୫୧ ରନ୍ କରିଥିବା କାମ୍ବୋଜଙ୍କୁ ଜଣେ ବୋଲିଂ ଅଲରାଉଣ୍ଡର ଭାବେ ବିବେଚନା କରାଯାଉଛି। ଉପରୋକ୍ତ ଦୁଇ ଖେଳାଳି ଅନ୍‌ଫିଟ୍ ହେଲେ ଓ ବୁମ୍‌ରାଙ୍କୁ ବିଶ୍ରାମ ଦେବାକୁ ଟିମ୍ ମ୍ୟାନେଜମେଣ୍ଟ ନିଷ୍ପତ୍ତି ନେଲେ କାମ୍ବୋଜ ଓଲ୍ଡ ଟ୍ରାଫୋର୍ଡରେ ଟେଷ୍ଟ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଅନ୍ୟ ପକ୍ଷରେ ୱିକେଟ ରକ୍ଷକ ଋଷଭ ପନ୍ତ୍ ଆହତ ସମସ୍ୟାରୁ ମୁକୁଳିନାହାନ୍ତି। ଆଜି ନୀତୀଶ ରେଡ୍ଡୀ ଟ୍ରେନିଂ ବେଳେ ଆହତ ହେବା ପରେ ଭାରତ ଏବେ ଚତୁର୍ଥ ଟେଷ୍ଟ ଖେଳିବା ପୂର୍ବରୁ ଅଡୁଆରେ ପଡ଼ିଯାଇଛି।

ମାଞ୍ଚେଷ୍ଟରରେ ଖେଳାଯିବାକୁ ଥିବା ଚତୁର୍ଥ ଟେଷ୍ଟର ଫଳାଫଳ ଭାରତ ସପକ୍ଷରେ ଗଲେ ସିରିଜ୍ ବରାବର ସ୍ଥିତିକୁ ଆସିବ। କିନ୍ତୁ ଇଂଲଣ୍ଡ ସପକ୍ଷରେ ଗଲେ ଭାରତ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିରେ ପରାଜିତ ହେବ। ଏଭଳି ସ୍ଥିତିରେ କି ପ୍ରକାର ନିଷ୍ପତ୍ତି ନେବାକୁ ପଡ଼ିବ, କିଏ ଦଳରେ ରହିବେ ଓ କିଏ ଦଳରୁ ବାଦ୍ ପଡ଼ିବେ ତାହାକୁ ନେଇ ଭାରତୀୟ ଟିମ୍ ମ୍ୟାନେଜମେଣ୍ଟ ଅଡୁଆ ସ୍ଥିତିରେ ପଡ଼ିବା ସ୍ୱାଭାବିକ୍। ଏହା ମଧ୍ୟରେ ଟିମ୍ ମ୍ୟାନେଜମେଣ୍ଟ ନିକଟରେ ଦୁଇଟି ନିଷ୍ପତ୍ତି ନେବାକୁ ବାଧ ହୋଇପାରେ ବୋଲି କୁହାଯାଇଛି। ପ୍ରଥମଟି ହେଉଛି ଚତୁର୍ଥ ଟେଷ୍ଟରେ ବୁମ୍‌ରାଙ୍କୁ ଖେଳାଇବା। ସେହିପରି ଦ୍ୱିତୀୟଟି ହେଉଛି ଋଷଭ ପନ୍ତଙ୍କୁ ଜଣେ ସ୍ପେଶାଲିଷ୍ଟ ବ୍ୟାଟର ଭାବେ ଓ ଧ୍ରୁବ ଜୁରେଲଙ୍କୁ ୱିକେଟ କିପର ଭାବେ ଖେଳାଇବା। ଏହା ଫଳରେ ନଂ-୩ରେ କରୁନ ନାୟାରଙ୍କୁ ନେଇ ଯେଉଁ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି ତାହା ମଧ୍ୟ ଦୂର ହୋଇପାରିବ। ପନ୍ତ୍ କିମ୍ବା ଜୁରେଲଙ୍କ ମଧ୍ୟରୁ ଜଣେ ଏହି ପୋଜିସନରେ ଖେଳିପାରିବେ।

ଲର୍ଡ୍ସରେ ତୃତୀୟ ଟେଷ୍ଟ ଖେଳିବାବେଳେ ଆକାଶ ଦୀପ୍ ଆହତ ହୋଇଥିଲେ। ଦ୍ୱିତୀୟ ଟେଷ୍ଟରେ ସେ ୧୦ଟି ୱିକେଟ ନେଇ ଭାରତକୁ ଜିତାଇଥିଲାବେଳେ ତୃତୀୟ ଟେଷ୍ଟରେ ସେପରି କିଛି ପ୍ରଭାବ ପକାଇ ପାରି ନ ଥିଲେ। ଏପରିକି ସେ ତାଙ୍କ ବୋଲିଂ ରିଦିମ୍‌ରେ ଖେଳିପାରି ନ ଥିଲେ। ହ୍ୟାରୀ ବ୍ରୁକ୍‌ଙ୍କ ସହ ଧକ୍କା ଖାଇବା ପରେ ତୃତୀୟ ଟେଷ୍ଟରେ ତାଙ୍କର ଭୂମିକା କମିଯାଇଥିଲା। ତୃତୀୟ ଦିନ ନାଇଟ୍‌ୱାଚ୍‌ମ୍ୟାନ୍ ଭାବେ ବ୍ୟାଟିଂ କରିବାକୁ ଆସି ଆଉଟ ହୋଇଥିଲେ। ଚତୁର୍ଥ ଦିନ ପରଠାରୁ ସେ ପଡ଼ିଆ ଛାଡ଼ିବା ପରେ ଆଉ ଖେଳିବାକୁ ଆସି ନ ଥିଲେ। ଏବେ ସେ ଟିମ୍ ସହ ଅଭ୍ୟାସ ଲାଗି ଆଦୌ ଆସି ନ ଥିଲେ। କିନ୍ତୁ ଫିଜିଓଙ୍କ ସେ ଫିଟ୍‌ନେସ ଟ୍ରେନିଂ କରୁଥିବା ଦେଖାଯାଇଥିଲା। ଅନ୍ୟପକ୍ଷରେ ଅର୍ଶଦୀପ୍ ଜୋରଦାର ଅଭ୍ୟାସ କରୁଥିଲେ। କିନ୍ତୁ ବୋଲିଂ କଲାବେଳେ ଫଲୋ ଥ୍ରୁ'ରେ ଫିଲ୍ଡିଂ କରିବାକୁ ଯାଇ ସେ ତାଙ୍କ ବୋଲିଂ କରୁଥିବା ବାମହାତରେ ଆହତ ପାଇଥିଲେ। ଏହା ପରେ ସେ ହାତ ବ୍ୟାଣ୍ଡେଜ୍ କରି ବସିରହିଥିଲେ। ଏଣୁ ତାଙ୍କର ଖେଳିବା ନେଇ ଆଶଙ୍କା ସୃଷ୍ଟି ହୋଇଛି। ଆକାଶ ଦୀପ୍ ଫିଟ୍ ହୋଇ ନ ଥିଲେ ଅର୍ଶଦୀପ ତାଙ୍କ ସ୍ଥାନରେ ଚତୁର୍ଥ ଟେଷ୍ଟରେ ନିଶ୍ଚିତ ଖେଳିଥାନ୍ତେ। କିନ୍ତୁ ଏବେ ଉଭୟ ଖେଳାଳିଙ୍କ ଖେଳିବା ନେଇ ଆଶଙ୍କା ପ୍ରକାଶ ପାଇବା ପରେ ଭାରତର ଟିମ୍ ମ୍ୟାନେଜ୍‌ମେଣ୍ଟ ଅଡୁଆ ପରିସ୍ଥିତିରେ ପଡ଼ିଛି।

## ପାକିସ୍ତାନ ସହ ଖେଳିବାକୁ ମନାକଲେ ଭାରତୀୟ ଖେଳାଳି

**ଲଣ୍ଡନ,୨୦।୭ (ଏଜେନ୍ସି):** ଇଂଲଣ୍ଡ କ୍ରିକେଟ ବୋର୍ଡ ଦ୍ୱାରା ସ୍ୱୀକୃତିପ୍ରାପ୍ତ ୱାର୍ଲ୍ଡ ଚାମ୍ପିଅନ୍ସ ଲିଗ୍‌ରେ ପାକିସ୍ତାନ ସହ ଖେଳିବାକୁ ଭାରତର ୬ଜଣ ଖେଳାଳି ମନା କରିବା ଫଳରେ ଉଭୟ ଦେଶ ମଧ୍ୟରେ ହେବାକୁ ଥିବା ମୁକାବିଲାକୁ ବାତିଲ କରିଦିଆଯାଇଛି। ରବିବାର ଏହି ମ୍ୟାଚ୍ ବର୍ମିହାମ୍‌ରେ ଖେଳାଯିବାର ଥିଲା। କିନ୍ତୁ ଭାରତୀୟ ଦଳରେ ସାମିଲ ହୋଇଥିବା ଯୁବରାଜ ସିଂହ, ସୁରେଶ ରାଇନା, ହରଭଜନ ସିଂହ, ଇର୍ଫାନ ପଠାନ ଓ ଶିଖର ଧାୱନ ପାକିସ୍ତାନ ସହ ଖେଳିବାକୁ ମନା କରିବାରୁ ଏହି ମ୍ୟାଚ୍‌କୁ ବାତିଲ କରିବାକୁ ପଡ଼ିଛି।

## କର୍ଣ୍ଣାଟକକୁ ଫେରିଲେ କରୁନ୍

**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ଭାରତ ପକ୍ଷରୁ ଇଂଲଣ୍ଡରେ ଟେଷ୍ଟ ଖେଳୁଥିବା ବ୍ୟାଟର କରୁନ ନାୟାର ଚଳିତ କ୍ରିକେଟ ଋତୁରେ ନିଜ ରାଜ୍ୟ କର୍ଣ୍ଣାଟକ



ପକ୍ଷରୁ ଖେଳିବେ। ସେ ଗତ ଦୁଇବର୍ଷ ହେଲା ବିଦର୍ଭ ପକ୍ଷରୁ ଖେଳିଆସୁଛନ୍ତି। ଅନ୍ୟପକ୍ଷରେ କର୍ଣ୍ଣାଟକର ୩୨ ବର୍ଷୀୟ ଫାଷ୍ଟ ବୋଲର ବାସୁକି କୌଶିକ୍ ଏବର୍ଷ ଗୋଆ ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ମୁମ୍ବଇର ଯଶସ୍ୱୀ ଜୟସ୍ୱାଲ ଗୋଆରୁ ଖେଳିବାକୁ ରାଜି ହୋଇଥିଲେ ମଧ୍ୟ ପରେ ମନା କରିଦେଇଛନ୍ତି। ଏହା ମଧ୍ୟରେ ମହମ୍ମଦ୍ ସାମି ବେଙ୍ଗଲ ରଣଜୀ ସମ୍ଭାବ୍ୟ ଦଳରେ ସ୍ଥାନ ପାଇଛନ୍ତି।

## ବିସି ରାୟ ଟ୍ରଫିରେ ଓଡ଼ିଶା ପରାସ୍ତ

**କଟକ,୨୦।୭ (ସମିସ):** ପଞ୍ଜାବର ଅମ୍ରିତସରରେ କନିଷ୍ଠ ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍ ଡଃ ବି.ସି ରାୟ ଟ୍ରଫି ଆଜିଠାରୁ ଆରମ୍ଭ ହୋଇଛି। ଗ୍ରୁପ-ସିରେ ସ୍ଥାନ ପାଇଥିବା ଓଡ଼ିଶା ପ୍ରଥମ ମୁକାବିଲାରେ ପରାଜୟର ସମ୍ମୁଖୀନ ହୋଇଛି। ଜିଏନଡିୟୁ ସ୍ପୋର୍ଟସ କମ୍ପ୍ଲେକ୍ସରେ କର୍ଣ୍ଣାଟକ ୩-୧ ଗୋଲରେ ବିଜୟ ହାସଲ କରିଛି। ୬ଷ୍ଠ ମିନିଟରେ ଓଡ଼ିଶା ଫରୱାର୍ଡ ଇଶାନ୍ତ କୁମାର ଦଳ ନିମନ୍ତେ ଗୋଲ ଖାତା ଖୋଲିଥିଲେ। ୭ମ ମିନିଟରେ କର୍ଣ୍ଣାଟକର ହୃଷିକେଶ ଚରଣ ଗୋଲ ଦେଇ ସ୍ଥିତି ବରାବର କରିଥିଲେ। ୧୭ତମ ମିନିଟରେ ପଭିଶ କୁମାର ଏବଂ ଅତିରିକ୍ତ ୪୮ତମ ମିନିଟରେ ହୃଷିକେଶଙ୍କ ବ୍ୟକ୍ତିଗତ ଦ୍ୱିତୀୟ ଗୋଲ ଯୋଗୁଁ କର୍ଣ୍ଣାଟକ ୩-୧ରେ ଆଗୁଆ ରହିଥିଲା। ଦ୍ୱିତୀୟାର୍ଦ୍ଧର ଖେଳ ଗୋଲ ଶୂନ୍ୟ ରହିବା ସହ କର୍ଣ୍ଣାଟକ ବିଜୟୀ ହୋଇଥିଲା। ବିବି ରଥ୍ ସ୍ପୋର୍ଟସ ଷ୍ଟାଡିୟମରେ ୨୨ ତାରିଖରେ ଓଡ଼ିଶା ମଣିପୁର ବିପକ୍ଷରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିବ।



ପ୍ରସିଦ୍ଧ ମାଞ୍ଚେଷ୍ଟର ୟୁନାଇଟେଡ୍ ଖେଳାଳିଙ୍କ ସହ ଭାରତୀୟ କ୍ରିକେଟ ଦଳର ସଦସ୍ୟମାନେ

## ବ୍ୟାଡ୍‌ମିଣ୍ଟନରେ ଭାରତକୁ ଐତିହାସିକ କାଂସ୍ୟ

**ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ା**

**ଭୁବନେଶ୍ୱର, ୨୦।୭ (ସମିସ):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ବ୍ୟାଡ୍‌ମିଣ୍ଟନରେ ଭାରତ ଐତିହାସିକ କାଂସ୍ୟ ପଦକ ବିଜୟୀ ହୋଇଛି। ରବିବାର ଅନୁଷ୍ଠିତ ମିକ୍ସଡ୍ ଟିମ୍ ସେମିଫାଇନାଲରେ ଭାରତ ୨-୩ରେ ଚାଇନିଜ ତାଇପେଇ ନିକଟରୁ ହାରି କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା। ଏହି ସମ୍ମାନଜନକ କ୍ରୀଡ଼ା ଇତିହାସରରେ ବ୍ୟାଡ୍‌ମିଣ୍ଟନରୁ ଭାରତ ପ୍ରଥମ ପଦକ ବିଜୟୀ ହୋଇଛି। କାଂସ୍ୟ ବିଜୟୀ ଭାରତୀୟ ଦଳର ଅଧିକାଂଶ ବ୍ୟାଡ୍‌ମିଣ୍ଟନ ଖେଳାଳି କିଟ୍ ବିଶ୍ୱବିଦ୍ୟାଳୟରେ ଅନୁଷ୍ଠିତ ପ୍ରଶିକ୍ଷଣ ଶିବିରରେ ଅଂଶଗ୍ରହଣ କରିଥିଲେ। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି। କିଟ୍‌ରେ ଅଧ୍ୟୟନ କରୁଥିବା ଅନିମେଶ କୁଜୁରଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି। ଅନିମେଶ ୧୦୦, ୨୦୦ ଓ ୪ଗୁଣା ୧୦୦ ମିଟର ରିଲେ ରେସରେ ଭାଗନେବେ।

## ଆନ୍ଧ୍ରପ୍ରଦେଶରେ ଓଡ଼ିଶା ଦଳର ଫିଟ୍‌ନେସ୍ ଶିବିର

**କଟକ,୨୦।୭ (ସମିସ):** ଆନ୍ଧ୍ରପ୍ରଦେଶର ଅନନ୍ତପୁରରେ ଓଡ଼ିଶା କ୍ରିକେଟ ଦଳର ୨୦ ଦିନିଆ ଫିଟ୍‌ନେସ୍ ଓ କୌଶଳ ବିକାଶ ଶିବିର ଅନୁଷ୍ଠିତ ହେବ। ଏଥି ନିମନ୍ତେ ୨୭ ଜଣିଆ ଦଳ ଆନ୍ଧ୍ରପ୍ରଦେଶ ଯାତ୍ରା କରିଛି। ବିସିସିଆଇର ଆଗାମୀ ଘରୋଇ ସିଜନକୁ ଦୃଷ୍ଟିରେ ରଖି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏଭଳି ପଦକ୍ଷେପ ନେଇଛି। ୨୭ଜଣିଆ ଦଳରେ ବରିଷ୍ଠ ବର୍ଗର ଖେଳାଳିଙ୍କ ସମେତ ୨୩ବର୍ଷରୁ କମ୍ ଏବଂ ୧୯ ବର୍ଷରୁ କମ୍ ବୟସ ବର୍ଗର ଖେଳାଳି ମଧ୍ୟ ରହିଛନ୍ତି। ରାଜ୍ୟ ବରିଷ୍ଠ ଦଳର ମୁଖ୍ୟ କୋଚ୍ ସୁରେନ୍ଦ୍ର ଭାବେ, ସହକାରୀ କୋଚ୍ ସୌରଭ ସେହଗଲ୍, ଫିଜିଓଥେରାପିଷ୍ଟ ରୋନି ଚାଟାର୍ଜୀ, ଗୌରବ କୋଶିକସହ ରତ୍ନାକର ବେହେରା ଦଳ ସହ ଯାତ୍ରା କରିଛନ୍ତି।

## ଏସ୍‌ଆର୍ ରାଜ୍ୟସ୍ତରୀୟ ସ୍କୁଲ ଚେସ୍ ଉଦ୍‌ଯାପିତ

# ଟାଇଟଲ ଜିତିଲେ ଶ୍ରଦ୍ଧାସ୍ମରଣିକା

ଭୁବନେଶ୍ୱର,୨୦।୭ (ସମିସ)]

କଟକର ଶ୍ରଦ୍ଧା ସ୍ମରଣିକା ନନ୍ଦ ଏସ୍‌ଆର୍ ରାଜ୍ୟସ୍ତରୀୟ ସ୍କୁଲ ଓପନ ଚେସ୍ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ପ୍ରତିଯୋଗିତା ଶେଷରେ ଶ୍ରଦ୍ଧା ଓ ଚନ୍ଦ୍ରଶେଖରପୁର ଡିଏଭି ସ୍କୁଲ୍‌ର ଓମ୍ ସ୍ୱରୂପ ପାଢ଼ୀ ସମାନ ୬.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। କିନ୍ତୁ ବୁକୋଲ୍‌ଜ୍‌ରେ ଶ୍ରଦ୍ଧା ପ୍ରଥମ ଓ ଓମ୍ ରନର୍ସ ଅପ୍ ହୋଇଥିଲେ। ଓଡିଏମ୍ ପବ୍ଲିକ୍ ସ୍କୁଲ୍‌ର ସାୟାଂଶ ଦାସ ତୃତୀୟ, ଆୟେଷା ମହାନ୍ତି ଚତୁର୍ଥ, ଡିପିଏସ୍ କଳିଙ୍ଗାର ଆଦଭିକ୍ ଅଦୈତ ସ୍ୱାଇଁ ୫ମ, ମଦର୍ସର ସତ୍ୟମ ସ୍ୱରୂପ ସାହୁ ୬ଷ୍ଠ, ଲଳିତ ରଞ୍ଜନ ସାହୁ ୭ମ, ରୋହିତ ମଲ୍ଲିକ ୮ମ, ସନ୍ ପବ୍ଲିକ୍‌ର ଶିବାଦିତ୍ୟ ଦାସ ୯ମ ଓ ବଲାଙ୍ଗୀର ଓଏଭିର ଦେବାଂଶ ନାୟକ ୧୦ମ ସ୍ଥାନ ଅଧିକାର କରିଛନ୍ତି।

ଓଡ଼ିଶାର ପ୍ରମୁଖ ଚେସ୍ ପ୍ରଶିକ୍ଷଣ କେନ୍ଦ୍ର ଏସ୍‌ଆର୍ ଚେସ ସେଣ୍ଟର ଓ ଦି ୱେଟରବିୱେର୍ବର ମିଳିତ ସହଯୋଗରେ ଏହି ପ୍ରତିଯୋଗିତା ଅନ୍ତର୍ଜାତୀୟ ଚେସ୍ ଦିବସ ପାଳନ ଅବସରରେ ଆଜି କଟକ ତ୍ରିଶୁଳିଆସ୍ଥିତ ସେରେମୋନିୟମ ମଣ୍ଡପ ପରିସରରେ ଆୟୋଜିତ ହୋଇଥିଲା। ଏଥିରେ ସମଗ୍ର ରାଜ୍ୟରୁ ୧୭୦ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଚାମ୍ପିଅନ୍ ଶ୍ରଦ୍ଧାଙ୍କୁ ଟ୍ରଫି ସହ ୫,୦୦୦ ଟଙ୍କା ପ୍ରଦାନ କରାଯାଇଥିଲା।



ମୋଟରେ ୨୦,୦୦୦ ଟଙ୍କାର ପୁରସ୍କାର ଦିଆଯାଇଥିଲା। ବୋଲି ଆୟୋଜକ ଏସ୍‌ଆର ଚେସ ସେଣ୍ଟରର ସମ୍ପାଦକ ସତ୍ୟରଞ୍ଜନ ପଟ୍ଟନାୟକ ଓ ସଭାପତି ଶୁଭାଶିଷ ପଟ୍ଟନାୟକ ଜଣାଇଛନ୍ତି।

## ଉଦୟକାନ୍ତ ଜିତିଲେ ରାଜ୍ୟ ସ୍କୁଲ ଓପନ ଚେସ୍



**ଭୁବନେଶ୍ୱର,୨୦।୭ (ସମିସ):** ଉଦୟକାନ୍ତ ନାୟକ ଓଡ଼ିଶା ରାଜ୍ୟ ଚେସ ସଂଘ ଆନୁକୂଲ୍ୟରେ ଆୟୋଜିତ ରାଜ୍ୟ ସ୍କୁଲ ଓପନ ଚେସ୍‌ରେ ଟାଇଟଲ ବିଜୟୀ ହୋଇଛନ୍ତି। ଭୁବନେଶ୍ୱର ଶାନ୍ତନୁ ଇଂଲିଶ ମିଡିୟମ୍ ସ୍କୁଲ୍‌ର ଛାତ୍ର ଶାନ୍ତନୁ ୫ରାଉଣ୍ଡରୁ ୫ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ। ଚନ୍ଦ୍ରଶେଖରପୁର ଡିଏଭି ପବ୍ଲିକ୍ ସ୍କୁଲ୍‌ର ସାତ୍ତ୍ୱିକ ସ୍ୱାଇଁ ରନର୍ସ ଅପ୍, ଲୋୟଲା ସ୍କୁଲ୍‌ର ମନୀଷ ମିଶ୍ର ତୃତୀୟ ଓ ସୁମନ ପ୍ରତୀକ ମିଶ୍ର ଚତୁର୍ଥ, ସାଇ ଇଣ୍ଟରନ୍ୟାସନାଲ ସ୍କୁଲ୍‌ର ଏଏ ଦାସ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି। ଖେଳ ଶେଷରେ ଦେବାଶିଷ ପାଣିଗ୍ରାହୀ, ସୁଦେଷ୍ଣା ନନ୍ଦ ଓ ବିରଞ୍ଚି ପାଣିଗ୍ରାହୀ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଚାମ୍ପିଅନଙ୍କୁ ଟ୍ରଫି ସହ ୧୦,୦୦୦ ଟଙ୍କା ଓ ରନର୍ସ ଅପ୍ ସାତ୍ତ୍ୱିକଙ୍କ ଟ୍ରଫି ସହ ୭,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯାଇଥିଲା।

## ସୌମ୍ୟଙ୍କୁ ୮୪ତମ ଟାଇଟଲ

**ଭୁବନେଶ୍ୱର,୨୦।୭ (ସମିସ):** ଅନ୍ତର୍ଜାତୀୟ ଚେସ ଦିବସ ଅବସରରେ ନେକ୍ସସ ଏସ୍ପ୍ଲାନେଡ୍ ମଲ ପରିସରରେ ରବିବାର ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ଫିଡେ



ମାଷ୍ଟର ସୌମ୍ୟରଞ୍ଜନ ମିଶ୍ର ଚାମ୍ପିଅନ ହୋଇଛନ୍ତି। ସୌମ୍ୟଙ୍କର ଏହା ୮୪ତମ ଟାଇଟଲ। ଏହି ଟୁର୍ଣ୍ଣାମେଣ୍ଟରେ ତପନ ବଡମୁଣ୍ଡି, ଫକିର ମାଝୀ, କୌସ୍ତୁଭ ଦାଶ, ମନୀନ୍ଦ୍ର କାର୍ଜୀ ଯଥାକ୍ରମେ ଦ୍ୱିତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି।




ଅନ୍ତର୍ଜାତୀୟ ଚେସ ଦିବସ ଅବସରରେ ଭୁବନେଶ୍ୱର ପ୍ରୋଚେସ୍‌ଟା ଆନୁକୂଲ୍ୟରେ ଆୟୋଜିତ ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରୁଛନ୍ତି ଅଲିମ୍ପିଆନ ଅନୁରାଧା ବିଶ୍ୱାଳ

### ସାହାଣୀ କପ୍-୨୦୨୫

## ଗଜପତିକୁ ହରାଇଲା ଭୁବନେଶ୍ୱର



**କଟକ,୨୦।୭ (ସମିସ):** ଫୁଟବଲ ଆସୋସିଏସନ ଅଫ୍ ଓଡ଼ିଶା(ଫାଓ) ଏବଂ ରାଜ୍ୟ କ୍ରୀଡ଼ା ବିଭାଗ ମିଳିତ ଆନୁକୂଲ୍ୟରେ ୬୪ତମ ବରିଷ୍ଠ ପୁରୁଷ ଆନ୍ତଃଜିଲ୍ଲା ଫୁଟବଲ ଚାମ୍ପିଅନସିପ୍ ସାହାଣୀ କପ୍ ରାଜ୍ୟର ୪ଟି ଜୋନ୍‌ରେ ଖେଳାଯାଉଛି। ରବିବାର ବ୍ରହ୍ମପୁର ଜୋନରେ ଅନୁଷ୍ଠିତ ଏକ ମ୍ୟାଚରେ ଭୁବନେଶ୍ୱର ୩-୨ ଗୋଲରେ ଗଜପତିକୁ ପରାସ୍ତ କରିଥିଲା। ଖେଳର ଦ୍ୱିତୀୟ ଏବଂ ୩ୟ ମିନିଟରେ ଲଗାତର ଦୁଇଟି ଗୋଲ ସ୍କୋର କରି ଭୁବନେଶ୍ୱର ଆରମ୍ଭରୁ ପ୍ରାଧାନ୍ୟ ବିସ୍ତାର କରି ରଖିଥିଲା। ଗୁଲସନ ଡିଗଲ ଏବଂ ବିଘ୍ନେଶ ସାମଲ ପ୍ରଥମ ଦୁଇ ଗୋଲ ଦେଇଥିଲେ। ୨୯ତମ ମିନିଟରେ ଅସୀମ ଡୁଙ୍ଗଡୁଙ୍ଗ୍‌ଙ୍କ ଗୋଲ ସହାୟତାରେ ଭୁବନେଶ୍ୱର ମ୍ୟାଚ୍‌ରେ ସ୍ଥିତିକୁ ସୁଦୃଢ଼ କରିଥିଲା। ତେବେ ଏହାର ଦୁଇ ମିନିଟ ପରେ ଗଜପତି ଗୋଟିଏ ଗୋଲ୍ ସୁଝାଇବାରେ ସକ୍ଷମ ହୋଇଥିଲା। ଖୁଡିଆ ହାଁସଦା ଏହି ଗୋଲ ସ୍କୋର କରିଥିଲେ। ୩-୧ ସ୍ଥିତିରେ ପ୍ରଥମାର୍ଦ୍ଧର ଖେଳ ସମାପ୍ତ ହୋଇଥିଲା। ପଛୁଆ ଥିବା ଗଜପତି ୬୬ତମ ମିନିଟରେ ଦ୍ୱିତୀୟ ଗୋଲ୍ ଦେଇ ମ୍ୟାଚ୍‌କୁ ପ୍ରତ୍ୟାବର୍ତ୍ତନର ବାଟ ଫିଟାଇଥିଲା। ଖୁଡିଆ ଦଳ ନିମନ୍ତେ ଦ୍ୱିତୀୟ ଗୋଲ୍ ମଧ୍ୟ ଦେଇଥିଲେ। ତେବେ ଅବଶିଷ୍ଟ ସମୟରେ କୌଣସି ଗୋଲ ନହେବା ଯୋଗୁଁ ଭୁବନେଶ୍ୱର ବିଜୟ ପଏଣ୍ଟ ହାତେଇଥିଲା। ଏହି ଜୋନରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚ୍‌ରେ ନବରଙ୍ଗପୁର ୨-୧ ଗୋଲରେ ଗଞ୍ଜାମକୁ ହରାଇଛି। କେନ୍ଦୁଝର ଜୋନରେ ଅନୁଗୋଳ ୪-୩ ଗୋଲରେ ଯାଜପୁରକୁ, ରାଉରକେଲା ଷ୍ଟିଲ ପ୍ଲାଣ୍ଟ ୧-୦ ଗୋଲରେ କେନ୍ଦୁଝରକୁ, କେନ୍ଦ୍ରାପଡ଼ା ଜୋନରେ କେନ୍ଦ୍ରାପଡ଼ା ୧-୦ ଗୋଲରେ ଜଗତସିଂହପୁରକୁ, ଝାରସୁଗୁଡା ୫-୩ ଗୋଲରେ ଭଦ୍ରକକୁ, ବୌଦ୍ଧ ଜୋନରେ ବଲାଙ୍ଗିର ୩-୧ ଗୋଲରେ ନୂଆପଡାକୁ ହରାଇଥିବା ବେଳେ ବୌଦ୍ଧ ଏବଂ କନ୍ଧମାଳ ବିପକ୍ଷ ମ୍ୟାଚ୍ ଗୋଲ୍‌ଶୂନ୍ୟ ଭାବେ ଶେଷ ହୋଇଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS